
◀ ଆଜିର 'ସକାଳ' ସହ 'ସିନ୍ଦୂରା' ପଢ଼ନ୍ତୁ

• RNI REGD NO: 42041/83
• www.sakalaepaper.com
• /sakalanews
• /sakalanews
• www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

♦VOLUME- 43 ♦ISSUE-154 ♦SUNDAY ♦30 NOVEMBER 2025 ♦PAGE-12 ♦₹ 6.00 | BHUBANESWAR | ♦ବର୍ଷ-୪୩ ♦ସଂଖ୍ୟା-୧୫୪ ♦ରବିବାର ♦୩୦ ନଭେମ୍ବର ୨୦୨୫ ♦ପୃଷ୍ଠା-୧୨ ♦ଟ.୬.୦୦ (ସିନ୍ଦୂରା ସହ)


## ୬୨ ବର୍ଷରେ ବିବାହ କଲେ ଅଷ୍ଟ୍ରେଲିଆ ପ୍ରଧାନମନ୍ତ୍ରୀ



■ କାନବେରା, ୨୯ ।୧୧ (ଏଜେନ୍ସି): ଅଷ୍ଟ୍ରେଲିଆ ପ୍ରଧାନମନ୍ତ୍ରୀ ଆନ୍ଥୋନୀ ଆଲବାନିଜ ୬୨ ବର୍ଷ ବୟସରେ ବିବାହ କରିଛନ୍ତି । ଦାୟିତ୍ୱରେ ରହିଥିବା ବେଳେ ବିବାହ କରିବାରେ ସେ ହେଉଛନ୍ତି ପ୍ରଥମ ଅଷ୍ଟ୍ରେଲୀୟ ପ୍ରଧାନମନ୍ତ୍ରୀ । ସେ ଆଜି ତାଙ୍କର ୪୬ ବର୍ଷୀୟା ବାନ୍ଧବୀ ଜୋଡି ହେଡନଙ୍କୁ କାନବେରାସ୍ଥିତ ପ୍ରଧାନମନ୍ତ୍ରୀ କର୍ଯ୍ୟାଳୟରେ ବିବାହ କରିଛନ୍ତି । ଜୋଡି ଆର୍ଥ ବିଭାଗରେ କାର୍ଯ୍ୟ କରନ୍ତି । ୨୦୨୪ରେ ଦୁହିଁଙ୍କର ନିର୍ବନ୍ଧ ହୋଇଥିଲା । ଅଲବାନୀଜ ସାମାଜିକ ଗଣମାଧ୍ୟମରେ ଗୋଟିଏ ଶବ୍ଦ 'ମ୍ୟାରେଡ୍' ବୋଲି ଉଲ୍ଲେଖ କରି ସମସ୍ତଙ୍କୁ ବିବାହ ନେଇ ସୂଚିତ କରିଛନ୍ତି । ସୋମବାରରୁ ଶୁକ୍ରବାର ଦୁହେଁ ହନିମୁନରେ ଯିବେ । ସୂଚନାଯୋଗ୍ୟ ଯେ ୨୦୨୦ରେ ଦୁହେଁ ମେଲବୋର୍ଣ୍ଣରେ ଏକ ବ୍ୟବସାୟିକ ନୈଶ୍ୟ ଭୋଜିରେ ପରସ୍ପରକୁ ଭେଟିଥିଲେ । ଆଲବାନିଜ ଓ ହେଡନ ଦ୍ୱିତୀୟଥର ପାଇଁ ବିବାହ କରିଛନ୍ତି । ପୂର୍ବରୁ ଆଲବାନିଜ ୨୦୧୯ରେ ତାଙ୍କ ପୂର୍ବତନ ପତ୍ନୀ କାର୍ମେଲ ଟେବୁଟ୍‌ଙ୍କଠାରୁ ଛାଡ଼ପତ୍ର ନେଇଥିଲେ । ଦୁହେଁ ୧୯ ବର୍ଷ ଏକାଠି ରହିବା ପରେ ଅଲଗା ହୋଇଥିଲେ । ଉଭୟଙ୍କର ଜଣେ ପୁଅ ନାଥନ ଅଛନ୍ତି । ତେବେ ହେଡନଙ୍କ ପ୍ରଥମ ବିବାହ ଓ ବିଚ୍ଛେଦ ସମ୍ପର୍କରେ ଅଧିକ କିଛି ସୂଚନା ଦିଆଯାଇନାହିଁ । ଆଲବାନିଜ ୨୦୨୨ ମେ ୨୩ରେ ୩୧ତମ ପ୍ରଧାନମନ୍ତ୍ରୀ ଭାବେ ଦାୟିତ୍ୱ ଗ୍ରହଣ କରିଥିଲେ ।

## ଏୟାରବସ୍ 'ଏ-୩୨୦'କୁ ସୌର ବିକିରଣ ଭୟ


ବିଶ୍ୱବ୍ୟାପୀ ୬ ହଜାର ଉଡ଼ାଣ ବାତିଲ

■ ନୂଆଦିଲ୍ଲୀ, ୨୯।୧୧ (ଏଜେନ୍ସି): ବିମାନ ନିର୍ମାତା କମ୍ପାନୀ ଏୟାରବସ୍‌ର ବିମାନ ପ୍ରତି ବଡ଼ ବିପଦ ସୃଷ୍ଟି ହୋଇଛି । ଏହି କମ୍ପାନୀର ଏ୩୨୦ ସିରିଜ ବିମାନଗୁଡ଼ିକରେ ଯାନ୍ତ୍ରିକ ତ୍ରୁଟି ଦେଖାଯାଇଛି । ସୌର ବିକିରଣ ଯୋଗୁଁ ଏଭଳି ବିପଦ ଦେଖାଦେଇଛି । ଏହାକୁ ଦୃଷ୍ଟିରେ ରଖି ବିଶ୍ୱରେ ପ୍ରାୟ ୬ ହଜାର ଏ-୩୨୦ ବିମାନର ଉଡ଼ାଣକୁ ବାତିଲ କରିଦିଆଯାଇଛି । ଗତ ୫୫ ବର୍ଷ ମଧ୍ୟରେ ପ୍ରଥମ ଥର ପାଇଁ କମ୍ପାନୀ ଏତେ ବିମାନର ସେବାକୁ ବନ୍ଦ କରିଦେଇଛି । ସଫ୍ଟୱେର ଅପଗ୍ରେଡ କରି ଯାନ୍ତ୍ରିକ ତ୍ରୁଟି ସୁଧାରିବା ପାଇଁ ବିମାନଗୁଡ଼ିକୁ ପ୍ରତ୍ୟାହାର କରାଯାଇଛି । ଏହି ସମସ୍ୟା ପାଇଁ ସଫ୍ଟୱେର ଭର୍ସନ ଏଲ୧୦୪ର ଏଲାଭେଟର ଏଲେରନ କମ୍ପ୍ୟୁଟର (ଇଏଲଏସି ବି) ପ୍ରଭାବିତ ହୋଇଛି । ଏହା ଫ୍ଲାଇଟ କଣ୍ଟ୍ରୋଲ ଡାଟା ଖରାପ କରିପାରେ । ବିମାନର ଉଚ୍ଚତା, ଦିଗ ଏବଂ ନିୟନ୍ତ୍ରଣକୁ ନେଇ ଦେଉଥିବା ଗୁରୁତ୍ୱପୂର୍ଣ୍ଣ ସୂଚନା ଭୁଲ୍ ସାବ୍ୟସ୍ତ ହୋଇପାରେ । ତେବେ ଆଶ୍ଚର୍ଯ୍ୟର ବିଷୟ ଏହି କି ଯେ ଏୟାରବସ୍ ଉଡ଼ାଣ ବନ୍ଦ କରିବା ନେଇ ଶୁକ୍ରବାର ଘୋଷଣା କରିଥିଲା । ଏହି ସମୟରେ ୩୫୦ ଏୟାର ଲାଇନ୍ସର ପ୍ରାୟ ୩ ହଜାର ଏ-୩୨୦ ବିମାନ ଆକାଶରେ ଉଡ଼ୁଥିଲେ । ଏହି ସମସ୍ୟା ଯୋଗୁଁ ଭାରତ ସମେତ ସାରା ବିଶ୍ୱ ପ୍ରଭାବିତ ହୋଇଛି । ବିମାନ ▶ପୃଷ୍ଠା-୭

# 'ଦିତ୍‌ୱା' ତାଣ୍ଡବ

# ଶ୍ରୀଲଙ୍କାରେ ୧୫୩ ମୃତ

## ତାମିଲନାଡୁରେ ପ୍ରବଳ ବର୍ଷା, ବିମାନ ବାତିଲ

■ ଚେନ୍ନାଇ, ୨୯ ।୧୧ (ଏଜେନ୍ସି): ଶ୍ରୀଲଙ୍କାରେ ଧ୍ୱଂସର ତାଣ୍ଡବ ରଚିଛି ଘୂର୍ଣ୍ଣିବାତ୍ୟା 'ଦିତ୍‌ୱା' । ଏହି ବାତ୍ୟା କାରଣରୁ ପ୍ରବଳ ବର୍ଷା, ବନ୍ୟା ଓ ଭୂସ୍ଖଳନ ଫଳରେ ୧୫୩ ଜଣ ବ୍ୟକ୍ତି ପ୍ରାଣ ହରାଇଥିବା ବେଳେ ଅନ୍ୟ ୧୩୦ଜଣ ନିଖୋଜ ଅଛନ୍ତି । ଏବେ ଏହି ବାତ୍ୟା ଭାରତ ଆଡ଼କୁ ଦ୍ରୁତଗତିରେ ମାଡିଆସୁଛି । ବାତ୍ୟା ପ୍ରଭାବରେ ତାମିଲନାଡୁ, ଆନ୍ଧ୍ରପ୍ରଦେଶ ଓ ପୁଡୁଚେରୀର ଉପକୂଳବର୍ତ୍ତୀ ଅଞ୍ଚଳଗୁଡିକରେ ପ୍ରବଳ ବର୍ଷା ସହିତ ଜୋରରେ ପବନ ବହିବା ଆରମ୍ଭ ହୋଇଛି । ଏହା ଆହୁରି ଭୟଙ୍କର ରୂପ ନେବ ବୋଲି ଆଶଙ୍କା କରାଯାଉଛି । ତାମିଲନାଡୁରେ ରେଡ ଆଲର୍ଟ ଜାରି କରାଯାଇଛି ।

ତାମିଲନାଡୁରେ ପ୍ରବଳ ବର୍ଷା କାରଣରୁ ବନ୍ୟା ପରିସ୍ଥିତି ସୃଷ୍ଟି ହୋଇଛି । ପୁଡୁଚେରୀ ଓ ତାମିଲନାଡୁରେ ସମସ୍ତ ଶିକ୍ଷାନୁଷ୍ଠାନରେ ସୋମବାର ପର୍ଯ୍ୟନ୍ତ ଛୁଟି ଘୋଷଣା କରାଯାଇଛି । ବିଭିନ୍ନ ସ୍କୁଲ ଓ କଲେଜରେ ହେବାକୁ ଥିବା ପରୀକ୍ଷାକୁ ମଧ୍ୟ ବାତିଲ କରାଯାଇଛି । ବାତ୍ୟାର ପ୍ରକୋପ ଭୟଙ୍କର ହେଉଥିବାରୁ ୫୪ଟି ବିମାନର ଉଡାଣକୁ ବାତିଲ କରାଯାଇଛି । ଚେନ୍ନାଇରୁ ବିମାନ ଉଡ଼ାଣ ବାତିଲ ହେବା କାରଣରୁ କଲମ୍ବୋ ବିମାନ ବନ୍ଦରରେ ୩୦୦ ଭାରତୀୟ ଯାତ୍ରୀ ଗତ ତିନି ଦିନ ହେବ ଫସି ରହିଛନ୍ତି । ଏମାନେ ସମସ୍ତେ ଦୁବାଇରୁ କଲମ୍ବୋ ଦେଇ ଭାରତ ଆସିବାର କର୍ଯ୍ୟକ୍ରମ ଥିଲା । ନଭେମ୍ବର ୩୦ ଅର୍ଥାତ ରବିବାର ଏହି ବାତ୍ୟା 'ଦିତ୍‌ୱା' ତାମିଲନାଡୁ ଓ ପୁଡୁଚେରୀର ଉପକୂଳ ଅତିକ୍ରମ କରିବ । ଏହି କାରଣରୁ ରାଜ୍ୟରେ ଆହୁରି ପ୍ରବଳ ବର୍ଷା ହେବାର ସମ୍ଭାବନା ରହିଛି । ତାମିଲନାଡୁ ସମେତ ପୁଡୁଚେରୀ ଓ ଆନ୍ଧ୍ରରେ ବନ୍ୟା ଆସିବା ଆଶଙ୍କା କରାଯାଉଛି ।

**ଶ୍ରୀଲଙ୍କାରେ ଫସି ରହିଛନ୍ତି ୩୦୦ରୁ ଊର୍ଦ୍ଧ୍ୱ ଭାରତୀୟ**

ସେହିପରି ପାହାଡିଆ ଅଞ୍ଚଳରେ ଭୂସ୍ଖଳନ ହେବାର ସମ୍ଭାବନା ରହିଛି । ବାତ୍ୟାର ଭୟାବହତାକୁ ଦୃଷ୍ଟିରେ ରଖି ତାମିଲନାଡୁ ଉପକୂଳରେ ଥିବା ବିଭିନ୍ନ ସମ୍ବେଦନଶୀଳ ଉପକୂଳବର୍ତ୍ତୀ ଅଞ୍ଚଳରେ ନେସନାଲ ଡିଜାଷ୍ଟର



ରେସପନ୍ସ ଫୋର୍ସ (ଏନ୍‌ଡିଆରଏଫ) ର ୧୪ଟି ଟିମ୍‌କୁ ନିୟୋଜିତ କରାଯାଇଛି ।

ଇତିମଧ୍ୟରେ ଶ୍ରୀଲଙ୍କାକୁ ସହାୟତା କରିବାକୁ ଭାରତ 'ଅପରେସନ ସାଗର ବନ୍ଧୁ' ଆରମ୍ଭ କରିଛି । ଭାରତୀୟ ବାୟୁସେନାର ବିମାନ ଆଇଏଲ୍-୭୬ ବିମାନ କଲମ୍ବୋରେ ପହଞ୍ଚିଛି । ଏନ୍‌ଡିଆରଏଫ୍‌ର ୮୦ ଜଣିଆ ଟିମ୍ ସହିତ ବିମାନ ଓ ସମୁଦ୍ର ମାର୍ଗ ଦେଇ ପାଖାପାଖି ୨୭ ଟନ୍ ରିଲିଫ୍ ସାମଗ୍ରୀ ଶ୍ରୀଲଙ୍କାରେ ପହଞ୍ଚିଛି ।

### ଅତିରିକ୍ତ ବଜେଟ୍‌କୁ ନେଇ ନବୀନଙ୍କ ପ୍ରତିକ୍ରିୟା

## ରାଜକୋଷୀୟ ନିଅଣ୍ଟ ଆଡ଼କୁ ବଢ଼ୁଛି ଓଡ଼ିଶା

■ ଭୁବନେଶ୍ୱର, ୨୯।୧୧ (ସମିସ): ବିଧାନସଭାରେ ଉପସ୍ଥାପନ କରାଯାଇଥିବା ଅତିରିକ୍ତ ବଜେଟ ଦୂରଦୃଷ୍ଟିହୀନ ଏବଂ ଏହା ଓଡ଼ିଶାବାସୀଙ୍କ ଅନେକ ଆଶାକୁ ଧୂଳିସାତ୍ କରିଛି । ଏହା ଆମକୁ ରାଜକୋଷୀୟ ନିଅଣ୍ଟ ଆଡ଼କୁ ବଢ଼ାଉଛି ବୋଲି ବିରୋଧୀ ଦଳ ନେତା ତଥା ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ କହିଛନ୍ତି ।

ଶୁକ୍ରବାର ବିଧାନସଭାରେ ମୁଖ୍ୟମନ୍ତ୍ରୀଙ୍କ ଦ୍ୱାରା ଉପସ୍ଥାପିତ ଅତିରିକ୍ତ ବଜେଟ ଉପରେ ପ୍ରତିକ୍ରିୟା ରଖି ସାମାଜିକ ଗଣମାଧ୍ୟମ ଏକ୍ସରେ ନବୀନ ଉଲ୍ଲେଖ କରିଛନ୍ତି, ନୂତନ ବିଜେପି ସରକାରର ପ୍ରଥମ ପୂର୍ଣ୍ଣ ବର୍ଷରୁ ଆଶା କରାଯାଉଥିବା କୌଣସି ବଡ଼ ଭିତ୍ତିଭୂମି ଯୋଜନା କିମ୍ବା ନୂତନ ଦୂରଦୃଷ୍ଟି ଏଥିରେ ଦେଖିବାକୁ ମିଳିନାହିଁ । ପ୍ରଶାସନିକ ବ୍ୟୟ ସଙ୍କୁଚିତ ହେଉଛି । ଓଡ଼ିଶାର ସୁଧ ବୋଝ ବଢ଼ୁଛି । ବଜେଟରେ ପୂର୍ତ୍ତ ବିଭାଗର ୯୦୦ କୋଟି ଏବଂ କିଛି ସହରାଞ୍ଚଳ ଭିତ୍ତିଭୂମିକୁ ଛାଡ଼ିଦେଲେ ଆଉ କିଛି ବି ନାହିଁ ।



**ବଜେଟରେ ଦୂରଦୃଷ୍ଟି ନାହିଁ; ଓଡ଼ିଶାବାସୀଙ୍କ ଆଶାକୁ ଧୂଳିସାତ୍ କରୁଛି**

**ଅପାରଗତା ଲୁଚାଇବା ପାଇଁ ଅତିରିକ୍ତ ବଜେଟ ଆଣିଛନ୍ତି ସରକାର**

ହ୍ରାସ ପାଉଥିବା କେନ୍ଦ୍ରୀୟ ଅନୁଦାନ ଓ ନିଜସ୍ୱ ଅପାରଗତା ଲୁଚାଇବା ପାଇଁ ଏହି ଅତିରିକ୍ତ ବଜେଟ୍ ପ୍ରସ୍ତୁତ ହୋଇଛି । ରାଜ୍ୟବାସୀଙ୍କ ସ୍ୱାର୍ଥ ପାଇଁ ନୁହଁ; ବରଂ ସେମାନଙ୍କୁ ଭ୍ରମିତ କରିବାର ଏହା ଏକ ପ୍ରୟାସ ବୋଲି ନବୀନ କହିଛନ୍ତି ।



## ଗୁଣ୍ଡିଚା ମନ୍ଦିରରେ ପଶିଲା ଜେସିବି

**ପ୍ରଶ୍ନ ଉଠାଇଲେ ସାଧାରଣ ବୁଦ୍ଧିଜୀବୀ ଓ ଶ୍ରଦ୍ଧାଳୁ**

**ପରିକ୍ରମା ପ୍ରକଳ୍ପ ବେଳେ ଚିତ୍କାର କରୁଥିବା ବୁଦ୍ଧିଜୀବୀ ଗଲେ କୁଆଡ଼େ?**

■ ପୁରୀ, ୨୯।୧୧ (ସମିସ): ଡିସେମ୍ବର ୧ରୁ ଗୁଣ୍ଡିଚା ମନ୍ଦିର ଭକ୍ତଙ୍କ ପାଇଁ ଖୋଲାଯିବ ବୋଲି ପରିଚାଳନା କମିଟି ବୈଠକରେ ନିଆଯାଇଥିଲା ନିଷ୍ପତ୍ତି । ଏ ସମ୍ପର୍କରେ ଗଣମାଧ୍ୟମ ସମ୍ମୁଖରେ ପ୍ରତିକ୍ରିୟା ରଖିଥିଲେ ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ ଏବଂ ଜିଲ୍ଲାପାଳ । ହେଲେ ଭକ୍ତଙ୍କ ପାଇଁ ମନ୍ଦିର ଖୋଲାଯିବାକୁ ଅଚାନକ ସାମୟିକ ଭାବେ ସ୍ଥଗିତ ରଖାଯାଇଥିବା ମନ୍ଦିର ପ୍ରଶାସନ ପକ୍ଷରୁ ଶୁକ୍ରବାର ଘୋଷଣା କରାଯାଇଛି । କାରଣ କୁହାଯାଇଛି ଶ୍ରୀଗୁଣ୍ଡିଚା ମନ୍ଦିର ମରାମତି ତଥା ସଂରକ୍ଷଣ କାମ ପାଇଁ ଆହୁରି ଅଧିକ ସମୟ ଲାଗିବ । ମନ୍ଦିର ମଧ୍ୟରେ ଷ୍ଟିଲ୍ ବିମ୍ ଏବଂ ଖଣ୍ଡୋଲାଇଟ୍ ପଥର ଲଗାଇବା କାମ ବାକି ଅଛି । ପରିସର ଉଦ୍ୟାନଗୁଡ଼ିକ ଭକ୍ତଙ୍କ ସୁରକ୍ଷା ଦୃଷ୍ଟିରୁ ସଫେଇ ଏବଂ ଉନ୍ନତୀକରଣ କରାଯିବ । ଏଭଳି ସ୍ଥିତିରେ ଶନିବାର ଗୁଣ୍ଡିଚା ମନ୍ଦିର ଭିତରେ ମନ୍ଦିରର ସୁରକ୍ଷାକୁ ନେଇ ପ୍ରଶ୍ନ ଉଠିବା ଭଳି ଦୃଶ୍ୟ ଦେଖିବାକୁ ମିଳିଛି । ଅର୍ଥାତ୍ ମନ୍ଦିର ଭିତରେ ପଶି ▶ପୃଷ୍ଠା-୭

### ତୃତୀୟ ସୋଆ ସାହିତ୍ୟ ଉତ୍ସବ ଉଦ୍‌ଘାଟିତ

## ସଂସ୍କୃତିକୁ ଆମେ ପଛରେ ଛାଡ଼ି ଦେଇଛୁ: ଜାଭେଦ ଅଖତର୍



**ଜାଭେଦ ଅଖତରଙ୍କୁ ପ୍ରଥମ ସୋଆ ସାହିତ୍ୟ ସମ୍ମାନ**

■ ଭୁବନେଶ୍ୱର, ୨୯।୧୧ (ସମିସ): ଭାଷା, ସଂସ୍କୃତି, ପୁରାଣ, କବିତା ଏବଂ କଳା ଆମର ମହାନ ସଂସାଧନ । ଭାରତ ଯେତେବେଳେ ସ୍ୱାଧୀନତା ଲାଭ କଲା, ସେତେବେଳେ ଦେଶର ଗୋଟିଏ ଛୁଞ୍ଚି ମଧ୍ୟ ପ୍ରସ୍ତୁତ କରିବାର କ୍ଷମତା ନଥିଲା । କିନ୍ତୁ ବର୍ତ୍ତମାନ ଏହା ବିଶ୍ୱର ଅନ୍ୟତମ ଶିଳ୍ପ ସମୃଦ୍ଧ ରାଷ୍ଟ୍ର । ଏହି ସଫଳତା ଭିତରେ ଆମେ ଆମର କିଛି ବସ୍ତୁକୁ ବ୍ୟବହାରଯୋଗ୍ୟ ନୁହେଁ ବୋଲି ଭାବି ପ୍ଲାଟଫର୍ମରେ ଛାଡ଼ି ଦେଇ ଆସିଛୁ । ଆମେ ଭାବିବା ଆରମ୍ଭ କରିଦେଇଛୁ ଯେ ଆମେ ଆମ ସହ ସବୁ କିଛି ସାଙ୍ଗରେ ନେଇ ଚାଲିପାରିବୁ ନାହିଁ । ଏହା ମଧ୍ୟରୁ ଆମ ସଂସ୍କୃତି ▶ପୃଷ୍ଠା-୭


KISS
KALINGA INSTITUTE OF SOCIAL SCIENCES (KISS)
(Deemed to be University) (Established U/S 3 of UGC Act, 1956)
Accredited with 'A' Grade by NAAC, Bhubaneswar, Odisha, India

5th ANNUAL CONVOCATION

30th November 2025 | 3:30 p.m. | KISS Campus-4 Athletic Stadium Bhubaneswar

Chief Guest

Hon'ble Prof. (Dr.) Ganeshi Lal
Former Governor of Odisha

Convocation Address by

Hon'ble Ms. Ouided Bouchamaoui
Nobel Laureate
Republic of Tunisia

Guests of Honor
• Mr. Faizal Edavalath Kottikollon
Founder & Chairman, KEF Holdings
Philanthropist & Global Business Leader, UAE
• Mr. J.M. 'Meenu' Malhotra DL
Chairman at Malhotra Group PLC
Honorary Consul General of India to Newcastle, UK

Conferment of Honoris Causa Degrees on:
• Shri Bhartruhari Mahtab
Hon'ble Member of Parliament (LS) &
Chairman, Prajatantra Prachar Samity, Cuttack
• Shri Soumya Ranjan Patnaik
Founder-editor, The Sambad &
Former Member of Parliament (LS & RS)
Bhubaneswar
• Shri Jagadananda
Co-founder & Mentor
Centre for Youth and Social Development (CYSD), Bhubaneswar

A Home for 80,000 Indigenous Children | Website: www.kiss.ac.in | Email: info@kiss.ac.in


# ବିଧାନସଭାରେ ରାସନ କାର୍ଡ ଝଡ଼

## ଲୋକଙ୍କ ଖାଦ୍ୟ ସୁରକ୍ଷା ଅଧିକାରକୁ ଛଡ଼ାଇ ନେଉଛନ୍ତି ସରକାର: ବିରୋଧୀ

**ରାସନ କାର୍ଡ ସର୍ଭେ ପାଇଁ ଧାର୍ଯ୍ୟ ମାନଦଣ୍ଡ ଗ୍ରହଣୀୟ ନୁହେଁ: ବିଜେଡି**

**ଯୋଗ୍ୟ ହିତାଧିକାରୀଙ୍କ କାର୍ଡ କାଟିବା ଆମ ଉଦ୍ଦେଶ୍ୟ ନୁହେଁ: ମନ୍ତ୍ରୀ**

■ ଭୁବନେଶ୍ୱର, ୨୯।୧୧ (ସମିସ): କେୱାଇସି ଅପ୍‌ଡେଟ୍ ଆଳରେ ଲୋକଙ୍କ ରାସନ କାର୍ଡ କଟାଯିବା ନେଇ ବିଧାନସଭାରେ ଆଜି ମୁଲତବୀ ଆଲୋଚନାରେ ବିରୋଧୀ ସଦସ୍ୟମାନେ ସରକାରଙ୍କୁ ଘେରିଛନ୍ତି । ରାଜ୍ୟ ସରକାର ଲୋକଙ୍କ ଖାଦ୍ୟ ସୁରକ୍ଷା ଅଧିକାରକୁ ଛଡ଼ାଇ ନେଉଛନ୍ତି ବୋଲି ବିରୋଧୀ ଅଭିଯୋଗ କରିଛନ୍ତି ।

ମୁଲତବୀ ଆଲୋଚନାରେ ଭାଗ ନେଇ ବିଜୁ ଜନତା ଦଳର ସଦସ୍ୟମାନେ କହିଥିଲେ, ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଖାଦ୍ୟ ସୁରକ୍ଷା ଯୋଜନାରେ ଜଣେ ବି ଯୋଗ୍ୟ ହିତାଧିକାରୀ ଯେପରି ବାଦ୍ ନ ପଡ଼ିବେ, ସେନେଇ ନିର୍ଦ୍ଦେଶ ଦେଇଥିଲେ । ରାଜ୍ୟରେ ପୂର୍ବ ସରକାରଙ୍କ ପିଡିଏସ, ଧାନ ସଂଗ୍ରହ ପ୍ରକ୍ରିୟାକୁ କେନ୍ଦ୍ର ସରକାରଙ୍କଠାରୁ ଆରମ୍ଭ କରି ମିଳିତ ଜାତିସଂଘ ପର୍ଯ୍ୟନ୍ତ ପ୍ରଶଂସା କରିଥିଲା । ମାତ୍ର ଏବର ବିଜେପି ସରକାର ରାସନ କାର୍ଡ ନାମରେ ଆତଙ୍କ ସୃଷ୍ଟି କରୁଛନ୍ତି । ଗରିବ ଲୋକଙ୍କ ମନରେ କାର୍ଡ କଟିବା ନେଇ ଆତଙ୍କ ଖେଳିଯାଇଛି । ହିତାଧିକାରୀଙ୍କୁ ବାଦ୍ ଦେବା ପାଇଁ ସରକାର ଯେଉଁ ମାନଦଣ୍ଡ ନିର୍ଦ୍ଧାରଣ କରିଛନ୍ତି, ତାହା ଆଶ୍ଚର୍ଯ୍ୟଜନକ । ସରକାର ଲୋକଙ୍କ ଖାଦ୍ୟ ସୁରକ୍ଷା ଅଧିକାରକୁ ଛଡ଼ାଇ ନେବାକୁ ବସିଛନ୍ତି ବୋଲି ଅଭିଯୋଗ କରିଛନ୍ତି ବିରୋଧୀ । ଅପରପକ୍ଷେ ଶାସକ ଦଳର ବିଧାୟକମାନେ ପାଲଟା ▶ପୃଷ୍ଠା-୭

## ୬୮୦୧ ପଞ୍ଚାୟତରେ ପିଅନ ନିଯୁକ୍ତ ହେବେ

■ ଭୁବନେଶ୍ୱର, ୨୯ ।୧୧ (ସମିସ): ପ୍ରତି ପଞ୍ଚାୟତରେ ନିଯୁକ୍ତ ହେବେ ପିଅନ । ସରକାରୀ ଯୋଜନାର ସଫଳ ରୂପାୟନ କରିବାପାଇଁ ସରକାର ଏହି ନୂତନ ପଦ ସୃଷ୍ଟି କରିଛନ୍ତି । ପଞ୍ଚାୟତିରାଜ ଓ ପାନୀୟ ଜଳ ବିବାଗ ପକ୍ଷରୁ ପ୍ରକାଶିତ ବିଜ୍ଞପ୍ତିରେ କୁହାଯାଇଛି ଯେ, ପଞ୍ଚାୟତ ସ୍ତରରେ ସେମାନେ କାର୍ଯ୍ୟ କରିବେ । ମାସକୁ ୧୩,୧୬୦ ଟଙ୍କା ଲେଖାଏଁ ଦରମା ପ୍ରଦାନ କରାଯିବ । ସେମାନଙ୍କ ପ୍ରଦର୍ଶନକୁ ଭିତ୍ତି କରି ଦରମା କମ୍ ବା ବେଶି କରାଯାଇପାରେ । ସୂଚନାଯୋଗ୍ୟ, ରାଜ୍ୟରେ ମୋଟ୍ ୬୮୦୧ଟି ପଞ୍ଚାୟତ ଥିବାବେଳେ ନୂତନ ନିଯୁକ୍ତି ପାଇଁ ସମାନ ସଂଖ୍ୟକ ପଦ ସୃଷ୍ଟି ହେବ ।

## ପହିଲାରୁ ସଂସଦ, ଆଜି ସର୍ବଦଳୀୟ ବୈଠକ

ନୂଆଦିଲ୍ଲୀ, ୨୯।୧୧: ଆସନ୍ତା ଡିସେମ୍ବର ପହିଲା ତାରିଖରୁ ସଂସଦର ଶୀତକାଳୀନ ଅଧିବେଶନ ଆରମ୍ଭ ହେବାକୁ ଯାଉଛି। ଏହାପୂର୍ବରୁ ସର୍ବଦଳୀୟ ବୈଠକ ଡାକିଛନ୍ତି ସରକାର। ଆସନ୍ତାକାଲି ସବୁ ଦଳର ସଂସଦୀୟ ଦଳର ନେତାମାନଙ୍କ ବୈଠକ ହେବ ଏବଂ ସଂସଦୀୟ ବ୍ୟାପାର ମନ୍ତ୍ରୀ କିରଣ ରିଜିଜୁ ଏହି ବୈଠକରେ ଉପସ୍ଥିତ ରହିବେ। ଉଭୟ ଲୋକସଭା ଏବଂ ରାଜ୍ୟସଭାରେ କାର୍ଯ୍ୟ ପରିଚାଳନାରେ ସରକାରଙ୍କୁ ସହଯୋଗ କରିବା ଲାଗି ସେ ସମସ୍ତ ଦଳର ନେତାଙ୍କୁ ଅନୁରୋଧ କରିବେ ବୋଲି ଜଣାପଡ଼ିଛି। ୧୯ ତାରିଖ ପର୍ଯ୍ୟନ୍ତ ଚାଲିବାକୁ ଥିବା ଏହି ଅଧିବେଶନରେ ସରକାର ୧୦ଟି ଗୁରୁତ୍ୱପୂର୍ଣ୍ଣ ବିଲ୍ ଆଗତ କରିବାର କାର୍ଯ୍ୟକ୍ରମ ରହିଛି। ଏହା ଉପରେ ଆଲୋଚନା କରିବା ଲାଗି ସେ ସମସ୍ତ ଦଳର ନେତାଙ୍କୁ ଅନୁରୋଧ କରିଛନ୍ତି। ସେ ଆହୁରି କହିଛନ୍ତି ଯେ ସମସ୍ତ ପ୍ରସଙ୍ଗରେ ଆଲୋଚନା କରିବାକୁ ସରକାର ପ୍ରସ୍ତୁତ ଅଛନ୍ତି। ତେବେ ସ୍ୱତନ୍ତ୍ର ଭୋଟର ତାଲିକା ସଂଶୋଧନ ବା ଏସଆଇଆର୍ ଏବଂ ଦିଲ୍ଲୀ ପ୍ରଦୂଷଣ ପ୍ରସଙ୍ଗ ଉଠାଇ ବିରୋଧୀ ଦଳ ସଂସଦରେ ଅଚଳାବସ୍ଥା ସୃଷ୍ଟି କରିପାରନ୍ତି ବୋଲି କୁହାଯାଉଛି। ସରକାର 'ବନ୍ଦେ ମାତରମ' ପ୍ରସଙ୍ଗରେ ମଧ୍ୟ ଆଲୋଚନା କରିବାକୁ ଯୋଜନା କରିଛନ୍ତି ଏବଂ ଏହାକୁ ନେଇ ପରିସ୍ଥିତି ସରଗରମ ରହିବ ବୋଲି ସୂଚନା ମିଳିଛି। ସୂଚନାରଯୋଗ୍ୟ ଯେ ସରକାର ସଂସଦର ଏହି ଶୀତକାଳୀନ ଅଧିବେଶନକୁ ସଂକ୍ଷିପ୍ତ ସମୟ ପାଇଁ ଡାକିଥିବାରୁ ବିରୋଧୀ ଦଳ ଏହାର ସମାଲୋଚନା କରିଛନ୍ତି।

## ପଶ୍ଚିମବଙ୍ଗ: ବିରୋଧ ପରେ ୱାକଫ୍ ଆଇନ ଲାଗୁ

କୋଲକାତା, ୨୯ ।୧୧(ଏଜେନ୍ସି): ପଶ୍ଚିମବଙ୍ଗରେ ମମତା ବାନାର୍ଜୀ ସରକାର ୮ ମାସ ଧରି ବିରୋଧ କରିବା ପରେ ଶେଷରେ ୱାକଫ୍ ସଂଶୋଧାନ ଆଇନ ଲାଗୁ କରିବାକୁ ରାଜି ହୋଇଛନ୍ତି। ରାଜ୍ୟର ୮୦୬୩ ୱାକଫ ସମ୍ପତ୍ତିର ସୂଚନା ୨୦୨୫ ଡିସେମ୍ବର ସୁଦ୍ଧା କେନ୍ଦ୍ର ସରକାରଙ୍କ ୟୁଏମ୍ଆଇଡି ୱେବ୍‌ସାଇଟ୍‌ରେ ଅପଲୋଡ୍ କରିବାକୁ ରାଜ୍ୟ ସରକାର ସବୁ ଜିଲ୍ଲା ଅଧିକାରୀଙ୍କୁ ନିର୍ଦ୍ଦେଶ ଦେଇଛନ୍ତି। ୱାକଫ ସଂଶୋଧନ ଆଇନ୍ ଚଳିତବର୍ଷ ଏପ୍ରିଲ ୪ରେ ସଂସଦର ଦୁଇଟି ଗୃହରେ ପାରିତ ହୋଇଥିଲା। ସେତେବେଳେ ଏହି ଆଇନ୍‌କୁ ଲାଗୁ କରିବି ନାହିଁ ବୋଲି ପଶ୍ଚିମବଙ୍ଗ ସରକାର କହିଥିଲେ। ମୁଖ୍ୟମନ୍ତ୍ରୀ ମମତା ବାନାର୍ଜୀ ଏପ୍ରିଲ ୮ରେ ଏକ ରାଲିରେ କହିଥିଲେ ଯେ, ଯେପର୍ଯ୍ୟନ୍ତ ମମତା ଦିଦି ଅଛି, ସେପର୍ଯ୍ୟନ୍ତ ରାଜ୍ୟରେ ମୁସ୍‌ଲିମ ସମ୍ପ୍ରଦାୟର ସମ୍ପତ୍ତିକୁ ରକ୍ଷା କରିବ। ଏଥିପାଇଁ ଆବଶ୍ୟକ ହେଲେ ଗୁଳି ଖାଇବାକୁ ପ୍ରସ୍ତୁତ ଅଛି। ଏକତାରୁ ମୋତେ ଅଲଗା କରାଯାଇପାରିବ ନାହିଁ। ପଶ୍ଚିମବଙ୍ଗରେ ଧର୍ମ ନାମରେ ଭାଗବଣ୍ଟା ହୋଇପାରିବ ନାହିଁ ବୋଲି ସେ କହିଥିଲେ। ଏହି ଆଇନ୍ ନେଇ କୋର୍ଟରେ ଚ୍ୟାଲେଞ୍ଜ କରାଯାଇଥିଲା। କିନ୍ତୁ ସୁପ୍ରିମକୋର୍ଟ ଏହି ଆଇନ୍ ଲାଗୁ ହେବା ନେଇ କୌଣସି ରୋକ ଲଗାଇ ନାହାନ୍ତି। ଫଳରେ ମମତା ଶେଷରେ ଏହି ନିୟମ ଲାଗୁ କରିବାକୁ ରାଜି ହେବାକୁ ବାଧ ହୋଇଛନ୍ତି ବୋଲି କୁହାଯାଇଛି।

## ମୁନୀରଙ୍କ ଶକ୍ତିବୃଦ୍ଧି ନେଇ ଚିନ୍ତା ପ୍ରକଟ କଲା ଜାତିସଂଘ

ନ୍ୟୁୟର୍କ, ୨୯ ।୧୧(ଏଜେନ୍ସି): ପାକିସ୍ତାନରେ ହୋଇଥିବା ସମ୍ବିଧାନ ସଂଶୋଧନ ଓ ସେନାଧ୍ୟକ୍ଷ ଆସିମ ମୁନୀରଙ୍କ ଶକ୍ତିବୃଦ୍ଧି ନେଇ ଜାତିସଂଘ ତରଫରୁ ଚିନ୍ତା ପ୍ରକଟ କରାଯାଇଛି। ପାକିସ୍ତାନରେ ହୋଇଥିବା ୨୭ତମ ସମ୍ବିଧାନ ସଂଶୋଧନ ନ୍ୟାପାଳିକା ତଥା କୋର୍ଟଙ୍କ କ୍ଷମତାକୁ ସଙ୍କୁଚିତ ଓ ଦୁର୍ବଳ କରିବ ବୋଲି ଜାତିସଂଘ ମାନିବକ ଅଧିକାର ଏଜେନ୍ସି (ୟୁଏନ୍ଏଚ୍ଆର) ହାଇ କମିଶନର ଭୋଲକର ଟର୍କ ସତର୍କ କରାଇଛନ୍ତି। ଏହି ସମ୍ବିଧାନିକ ପରିବର୍ତ୍ତନ ଅତ୍ୟାବଶକୀୟ ଆଇନ୍ ଓ ନିୟମକୁ ଆହୁରି ଦୁର୍ବଳ କରିବ। ଫଳରେ ପାକିସ୍ତାନରେ ଆଇନ ବ୍ୟବସ୍ଥା ପ୍ରଭାବିତ ହେବାର ଯଥେଷ୍ଟ ଆଶଙ୍କା ରହିଛି ବୋଲି ସେ କହିଛନ୍ତି। ନଭେମ୍ବର ୧୨ରେ ସେନାର ଶକ୍ତି ବୃଦ୍ଧି କରିବାକୁ ଓ ସୁପ୍ରିମକୋର୍ଟର କ୍ଷମତା କମ୍ କରିବାକୁ ୨୭ତମ ସମ୍ବିଧାନ ସଂଶୋଧନକୁ ସଂସଦରେ ଅନୁମୋଦନ କରାଯାଇଥିଲା। ଏହିକ୍ରମରେ ସମ୍ବିଧାନର ୪୮ତମ ଅନୁଚ୍ଛେଦରେ ପରିବର୍ତ୍ତନ କରାଯାଇଥିଲା। ଏହା ଦ୍ୱାରା କୋର୍ଟ ଓ ଆଇନ୍ ବ୍ୟବସ୍ଥା ଉପରେ ରାଜନୀତିର ପ୍ରଭାବ ବୃଦ୍ଧିପାଇବ। ସମ୍ବିଧାନ ସଂଶୋଧନ ନେଇ ପୁଣି ଥରେ ବିଚାର କରିବାକୁ ଟର୍କ ଅପିଲ କରିଛନ୍ତି। ଉଲ୍ଲେଖଥାଉ କି, ନଭେମ୍ବର ୨୭ରେ ମୁନୀର ଚିଫ୍ ଅଫ୍ ଡିଫେନ୍ସ ଷ୍ଟାଫ୍ ଭାବେ ଦାୟିତ୍ୱ ବହନ କରିଥିଲେ। ଏବେ ତାଙ୍କ ହାତରେ ପରମାଣୁ ଅସ୍ତ୍ର ରହିଛି।

## ତେଜସ୍ୱୀ ବିହାର ବିଧାନସଭା ବିରୋଧୀ ନେତା

ପାଟନା, ୨୯ ।୧୧(ଏଜେନ୍ସି): ରାଷ୍ଟ୍ରୀୟ ଜନତା ଦଳ (ଆରଜେଡି) ବିଧାୟକ ତେଜସ୍ୱୀ ଯାଦବ ବିହାର ବିଧାନସଭାରେ ବିରୋଧୀ ମେଣ୍ଟର ନେତା ନିର୍ବାଚିତ ହୋଇଛନ୍ତି। ଆରଜେଡି ଓ ମହାମେଣ୍ଟ ବିଧାୟକ ଦଳ ବୈଠକରେ ଏ ନେଇ ସର୍ବସମ୍ମତିକ୍ରମେ ନିଷ୍ପତ୍ତି ନିଆଯାଇଛି। ଆରଜେଡି, କଂଗ୍ରେସ ଓ ବାମଦଳଗୁଡ଼ିକର ବିଧାୟକମାନେ ତେଜସ୍ୱୀଙ୍କ ନାମକୁ ଅନୁମୋଦନ କରିଥିଲେ। ଗୃହରେ ସଭ୍ୟ ସଂଖ୍ୟା କମ୍ ହୋଇଥିଲେ ମଧ୍ୟ ଜନ କଲ୍ୟାଣ ଦୃଷ୍ଟିକୁ ଦୃଷ୍ଟିରେ ରଖି ଏକାଠି ହୋଇ ମେଣ୍ଟ ଦୃଢ଼ତାର ସହ ସ୍ୱର ଉତ୍ତୋଳନ କରିବ ବୋଲି ସମସ୍ତେ ଏକ ସ୍ୱରରେ ବୈଠକରେ କହିଥିଲେ। ଡିସେମ୍ବର ୧ରେ ବିଧାନସଭାବର ଅଧିବେଶନ ଆରମ୍ଭ ହେବ। ଏହାପୂର୍ବରୁ ତେଜସ୍ୱୀ ଯାଦବଙ୍କ ବାସଭବନରେ ମହାମେଣ୍ଟର ବୈଠକ ଅନୁଷ୍ଠିତ ହୋଇଥିଲା। ଏଥିରେ ଯୋଗ ଦେବାକୁ ତେଜସ୍ୱୀ ଶନିବାର ଦିଲ୍ଲୀରୁ ପାଟନା ପହଞ୍ଚିଥିଲେ। ବିଧାନ ସଭାବେ ଶାସକ ଏନ୍‌ଡିଏର ୨୦୨ ବିଧାୟକ ଥିବା ବେଳେ ବିରୋଧୀ ମେଣ୍ଟର ୩୫ ଜଣ ବିଧାୟକ ରହିଛନ୍ତି। ଏଥିରେ ଆରଜେଡିର ୨୫, କଂଗ୍ରେସର ୬ ଓ ବାମ ଦଳର ୪ ଜଣ ବିଧାୟକ ସାମିଲ ରହିଛନ୍ତି।

## ୨୫ ଲକ୍ଷ ଜଙ୍ଗଲୀ ବିଲେଇଙ୍କୁ ମାରିବ ନ୍ୟୁଜିଲାଣ୍ଡ



ନୂଆଦିଲ୍ଲୀ, ୨୯ ।୧୧ (ଏଜେନ୍ସି): ନ୍ୟୁଜିଲାଣ୍ଡ ସରକାର ୨୦୫୦ ପର୍ଯ୍ୟନ୍ତ ଦେଶର ପାଖାପାଖି ୨୫ ଲକ୍ଷ ଜଙ୍ଗଲୀ ବିଲେଇଙ୍କୁ ମାରିବା ପାଇଁ ନିଷ୍ପତ୍ତି ନେଇଛନ୍ତି। ଅନ୍ୟ ଦୁର୍ବଳ ଜୀବ- ଜନ୍ତୁ ଓ ପକ୍ଷୀଙ୍କୁ ବଞ୍ଚାଇବା ପାଇଁ ଏହି ନିଷ୍ପତ୍ତି ନିଆଯାଇଛି ବୋଲି କୁହାଯାଇଛି। ବିଲେଇମାନେ ପୋଷା ବିଲେଇମାନଙ୍କଠାରୁ ସମ୍ପୂର୍ଣ୍ଣ ଭିନ୍ନ। ଏମାନେ ଶିକାର କରି ବଞ୍ଚି ରହିଥାନ୍ତି। ଏହି ବିଲେଇଗୁଡ଼ିକ ନ୍ୟୁଜିଲାଣ୍ଡର ଜଙ୍ଗଲ ଓ ଦୂର ଦୂରାନ୍ତ ସ୍ଥାନରେ ରହିଥାନ୍ତି। ଏମାନଙ୍କ ସଂଖ୍ୟା ଏବେ ୨୫ ଲକ୍ଷରୁ ଉର୍ଦ୍ଧ୍ୱ ବୋଲି ପୋଟାକା କହିଛନ୍ତି। ଏହି ବିଲେଇଗୁଡ଼ିକର ଲମ୍ବ ୧ ମିଟର ହୋଇଥିବା ବେଳେ ଓଜର ୭ କେଜି। ଏହି ବିଲେଇମାନଙ୍କ ଯୋଗୁଁ ବହୁ ଜୀବଜନ୍ତୁଙ୍କ ଅସ୍ତିତ୍ୱ ବିପଦରେ ପଡ଼ିଛି। ଷ୍ଟିୱାର୍ଟ ଦୀପରେ ରହୁଥିବା ଦକ୍ଷିଣୀ ଡୋଟେରେଲ ପକ୍ଷୀ ଏବେ ବିଲୁପ୍ତ ହେବାକୁ ବସିଲେଣି ବୋଲି ସେ କହିଛନ୍ତି। ପୁଣି ଏହି ବିଲେଇଙ୍କ କାରଣରୁ ଟୋକ୍ସୋପ୍ଲାସମୋସିସ୍ ଭଳି ରୋଗ ବ୍ୟାପୁଛି ଓ ଏହି କାରଣରୁ ଡଲଫିନ୍, ମଣିଷ ଓ ଅନ୍ୟ ଜୀବଜନ୍ତୁ ବିପଦରେ ପଡୁଛନ୍ତି। ଏମାନଙ୍କର ଶିକାର କରୁଛନ୍ତି। ଏହି ଜଙ୍ଗଲୀ ବିଲେଇଗୁଡିକ ବେଶ୍ ଘାତକ ବୋଲି ନ୍ୟୁଜିଲାଣ୍ଡ ସଂରକ୍ଷଣ ମନ୍ତ୍ରୀ ତାମା ପୋଟାକା କହିଛନ୍ତି। ଏହି ବିଲେଇଗୁଡ଼ିକୁ ଏବେ 'ପ୍ରିଡେଟର ଫ୍ରି ୨୦୫୦' ପ୍ରୋଗ୍ରାମ୍‌ରେ ସାମିଲ କରାଯାଇଛି। ଏହି କାର୍ଯ୍ୟକ୍ରମ ୨୦୧୬ରେ ପକ୍ଷୀ, ବାଦୁଡି, ଝିଟିପିଟି ଓ କିଡାଙ୍କୁ ପ୍ରତି ବିପଦ ସୃଷ୍ଟିକରୁଥିବା ଆକ୍ରମଣାତ୍ମକ ପ୍ରଜାତିକୁ ଶେଷ କରିବା ପାଇଁ ଆରମ୍ଭ କରାଯାଇଛି। ଏହି ଜଙ୍ଗଲୀ ବିଲେଇ

## ଶାହିନ୍ ଫ୍ଲାଟ୍‌ରୁ ମିଳିଲା ୧୮.୫୦ ଲକ୍ଷ ଟଙ୍କା



ଫରିଦାବାଦ୍, ୨୯ ।୧୧(ଏଜେନ୍ସି): ଦିଲ୍ଲୀର ଲାଲ୍‌କିଲ୍ଲାରେ ହୋଇଥିବା ବୋମା ବିସ୍ଫୋରଣର ଯାଞ୍ଚ୍ ନ୍ୟାସନାଲ ଇନଭେଷ୍ଟିଗେସନ ଏଜେନ୍ସି (ଏନ୍ଆଇଏ) କରୁଛି। ଏହି ମାମଲାରେ ଆତଙ୍କବାଦ ମଡ୍ୟୁଲ୍‌ରେ ସାମିଲ ଥିବା ମହିଳା ଡାକ୍ତର ଶାହିନ ସହିଦର ଫରିଦାବାଦ୍‌ସ୍ଥିତ ଅଲ- ଫଲାହ ବିଶ୍ୱବିଦ୍ୟାଳୟର ଫ୍ଲାଟ୍‌ରୁ ୧୮.୫୦ ଲକ୍ଷ ଟଙ୍କା ସହ ସୁନାର ବିସ୍କୁଟ ଓ ଗହଣା ମିଳିଛି। ତାଙ୍କ ଆଲମାରୀରୁ ଆରବ ଦେଶରେ ମୁଦ୍ରା ମଧ୍ୟ ମିଳିଛି। ଗୁରୁବାର ରାତିରେ ଏନ୍ଆଇଏ ଶାହିନଙ୍କୁ ନେଇ ଅଲ-ଫଲହା ବିଶ୍ୱବିଦ୍ୟାଳୟ ପହଞ୍ଚିଥିଲା। ଟିମ ସେଠାରେ ଶାହିନର ଗତିବିଧିକୁ ନେଇ ଯାଞ୍ଚ୍ କରିଥିଲେ। ବିଶ୍ୱବିଦ୍ୟାଳୟ ଭିତରେ ଶାହିନର ଫ୍ଲାଟ୍ ନଂ ୨୨ ଥିଲା ବୋଲି ଏନ୍ଆଇଏ ଜାଣିବାକୁ ପାଇଛି। ଏହି ଫ୍ଲାଟ୍‌ରେ ବହୁ ସମୟ ଧରି ରହୁଥିଲା। ଫ୍ଲାଟ୍‌ର ଆଲମାରୀ ଖୋଲିବା ପରେ ଭିତରେ ଏକ ସିକ୍ରେଟ ଲକର ମିଳିଥିଲା। ତାଙ୍କୁ ଖୋଲାଯାଇଥିଲା ଓ ସେଥିରେ ଏକ ପକେଟ ରଖାଯାଇଥିଲା ଓ ଏଥିରେ ୫୦୦ ଟଙ୍କିଆ ନୋଟ ଥିଲା। ଗଣିବା ପରେ ଏହା ୧୮.୫୦ ଲକ୍ଷ ଟଙ୍କା ବୋଲି ଜଣାପଡ଼ିଥିଲା। ଅଲମାରୀର ଦ୍ୱିତୀୟ ଲକରରୁ ସୁନାର ଦୁଇଟି ବିସ୍କୁଟ ଓ ୩୦୦ ଗ୍ରାମର ସୁନା ଗହଣା ମିଳିଥିଲା। ଏହି ଆଲମାରୀରେ ଆରବ ଦେଶର ମୁଦ୍ରା ମଧ୍ୟ ମିଳିଥିଲା। ଏଥିସହ ବିଶ୍ୱବିଦ୍ୟାଳୟର ଆଡମିଶନ ବ୍ଲକରୁ ଶାହିନର କିଛି କାଗଜପତ୍ରକୁ ମଧ୍ୟ ଏଜେନ୍ସି ଜବତ କରିଥିଲା। ଏଜେନ୍ସି ଶାହିନକୁ କେବିନ ଓ କ୍ଲାସରୁମ ନେଇ ପହଞ୍ଚିଥିଲା। ବିଶ୍ୱବିଦ୍ୟାଳୟର ଭାଇସ ଚାନ୍ସଲରଙ୍କ ନିକଟକୁ ମଧ୍ୟ ତାଙ୍କୁ ନିଆଯାଇଥିଲା। ଉଲ୍ଲେଖଥାଉ କି, ଲାଲକିଲ୍ଲା ବିସ୍ଫୋରଣରେ ଶାହିନ ସମେତ ୭ ଜଣ ଆତଙ୍କବାଦୀଙ୍କୁ ଗିରଫ କରାଯାଇଛି ଓ ଏମାନଙ୍କ ମଧ୍ୟରେ ୩ ଜଣ ଡାକ୍ତର ସାମିଲ ରହିଛନ୍ତି।

# ତୁଟୁନି କର୍ଣ୍ଣାଟକ ଅଡୁଆ



ବେଙ୍ଗାଲୁରୁ, ୨୯।୧୧ (ଏଜେନ୍ସି): କର୍ଣ୍ଣାଟକରେ କଂଗ୍ରେସ ସରକାରକୁ ଅଢ଼େଇ ବର୍ଷ ପୂରଣ ହେବା ପରେ ମୁଖ୍ୟମନ୍ତ୍ରୀ ପଦକୁ ନେଇ ଆରମ୍ଭ ହୋଇଥିବା କଳି ତୁଟିବାର ନା ଧରୁନି। ମୁଖ୍ୟମନ୍ତ୍ରୀ ଚୌକିକୁ ନେଇ ଲାଗିଥିବା ଏହି ଟଣା ଓଟରା ଖୋଲାଖୋଲି ଭାବେ ସାମ୍ନାକୁ ଆସି ଯାଇଛି। ଜଣେ ମୁଖ୍ୟମନ୍ତ୍ରୀ ହେବାକୁ ଚାହୁଁଥିବାବେଳେ ଆଉ ଜଣେ ଚୌକି ନ ଛାଡ଼ିବାକୁ ଅଡ଼ି ବସିଛନ୍ତି। ଏହି ବିବାଦ ସାଇବର ସହରରୁ ରାଜଧାନୀ ଦିଲ୍ଲୀ ପର୍ଯ୍ୟନ୍ତ ପହଞ୍ଚି ଯାଇଛି। ମୁଖ୍ୟମନ୍ତ୍ରୀ ସିଦ୍ଧରମେୟା ଏବଂ ଉପ-ମୁଖ୍ୟମନ୍ତ୍ରୀ ଡିକେ ଶିବକୁମାରଙ୍କ ମଧ୍ୟରେ ପଦବୀ ବିବାଦ ଏତେ ବଢ଼ି ଯାଇଥିଲା ଯେ କଂଗ୍ରେସ ହାଇକମାଣ୍ଡଙ୍କୁ ହସ୍ତକ୍ଷେପ କରିବାକୁ ପଡ଼ିଛି। ଉଭୟ ଗୋଷ୍ଠୀର କର୍ମୀ ନିଜ ନିଜ ନେତାଙ୍କୁ ମୁଖ୍ୟମନ୍ତ୍ରୀ କରିବାକୁ ଦାବି କରିନ୍ତି। ଅଢ଼େଇ ବର୍ଷ ପୂରଣ ହୋଇଥିବାରୁ ଗାଦି ଛାଡ଼ ବୋଲି ଡିକେଙ୍କ ସମର୍ଥକ ଦାବି କରିଛନ୍ତି। କିନ୍ତୁ ଏଭଳି କୌଣସି ଚୁକ୍ତି ହୋଇ ନ ଥିବା ସିଦ୍ଧରମେୟା ଗୋଷ୍ଠୀ ମତ ଦେଉଛନ୍ତି। ତେବେ ହାଇକମାଣ୍ଡଙ୍କ ନିର୍ଦ୍ଦେଶରେ ସିଦ୍ଧରମେୟା ନିଜ ସହଯୋଗୀ ତଥା କଂଗ୍ରେସ ଅଧ୍ୟକ୍ଷ ଡିକେ ଶିବକୁମାରଙ୍କୁ ଜଳଖିଆ ପାଇଁ ଡକାଇଛନ୍ତି। ଆଉ ଏହାକୁ ରକ୍ଷା କରି ଶନିବାର ସକାଳ ୧୦ଟା ୧୫ରେ ଡିକେ ତାଙ୍କ ବାସଭବନରେ ପହଞ୍ଚିଥିଲେ। ଏହି ଭେଟଘାଟକୁ କଂଗ୍ରେସରେ ଚାଲିଥିବା କ୍ଷମତା କଳିର ସମାଧାନ ଭାବେ ଦେଖାଯାଉଛି। ଉଭୟ ନେତା ପ୍ରାୟ ଏକ ଘଣ୍ଟା ପର୍ଯ୍ୟନ୍ତ ଜଳଖିଆ କରି ବିଭିନ୍ନ ପ୍ରସଙ୍ଗରେ ଆଲୋଚନା କରିଥିଲେ। ଏହା ମିଳିତ ସାମ୍ବାଦିକ ସମ୍ମିଳନୀ କରିଥିଲେ।

- ଏକାଠି ଜଳଖିଆ କଲେ ସିଦ୍ଧରମେୟା-ଶିବକୁମାର
- ଯୁଗ୍ମ ସାମ୍ବାଦିକ ସମ୍ମିଳନୀରେ ମତଭେଦ ନ ଥିବା କହିଲେ

ସିଦ୍ଧରମେୟା କହିଥିଲେ ଯେ ଆମ ଭିତରେ କୌଣସି ମତଭେଦ ନାହିଁ ଏବଂ ଭବିଷ୍ୟତରେ ମଧ୍ୟ ହେବ ନାହିଁ। ଉଭୟେ ଏକାଠି କାମ କରିବୁ। ବିଜେପି ଏବଂ ଜେଡିଏସ ମିଥ୍ୟା ଅଭିଯୋଗ ଲଗାଇଥିବା କହିଥିଲେ। ଉଭୟ ଦଳ କଂଗ୍ରେସ ସାମ୍ନାରେ ତିଷ୍ଠି ପାରିବେ ନାହିଁ ବୋଲି ଉଲ୍ଲେଖ କରିଥିଲେ। ସେହିପରି ଡିକେ କହିଥିଲେ ଯେ ଜନତାଙ୍କ ସମର୍ଥନରେ ସରକାର ଗଢିଛୁ। ଯାହା ପ୍ରତିଶ୍ରୁତି ଦେଇଛୁ ତାହା କରିବା ପାଇଁ କାମ କରୁଛୁ। ହାଇକମାଣ୍ଡ ଯାହା କହିବେ ଆମେ ତାହା ପାଳନ କରିବୁ। କୌଣସି ଗୋଷ୍ଠୀ କନ୍ଦଳ ନାହିଁ। ମୁଁ ମୁଖ୍ୟମନ୍ତ୍ରୀଙ୍କ ସହ ରହିଛି। କର୍ଣ୍ଣାଟକରେ ବିକାଶକୁ ପ୍ରାଧାନ୍ୟ ଦେବୁ। ପୁଣି ଥରେ ୨୦୨୮ରେ ସରକାର ଗଠନ କରିବୁ।

ସୂଚନା ଅନୁଯାୟୀ ଏହି ବୈଠକରେ ୨୦୨୮ରୁ ମୁଖ୍ୟମନ୍ତ୍ରୀ ହେବା ପାଇଁ ଡିକେଙ୍କୁ ଶିବକୁମାର କହିଥିଲେ। ଆଉ କିଛି ରିପୋର୍ଟରେ ମୁଖ୍ୟମନ୍ତ୍ରୀ ବଦଳାଇବା ମାମଲାକୁ ମାର୍ଚ୍ଚ-ଏପ୍ରିଲ ପର୍ଯ୍ୟନ୍ତ ଘୁଞ୍ଚାଇ ଦିଆଯାଇଥିବା କୁହାଯାଉଛି। ଏହା ପରେ ଶିବକୁମାର ସରକାରର ମୁଖ୍ୟ ହୋଇପାରନ୍ତି। ସହଜରେ କ୍ଷମତା ପରିବର୍ତ୍ତନ ପାଇଁ ଶିବକୁମାରଙ୍କୁ ଶାନ୍ତ ରହି ନିଜ କାମ କରିବାକୁ ହାଇକମାଣ୍ଡ ନିର୍ଦ୍ଦେଶ ଦେଇଛନ୍ତି।

## ବାଇଡେନଙ୍କ ୯୨% ନିର୍ଦ୍ଦେଶ ରଦ୍ଦ କଲେ ଟ୍ରମ୍ପ

ୱାଶିଂଟନ, ୨୯।୧୧ (ଏଜେନ୍ସି): ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ପୁଣି ଏକ ଚକିତ କଲା ଭଳି ପଦକ୍ଷେପ ନେଇଛନ୍ତି। ପୂର୍ବତନ ରାଷ୍ଟ୍ରପତି ଜୋ ବାଇଡେନଙ୍କ କାର୍ଯ୍ୟକାଳରେ ଜାରି କରାଯାଇଥିବା ୯୨ ପ୍ରତିଶତ କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକୁ ଟ୍ରମ୍ପ ରଦ୍ଦ କରିଦେଇଛନ୍ତି। ସେ ନିଜ ସାମାଜିକ ଗଣମାଧ୍ୟମ ସାଇଟ୍ 'ଟ୍ରୁଥ୍ ସୋସିଆଲ'ରେ ଏହାର ସୂଚନା ଦେଇଛନ୍ତି। ଟ୍ରମ୍ପ ଏହି ନିର୍ଦ୍ଦେଶକୁ ନେଇ ବଡ଼ ଦାବି ମଧ୍ୟ କରିଛନ୍ତି। ସେ କହିଛନ୍ତି ଯେ ଏହି ସବୁ ନିର୍ଦ୍ଦେଶରେ ଅଟୋପେନ୍ ତଥା ମେସିନରେ ଦସ୍ତଖତ କରଯାଇଥିଲା। ଆମେରିକା ରାଷ୍ଟ୍ରପତି ସ୍ୱଷ୍ଟ ନିର୍ଦ୍ଦେଶ ଦେଇଥିଲେ ଏହା ବୈଧ ହୋଇଥାଏ। ବାଇଡେନଙ୍କ ମଞ୍ଜୁରି ନ ନେଇ ଏପରି

- ମେସିନରେ ଦସ୍ତଖତ ହୋଇଥିବା ଦାବି
- ପୂର୍ବତନ ରାଷ୍ଟ୍ରପତିଙ୍କୁ ମଞ୍ଜୁର ନ ଥିବାରୁ ବେଆଇନ

କରାଯାଇଥିବାରୁ ତାହାକୁ ରଦ୍ଦ କରିଦିଆଯାଇଛି। କାରଣ ସେ ଅଟୋପେନ ପ୍ରକ୍ରିୟାରେ ସାମିଲ ନ ଥିଲେ। ଏହି ସବୁ ନିର୍ଦ୍ଦେଶକୁ ଆଉ କେବେ ବି କାର୍ଯ୍ୟକାରୀ କରାଯିବ ନାହିଁ।

ଟ୍ରମ୍ପଙ୍କ ଏହି ପଦକ୍ଷେପ ଦ୍ୱାରା ଅନେକ ଗୁରୁତ୍ୱପୂର୍ଣ୍ଣ ନିର୍ଦ୍ଦେଶ ପ୍ରଭାବିତ ହେବାର ସମ୍ଭାବନା ରହିଛି। ଏଥିରେ ସ୍ୱାସ୍ଥ୍ୟ ପରିବେଶ ଏବଂ ଆର୍ଟିଫିସିଆଲ ଇଣ୍ଟେଲିଜେନ୍ସ (ଏଆଇ) ସମ୍ବନ୍ଧିତ ନିୟମ ସାମିଲ ରହିଛି। ବାଇଡେନଙ୍କୁ



ଟ୍ରମ୍ପ ନିଦ୍ରାଳୁ ଜୋ ଏବଂ ଚାଲାକ ଜୋ କହି ଧମକ ଦେଇଛନ୍ତି। ଯଦି ବାଇଡେନ ଏହି ନିର୍ଦ୍ଦେଶରେ ନିଜ ସହମତି ଥିବା ଦାବି କରନ୍ତି ତେବେ ତାଙ୍କ ବିରୋଧରେ ମିଥ୍ୟା ବୟାନ ଦେଇଥିବାରୁ ଅଭିଯୋଗ ଲଗାଯିବ ବୋଲି କହିଛନ୍ତି। ହ୍ୱାଇଟ ହାଉସ ନିକଟରେ ନ୍ୟାସନାଲ ଗାର୍ଡଙ୍କ ଉପରେ ଆକ୍ରମଣ ହେବା ପରେ ଟ୍ରମ୍ପ ଏହି ନିଷ୍ପତ୍ତି ନେଇଛନ୍ତି।

ବାଇଡେନ ଚାରି ବର୍ଷ (୨୦୨୧-୨୫) ମଧ୍ୟରେ ମୋଟ ୧୬୨ କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶ ଜାରି କରିଥିଲେ। ଏହା ସହିତ ଅନେକ ମେମୋରାଣ୍ଡମ ଏବଂ ନୋଟିସରେ ମଧ୍ୟ ସ୍ୱାକ୍ଷର କରିଥିଲେ। ଗତ ଜାନୁଆରୀରେ ଟ୍ରମ୍ପ ପଦ ସମ୍ଭାଳିବା ପରଠାରୁ ବାଇଡେନ ଯୁଗର ୮୦ ନିର୍ଦ୍ଦେଶକୁ ରଦ୍ଦ କରି ସାରିଲେଣି। କିନ୍ତୁ କିଛି ଗୁରୁତ୍ୱପୂର୍ଣ୍ଣ ନିର୍ଦ୍ଦେଶ ଏବେ ବି କାର୍ଯ୍ୟକାରୀ ହେଉଛି। ଏବେ ଏହା ମଧ୍ୟରୁ କିଛି ରଦ୍ଦ ହୋଇପାରେ। ଟ୍ରମ୍ପଙ୍କ ଏଭଳି ମନମୁଖୀ ନୀତି ଯୋଗୁଁ ସ୍ୱାସ୍ଥ୍ୟ, ପରିବେଶ, ସଂଖ୍ୟାଲଘୁ, ଏଆଇର ବିକାଶ ଏବଂ ଉପଯୋଗ ସମ୍ବନ୍ଧିତ ଆଇନ ଉପରେ ପ୍ରଭାବ ପଡ଼ିପାରେ। ତେବେ ବିଶେଷଜ୍ଞଙ୍କ ଅନୁଯାୟୀ, ସବୁ ନିର୍ଦ୍ଦେଶର ବୈଧତାର ପ୍ରମାଣ ଦେବା ସମ୍ଭବ ହୋଇ ନ ପାରେ। ମାତ୍ର ବାଇଡେନଙ୍କ ଏହି ସ୍ୱାକ୍ଷରର କିଏ ଯାଞ୍ଚ କରିବ ତାହା ଏ ପର୍ଯ୍ୟନ୍ତ ସ୍ୱଷ୍ଟ ହୋଇନାହିଁ। ଆମେରିକାର ନିୟମ ଅନୁଯାୟୀ, କୌଣସି ରାଷ୍ଟ୍ରପତି ନିଜ ପୂର୍ବତନ ରାଷ୍ଟ୍ରପତିଙ୍କ ନିର୍ଦ୍ଦେଶକୁ ସଂଶୋଧନ, ରଦ୍ଦ ଏବଂ ପାଳନ କରିବାକୁ ମନା କରିଦେଇପାରିବେ। ତେବେ ଏହାର କିଛି ସୀମା ରହିଛି।

## ରୁଷିଆର ଦୁଇ ତୈଳ ଟ୍ୟାଙ୍କରରେ ବିସ୍ଫୋରଣ

ମସ୍କୋ, ୨୯ ।୧୧(ଏଜେନ୍ସି): କୃଷ୍ଣ ସାଗରରେ ରୁଷିଆର ଦୁଇଟି ତୈଳ ଟ୍ୟାଙ୍କର କାଇରୋସ ଓ ବିରାଟରେ ଭୟଙ୍କର ବିସ୍ଫୋରଣ ହୋଇଛି। ଦୁଇଟି ଜାହଜର କ୍ରୁ ମେମ୍ବରଙ୍କୁ ସୁରକ୍ଷିତ ଭାବେ ବାହାରକୁ ବାହାର କରାଯାଇଛି। ଡ୍ରୋନ ଦ୍ୱାରା ଆକ୍ରମଣ କରାଯାଇଛି ବୋଲି କ୍ରୁ ମେମ୍ବରମାନେ କହିଛନ୍ତି। ୟୁକ୍ରେନ ଏହି ଆକ୍ରମଣ କରିଛି ବୋଲି



କହିଛି। ପାଣି ଭିତରେ ଚାଲୁଥିବା ୟୁକ୍ରେନର ଡ୍ରୋନ ଦ୍ୱାରା ଏହି ବିସ୍ଫୋରଣ ହୋଇଛି। ଏହି ଅପରେସନ ଏସ୍‌ବିୟୁ ଓ ନୌସେନା ସାଥି ହୋଇ କରିଛନ୍ତି ବୋଲି ୟୁକ୍ରେନର ସୁରକ୍ଷା ଏଜେନ୍ସି ତରଫରୁ କୁହାଯାଇଛି। ଏବେ ଏହି ଦୁଇଟି ଜାହାଜର ବ୍ୟବହାର ଯୋଗ୍ୟ ହୋଇ ରହିବା ନାହିଁ ବୋଲି ୟୁକ୍ରେନ କହିଛି। ଶାନ୍ତି ଚୁକ୍ତିରେ ସ୍ୱାକ୍ଷର କରିବାକୁ ୟୁକ୍ରେନ ଉପରେ ଆମେରିକା ଚାପ ପକାଉଥିବା ବେଳେ ଏହି ଘଟଣା ଘଟିଛି। ଦୁଇଟି ଟ୍ୟାଙ୍କରରେ ଗାମ୍ବିଆର ପତାକା ଲାଗିଥିଲା। ପୂର୍ବରୁ ବିରାଟ ତୈଳ ଟ୍ୟାଙ୍କର ଶୁକ୍ରବାର କ୍ଷତିଗ୍ରସ୍ତ ହୋଇଥିଲା। ନିଆଁର ସ୍ଥିତି ଉପରେ ନଜର ରଖାଯାଇଛି ବୋଲି କୁହାଯାଇଛି। ବିରାଟର ୨୦ଜଣ କ୍ରୁ ମେମ୍ବର ସୁରକ୍ଷିତ ଅଛନ୍ତି। କିନ୍ତୁ ଜାହାଜର ଇଞ୍ଜିନରେ କଳା ଧୂଆଁ ଦେଖିବାକୁ ମିଳିଛି। ଏଥିରେ କେହି ମୃତାହତ ହୋଇଥିବାର ଖବର ମିଳିନାହିଁ। ତେବେ ରୁଷ୍ ତରଫରୁ ଏ ନେଇ କୌଣସି ପ୍ରତିକ୍ରିୟା ଦିଆଯାଇନାହିଁ।

## ତାଜିକିସ୍ତାନର ସୁନା ଖଣିରେ ଚୀନ୍‌ର ୩ ଇଞ୍ଜିନିୟରଙ୍କୁ ହତ୍ୟା

କାବୁଲ୍, ୨୯ ।୧୧(ଏଜେନ୍ସି): ତାଜିକିସ୍ତାନର ଖାତଲୋନ ରାଜ୍ୟର ଏକ ସୁନା ଖଣିରେ ଉପରେ ହୋଇଥିବା ଡ୍ରୋନ ଆକ୍ରମଣରେ ୩ ଜଣ ଚୀନ୍ ଇଞ୍ଜିନିୟର ମୃତ୍ୟୁବରଣ କରିଛନ୍ତି। ନଭେମ୍ବର ୨୬ରେ ଏହି ଡ୍ରୋନ ଆକ୍ରମଣ ହୋଇଥିଲା। ଆଫଗାନିସ୍ତାନରୁ ହିଁ ଏହି ଡ୍ରୋନ ଆସିଥିଲା ବୋଲି ତାଜିକିସ୍ତାନ ଦାବି କରିଛି। ଏବେ ଏହି ଘଟଣାକୁ ନେଇ ହଇଚଇ ସୃଷ୍ଟି ହୋଇଛି। ଆଫଗାନିସ୍ତାନର ଅପରାଧିମାନେ ହିଁ ଏହି କାଣ୍ଡ ଘଟାଇଛନ୍ତି ବୋଲି ତାଜିକିସ୍ତାନ ତରଫରୁ କୁହାଯାଇଛି। ଏଭଳି ଘଟଣାକୁ ରୋକିବା ପାଇଁ ତାଲିବାନ ସରକାର ଦୃଢ଼ ପଦକ୍ଷେପ ଗ୍ରହଣ କରନ୍ତୁ ବୋଲି ତାଜିକିସ୍ତାନ କହିଛି। ତେବେ ତାଲିବାନ ଏହି ଡ୍ରୋନ ଆକ୍ରମଣରେ ସମ୍ପୃକ୍ତ ନାହିଁ ବୋଲି ସ୍ୱଷ୍ଟ କରିଛି। ପାକିସ୍ତାନରେ ଅରାଜକତା ସୃଷ୍ଟିକରିବାକୁ ଚାହୁଁଥିବା ଏକ ସଂଗଠନ ଅର୍ଥାତ ଗୋଷ୍ଠୀ ଏହି ଆକ୍ରମଣ କରିଛି ବୋଲି ତାଲିବାନ କହିଛି। ତାଲିବାନର ଏହି ଦାବି ପରେ ଚୀନ୍‌ର ଏହି ୩ ଜଣ ଇଞ୍ଜିନିୟରଙ୍କ ମୃତ୍ୟୁ ପଛରେ କାହାର ହାତ ଅଛି ତାହା ଜଣାପଡ଼ିନାହିଁ। ସେପଟେ ଚୀନ୍ ଏହି ଘଟଣା ନେଇ ପ୍ରବଳ ଅସନ୍ତୋଷ ଜାହିର କରିଛି। ଏହି ଘଟଣାକୁ ଚୀନ୍ ନିନ୍ଦା କରିଛି ଓ ସୀମାବର୍ତ୍ତୀ ଅଞ୍ଚଳ ଛାଡ଼ିବାକୁ ନିଜ ନାଗରିକଙ୍କୁ ଚେତାବନୀ ଦେଇଛି। ପୂର୍ବରୁ ମଧ୍ୟ ଚୀନ୍ ଇଞ୍ଜିନିୟରଙ୍କ ଉପରେ ଏଭଳି ଆକ୍ରମଣ ହୋଇଛି। ପାକିସ୍ତାନ ଆଫଗାନିସ୍ତାନକୁ ପରୋକ୍ଷରେ ଦାୟୀ କରିଛି। ଆତଙ୍କବାଦୀଙ୍କ ଉପରେ ଆଫଗାନିସ୍ତାନ ସରକାର ଦୃଷ୍ଟାନ୍ତମୂଳକ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରୁନାହିଁ ବୋଲି ପାକିସ୍ତାନ କହିଛି। ତାଲିବାନ ମଧ୍ୟ ପାକିସ୍ତାନକୁ ଏହି ଘଟଣା ପାଇଁ ଦାୟୀ କରିଛି। ଚୀନ୍ ଇଞ୍ଜିନିୟରଙ୍କ ଉପରେ ଡ୍ରୋନ ଆକ୍ରମଣକୁ ଆଫଗାନିସ୍ତାନ ମଧ୍ୟ ନିନ୍ଦା କରିଛି।

## ଦକ୍ଷିଣ ପୂର୍ବ ଏସିଆରେ ଝଡ଼ ଓ ବନ୍ୟା ବିପ୍ଳାତ

# ଇଣ୍ଡୋନେସିଆରେ ୨୪୮, ଥାଇଲାଣ୍ଡରେ ୧୬୨ ମୃତ

ଜାକର୍ତ୍ତା, ବ୍ୟାଙ୍କକ/କଲମ୍ବୋ, ୨୯ ।୧୧(ଏଜେନ୍ସି): 'ସେନିୟାର' ଝଡ଼ ଥାଇଲାଣ୍ଡ, ଇଣ୍ଡୋନେସିଆ, ମାଲେସିଆ, ଭିଏତନାମରେ ବିପର୍ଯ୍ୟୟ ସୃଷ୍ଟି କରିଛି। ପ୍ରବଳ ବର୍ଷା ଯୋଗୁଁ ଆସିଥିବା ବନ୍ୟା ବିପ୍ଳାତ ଆଣିଛି। ଏହା ଜନ ଜୀବନକୁ ଅସ୍ତବ୍ୟସ୍ତ କରିଦେଇଛି। ବର୍ଷା ଜନିତ ଅଘଟଣରେ ଥାଇଲାଣ୍ଡରେ ୧୬୨ ଜଣ ପ୍ରାଣ ହରାଇଥିବାବେଳେ ଶତାଧିକ ନିଖୋଜ ଅଛନ୍ତି। ଶ୍ରୀଲଙ୍କାରେ ବାତ୍ୟା ଦିତୱା ୧୫୩ ଜଣଙ୍କ ଜୀବନ ନେଇଥିବାବେଳେ ଶତାଧିକ ନିଖୋଜ ଅଛନ୍ତି। ଅନେକ ସ୍ଥାନରେ ଭୂସ୍ଖଳନ ହୋଇଥିବାରୁ ମୃତ୍ୟୁସଂଖ୍ୟା ଆହୁରି ବଢ଼ିବ ବୋଲି କୁହାଯାଉଛି। ଥାଇଲାଣ୍ଡ ପ୍ରଶାସନର ସୂଚନା ଅନୁଯାୟୀ, ଝଡ଼ ସେନିୟାରା ଯୋଗୁ ଆସିଥିବା ବନ୍ୟା ୧୨ ପ୍ରଦେଶରେ ଭୟଙ୍କର ସ୍ଥିତି ସୃଷ୍ଟି କରିଛି। ଏଥିରେ ୧୨ ଲକ୍ଷରୁ ଅଧିକ ପରିବାର ଏବଂ ୩୬ ଲକ୍ଷରୁ ଅଧିକ ଲୋକ ପ୍ରଭାବିତ ହୋଇଛନ୍ତି। ଥାଇଲାଣ୍ଡରେ କ୍ଷୁଦ୍ର କୋଠା ଏବଂ ଗାଡ଼ିଗୁଡ଼ିକ ପାଣିରେ ବୁଡ଼ି ଯାଇଛି। ଉଦ୍ଧାରକାରୀ ଦଳ ପାଣି ଭିତରେ ଫସି ରହିଥିବା ଲୋକଙ୍କୁ ଉଦ୍ଧାର କରି ସୁରକ୍ଷିତ ସ୍ଥାନକୁ ନେଉଛନ୍ତି। ଅନେକ ଜିଲ୍ଲାରେ ଜଳସ୍ତର ଖସିବାରେ ଲାଗିଛି। ବର୍ଷା କମିଥିବାବେଳେ ଝଡ଼ତୋଫାନର ବିପଦ ରହିଛି। ମାଲେସିଆ



ସୀମାରେ ଥିବା ସୋଙ୍ଗଖାଲା ଅଞ୍ଚଳ ବନ୍ୟାରେ ସର୍ବାଧିକ କ୍ଷତିଗ୍ରସ୍ତ ହୋଇଛି। ଇଣ୍ଡୋନେସିଆରେ ସୁମାତ୍ରା ଦୀପରେ ଭୟଙ୍କର ବନ୍ୟା ଓ ଭୂସ୍ଖଳନ କାରଣରୁ ବଡ଼ ବିପର୍ଯ୍ୟୟ ସୃଷ୍ଟି ହୋଇଛି। ଏହି ପ୍ରାକୃତିକ ବିପତ୍ତିରେ ଏପର୍ଯ୍ୟନ୍ତ ୨୪୮ ଜଣ ଲୋକ ମୃତ୍ୟୁବରଣ କରିଛନ୍ତି ବୋଲି ଅଧିକାରୀମାନେ ସୂଚନା ଦେଇଛନ୍ତି। କେତେକ ପ୍ରଭାବିତ ଅଞ୍ଚଳରେ ବିମାନ ମାଧ୍ୟମରେ ରିଲିଫ ସାମଗ୍ରୀ ପହଞ୍ଚାଇବାକୁ ପ୍ରୟାସ କରାଯାଉଛି। ମୃତକଙ୍କ ସଂଖ୍ୟା ଆହୁରି ବୃଦ୍ଧି ପାଇବ ବୋଲି ଆଶାଙ୍କା କରାଯାଉଛି। ବନ୍ୟା ଓ ଭୂସ୍ଖଳନ କାରଣରୁ ସଡ଼କଗୁଡିକ କ୍ଷତିଗ୍ରସ୍ତ ହୋଇଛି ଓ ବହୁ ଅଞ୍ଚଳ ମୁଖ୍ୟସ୍ରୋତରୁ ଅଲଗା ହୋଇଛି। ଉତ୍ତର ସୁମାତ୍ରାର ମଧ୍ୟ ଟପାନୁଲି ଜିଲ୍ଲା ସମେତ ଅନ୍ୟ ଜିଲ୍ଲାଗୁଡିକରେ ବିମାନ ସାହାଯ୍ୟରେ ରିଲିଫ ସାମଗ୍ରୀ ପହଞ୍ଚାଯାଉଛି। ଏପର୍ଯ୍ୟନ୍ତ ୮୦୦୦ ଲୋକଙ୍କୁ ସୁରକ୍ଷିତ ସ୍ଥାନକୁ ସ୍ଥାନାନ୍ତର କରାଯାଇଛି। କିନ୍ତୁ ସଡ଼କ ପଥ କ୍ଷତିଗ୍ରସ୍ତ ହେବା କାରଣରୁ ହେଲିକପ୍ଟର ଦ୍ୱାରା ଅତ୍ୟାବଶକୀୟ ସାମଗ୍ରୀ ପହଞ୍ଚାଯାଉଛି। ସିବୋଲ୍ଗା ଓ କେନ୍ଦ୍ରୀୟ ଟାପାନୁଲୀ ଭଳି ଅଞ୍ଚଳ ସବୁଠାରୁ ଅଧିକ କ୍ଷତିଗ୍ରସ୍ତ ହୋଇଛି। କେବଳ ଉତ୍ତର ସୁମାତ୍ରା ନୁହେଁ ଇଣ୍ଡୋନେସିଆର ପଶ୍ଚିମ ସୁମାତ୍ରା ଓ ଆସେହ ରାଜ୍ୟରେ ମଧ୍ୟ ବନ୍ୟା ଓ ଭୂସ୍ଖଳନ ଯୋଗୁଁ ଭୟଙ୍କର ଭାବେ କ୍ଷତିଗ୍ରସ୍ତ ହୋଇଛି। ଆସେହର ୨୩ରୁ ୧୦ଟି ଜିଲ୍ଲାରେ ପାଣି ଭରି ରହିଛି। ଇଣ୍ଡୋନେସିଆ କେତେକ ଅଞ୍ଚଳରେ ଏବେ ମଧ୍ୟ ବର୍ଷା ଜାରି ରହିଛି।

### କାର୍ଯ୍ୟକ୍ଷମ ହେଉନି ଓଏଭି ହଷ୍ଟେଲ୍

# ଅଭିଭାବକଙ୍କ ମୁଣ୍ଡରେ ଆର୍ଥିକ ବୋଝ

ଭୁବନେଶ୍ୱର, ୨୯ ।୧୧(ସମିସ): ଓଡ଼ିଶା ଆଦର୍ଶ ବିଦ୍ୟାଳୟ(ଓଏଭି)ରେ ପଢ଼ୁଥିବା ପିଲାଙ୍କ ରହିବା ପାଇଁ ହଷ୍ଟେଲ୍ ନିର୍ମାଣ କାର୍ଯ୍ୟ ସରିଥିଲେ ମଧ୍ୟ କାର୍ଯ୍ୟକ୍ଷମ ହୋଇପାରୁନାହିଁ। ନିର୍ମାଣ ସରିଥିବା କୋଠାଗୁଡ଼ିକ ଅବ୍ୟବହୃତ ଅବସ୍ଥାରେ ପଡ଼ି ରହିଛି। ବହୁ ଦୂରଦୂରାନ୍ତରୁ ପ୍ରତିଦିନ ଯିବାଆସିବା କରୁଥିବା ଛାତ୍ରଛାତ୍ରୀମାନେ ଆର୍ଥିକ ବୋଝ ମୁଣ୍ଡାଉଛନ୍ତି। ଅପରପକ୍ଷରେ ଆଦର୍ଶ ବିଦ୍ୟାଳୟ ପାଖରେ ହଷ୍ଟେଲ୍ ଓ ପରିବହନ ବ୍ୟବସ୍ଥା ଖୋଲି ଘରୋଇ ମାଲିକମାନେ ମୁନାଫା କମାଉଛନ୍ତି। ଫଳରେ ଗରିବ ମେଧାବୀ ଛାତ୍ରଛାତ୍ରୀଙ୍କୁ ସିବିଏସ୍‌ଇ ପାଠ୍ୟକ୍ରମରେ ଶିକ୍ଷାଦାନ ପାଇଁ ପରିକଳ୍ପନା ହୋଇଥିବା ଓଏଭି ଲକ୍ଷ୍ୟଚ୍ୟୁତ ହେଉଛି।

ରାଜ୍ୟର ସମସ୍ତ ବ୍ଲକ୍ ସମେତ ଗୋଟିଏ ଆଇକନିକ୍ ଓଏଭିକୁ ମିଶାଇ ମୋଟ୍ ୩୧୫ଟି ଆଦର୍ଶ ବିଦ୍ୟାଳୟ ରହିଛି। ସେହିପରି ଆଉ ୫ଟି ଓଡ଼ିଶା ମାଇନିଂ ଆଦର୍ଶ ବିଦ୍ୟାଳୟ (ଓଏମ୍‌ଏଭି) ରହିଛି। ପ୍ରାୟ ୧ଲକ୍ଷ ୧୦ ହଜାର ଛାତ୍ରଛାତ୍ରୀ ତହିଁରେ ଅଧ୍ୟୟନ କରୁଛନ୍ତି। ସମସ୍ତ ବିଦ୍ୟାଳୟରେ ଇଂରାଜୀ ମାଧ୍ୟମରେ ଶିକ୍ଷାଦାନ ସହ ପିଲାଙ୍କ ରହିବା ପାଇଁ ହଷ୍ଟେଲ୍‌ର ପ୍ରାବଧାନ ରହିଛି। ପ୍ରାୟ ସମସ୍ତ ବିଦ୍ୟାଳୟରେ ହଷ୍ଟେଲ୍ ନିର୍ମାଣ କାର୍ଯ୍ୟ ପ୍ରାୟ ଦେଢ଼ବର୍ଷ ହେଲା ସରିଥିଲେ ମଧ୍ୟ କାର୍ଯ୍ୟକ୍ଷମ ହୋଇପାରିନି। ନୂତନ କୋଠାଗୁଡ଼ିକ ବ୍ୟବହୃତ ହେଉ ନଥିବାରୁ ଭୂତକୋଠିରେ ପରିଣତ ହେଉଥିବା ବେଳେ ଛାତ୍ରଛାତ୍ରୀମାନେ ବିଭିନ୍ନ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ୩୦ରୁ ୩୫ କି.ମି ଯାଏଁ ଅସୁରକ୍ଷିତ ଭାବେ ଯାତାୟାତ କରୁଛନ୍ତି। ଆଉ କିଛି ପିଲା ନିକଟରେ ଥିବା ଘରୋଇ ହଷ୍ଟେଲ୍‌ରେ ରହୁଛନ୍ତି। ବିକଳ୍ପ ନଥିବାରୁ ଘରୋଇ ହଷ୍ଟେଲ୍ ଇଚ୍ଛା ମୁତାବକ ଫି' ନେଉଥିବାରୁ ପିଲା ଓ ସେମାନଙ୍କ ଅଭିଭାବକମାନେ ଆର୍ଥିକ ଶୋଷଣର ଶିକାର ହେଉଛନ୍ତି।

କିଛି ସ୍ଥାନରେ ପୂର୍ତ୍ତ ବିଭାଗ ପକ୍ଷରୁ ନୂତନ କୋଠାକୁ ଓଏଭିକୁ ହସ୍ତାନ୍ତର କରାଯାଇନଥିବା ମଧ୍ୟ ଜଣାପଡ଼ିଛି। ଆଉ କିଛି ସ୍ଥାନରେ ହଷ୍ଟେଲ ପରିଚାଳନା ପାଇଁ ପ୍ରକ୍ରିୟା ଆରମ୍ଭ ହୋଇଛି। ଓଡ଼ିଶା ଆଦର୍ଶ ବିଦ୍ୟାଳୟ ସଂଗଠନର ରାଜ୍ୟ ପ୍ରକଳ୍ପ ନିର୍ଦ୍ଦେଶିକା ସ୍ମିତା ରାଉତ କହିଛନ୍ତି ଯେ ହଷ୍ଟେଲ୍ କାର୍ଯ୍ୟକ୍ଷମ କରିବା ପାଇଁ ପ୍ରକ୍ରିୟା ତ୍ୱରାନ୍ୱିତ ହୋଇଛି। ଆସବାବପତ୍ର ଏବଂ ପରିଚାଳନା ପାଇଁ ଆବଶ୍ୟକ ଅତ୍ୟାବଶ୍ୟକ ସାମଗ୍ରୀ କିଣିବା ପାଇଁ ଟେଣ୍ଡର ସରିଛି। ଏପରିକି ୧୦୬ଟି ହଷ୍ଟେଲକୁ କାର୍ଯ୍ୟକ୍ଷମ କରିବା ପାଇଁ ନିର୍ଦ୍ଦେଶନାମା ଜାରି କରିଛନ୍ତି। ଡିସେମ୍ବର ଶେଷ ସୁଦ୍ଧା ଏସବୁ ହଷ୍ଟେଲ୍ କାର୍ଯ୍ୟକ୍ଷମ ହେବ। ଆସନ୍ତା ଶିକ୍ଷାବର୍ଷ ପୂର୍ବରୁ ସମସ୍ତ ହଷ୍ଟେଲ ଛାତ୍ରଛାତ୍ରୀଙ୍କ ପାଇଁ କାର୍ଯ୍ୟକ୍ଷମ ହେବ ବୋଲି ଶ୍ରୀମତୀ ରାଉତ କହିଛନ୍ତି।

- ଭୂତକୋଠିରେ ପରିଣତ ହେଲାଣି ଅବ୍ୟବହୃତ କୋଠା
- ଡିସେମ୍ବର ସୁଦ୍ଧା କାର୍ଯ୍ୟକ୍ଷମ ହେବ ୧୦୬ ହଷ୍ଟେଲ୍

# ୨୦୧୫୦ ଅଙ୍ଗନବାଡ଼ି କେନ୍ଦ୍ରର ନିଜସ୍ୱ ଘର ନାହିଁ

## ଅଙ୍ଗନବାଡ଼ି ଗୃହ ନିର୍ମାଣ ପାଇଁ ଆବଶ୍ୟକସ୍ଥଳେ ଜାଗା କିଣିବେ ସରକାର

ଭୁବନେଶ୍ୱର, ୨୯।୧୧ (ସମିସ): ରାଜ୍ୟରେ ସମୁଦାୟ ୭୪୨୨୪ଟି ଅଙ୍ଗନବାଡ଼ି କେନ୍ଦ୍ର ଥିବା ବେଳେ ୨୦୧୫୦ଟିର ନିଜସ୍ୱ ଗୃହ ନାହିଁ। ୪୫୭୪ ଅଙ୍ଗନବାଡ଼ି ସ୍କୁଲ ଘରେ ଚାଲୁଥିବା ବେଳେ ୧୦୪୬୯ଟି ଅଙ୍ଗନବାଡ଼ି କମ୍ୟୁନିଟି ସେଣ୍ଟର୍‌ରେ ଚାଲୁଛି। ସେହିପରି, ୩୮୯୦ଟି ଅଙ୍ଗନବାଡି ଭଡ଼ାଘରେ ଚାଲୁଛି। ୭୩୮୯ଟି ଅଙ୍ଗନବାଡ଼ି କେନ୍ଦ୍ରର ଗୃହ ନିର୍ମାଣାଧୀନ ଥିବା ବେଳେ ରାଜ୍ୟର ସମସ୍ତ ଅଙ୍ଗନବାଡ଼ିର ନିଜସ୍ୱ ଗୃହ ନିର୍ମାଣ ହେବ। ଏନେଇ ସରକାର ପଦକ୍ଷେପ ଗ୍ରହଣ କରୁଛନ୍ତି। ଯଦି କୌଣସି ସ୍ଥାନରେ ଅଙ୍ଗନବାଡ଼ି ଗୃହ ନିର୍ମାଣ ଲାଗି ଜାଗା ନଥିବ, ପଞ୍ଚାୟତିରାଜ ବିଭାଗ ସହଯୋଗରେ ସରକାର ଜାଗା କିଣି ଗୃହ ନିର୍ମାଣ କରିବେ। ଏନେଇ ବିଧାନସଭାରେ ଉପ-ମୁଖ୍ୟମନ୍ତ୍ରୀ ତଥା ମହିଳା ଓ ଶିଶୁ ବିକାଶ ବିଭାଗ ମନ୍ତ୍ରୀ ପ୍ରଭାତୀ ପରିଡ଼ା ସୂଚନା ଦେଇଛନ୍ତି।

ଶନିବାର ପ୍ରଶ୍ନକାଳରେ ମୂଳ ପ୍ରଶ୍ନକର୍ତ୍ତା ଅଶ୍ୱିନୀ ପାତ୍ରଙ୍କ ସମେତ ବହୁ ବିଧାୟକ ନିଜନିଜ ଅଞ୍ଚଳରେ ଅସମ୍ପୂର୍ଣ୍ଣ ନିର୍ମାଣଧୀନ ଅଙ୍ଗନବାଡ଼ି କେନ୍ଦ୍ର ଏବଂ ଭଡ଼ାଘରେ କିମ୍ବା ଅନ୍ୟତ୍ର ଚାଲୁଥିବା ଅଙ୍ଗନବାଡ଼ି କେନ୍ଦ୍ର ନେଇ ଉଦ୍‌ବେଗ ପ୍ରକାଶ କରିଥିଲେ। ଏହାର ଉତ୍ତର ଦେଇ ଉପ-ମୁଖ୍ୟମନ୍ତ୍ରୀ ଶ୍ରୀମତୀ ପରିଡ଼ା କହିଥିଲେ ଯେ ଯଦି କୌଣସି ଅଞ୍ଚଳରେ ସରକାରୀ ଜାଗା ଉପଲବ୍ଧ ନ ହେବ, ସେହିଠାରେ ବିଭାଗ ଜାଗା କିଣି ନିଜସ୍ୱ ଅଙ୍ଗନବାଡ଼ି ଗୃହ ନିର୍ମାଣ କରାଯିବ। ଏଥିଲାଗି ୨୫ଲକ୍ଷ ଟଙ୍କାର ଅର୍ଥ ପ୍ରାବଧାନ ରଖାଯିବ। ବିଜେଡି ବିଧାୟକ ପ୍ରତାପ ଦେବ ଅଙ୍ଗନବାଡ଼ି କେନ୍ଦ୍ର ନିର୍ମାଣ ଅର୍ଥ ଅନୁମୋଦନ ସମସ୍ୟା ପ୍ରସଙ୍ଗ ଉଠାଇ ପ୍ରଶ୍ନ କରିଥିଲେ।

ଏହାର ଉତ୍ତର ଦେଇ ମନ୍ତ୍ରୀ କହିଥିଲେ, ଗୃହ ନିର୍ମାଣ ଲାଗି ଅର୍ଥ ସମସ୍ୟା ଥିଲେ ବିଭାଗ ନିଜସ୍ୱ ପାଣ୍ଠି ବ୍ୟବସ୍ଥା କରିବ। ବିଜେପି ବିଧାୟକ ସନାତନ ବିଜୁଳି ଓ କଂଗ୍ରେସ ବିଧାୟକ ସି.ଏସ୍ ରାଜନ୍ ଏକ୍କା ପ୍ରମୁଖ ଅଙ୍ଗନବାଡ଼ି ଗୃହ ନିର୍ମାଣରେ ଟେଣ୍ଡର୍ ନେଇଥିବା କଣ୍ଟ୍ରାକ୍ଟର୍ କାମ କରିନାହାନ୍ତି ବୋଲି ଅଭିଯୋଗ କରିଥିଲେ। ବିଜେଡି ବିଧାୟକ ସାରଦା ନାୟକ, ପବିତ୍ର ସାଉନ୍ତା ପ୍ରମୁଖ ନିଜ ଅଞ୍ଚଳରେ ଅଙ୍ଗନବାଡ଼ି କେନ୍ଦ୍ର ସମସ୍ୟା ସମ୍ପର୍କରେ ଦୃଷ୍ଟି ଆକର୍ଷଣ କରିଥିଲେ।

ମନ୍ତ୍ରୀ ଉତ୍ତରରେ କହିଥିଲେ ଯେ ରାଜ୍ୟରେ୧୦ହଜାର ୪୧୬ ମିନି ଅଙ୍ଗନବାଡ଼ି କେନ୍ଦ୍ର ସରକାରଙ୍କ ମୁଖ୍ୟ ଅଙ୍ଗନବାଡ଼ିକୁ ରୂପାନ୍ତର ହୋଇଛି। ସେହିପରି ୧୨୧୪୪ଟି କେନ୍ଦ୍ରକୁ ସକ୍ଷମ ଅଙ୍ଗନବାଡ଼ିରେ ପରିବର୍ତ୍ତନ କରାଯାଇଛି। କେବଳ ୨୦୨୫-୨୬ ଆର୍ଥିକ ବର୍ଷରେ ୫୦୫୬ଟି ସକ୍ଷମ ଅଙ୍ଗନବାଡି ସୃଷ୍ଟି ହୋଇଛି। ସବୁ ଅଙ୍ଗନବାଡ଼ି ପାଇଁ ନିଜସ୍ୱ ଗୃହ ହେବ। ସକ୍ଷମ ଅଙ୍ଗନବାଡ଼ି ଜରିଆରେ ଗୃହ ନିର୍ମାଣ ପାଇଁ ଯୋଜନା ଚାଲିଛି। ଯେଉଁଠି ସ୍ଥାନ ମିଳିବ ନାହିଁ, ପଞ୍ଚାୟତିରାଜ ବିଭାଗଠାରୁ ଜାଗା କିଣି ନିର୍ମାଣ ହେବ। ପୂର୍ବରୁ ୭ଲକ୍ଷ ଟଙ୍କାରେ ନିର୍ମାଣ ହେଉଥିଲା। ପରବର୍ତ୍ତୀ ମୁହୂର୍ତ୍ତରେ ୧୨ ଲକ୍ଷ ଓ ଏବେ ୧୫ ଲକ୍ଷରେ ପହଞ୍ଚିଛି। କୌଣସି ସ୍ଥାନରେ ସମସ୍ୟା ଥିଲେ, ମହିଳା ଓ ଶିଶୁ ବିକାଶ ବିଭାଗ ନିଜସ୍ୱ ଅର୍ଥରେ ଅଙ୍ଗନବାଡ଼ି ନିର୍ମାଣ କରିବ ବୋଲି ମନ୍ତ୍ରୀ କହିଛନ୍ତି। ସେହିପରି ଗୃହରେ ଅତିରିକ୍ତ ବଜେଟ୍ ପାରିତ ହେବା ପରେ ବିଭାଗ ପାଖରେ ୧୦୯୦୦ ଅଙ୍ଗନବାଡ଼ି କେନ୍ଦ୍ର ନିର୍ମାଣ ପାଇଁ ଆବଶ୍ୟକ ପାଣ୍ଠି ଥିବ ବୋଲି ସେ କହିଥିଲେ।

- ରାଜ୍ୟର ସମସ୍ତ ଅଙ୍ଗନୱାଡିର ନିଜସ୍ୱ ଗୃହ ନିର୍ମାଣ ନେଇ ଦୃଢ଼ୋକ୍ତି
- ୧୦ ହଜାର ୯୦୦ ଘର ଲାଗି ଅତିରିକ୍ତ ବଜେଟ୍‌ରେ ବ୍ୟବସ୍ଥା

# ଅନିଶ୍ଚିତତାରେ ପୁରୀ ବିମାନବନ୍ଦର

ପୁରୀ,୨୯।୧୧(ସମିସ): ଅନିଶ୍ଚିତତା ଭିତରକୁ ଠେଲି ହୋଇଯାଇଛି ପ୍ରସ୍ତାବିତ ପୁରୀ ଶ୍ରୀଜଗନ୍ନାଥ ଗ୍ରୀନ୍ ଫିଲ୍ଡ ଅନ୍ତର୍ଜାତୀୟ ବିମାନବନ୍ଦର ପ୍ରକଳ୍ପ। ଏହାର ନିର୍ମାଣ ନେଇ କେନ୍ଦ୍ର ସରକାରଙ୍କ ପକ୍ଷରୁ ପରିବେଶ ମଞ୍ଜୁରୀ ମିଳି ନ ଥିବାବେଳେ ନ୍ୟାସନାଲ ଗ୍ରୀନ୍ ଟ୍ରିବ୍ୟୁନାଲ (ଏନ୍‌ଜିଟି)ରେ ମାମଲା ଏହି ପ୍ରକଳ୍ପକୁ ଅନିଶ୍ଚିତତା ଭିତରକୁ ଠେଲିଦେଇଛି। ପୂର୍ବ ସରକାର ସମୟର ଏହି ବିମାନ ବନ୍ଦର କିପରି ନିର୍ମାଣ ନ ହେଉ ସେ ନେଇ ଚକ୍ରାନ୍ତର ଗନ୍ଧ ବାରିଛନ୍ତି ରାଜ୍ୟସଭା ସାଂସଦ ଶୁଭାଶିଷ ଖୁଣ୍ଟିଆଙ୍କ ସମେତ କିଛି ବିଶିଷ୍ଟ ବ୍ୟକ୍ତି। ତେବେ ପରିବେଶ ମଞ୍ଜୁରୀ ପାଇଁ ସରକାରଙ୍କ ନିକଟରେ ପ୍ରକ୍ରିୟା ଜାରି ରହିଥିବା ବେଳେ ବିମାନବନ୍ଦର ନିର୍ମାଣ କାର୍ଯ୍ୟ ଆଇନ ଅନୁସାରେ କରାଯିବା ବୋଲି ପ୍ରତିକ୍ରିୟା ରଖିଛନ୍ତି ପୁରୀ ସାଂସଦ। ଅନ୍ୟପକ୍ଷରେ ସରକାରଙ୍କ ପକ୍ଷରୁ ଏନ୍‌ଜିଟିରେ ଯେଉଁ ସତ୍ୟପାଠ ଦାଖଲ କରାଯାଇଛି, ସେଥିରେ ମିଛ କୁହାଯାଇଥିବା ଅଭିଯୋଗ କରିଛି ଆମ୍ ଆଦ୍‌ମୀ ପାର୍ଟି।

ପୂର୍ବ ସରକାରଙ୍କ ସମୟରେ ଗୋରୁଆ ପଞ୍ଚାୟତର ସିପସରୁବାଲି ଓ ଷଣ୍ଢପୁର ମୌଜାରେ ପ୍ରସ୍ତାବିତ ବିମାନବନ୍ଦର ନିର୍ମାଣକୁ ଅନୁମୋଦନ ଦିଆଯାଇଥିଲା। ଏତଦ୍‌ବ୍ୟତୀତ ବିମାନବନ୍ଦର ପ୍ରତିଷ୍ଠା ପାଇଁ ଆବଶ୍ୟକୀୟ ଜମି ଅଧିଗ୍ରହଣ ପ୍ରକ୍ରିୟା ମଧ୍ୟ ଆରମ୍ଭ ହୋଇଥିଲା। ଏପରି କି ବେସାମରିକ ବିମାନ ଚଳାଚଳ ବିଭାଗ ମଧ୍ୟ ଅନୁମତି ପ୍ରଦାନ କରିଥିବାବେଳେ ପରିବେଶ ମଞ୍ଜୁରୀ ନେଇ ଆବଶ୍ୟକୀୟ ପଦକ୍ଷେପ ଗ୍ରହଣ କରାଯାଇଛି। ମାତ୍ର ବିମାନବନ୍ଦର ନିର୍ମାଣ ହେଲେ ପୂର୍ବ ସରକାର ବାହାବା ନେଇଯିବେ ଏଭଳି ଆଶଙ୍କା କରି ପ୍ରକଳ୍ପକୁ ବନ୍ଦ ପାଇଁ ଚକ୍ରାନ୍ତ କରାଯାଇଥିବା ଚର୍ଚ୍ଚା ହେଉଛି। ପ୍ରସ୍ତାବିତ ବିମାନବନ୍ଦରକୁ ନେଇ ପରିବେଶବିତ୍ ଏନ୍‌ଜିଟିରେ ମାମଲା ରୁଜୁ କରିଥିବାବେଳେ ଏବେ ପ୍ରକଳ୍ପ ନିର୍ମାଣ ନେଇ ଅନିଶ୍ଚିତତା ଦେଖାଦେଇଛି। ଡବଲ ଇଞ୍ଜିନ ସରକାର ଲୋକଙ୍କୁ ଧୋକ୍କା ଦେଇଥିବାବେଳେ ସଲାସୁତରା ହୋଇ ପ୍ରକଳ୍ପକୁ ନ କରିବା ପାଇଁ ଯୋଜନା କରୁଥିବା ସେବାୟତ ଗୌରହରି ପ୍ରଧାନ ଅଭିଯୋଗ କରିଥିବାବେଳେ ରାଜ୍ୟସଭା ସାଂସଦ ଶୁଭାଶିଷ ଖୁଣ୍ଟିଆ ଏହା ପଛରେ ସରକାରଙ୍କର ଚାଲ୍ ରହିଛି। ଅଧପନ୍ତରିଆ ପ୍ରକଳ୍ପକୁ ଡବଲ ଇଞ୍ଜିନ ସରକାର ବନ୍ଦ ନ କରି ଏହାକୁ ପୂର୍ଣ୍ଣାଙ୍ଗ ରୂପ ଦେଲେ ଲୋକଙ୍କ ଭରସା ଜିତିପାରିବେ ବୋଲି କହିଛନ୍ତି। ସେହିପରି ଆପ୍ ପୁରୀ ଜିଲ୍ଲା ସଭାପତି ସଞ୍ଜୀବ କୁମାର ମହାନ୍ତି ମଧ୍ୟ ଏହି ପ୍ରକଳ୍ପ ବନ୍ଦ କରିଦେବା ପଛରେ ଷଡ଼ଯନ୍ତ୍ରର ଗନ୍ଧ ବାରିଛନ୍ତି। ସେ କହିଛନ୍ତି, ସରକାରଙ୍କ ପକ୍ଷରୁ ଏନ୍‌ଜିଟିରେ ଦାଖଲ ସତ୍ୟପାଠରେ ମିଛ କୁହାଯାଇଛି। ବିମାନବନ୍ଦର ପାଇଁ ଅସ୍ଥାୟୀ ପାଚେରିକୁ ଭାଙ୍ଗି ଦିଆଯାଇଛି ବୋଲି ଦର୍ଶାଯାଇଛି। ହେଲେ ଏହା ଭଙ୍ଗା ଯାଇ ନ ଥିବାବେଳେ ଏହାକୁ ସ୍ଥାୟୀ ଭାବେ ନିର୍ମାଣ କରାଯାଇଛି।

ଅନ୍ୟପକ୍ଷରେ ପୁରୀ ଡିଏଫ୍‌ଓ ମଗର ଧନଜୀ ରାଓସୋ କହିଛନ୍ତି, ବିମାନବନ୍ଦର ପାଇଁ ଆବଶ୍ୟକ ଜମି ମଧ୍ୟରେ ୨୭.୮୮ ହେକ୍ଟର ଜଙ୍ଗଲ ଜମି ରହିଛି। ତା' ବଦଳରେ ସେତିକି ଜଙ୍ଗଲ ଜମି ସରକାର ଜଙ୍ଗଲ ବିଭାଗକୁ ଦେବେ। ଏଥିସହ ସମୁଦ୍ର ଉପକୂଳ ଅଞ୍ଚଳ ହୋଇଥିବା ହେତୁ ଅଲିଭ୍ ରିଡ୍‌ଲେ କଇଁଛ ତଥା ଜଙ୍ଗଲରେ ବନ୍ୟଜନ୍ତୁଙ୍କ ସୁରକ୍ଷା ନେଇ ବିକଳ୍ପ ଚିନ୍ତା କରିବା ଆବଶ୍ୟକତା ରହିଛି। ଏ ସଂକ୍ରାନ୍ତରେ ଜିଲ୍ଲାପାଳ ଦିବ୍ୟଜ୍ୟୋତି ପରିଡ଼ା କହିଛନ୍ତି, ବନ୍ୟଜନ୍ତୁ ପ୍ରତିଷ୍ଠାନ ଓ ଜିଓଲୋଜିକାଲ ବିଭାଗ ବିଶେଷଜ୍ଞ ଟିମ୍ ରିପୋର୍ଟ ମିଳିବା ପରେ ବିମାନବନ୍ଦର ପାଇଁ ପରିବେଶ ମଞ୍ଜୁରୀ ମିଳିବାକୁ ଅପେକ୍ଷା ରହିଛି। ଅନ୍ୟପକ୍ଷରେ ବିମାନବନ୍ଦର ପ୍ରତିଷ୍ଠା ନେଇ କାର୍ଯ୍ୟ ଆଇନ ଅନୁସାରେ କରାଯିବ ବୋଲି ପୁରୀ ସାଂସଦ ଡ. ସମ୍ବିତ୍ ପାତ୍ର ମତ ରଖିଛନ୍ତି।

### ଶୂନ୍ୟକାଳରେ ସଦସ୍ୟଙ୍କ ଦାବି

# ବିଧବା ଭତ୍ତା ୩୫୦୦ ଟଙ୍କା ମିଳୁ

ଭୁବନେଶ୍ୱର, ୨୯।୧୧ (ସମିସ): ରାଜ୍ୟରେ ୮୦ ବର୍ଷରୁ ଉର୍ଦ୍ଧ୍ୱ ଲୋକଙ୍କୁ ୩୫୦୦ ଟଙ୍କାର ଭତ୍ତା ମିଳୁଥିବା ବେଳେ କଳାକାରଙ୍କୁ ମାତ୍ର ୨୫୦୦ ଟଙ୍କା ମିଳୁଛି। ଉଭୟ କଳା ଏବଂ କଳାକାରଙ୍କ ପାଇଁ ଏହା ଅପମାନ। ଅତଏବ୍ କଳାକାରଙ୍କ ଭତ୍ତା ରାଶି ସର୍ବନିମ୍ନ ୫୦୦୦ ଟଙ୍କା କରିବାକୁ ଶନିବାର ଶୂନ୍ୟ କାଳରେ ଦାବି ରଖିଛନ୍ତି ବିଜେଡି ବିଧାୟକ ରମେଶ ଚନ୍ଦ୍ର ବେହେରା। ସେହିପରି, ବିଧବା ମହିଳାଙ୍କୁ ୩୫୦୦ ଟଙ୍କାର ଭତ୍ତା ସହାୟତା ଯୋଗାଇଦେବାକୁ ଦଳର ଅନ୍ୟତମ ବିଧାୟକ ବଦ୍ରିନାରାୟଣ ପାତ୍ର ଦାବି ରଖିଛନ୍ତି।

ଶୂନ୍ୟକାଳରେ ଉପରୋକ୍ତ ପ୍ରସଙ୍ଗ ଉଠାଇ ଶ୍ରୀ ବେହେରା କହିଲେ ଯେ କଳାକାରଙ୍କ ପାଇଁ ସରକାରଙ୍କ ପକ୍ଷରୁ ଭତ୍ତା ଦେବାର ବ୍ୟବସ୍ଥା ରହିଛି। ୮୦ ବର୍ଷ ପର୍ଯ୍ୟନ୍ତ କଳାକାରମାନଙ୍କୁ ରାଜ୍ୟ ସରକାର ୨ ହଜାର ଟଙ୍କା ଭତ୍ତା ଦେବାର ବ୍ୟବସ୍ଥା କରିଥିବା ବେଳେ ୮୦ ବର୍ଷରୁ ଉର୍ଦ୍ଧ୍ୱ କଳାକାରଙ୍କୁ ମାସିକ ୨୫୦୦ ଟଙ୍କା ଭତ୍ତା ଦେବାକୁ ସରକାର ନିଷ୍ପତ୍ତି ନେଇଛନ୍ତି। କିନ୍ତୁ, ବାର୍ଦ୍ଧକ୍ୟ ଭତ୍ତା ବାବଦରେ ରାଜ୍ୟ ସରକାର ୮୦ ବର୍ଷରୁ ଉର୍ଦ୍ଧ୍ୱ ହିତାଧିକାରୀଙ୍କୁ ୩୫୦୦ ଟଙ୍କା ଭତ୍ତା ଦେଉଛନ୍ତି। ତେଣୁ ରାଜ୍ୟର ଅଧିକାଂଶ କଳାକାର ନିଜର ପରିଚୟ ଲୁଚାଇ କଳାକାର ଭତ୍ତା ବଦଳରେ ବାର୍ଦ୍ଧକ୍ୟ ଭତ୍ତା କିମ୍ବା ସରକାରଙ୍କ ବିଭିନ୍ନ ଯୋଜନା ଅନ୍ତର୍ଗତ ଅନ୍ୟ ଭତ୍ତା ପାଇଁ ଆବେଦନ କରୁଛନ୍ତି। ଯେଉଁ କାରଣରୁ କଳାକାରଙ୍କ ସ୍ୱତନ୍ତ୍ର ପରିଚୟ ଲୋପ ପାଉଛି। ତେଣୁ ସରକାର କଳାକାରଙ୍କ ଭତ୍ତା ୫ହଜାରକୁ ବୃଦ୍ଧି କରିବାକୁ ଗୃହରେ ବିଧାୟକ ଶ୍ରୀ ବେହେରା ଦାବି କରିଥିଲେ।

ସେହିପରି ବିଧବାଭତ୍ତା ବୃଦ୍ଧି ଦାବି କରି ବିଧାୟକ ବଦ୍ରି ପାତ୍ର କହିଲେ ଯେ ସରକାର ସବୁସ୍ତରରେ ବିଭିନ୍ନ ଯୋଜନା ମାଧ୍ୟମରେ ହିତାଧିକାରୀମାନଙ୍କର ଭତ୍ତା ବଢ଼ାଉଥିବା ବେଳେ ବିଧବା ମହିଳାମାନେ ପୂର୍ବ ସ୍ଥିରୀକୃତ ଭତ୍ତା ପାଉଛନ୍ତି। ଯାହା ସେମାନଙ୍କୁ ନିଅଣ୍ଟିଆ ହେଉଛି। ଏଥିପାଇଁ ବହୁ ବିଧବା ମହିଳା ନିଜ ଗୁଜରାଣ ମେଣ୍ଟାଇବା ଲାଗି ଦିନ ମଜୁରିଆ ଭାବେ କାର୍ଯ୍ୟ କରୁଛନ୍ତି। ତେଣୁ ବିଧବା ମହିଳାମାନଙ୍କ ଭତ୍ତା ୩୫୦୦ଟଙ୍କା କରିବାକୁ ଶ୍ରୀ ପାତ୍ର ବାଚସ୍ପତିଙ୍କ ମାଧ୍ୟମରେ ସରକାରଙ୍କ ଦୃଷ୍ଟି ଆକର୍ଷଣ କରିଛନ୍ତି।

**କଳାକାରଙ୍କୁ ସର୍ବନିମ୍ନ ୫୦୦୦ ଟଙ୍କା ଭତ୍ତା ଦିଅନ୍ତୁ ସରକାର**

# ହତ୍ୟା ପରେ ହାତବାନ୍ଧି କୂଅରେ ଫିଙ୍ଗିଦେଲେ

କଣ୍ଟାବାଞ୍ଜି,୨୯ ।୧୧(ସମିସ): ବଲାଙ୍ଗିର ଜିଲ୍ଲା କଣ୍ଟାବାଞ୍ଜି ଥାନା ବୁରୋମାଳ ଗାଁରେ ଶନିବାର ଏକ ଅଭାବନୀୟ ଘଟଣା ସାମ୍ନାକୁ ଆସିଛି। ଜଣେ ଯୁବକଙ୍କୁ ହତ୍ୟା ପରେ ହାତବାନ୍ଧି କୂଅରେ ଫିଙ୍ଗି ଦିଆଯାଇଛି। ମୃତକ ହେଲେ ସୁରେନ୍ଦ୍ର ଭାଟି ।ପୁଲିସ ପହଞ୍ଚି ଶବ ଜବତ କରି କଣ୍ଟାବାଞ୍ଜି ଡାକ୍ତରଖାନାକୁ ପଠାଇଥିଲା। ବ୍ୟବଚ୍ଛେଦ ପରେ ମୃତଦେହ ତାଙ୍କ ପରିବାର ବର୍ଗଙ୍କୁ ହସ୍ତାନ୍ତର କରାଯାଇଛି।



ଗାଁର ଏକ ଚାଷ ଜମିରେ ଥିବା କୂଅରୁ ତାଙ୍କ ମୃତଦେହ ଉଦ୍ଧାର ହୋଇଛି। ସୁରେନ୍ଦ୍ର ସକାଳେ ଗାଁରେ ଗାଇ ଚରାଉଥିବା ସମସ୍ତେ ଦେଖିଥିଲେ। କିଛି ସମୟ ପରେ ତାଙ୍କର ପତ୍ତା ନ ମିଳିବାରୁ ପରିବାର ଲୋକେ ଖୋଜାଖୋଜି ଆରମ୍ଭ କରିଥିଲେ। ଶେଷରେ କଣ୍ଟାବାଞ୍ଜି ଥାନାରେ ନିଖୋଜ ନେଇ ଏତଲା ଦେଇଥିଲେ। ପୁଲିସ ଏକ ନିଖୋଜ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଥିଲା। ଖୋଜାଖୋଜି ବେଳେ ପରିବାର ଲୋକ ଗାଁର ଜଣକ ଚାଷ ଜମିରେ ଥିବା କୂଅରେ ସୁରେନ୍ଦ୍ରଙ୍କ ମୃତଦେହ ଭାସୁଥିବା ଦେଖିଥିଲେ। ଏନେଇ ପୁଲିସକୁ ଖବର ଦେଇଥିଲେ। ଅଗ୍ନିଶମ ବାହିନୀ ଘଟଣାସ୍ଥଳରେ ପହଞ୍ଚି ସୁରେନ୍ଦ୍ରଙ୍କ ଶବ ଉଦ୍ଧାର କରିଥିଲା। ତେବେ ତାଙ୍କ ଦୁଇ ହାତକୁ ଦୌଡ଼ିରେ ବନ୍ଧା ଯାଇଥିବା ସହ ଏକ ପଥର ଝୁଲୁଥିବା ଦେଖିବାକୁ ମିଳିଥିଲା। ଏଣୁ ତାଙ୍କୁ ହତ୍ୟା ପରେ କୂଅକୁ ଫିଙ୍ଗି ଦିଆଯାଇଥିବା ସ୍ପଷ୍ଟ ହୋଇଛି।

### ଆଶ୍ରମ ବିଦ୍ୟାଳୟ ହଷ୍ଟେଲରେ ପ୍ରେସର୍ କୁକର୍ ଫାଟି ଛାତ୍ର ଆହତ

# ଘଟଣା ଲୁଚାଇବାକୁ ଛାତ୍ରଙ୍କୁ ୯ ଦିନ ଗୃହବନ୍ଦୀ

କୋଷାଗୁମୁଡ଼ା, ୨୯।୧୧(ସମିସ): ପ୍ରେସର୍ କୁକର୍ ଫାଟି ଜଣେ ଛାତ୍ର ଆହତ ହେବା ଘଟଣାକୁ ଚାପିଦେବା ପାଇଁ ଛାତ୍ରଙ୍କୁ ୯ ଦିନ ଧରି ହଷ୍ଟେଲରେ ଗୃହବନ୍ଦୀ ରଖିବା ଭଳି ଘଟଣା ନବରଙ୍ଗପୁର ଜିଲ୍ଲାରେ ତୀବ୍ର ଆଲୋଡ଼ନ ସୃଷ୍ଟି କରିଛି। କୋଷାଗୁମୁଡ଼ା ବ୍ଲକ୍ କୋକଡ଼ି ସେମଲା ଆଶ୍ରମ ବିଦ୍ୟାଳୟ ହଷ୍ଟେଲରେ ଏପରି ଏକ ଅମାନବୀୟ ଘଟଣା ଘଟିଛି। ଆହତ ଛାତ୍ରଜଣଙ୍କ ହେଲେ, ସପ୍ତମ ଶ୍ରେଣୀ ଛାତ୍ର ଧନେଶ୍ୱର ଭତ୍ରା। କୌଣସି ସୂତ୍ରରୁ ଖବର ପାଇ ଶୁକ୍ରବାର ନବରଙ୍ଗପୁର ପୂର୍ବତନ ସାଂସଦ ତଥା ବିଜେଡି ସାଧାରଣ ସମ୍ପାଦକ ପ୍ରଦୀପ ମାଝୀ ହଷ୍ଟେଲ ପାଚେରି ଡେଇଁ ଧନେଶ୍ୱରକୁ ଉଦ୍ଧାର କରିଛନ୍ତି। ଅତିରିକ୍ତ ଜିଲ୍ଲାପାଳ ବିଶ୍ୱଜିତ ବର୍ମନ ଛାତ୍ରଙ୍କୁ ଚିକିତ୍ସା ପାଇଁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଇଛନ୍ତି।

ସୂଚନାନୁଯାୟୀ, ଗତ ୨୦ ତାରିଖରେ ହଷ୍ଟେଲ ରୋଷେଇ ଘରେ ପ୍ରେସର୍ କୁକର ଫାଟି ଧନେଶ୍ୱର ଆହତ ହୋଇଥିଲେ। ତାଙ୍କ ମୁହଁ କ୍ଷତବିକ୍ଷତ ହୋଇଥିଲା। କିନ୍ତୁ



ସ୍କୁଲ ଓ ହଷ୍ଟେଲ କର୍ତ୍ତୃପକ୍ଷ ତାଙ୍କୁ ଡାକ୍ତରଖାନା ନନେଇ ହଷ୍ଟେଲ ଭିତରେ ଦୀର୍ଘ ୯ଦିନ ଧରି ତାଲା ପକାଇ ପଣବନ୍ଦୀ କରି ରଖିଥିଲେ। ପୂର୍ବତନ ସାଂସଦ ପ୍ରଦୀପ ମାଝୀ ହଷ୍ଟେଲ ପାଚେରି ଡେଇଁ ତାଙ୍କୁ ଉଦ୍ଧାର କରିବା ସହ ରାତି ୧୦ଟାରେ ଜିଲ୍ଲାପାଳଙ୍କ ଆବାସିକ କାର୍ଯ୍ୟାଳୟକୁ ଆସି ଛାତ୍ରଙ୍କୁ ହସ୍ତାନ୍ତର କରିଥିଲେ। ଗଣଶିକ୍ଷା ବିଭାଗ ପକ୍ଷରୁ ବିଦ୍ୟାଳୟ ଓ ମଙ୍ଗଳ ବିଭାଗ ପକ୍ଷରୁ ହଷ୍ଟେଲ ପରିଚାଳନା ହେଉଥିବା ବେଳେ ଏ ବିଷୟରେ କୌଣସି ଅଧିକାରୀ କିପରି ଜାଣିପାରିଲେ ନାହିଁ ବୋଲି ପ୍ରଦୀପ ପ୍ରଶ୍ନ କରିଥିଲେ। ଏଥିପାଇଁ ଜିଲ୍ଲାପାଳ ମଧ୍ୟ ସମାନ ପରିମାଣର ଦାୟୀ ବୋଲି ପ୍ରଦୀପ ତାଙ୍କୁ ସିଧାସଳଖ କହିଥିଲେ। ଛାତ୍ରଙ୍କୁ ଚିକିତ୍ସା ନ କରି ୯ ଦିନ କାଳ ବନ୍ଦ ରଖି ହତ୍ୟା ଉଦ୍ୟମ କରାଯାଇଛି ବୋଲି ଅଭିଯୋଗ କରିଥିଲେ। ତେବେ ଛାତ୍ର ଧନେଶ୍ୱରଙ୍କର କୌଣସି କ୍ଷତି ହେଲେ ଜିଲ୍ଲାରେ ଆନ୍ଦୋଳନ ହେବ ବୋଲି ସେ ଚେତାବନୀ ଦେଇଛନ୍ତି। ସେହିପରି ଘଟଣାସ୍ଥଳରେ ଉପସ୍ଥିତ ଥିବା ଜିଲ୍ଲା ମଙ୍ଗଳ ଅଧିକାରୀ ପାଲକା ରବୀନ୍ଦ୍ରଙ୍କ ଉପରେ ମଧ୍ୟ ପ୍ରଦୀପ ଭୀଷଣ ବର୍ଷିଥିଲେ।

ଏ ସଂପର୍କରେ ଜିଲ୍ଲାପାଳ ମହେଶ୍ୱର ସ୍ୱାଇଁ କହିଛନ୍ତି, ଘଟଣାର ତଦନ୍ତ ହେବ। ଛାତ୍ରଜଣଙ୍କ କେଉଁ ପରିସ୍ଥିତିରେ ରୋଷେଇ ଘରକୁ ଯାଇଥିଲେ, ଅଘଟଣ ପରେ ପ୍ରଧାନଶିକ୍ଷକ କାହିଁକି ଜଣାଇନଥିଲେ, ତାହାର ତଦନ୍ତ ସହ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ। ଏପଟେ ଏହି ଘଟଣାରେ ବିଭାଗ ପକ୍ଷରୁ ତତ୍ପରତା ପ୍ରକାଶ କରାଯିବା ସହ ବିଦ୍ୟାଳୟର ପ୍ରଧାନଶିକ୍ଷକ କାଙ୍ଗାଳୀ ଚରଣ ସେଠୀ, ହଷ୍ଟେଲ ଦାୟିତ୍ୱରେ ଥିବା ଶିକ୍ଷକ କପିଳ ସରାଭୁ, ରଷେୟା ଡମ୍ବରୁ ଭତ୍ରାଙ୍କୁ ଶନିବାର କାର୍ଯ୍ୟରୁ ନିଲମ୍ବନ କରାଯାଇଛି। ସହକାରୀ ଶିକ୍ଷକ ମୀନ ରନ୍ଧାରୀଙ୍କୁ ପ୍ରଧାନ ଶିକ୍ଷକ ଦାୟିତ୍ୱ ଦିଆଯାଇଛି ବୋଲି କୋଷାଗୁମୁଡ଼ା ଗୋଷ୍ଠୀ ଶିକ୍ଷା ଅଧିକାରୀ ସୌମେନ୍ଦ୍ର ଭୌମିକ କହିଛନ୍ତି।

- ପାଚେରି ଡେଇଁ ଉଦ୍ଧାର କଲେ ପୂର୍ବତନ ସାଂସଦ ପ୍ରଦୀପ ମାଝୀ
- ପ୍ରଧାନଶିକ୍ଷକଙ୍କ ସମେତ ୩ ନିଲମ୍ବିତ

### ସମ୍ବଲପୁରରେ ଆରମ୍ଭରୁ ଧାନକିଣା ବିଭ୍ରାଟ

# ମାର୍କେଟ୍ ୟାର୍ଡରୁ ଗଲା; ମିଲ୍ ଆଗରେ ଅଟକିଲା

ସମ୍ବଲପୁର, ୨୯।୧୧ (ସମିସ): ସରକାର-ମିଲର୍ ବିବାଦରେ ପେଷି ହେଉଛି ଚାଷୀ। ସମ୍ବଲପୁର ଜିଲ୍ଲା ବରେଇପାଲିରେ ଆଜି ଏଭଳି ଏକ ଦୃଶ୍ୟ ସାମ୍ନାକୁ ଆସିଛି। ମାର୍କେଟ୍ ୟାର୍ଡରୁ ଧାନ ଗାଡ଼ି ଯାଇଥିଲେ ହେଁ ମିଲର୍ ଧାନ ନେବାକୁ ଅମଙ୍ଗ ହେବାରୁ ଶହଶହ ବସ୍ତା ମିଲ୍ ଆଗରେ ପଡ଼ି ରହିବା ଭଳି ଅବସ୍ଥା ସୃଷ୍ଟି ହୋଇଛି। ଏହାର ପ୍ରତିବାଦରେ ମିଲ୍ ଆଗରେ ଚାଷୀମାନେ ଧାରଣା ଦେବାରୁ ମିଲର୍ ଧାନ ଉଠାଇଛି। କିନ୍ତୁ ସୋମବାରଠାରୁ ଆଉ ଧାନ ନେବନି ବୋଲି ରୋକଠୋକ୍ ମନା କରିଦେଇଛି।

ସୂଚନାନୁଯାୟୀ, ଗତ ୧୭ତାରିଖ ସମ୍ବଲପୁର ଜିଲ୍ଲାସ୍ତରୀୟ ଧାନ ସଂଗ୍ରହ କମିଟି (ଡିଏଲ୍‌ପିସି) ବୈଠକରେ ଚାଷୀ ଶୀଘ୍ର ଧାନକ୍ରୟ କରିବାକୁ ଦାବି କରିଥିଲେ। ବୈଠକରେ ୨୮ ତାରିଖକୁ ଧାନ ସଂଗ୍ରହ ତାରିଖ ଧାର୍ଯ୍ୟ ହୋଇଥିଲା। ତଦନୁଯାୟୀ, ଶୁକ୍ରବାର ବରେଇପାଲି ମାର୍କେଟ୍ ୟାର୍ଡରେ ଶହଶହ ସଂଖ୍ୟାରେ ଚାଷୀ ଆସି ଜମା ହୋଇଥିଲେ। ସେଠାରେ ପୂଜାର୍ଚ୍ଚନା ପରେ ଧାନ କିଣା ଆରମ୍ଭ ହେବାକୁ ସମସ୍ତେ ଅନେଇ ବସିଥିଲେ। କିନ୍ତୁ ଧାନକିଣା ଆରମ୍ଭ ହୋଇପାରିଲାନି। ବରେଇପାଲିସ୍ଥିତ ନିୟନ୍ତ୍ରିତ ବଜାର କମିଟି ସକାଳ ୯ଟାରୁ ଅପରାହ୍ଣ ୨ଟା ପର୍ଯ୍ୟନ୍ତ ଜିଲ୍ଲା ପ୍ରଶାସନ, ଚାଷୀ ଓ ମିଲର୍‌ମାନଙ୍କ ମଧ୍ୟରେ ଆଲୋଚନା ହୋଇଥିଲେ ମଧ୍ୟ କୌଣସି ନିଷ୍କର୍ଷ ବାହାରି ନଥିଲା। ଫଳରେ ଶହଶହ କ୍ୱିଣ୍ଟାଲ ଧାନ ଗାଡ଼ି ସେମିତି ଛିଡ଼ା ହୋଇଥିଲା। ଏହାକୁ ନେଇ ଚାଷୀମାନଙ୍କ ମଧ୍ୟରେ ଅସନ୍ତୋଷ ପ୍ରକାଶ ପାଇଥିଲା। ଏହାର ପ୍ରତିବାଦରେ ସେମାନେ ରେମେଡ୍ ଛକରେ ଧାନଗାଡ଼ି ରଖି ରାସ୍ତା ଅବରୋଧ କରିବାକୁ ନିଷ୍ପତ୍ତି ନେଇଥିଲେ। ତେବେ ଏହା ଜାଣିପାରି ଅପରାହ୍ଣରେ ସଦର ଉପଜିଲ୍ଲାପାଳ ଘଟଣାସ୍ଥଳକୁ ଆସି ଶନିବାର ସବୁ ସମସ୍ୟାର ସମାଧାନ ହୋଇଯିବ ଓ ଧାନ କିଣା ଆରମ୍ଭ ହେବ ବୋଲି କହିଥିଲେ।

ଆଜି ସକାଳେ ଚାଷୀମାନେ ପୁଣିଥରେ ବରେଇପାଲି ମାର୍କେଟ୍ ୟାର୍ଡରେ ପହଞ୍ଚିଥିଲେ। ମୁଖ୍ୟ ଜିଲ୍ଲା ଯୋଗାଣ ଅଧିକାରୀ ଏବଂ ସମବାୟ ସମିତି ସମୂହ ଉପନିବନ୍ଧକ ପହଞ୍ଚି ଚାଷୀମାନଙ୍କ ସହ ଆଲୋଚନା କରି ଧାନକ୍ରୟ ହେବ ବୋଲି କହିଥିଲେ। ତଦନୁଯାୟୀ ମଧ୍ୟାହ୍ନ ପ୍ରାୟ ୧୨ଟାରେ ପୂଜାର୍ଚ୍ଚନା କରି ବରେଇପାଲି ମାର୍କେଟ୍ ୟାର୍ଡରୁ ୫ଟି ମିଲ୍‌କୁ ଧାନ ପଠାଯାଇଥିଲା। ସେଗୁଡ଼ିକ ହେଲା, ସମଲେଶ୍ୱରୀ ରାଇସ ମିଲ, ଅନ୍ନପୂର୍ଣ୍ଣା ରାଇସ ମିଲ, ବୈଷ୍ଣୋଦେବୀ ରାଇସ ଆଣ୍ଡ ଚୂଡ଼ା ମିଲ, ରାଧାକେଶବ ରାଇସ ମିଲ ଓ ଭେଙ୍କଟେସ୍ୱ ଚୂଡ଼ା ଆଣ୍ଡ ରାଇସ ମିଲ୍। କିନ୍ତୁ, ଗୋଟିଏ ପରେ ଗୋଟିଏ ଗାଡ଼ି ଯାଇ ମିଲ୍ ସମ୍ମୁଖରେ ଛିଡ଼ା ହୋଇଥିଲେ ହେଁ ମିଲର୍‌ମାନେ ଫାଟକ ଖୋଲିନଥିଲେ। ମିଲର୍‌ମାନଙ୍କ ସହ ଧାନସଂଗ୍ରହକୁ ନେଇ ଏଗ୍ରିମେଣ୍ଟ ହୋଇନି, ସେମାନେ ସିକ୍ୟୁରିଟି ଡିପୋଜିଟ୍ ବ୍ୟାଙ୍କ ଗ୍ୟାରେଣ୍ଟି ଦେଇନାହାନ୍ତି, ଏପରିକି ସ୍ୱୀକାରୋକ୍ତି ମଧ୍ୟ ଦେଇନାହାନ୍ତି ବୋଲି କହିଥିଲେ। ଏହାର ପ୍ରତିବାଦରେ ଚାଷୀମାନେ ମିଲ୍ ଆଗରେ ଧାରଣା ଦେବାରୁ ରାତି ପ୍ରାୟ ୮ଟାରେ ମିଲର୍‌ମାନେ ଧାନ ଉଠାଇଥିଲେ। କିନ୍ତୁ ସୋମବାରଠାରୁ ଆଉ ଧାନ ଉଠାଇବେ ନାହିଁ ବୋଲି ମନା କିରଦେଇଥିଲେ।

ଅପରପକ୍ଷେ, ରାଜ୍ୟ ମିଲ ମାଲିକ ସଂଘ ମଧ୍ୟ ସାମ୍ବାଦିକ ସମ୍ମିଳନୀ କରି ରୋକ୍‌ଠୋକ୍ ଭାବେ ଧାନ ନେବେନି ବୋଲି ମନା କରିଛି। ଧାନ ସଂଗ୍ରହ କରିବା ଦାୟିତ୍ୱ ଓଡ଼ିଶା ରାଜ୍ୟ ଯୋଗାଣ ନିଗମର। ଏହି ସଂସ୍ଥା ସମ୍ପୃକ୍ତ ଜିଲ୍ଲା ପ୍ରଶାସନ ଓ ଯୋଗାଣ ବିଭାଗ ଜରିଆରେ ଚାଷୀଙ୍କଠାରୁ ଧାନ ସଂଗ୍ରହ କରିଥାଏ। ମିଲର୍‌ଙ୍କ ଦାୟିତ୍ୱ ଯୋଗାଣ ବିଭାଗଠାରୁ ଧାନ ସଂଗ୍ରହ କରି କଷ୍ଟମ ମିଲିଂ ପରେ ଚାଉଳ ଫେରସ୍ତ କରିବା ମଧ୍ୟରେ ସୀମିତ। ରାଜ୍ୟ ସଂଘର ନିଷ୍ପତ୍ତି କ୍ରମେ ୭ଦଫା ଦାବିରେ ମିଲର୍‌ଙ୍କ ପକ୍ଷରୁ ରାଜ୍ୟସାରା ଆନ୍ଦୋଳନ ଜାରି ରହିଛି। ଦୁଇବର୍ଷ ହେଲା ଦାବିପୂରଣ ପାଇଁ ସରକାର ପଦକ୍ଷେପ ଗ୍ରହଣ କରୁନାହାନ୍ତି। ଏପରିକି, କଷ୍ଟମ ମିଲିଂ ପରେ ଗତ ଖରିଫ ଓ ରବି ଋତୁର ଚାଉଳକୁ ଖାଦ୍ୟ ନିଗମ ନେଇ ନଥିବା ଅଭିଯୋଗ କରିଛନ୍ତି।



**ମିଲ୍ ସମ୍ମୁଖରେ ଧାରଣା ପରେ ଉଠିଲା ଧାନ**

### ମିଲର୍ସ ଆସୋସିଏସନ-ମନ୍ତ୍ରୀ ବୈଠକ

## ସମସ୍ତ ସହଯୋଗ ପାଇଁ ମିଲର୍ସ ଆସୋସିଏସନର ପ୍ରତିଶ୍ରୁତି

ଭୁବନେଶ୍ୱର, ୨୯।୧୧(ସମିସ): ଚଳିତ ଖରିଫ ଋତୁରେ ଧାନକିଣାକୁ ପ୍ରବଳ ନେଇ ଅବ୍ୟବସ୍ଥା ଦେଖାଦେଇଛି। ବରଗଡ଼ ଓ ସମ୍ବଲପୁରରେ ଅବ୍ୟବସ୍ଥା ଜଳଜଳ ଦିଶୁଥିବା ବେଳେ ଏହାକୁ ନେଇ ସରକାର ଅଡୁଆରେ ପଡ଼ିଛନ୍ତି। ବିଶେଷକରି ମିଲର୍ ଏବଂ ସରକାରଙ୍କ ମଧ୍ୟରେ ସମନ୍ୱୟର ଘୋର୍ ଅଭାବ ଥିବା ବେଳେ ତ୍ରୁଟି ସଜାଡ଼ିବାକୁ ଉଦ୍ୟମ କରିଛନ୍ତି ସରକାର। ଶନିବାର ଖାଦ୍ୟ ଯୋଗାଣ ଓ ଖାଉଟି କଲ୍ୟାଣ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ରଙ୍କ ସହ ଓଡ଼ିଶା ରାଇସ ମିଲର୍ସ ଆସୋସିଏସନ୍ କର୍ମକର୍ତ୍ତାମାନେ ବିଭିନ୍ନ ପ୍ରସଙ୍ଗରେ ଆଲୋଚନା କରିଛନ୍ତି। ଏହି ଆଲୋଚନାରେ ମିଲର୍ସମାନେ ଧାନ ସଂଗ୍ରହ ପ୍ରକ୍ରିୟାରେ ସାମିଲ ହୋଇ ସହଯୋଗ ଜାରି ରଖିବାକୁ ମଧ୍ୟ ପ୍ରତିଶ୍ରୁତି ଦେଇଛନ୍ତି ବୋଲି ସରକାରଙ୍କ ପକ୍ଷରୁ କୁହାଯାଇଛି। ଲୋକସେବା ଭବନସ୍ଥିତ ମନ୍ତ୍ରୀଙ୍କ କାର୍ଯ୍ୟାଳୟରେ ଅନୁଷ୍ଠିତ ଉକ୍ତ ବୈଠକରେ ଧାନ ସଂଗ୍ରହ ଉପରେ ବିସ୍ତୃତ ଆଲୋଚନା ହୋଇଛି। ଧାନ ସଂଗ୍ରହରେ ସମସ୍ତ ସହଯୋଗ ଯୋଗାଇଦେବା ପାଇଁ ମିଲର୍ସ ସଂଘ ପକ୍ଷରୁ ପ୍ରତିଶ୍ରୁତି ଦିଆଯାଇଛି। ଚାଷୀମାନଙ୍କ ସ୍ୱାର୍ଥରକ୍ଷା ଦିଗରେ ମଧ୍ୟ ବୈଠକରେ ଆଲୋଚନା ହୋଇଛି ବୋଲି ବିଭାଗ ପକ୍ଷରୁ କୁହାଯାଇଛି। ବୈଠକରେ ବିଭାଗର ପ୍ରମୁଖ ଶାସନ ସଚିବଙ୍କ ସମେତ ବହୁ ବରିଷ୍ଠ ଅଧିକାରୀ ଉପସ୍ଥିତ ଥିଲେ।

# ନୂଆବର୍ଷରେ ନୂଆ ହିତାଧିକାରୀଙ୍କୁ ଏକାଥରକେ ୨ଟି କିସ୍ତି 'ସୁଭଦ୍ରା' ଟଙ୍କା

ଭୁବନେଶ୍ୱର, ୨୯।୧୧(ସମିସ): ନୂଆ ସୁଭଦ୍ରା ହିତାଧିକାରୀଙ୍କ ପାଇଁ ଖୁସି ଖବର। ନୂଆବର୍ଷରେ ଏକାଥରକେ ଦୁଇଟି କିସ୍ତି ଟଙ୍କା ପାଇବେ ଯୋଗ୍ୟ ହିତାଧିକାରୀ। ଏ ସଂପର୍କରେ ସୂଚନା ଦେଇଛନ୍ତି ଉପ-ମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା। ଶ୍ରୀମତୀ ପରିଡ଼ା କହିଛନ୍ତି, ଯେଉଁମାନଙ୍କୁ ୨୧ ବର୍ଷ ହେଲା, ସେମାନେ ଆପେଆପେ ଏହି ଯୋଜନାରେ ଯୋଡ଼ି ହେଉଛନ୍ତି। ସମସ୍ତେ ଯେପରି ସୁଭଦ୍ରା ଟଙ୍କା ପାଇବେ, ସେଥିପାଇଁ ବିଭାଗ କାମ କରୁଛି। କ୍ଷେତ୍ର ପରିଦର୍ଶନ ପରେ ସୁଭଦ୍ରା ଯୋଜନାରେ ୧୭ଲକ୍ଷରୁ ଉର୍ଦ୍ଧ୍ୱ ମହିଳା ଯୋଡ଼ି ହେଲେଣି। ବର୍ତ୍ତମାନ ୧କୋଟି ୩ଲକ୍ଷ ୮୯ହଜାର ୮୦୧ମହିଳା ପ୍ରଥମ/ଦ୍ୱିତୀୟ କିସ୍ତି ପାଇଛନ୍ତି। ସେଥିମଧ୍ୟରୁ ୯୭ଲକ୍ଷ ୫୧ହଜାର ୪୭୯ଜଣ ମହିଳା ସୁଭଦ୍ରା ଟଙ୍କା ପାଇଛନ୍ତି। ବୟସ କମ୍ ହୋଇଥିବା କାରଣରୁ ଗତଥର ଯେଉଁମାନେ ସୁଭଦ୍ରା ଯୋଜନାରେ ସାମିଲ ହୋଇପାରିନଥିଲେ, ସେମାନେ ଆବେଦନ କରୁଛନ୍ତି। ଏଥିପାଇଁ ଅବେଦନକାରୀଙ୍କ ବୟସ ୧ ଏପ୍ରିଲ, ୨୦୨୫ ସୁଦ୍ଧା ୨୧ବର୍ଷ କିମ୍ବା ତଦୂର୍ଦ୍ଧ୍ୱ ହୋଇଥିବା ଆବଶ୍ୟକ ଏବଂ ଏହି ଯୋଜନା ଅନ୍ତର୍ଗତ ଅନ୍ୟାନ୍ୟ ସମସ୍ତ ଯୋଗ୍ୟତା ମାନଦଣ୍ଡ ପୂରଣ କରୁଥିଲେ ସେମାନେ ଆବେଦନ କରିପାରିବେ ବୋଲି ଉପମୁଖ୍ୟମନ୍ତ୍ରୀ ତଥା ମହିଳା ଓ ଶିଶୁ ବିକାଶ ବିଭାଗ ମନ୍ତ୍ରୀ ପ୍ରଭାତୀ ପରିଡ଼ା କହିଛନ୍ତି।

### କୁସଂସ୍କାରର ଦୁଃଖଦ ଚିତ୍ର

# ବ୍ରହ୍ମଗିରିରେ ଗାଁ କୋଠରେ ପରିବାରକୁ ବାସନ୍ଦ

ଭୁବନେଶ୍ୱର, ୨୯।୧୧(ସମିସ)

ଦୁଇ ପରିବାର ମଧ୍ୟରେ ଜମିବାଡ଼ି ବିବାଦ ଗାଁ କୋଠକୁ ଗଲା। କୋଠ ଗୋଟିଏ ପରିବାରକୁ ସାମାଜିକ ବାସନ୍ଦ ପାଇଁ ନିଷ୍ପତ୍ତି ଶୁଣାଇଦେଲା। ଏହା ପରଠାରୁ ଉକ୍ତ ପରିବାରକୁ ଗାଁରେ ବାସନ୍ଦ କରାଯାଇଛି। ମନ୍ଦିରଠାରୁ ଆରମ୍ଭ କରି ସାମାଜିକ କାର୍ଯ୍ୟକ୍ରମ ଯାଏଁ ଉକ୍ତ ପରିବାରକୁ ସାମିଲ ହେବାକୁ ଅନୁମତି ମିଳୁନାହିଁ। ଏପରି ଘଟଣା ଘଟିଛି ପୁରୀ ଜିଲ୍ଲା ବ୍ରହ୍ମଗିରି ନିର୍ବାଚନମଣ୍ଡଳୀରେ। ଶନିବାର ବିଧାନସଭାରେ ଖୋଦ୍ ଶାସକ ଦଳ ବିଧାୟିକା ଉପାସନା ମହାପାତ୍ର ଏନେଇ ବାଚସ୍ପତିଙ୍କ ଦୃଷ୍ଟି ଆକର୍ଷଣ କରିଛନ୍ତି। ଏପରି କୁ-ସଂସ୍କାର ପାଇଁ ଉକ୍ତ ପରିବାର କିପରି ସନ୍ତୁଳି ହେଉଛନ୍ତି ବିଧାୟିକା ନିଜ ନିବେଦନରେ ଦର୍ଶାଇଥିଲେ।

ବିଧାୟିକାଙ୍କ ତଥ୍ୟ ଅନୁଯାୟୀ, କାଣ୍ଡଗୋଦା ପଞ୍ଚାୟତର ପଲ୍ଲୀ ଗ୍ରାମରେ ଦୁଇ ପରିବାର ଭିତରେ ଜମିବାଡ଼ି ବିବାଦ ଗ୍ରାମ କୋଠରେ ପହଞ୍ଚିଥିଲା। କୋଠରେ ବିଚାର ସରିବା ପରେ ଗୋଟିଏ ଘରକୁ ବାସନ୍ଦ ହେବା ନେଇ ଆଦେଶ ଶୁଣାଗଲା। ଉକ୍ତ ପରିବାର ସଦସ୍ୟଙ୍କୁ ପ୍ରଥମେ ମନ୍ଦିର ଯିବାକୁ ବାରଣ କରାଯିବା ପରେ ପରବର୍ତ୍ତୀ ସମୟରେ ଗାଁର କୌଣସି ସାମାଜିକ କାର୍ଯ୍ୟରେ ସାମିଲ କରାଗଲା ନାହିଁ। ଏପରିକି, ଉକ୍ତ ପରିବାରର ବିଜୁଳି ମଧ୍ୟ କାଟି ଦିଆଯାଇଥିବା ବିଧାୟିକା

**ସାମାଜିକ କାର୍ଯ୍ୟକ୍ରମରେ ଯୋଗ ଦେଇପାରୁ ନାହାନ୍ତି**

ଅଭିଯୋଗ କରିଛନ୍ତି। ଏହି ପରିବାରର ବିଜୁଳି ମଧ୍ୟ କାଟିଦେଲେ। ଉପଯୁକ୍ତ ନ୍ୟାୟ ପାଇଁ ପରେ ପରିବାରଲୋକ ବାରମ୍ବାର ଥାନା, କଚେରିର ଚକ୍କର କାଟିଲେ। ହେଲେ ତାଙ୍କ କଥା କେହି ଶୁଣିଲେ ନାହିଁ। ଏଭଳି ଘଟଣା ପରେ ପରିବାରଲୋକ ବ୍ରହ୍ମଗିରି ବିଧାୟିକା ଉପାସନା ମହାପାତ୍ରଙ୍କ ନିକଟରେ ମଧ୍ୟ ନିଜର ସମସ୍ୟା ଜଣାଇଲେ। ବ୍ରହ୍ମଗିରି ବିଧାୟିକା ଘଟଣା ଜାଣିବା ପରେ ଏନେଇ ପୁଲିସକୁ ଏକାଧିକବାର ଜଣାଇଥିଲେ ହେଁ ଏହାର କୌଣସି ସୁଫଳ ମିଳିଲା ନାହିଁ। ଏପରିକି, ବିଧାୟିକା ବିଦ୍ୟୁତ୍ ବିଭାଗକୁ ଏ ସଂପର୍କରେ ଜଣାଇବା ପରେ ସେମାନେ ଉକ୍ତ ଗାଁକୁ ବିଦ୍ୟୁତ୍ ସଂଯୋଗ ପାଇଁ ଯାଇଥିଲେ। ମାତ୍ର ଗାଁରେ ପଶିବା ମାତ୍ରେ ବିଜୁଳି ବିଭାଗ ଲୋକଙ୍କୁ ଗ୍ରାମବାସୀ ତଡ଼ିଦେଲେ। ଏପରିକି, କୁ-ସଂସ୍କାର ପାଇଁ ଜଣଙ୍କ ଜୀବନ ଯାଇଥିବା ନେଇ ମଧ୍ୟ ଅଭିଯୋଗ ହୋଇଛି।

# ପରିମଳ ଅଧିକାରୀଙ୍କ ଘରେ ଭିଜିଲାନ୍ସ ଚଢ଼ଉ



ନିମାପଡ଼ା, ୨୯।୧୧(ସମିସ): ନିମାପଡ଼ା ଏନ୍‌ଏସିରେ କାର୍ଯ୍ୟରତ ଅମିନ ତଥା ପରିମଳ ଅଧିକାରୀ ବିଜୟ କୁମାର ଗ୍ରହାଚାର୍ଯ୍ୟଙ୍କ ବାସଭବନ ଉପରେ ଶନିବାର ସନ୍ଧ୍ୟାରେ ଭିଜିଲାନ୍ସ ଚଢ଼ଉ ହୋଇଥିବା ଜଣାପଡ଼ିଛି। ଲାଞ୍ଚ ଟଙ୍କା ନେଉଥିବାବେଳେ ଭୁବନେଶ୍ୱର ଭିଜିଲାନ୍ସ ଟିମ୍ ମାଡ଼ିବସିଥିବା ଜଣାପଡ଼ିଛି।

ଘଟଣାରୁ ପ୍ରକାଶ ଯେ, ଗଡ଼ଟୋରିହେଁ ଗ୍ରାମର ରଘୁନାଥ ଦାଶ ନିମାପଡ଼ା କଲେଜ ପାଖ ପୌରାଞ୍ଚଳ ଜାଗାରେ ଏକ ଗୃହ ନିର୍ମାଣ ପାଇଁ ପ୍ଲାନ୍ ଅନୁମୋଦନ ଓ ଅନୁମତି ପାଇଁ ଅମିନ ତଥା ପରିମଳ ଅଧିକାରୀ ଶ୍ରୀ ଗ୍ରହାଚାର୍ଯ୍ୟଙ୍କ ସହ କଥାବାର୍ତ୍ତା ହୋଇଥିଲେ। ୩୪ ହଜାର ଟଙ୍କା ଦେଲେ ଘର ନିର୍ମାଣ ପାଇଁ ସମସ୍ତ ଅଫିସ କାର୍ଯ୍ୟ କରିଦେବେ ବୋଲି ସେ କଥା ଦେଇଥିଲେ। ଏନେଇ ରଘୁନାଥ ଭିଜିଲାନ୍ସରେ ଅଭିଯୋଗ କରିଥିଲେ। ତେଣୁ ପର୍ଯ୍ୟାୟ କ୍ରମେ ଶ୍ରୀ ଗ୍ରହାଚାର୍ଯ୍ୟ ୩ ହଜାର, ୧୦ ହଜାର ଟଙ୍କା ନେଇଥିଲେ। ଶନିବାର ସନ୍ଧ୍ୟା ସମୟରେ ୧୭ହଜାର ଟଙ୍କା ଦେବାବେଳେ ପୂର୍ବରୁ ପ୍ରସ୍ତୁତ ଥିବା ଭୁବନେଶ୍ୱର ଭିଜିଲାନ୍ସ ଟିମ୍ ଡିଏସ୍‌ପି ସୁଶାନ୍ତ କୁମାର ମିଶ୍ର, ଅଶୋକ କୁମାର ବିରୁଆ ଓ ଇନ୍ସପେକ୍ଟର ବୈଭବିମଧୁ ସ୍ୱାଇଁ ଓ ଜଗନ୍ନାଥ ସାହୁଙ୍କ ନେତୃତ୍ୱରେ ଏକ ୮ ଜଣିଆ ଟିମ୍ ତାଙ୍କୁ ମାଡ଼ିବସିଥିଲେ। ଏନ୍‌ଏସି କାର୍ଯ୍ୟାଳୟରୁ ତାଙ୍କୁ ଧରି ପଚରାଉଚରା କରି ତାଙ୍କ ଗାଡ଼ି ଡିକି ଓ ଅନ୍ୟାନ୍ୟ କାଗଜପତ୍ର ତନଖି କରିବା ସହ ଶ୍ରୀ ଗ୍ରହାଚାର୍ଯ୍ୟଙ୍କ ବାସଗୃହ ତଲାସି ଜାରି ରଖିଛନ୍ତି।

# ୟଙ୍ଗ୍‌ଫୋନିକ୍ସ ବିଦ୍ୟାଳୟର ବାର୍ଷିକ କ୍ରୀଡ଼ା ଉତ୍ସବ



ନୟାହାଟ, ୨୯।୧୧(ସମିସ): ନୟାହାଟ ଫାଣ୍ଡି ଅନ୍ତର୍ଗତ ଯୋଗେଶ୍ୱରପୁରଠାରେ ଥିବା ୟଙ୍ଗ୍‌ଫୋନିକ୍ସ ଇଂରାଜୀ ବିଦ୍ୟାଳୟର ବାର୍ଷିକ କ୍ରୀଡ଼ା ଉତ୍ସବ ଶନିବାର ଗୋପିକାନ୍ତପୁର ଉଚ୍ଚବିଦ୍ୟାଳୟ ଖେଳପଡ଼ିଆଠାରେ ଅନୁଷ୍ଠିତ ହୋଇଥିଲା। ଏଥିରେ ବାଳକ ବିଭାଗର ଆଇଶ୍ୱ ସୁଭାଦର୍ଶନ କାଣ୍ଡୀ ଓ ବାଳିକା ବିଭାଗର ଶୁଭଲକ୍ଷ୍ମୀ ସ୍ୱାଇଁ ଚାମ୍ପିଅନ ଆଖ୍ୟା ଅର୍ଜନ କରିଥିଲେ। ଏହି ଉତ୍ସବରେ ମୁଖ୍ୟ ଅତିଥି ଭାବେ ଶିକ୍ଷାବିତ୍ ବିଚିତ୍ରାନନ୍ଦ ପାତ୍ର, ସମ୍ମାନିତ ଅତିଥି ଭାବେ ଗୋପିକାନ୍ତପୁର ହାଇସ୍କୁଲର ପ୍ରଧାନଶିକ୍ଷକ ଅବଦୁଲ ବର୍କତ ଖାଁ, ସଭାପତିତ୍ୱ କରିଥିଲେ। ଗୀତାଞ୍ଜଳି ରାୟ ପିଲାମାନଙ୍କ ଖେଳିବା ଦାୟିତ୍ୱରେ ଶିବପ୍ରସାଦ ସାହୁ ଥିବାବେଳେ ଏହି ଉତ୍ସବରେ କୁନି କୁନି ପିଲାମାନଙ୍କୁ ଖେଳ ସମୟରେ କିପରି ଯତ୍ନବାନ୍ ହେବା, ଖେଳ ସ୍ୱାସ୍ଥ୍ୟ ପାଇଁ ଏକ ସମ୍ପଦ ଏହି ବିଷୟରେ ଉପସ୍ଥିତ ଅତିଥିମାନେ ବୁଝାଇଥିଲେ। ଅନୁଷ୍ଠାନର ଅଧ୍ୟକ୍ଷ ତ୍ରିଲୋଚନ ବେହେରା ଅତିଥି ପରିଚୟ ପ୍ରଦାନ କରିଥିଲେ। ଦେବସ୍ମିତା ମହାନ୍ତି, ସ୍ୱପ୍ନସାଗରିକା ପଣ୍ଡା, ଜ୍ୟୋତ୍ସ୍ନା ନାୟକ, ଫିଜା ଅର୍ଫିନ, ଷ୍ଟାଲାଇନ୍ ପ୍ରିୟଦର୍ଶନ, କ୍ରିଷ୍ଣା ବାରିକ, ସୌଭାଗ୍ୟଲକ୍ଷ୍ମୀ ସାହୁ, ମାମାଲି ବେହେରା, ଅକ୍ଷୟ ପରିଡ଼ା ପ୍ରମୁଖ ଖେଳରେ ସହଯୋଗ କରିଥିବାବେଳେ ସହକାରୀ ଶିକ୍ଷକ ଲିପ୍ସା ମହାନ୍ତି ଧନ୍ୟବାଦ ଅର୍ପଣ କରିଥିଲେ।

# ସତ୍ୟବାଦୀ ନିର୍ବାଚନମଣ୍ଡଳୀ ଠିକାଦାରଙ୍କ ବୈଠକ



ସାକ୍ଷୀଗୋପାଳ, ୨୯।୧୧(ସମିସ): ପୁରୀ ଜିଲ୍ଲା ସତ୍ୟବାଦୀ ବିଧାନସଭା ନିର୍ବାଚନମଣ୍ଡଳୀର ଠିକାଦାର ମହାସଙ୍ଘର ସତ୍ୟବାଦୀ ଓ କଣାସ ବ୍ଲକ ଅଞ୍ଚଳର ଠିକାଦାରମାନଙ୍କୁ ନେଇ ଗଠିତ ସତ୍ୟବାଦୀ ଠିକାଦାର ମହାସଂଘର ଏକ ଗୁରୁତ୍ୱପୂର୍ଣ୍ଣ ବୈଠକ ଅନୁଷ୍ଠିତ ହୋଇଯାଇଛି। ଉକ୍ତ ବୈଠକରେ ଠିକାଦାରମାନେ ଉପସ୍ଥିତ ହୋଇ ସେମାନଙ୍କ ସମସ୍ୟା ଉପସ୍ଥାପନ କରିଥିଲେ। ଉପସ୍ଥିତ ଥିବା ଜିଲ୍ଲା ଓ ରାଜ୍ୟସ୍ତରୀୟ ଠିକାଦାରମାନେ ଉପୁଜୁଥିବା ସମସ୍ୟା ଓ ତାହାର ସମାଧାନ ସମ୍ପର୍କରେ ଆଲୋଚନା କରିଥିଲେ। ଠିକାଦାରମାନେ ନିର୍ଦ୍ଧାରିତ ପ୍ରକଳ୍ପ ମୂଲ୍ୟରୁ ୧୪.୯୯ ପ୍ରତିଶତ କମ୍‌ରେ କାର୍ଯ୍ୟ କରିବା ଦ୍ୱାରା କାର୍ଯ୍ୟର ମାନ ଅତି ନିମ୍ନମାନର ହେଉଛି। ଠିକାଦାରମାନେ ଆର୍ଥିକ ଦୃଷ୍ଟିରୁ ବଡ଼ ହଇରାଣ ମଧ୍ୟ ହେଉଛନ୍ତି। ସମ୍ପୃକ୍ତ ବିଭାଗ ମଧ୍ୟ ଠିକାଦାରମାନଙ୍କୁ ବିଭିନ୍ନ ସମୟରେ ଅଯଥାରେ ହଇରାଣ ହରକତ କରୁଛନ୍ତି। ଏହି ସମସ୍ୟାର ସମାଧାନ ପାଇଁ ସତ୍ୟବାଦୀ ନିର୍ବାଚନମଣ୍ଡଳୀର ଠିକାଦାରମାନେ ଏକ କମିଟି ଗଠନ କରିଛନ୍ତି। ଏହି କମିଟିରେ ସଭାପତି ପ୍ରତାପ କୁମାର ମହାପାତ୍ର, ଉପସଭାପତି ଶ୍ରୀବତ୍ସ ମହାପାତ୍ର ଓ ବିଜୟ କୁମାର ବିଶ୍ୱାଳ, ସମ୍ପାଦକ ନିରଞ୍ଜନ ରାଉତ, ସହସମ୍ପାଦକ ଦେବରାଜ ବେହେରା, କୋଷାଧ୍ୟକ୍ଷ ସୁନୀଲ ମହାପାତ୍ର, ପୁରୀ ଜିଲ୍ଲା କମିଟି ସଂଯୋଜକ ଉମାକାନ୍ତ ସାମନ୍ତରାୟ, ଉପଦେଷ୍ଟା ସଞ୍ଜୟ କୁମାର ଭୋଳ ଓ ଦୁର୍ଗାପ୍ରସାଦ ରଥ ସ୍ଥାନ ପାଇଛନ୍ତି। ଆସନ୍ତା ଡିସେମ୍ବର ୩ ତାରିଖଠାରୁ ସମସ୍ତ ଟେଣ୍ଡର ସରକାରଙ୍କ ନିର୍ଦ୍ଧାରିତ ମୂଲ୍ୟରେ ପକାଇବା ସହିତ ଉନ୍ନତମାନର କାର୍ଯ୍ୟ କରିବା ପାଇଁ ଶପଥ ଗ୍ରହଣ କରିଥିଲେ। ବାହାର ନିର୍ବାଚନମଣ୍ଡଳୀର ଠିକାଦାର ସତ୍ୟବାଦୀ ନିର୍ବାଚନମଣ୍ଡଳୀରେ କୌଣସି କାମ ପାଇଁ ଟେଣ୍ଡର ପକାଇପାରିବେ ନାହିଁ। ଯେଉଁମାନେ ନିର୍ଦ୍ଧାରିତ ମୂଲ୍ୟଠାରୁ କମ୍ ମୂଲ୍ୟରେ ଟେଣ୍ଡର ପକାଇବେ ସେମାନଙ୍କ ବିପକ୍ଷରେ ମିଳିତ ଭାବେ ପ୍ରତିବାଦ କରିବା ପାଇଁ ନିଷ୍ପତ୍ତି ନିଆଯାଇଛି ବୋଲି ମହାସଂଘର ଆବାହକ ପ୍ରଫୁଲ୍ଲ ଚନ୍ଦ୍ର ପଣ୍ଡା ସୂଚନା ଦେଇଛନ୍ତି।

# ୭୫ ବର୍ଷୀୟା ବୃଦ୍ଧାଙ୍କୁ ମିଳୁନି ଭତ୍ତା



କଣାସ, ୨୯।୧୧(ସମିସ): କେନ୍ଦ୍ର ଓ ରାଜ୍ୟ ସରକାର ୬୦ ବର୍ଷରୁ ଊର୍ଦ୍ଧ୍ୱ ବୟସ୍କ ବୃଦ୍ଧବୃଦ୍ଧାମାନଙ୍କୁ ସହାୟତା କରିବା ପାଇଁ ମାସିକ ବାର୍ଦ୍ଧକ୍ୟ ଭତ୍ତା ପ୍ରଦାନ କରୁଛନ୍ତି। କିନ୍ତୁ ଦୁଃଖର ବିଷୟ କଣାସ ବ୍ଲକ ଗଡ଼ସାନପୁଟ ଗ୍ରାମପଞ୍ଚାୟତର ଗଡ଼ସାନପୁଟ ଗ୍ରାମର ପ୍ରମିଳା ରାଉତରାୟ ୭୫ ବର୍ଷ ବୟସରେ ବି ଭତ୍ତା ପାଇବାରୁ ବଞ୍ଚିତ ହୋଇଛନ୍ତି। ଭତ୍ତା ପାଇଁ ବାରମ୍ବାର ଆବେଦନ କରି ନିରାଶ ହୋଇଥିବା ଜଣାପଡ଼ିଛି। ଖବର ନେବାରେ ଜଣାପଡ଼ିଛି, କଣାସ ବ୍ଲକର ୨୮ ଗ୍ରାମପଞ୍ଚାୟତର ୧୩୯ଟି ରାଜସ୍ୱ ଗ୍ରାମ ୧୦୮ ପଡ଼ା ଗ୍ରାମରୁ ୩ ହଜାରରୁ ଊର୍ଦ୍ଧ୍ୱ ୬୦ ବର୍ଷରୁ ଊର୍ଦ୍ଧ୍ୱ ବୃଦ୍ଧବୃଦ୍ଧା ଭତ୍ତା ପାଇବା ପାଇଁ ଅନ୍‌ଲାଇନ୍‌ରେ ଆବେଦନ କରିଛନ୍ତି। ଏ ସମ୍ପର୍କରେ କଣାସ ବ୍ଲକ ସମାଜ ମଙ୍ଗଳ ଅଧିକାରୀ ମନୋଜ କୁମାର ପଟ୍ଟନାୟକଙ୍କୁ ପଚାରିବାରୁ ସେ କୁହନ୍ତି, ଯେଉଁ ସବୁ ବୃଦ୍ଧବୃଦ୍ଧା ଭତ୍ତା ପାଇବା ପାଇଁ ଆବେଦନ କରିଛନ୍ତି ସେହି କାଗଜପତ୍ର ଆମେ ଜିଲ୍ଲା କାର୍ଯ୍ୟାଳୟକୁ ପଠାଇ ଦେଇଛୁ। ଟାର୍ଗେଟ୍ ନ ଥିବାରୁ ଭତ୍ତା ମଞ୍ଜୁର ହୋଇନାହିଁ। ତେବେ ଏଠାରେ ପ୍ରଶ୍ନ ଉଠୁଛି ଜଣେ ୭୫ ବର୍ଷ ବୟସ୍କ ବ୍ୟକ୍ତିଙ୍କୁ ଅଦ୍ୟାବଧି ଭତ୍ତା କାହିଁକି ମିଳିନି? ତୁରନ୍ତ ତାଙ୍କୁ ଭତ୍ତା ପ୍ରଦାନ କରିବା ପାଇଁ ସାଧାରଣରେ ଦାବି ହେଉଛି।

# ଟଙ୍କା ନ ଦେବାରୁ ୩ ଦିନ ହେଲା ନିଖୋଜ



କଣାସ, ୨୯।୧୧(ସମିସ): କଣାସ ବ୍ଲକ ସାହୁପଡ଼ା ଗ୍ରାମପଞ୍ଚାୟତର ସାହୁପଡ଼ା ଗ୍ରାମର ଗୌତମ ମହାରଣାଙ୍କ ଦଶମ ଶ୍ରେଣୀ ପାଠ ପଢୁଥିବା ପୁତ୍ର ବୃନ୍ଦାବନ ମହାରଣା (୧୬) ଗତ ୨୬ ତାରିଖ ପୂର୍ବାହ୍ଣ ୧୦ଟାରେ କେଉଁଆଡ଼େ ଚାଲିଯାଇଥିବା ବେଳେ ତାଙ୍କର ଖୋଜ୍‌ଖବର ମିଳୁ ନ ଥିବା ନେଇ ଗୌତମ ଗଡ଼ିଶାଗୋଦା ଥାନାରେ ଲିଖିତ ଅଭିଯୋଗ କରିଥିବା ଜଣାପଡ଼ିଛି। ଅଭିଯୋଗ ଅନୁସାରେ, ଗଡ଼ିଶାଗୋଦା ଥାନା ଅଧିକାରୀ ସୁଧୀର କୁମା ଦାସ ୧୯୧/୨୫ରେ ଏକ ମାମଲା ରୁଜ କରି ତଦନ୍ତ ଜାରି ରଖିଛନ୍ତି। ପ୍ରକାଶ ଯେ, ବୃନ୍ଦାବନ ମ୍ୟାଟ୍ରିକ୍ ପରୀକ୍ଷା ଦେବା ପାଇଁ ଫର୍ମପୂରଣ କରିବା ସକାଶେ ଘରେ ଟଙ୍କା ମାଗିଥିଲେ। ପରିବାର ଲୋକ ସାର୍‌ଙ୍କଠାରୁ ବୁଝିଲେ ଟଙ୍କା ଦେବୁ ବୋଲି କହିବାରୁ ସେ ରାଗରେ କେଉଁଆଡ଼େ ପଳାଇ ଯାଇଥିବା ତାଙ୍କ ବାପା ଗୌତମ ମହାରଣା ପ୍ରକାଶ କରିଛନ୍ତି।

# ସରସ୍ୱତୀ ଶିଶୁ ମନ୍ଦିରର ବାର୍ଷିକ କ୍ରୀଡ଼ା ଉତ୍ସବ

ଗୋପ, ୨୯।୧୧(ସମିସ): ଗୋପ ବ୍ଲକ ଅଧୀନ ହାପି କଲୋନୀସ୍ଥିତ ସରସ୍ୱତୀ ଶିଶୁ ମନ୍ଦିରର ୨୦ତମ ବାର୍ଷିକ କ୍ରୀଡ଼ା ଉତ୍ସବ ମହାସମାରୋହରେ ଅନୁଷ୍ଠିତ ହୋଇଯାଇଛି। ଅନୁଷ୍ଠାନର ସଭାପତି



ପ୍ରକାଶ ଚନ୍ଦ୍ର ଖଟୋଇଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ୨ ଦିନ ବ୍ୟାପୀ ଅନୁଷ୍ଠିତ ହୋଇଥିବା କ୍ରୀଡ଼ା ଉତ୍ସବରେ ସମାଜସେବୀ ବସନ୍ତ କୁମାର ସେନାପତି, ସତ୍ୟନାରାୟଣ ସେନାପତି, ରଶ୍ମିରଞ୍ଜନ ପଟ୍ଟନାୟକ, ସମ୍ପାଦକ ସନତ କୁମାର ସେନାପତି, ଉପସଭାପତି ବାଳକୃଷ୍ଣ ସେନାପତି, ସହସମ୍ପାଦକ ପବିତ୍ର କୁମାର ଦାସ, କୋଷାଧ୍ୟକ୍ଷ ଶାଶ୍ୱତ ରଞ୍ଜନ ପ୍ରଧାନ, ସଭ୍ୟା ପ୍ରମୋଦିନୀ ସାହୁ, ପ୍ରଣତି ଶତପଥୀ ପ୍ରମୁଖ ଅତିଥିଭାବେ ଯୋଗଦେଇ କୃତୀ କ୍ରୀଡ଼ାବିତ୍‌ମାନଙ୍କୁ ପୁରସ୍କୃତ କରିଥିଲେ। ପ୍ରଧାନଆଚାର୍ଯ୍ୟ ତୋଫାନ ଦଳାଇ ସ୍ୱାଗତ ଭାଷଣ ଦେଇଥିବାବେଳେ ବବିତା ପ୍ରଧାନ ଧନ୍ୟବାଦ ଅର୍ପଣ କରିଥିଲେ। ଶିଶୁ ବର୍ଗରେ ଶେଖ୍ ପରଭେଜ, ପ୍ରତ୍ୟୁଷା ପାଢ଼ୀ, ବାଲ୍ ବର୍ଗରେ ଅଜୟ କୁମାର ଦାସ, ପ୍ରଜ୍ଞାଶ୍ରୀ ନାୟକ ଓ ଅଞ୍ଜଳି ବେହେରାଙ୍କୁ ଶ୍ରେଷ୍ଠ କ୍ରୀଡ଼ାବିତ୍ ଭାବେ ସମ୍ମାନିତ କରାଯାଇଥିଲା। ଆଚାର୍ଯ୍ୟ ଦିଲ୍ଲୀପ କୁମାର ଭୋଇ, ଦେବାଶିଷ ଦୀକ୍ଷିତ, ଆଚାର୍ଯ୍ୟ ସୁଜାତା ମହାନ୍ତି, ତୃପ୍ତିମୟୀ ସାହୁ, ଅନନ୍ୟା ପ୍ରିୟଦର୍ଶିନୀ, ବବିତା ମହାପାତ୍ର, ବନିତା ଦେଇ, ବିଶ୍ୱବାସିନୀ ନନ୍ଦ, ସସ୍ମିତା ବେହେରା, ବିଶ୍ୱରୂପା ପ୍ରଧାନ, ତପସ୍ୱିନୀ ଭୋଇ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

# କୁଖ୍ୟାତ ଅପରାଧୀ ଶେଖ୍ ରାଜନ୍ ପୁରୀରୁ ଗିରଫ



ନୟାହାଟ, ୨୯।୧୧(ସମିସ): ଜଣେ ବୃଦ୍ଧଙ୍କୁ ଥଣ୍ଡା ବୋତଲରେ ଆକ୍ରମଣ କରି ୨୦ଦିନ ହେଲା ଫେରାର୍ ଥିବା ଅପରାଧୀ ଶେଖ୍ ରାଜନ୍‌କୁ ପୁରୀରୁ ନୟାହାଟ ଫାଣ୍ଡି ଅଧିକାରୀ ଶ୍ରୀଧର ମଲ୍ଲିକ ଗିରଫ କରିଛନ୍ତି। ପ୍ରକାଶ ଯେ, ଗତ ୯ ତାରିଖରେ ନୟାହାଟ ଫାଣ୍ଡି ଅନ୍ତର୍ଗତ ଚଢ଼େଇଖିଆ ଗ୍ରାମର ଶେଖ୍ ତାହିର(୫୫)ଙ୍କୁ ଶେଖ୍ ରାଜନ ଥଣ୍ଡା ବୋତଲରେ ମୁଣ୍ଡକୁ ଆକ୍ରମଣ କରି ନଗଦ ୪ ହଜାର ଟଙ୍କା ଛଡ଼ାଇ ନେଇଥିଲା। ଏନେଇ ଗୋପ ଥାନା କେସ୍ ନମ୍ବର ୩୮୬/୨୫ରେ ଏକ ମାମଲା ରୁଜୁ ହୋଇଥିଲା। ସେହିଦିନଠାରୁ ଶେଖ୍ ରାଜନ୍ ଫେରାର୍ ଥିଲା। ସେ ପୁରୀରେ ଥିବା ବିଶେଷ ସୂତ୍ରରୁ ଖବର ପାଇ ନୟାହାଟ ଫାଣ୍ଡି ଅଧିକାରୀ ଶ୍ରୀଧର ମଲ୍ଲିକ ତାକୁ ଗିରଫ କରି କୋର୍ଟ ଚାଲାଣ କରିଛନ୍ତି। ଜାମିନ ନାମଞ୍ଜୁର ହେବାରୁ ତାକୁ ଜେଲ୍ ହାଜତକୁ ପଠାଯାଇଛି।

# ବ୍ଲକସ୍ତରୀୟ ବିଜ୍ଞାନ ମେଳା ଓ କୁଇଜ୍ ପ୍ରତିଯୋଗିତା

ଡେଲାଙ୍ଗ, ୨୯।୧୧(ସମିସ): ଡେଲାଙ୍ଗ ବ୍ଲକର ରାଧାକାନ୍ତ ବିଦ୍ୟାପୀଠ ପରିସରରେ ବ୍ଲକସ୍ତରୀୟ ବିଜ୍ଞାନ ମେଳା ଅନୁଷ୍ଠିତ ହୋଇଯାଇଛି। ଡେଲାଙ୍ଗ ବ୍ଲକର ବିଭିନ୍ନ ବିଦ୍ୟାଳୟରୁ ୨୧୫ଟି



ବିଜ୍ଞାନ ପ୍ରକଳ୍ପ ଛାତ୍ରଛାତ୍ରୀଙ୍କ ଦ୍ୱାରା ପ୍ରଦର୍ଶନ କରାଯାଇଥିଲା। ପରିବେଶକୁ ପ୍ରଦୂଷଣମୁକ୍ତ ରଖିବା, ନିରୋଗ ରହିବା, ବର୍ଷାଜଳ ସଞ୍ଚୟ, ପ୍ଲାଷ୍ଟିକ୍‌ମୁକ୍ତ ଓ ସ୍ୱଚ୍ଛତା ନେଇ ପ୍ରକଳ୍ପଗୁଡ଼ିକୁ ପ୍ରସ୍ତୁତ କରାଯାଇ ପ୍ରଦର୍ଶିତ କରାଯାଇଥିଲା। ସେହିପରି ଜ୍ୟେଷ୍ଠ ଓ କନିଷ୍ଠ ଦୁଇଟି ବର୍ଗରେ ଛାତ୍ରଛାତ୍ରୀମାନଙ୍କୁ ବିଭକ୍ତ କରାଯାଇ କୁଇଜ୍ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ପ୍ରଦର୍ଶିତ ପ୍ରକଳ୍ପଗୁଡ଼ିକୁ ଜିଲ୍ଲାସ୍ତରରୁ ବିଜ୍ଞାନ ଶିକ୍ଷକ ଯୋଗେଶଚନ୍ଦ୍ର ନାୟକ, ଶଙ୍କର ପଲାଇ, ପ୍ରକାଶ ଚନ୍ଦ୍ର ଜେନା ମୂଲ୍ୟାୟନ କରିଥିବାବେଳେ କୃତିତ୍ୱ ଅର୍ଜନ କରିଥିବା ଛାତ୍ରଛାତ୍ରୀମାନଙ୍କୁ ଜିଲ୍ଲାସ୍ତରକୁ ମନୋନୀତ କରାଯାଇଥିଲା। ଅପରାହ୍ଣରେ ଅନୁଷ୍ଠିତ ପୁରସ୍କାର ବିତରଣ ଉତ୍ସବରେ ସ୍ଥାନୀୟ ବିଧାୟକ ଆଶ୍ରିତ ପଟ୍ଟନାୟକ, ଆତ୍ମାର ଅଧ୍ୟକ୍ଷ ଲଡୁକିଶୋର ରାୟ, ବ୍ଲକ ଅଧ୍ୟକ୍ଷା ବାସନ୍ତୀ ସାହୁ, ଉପାଧ୍ୟକ୍ଷ ଦୁର୍ବାଶା ନିଶଙ୍କ, ବ୍ଲକ ଶିକ୍ଷାଧିକାରୀ ଶତ୍ରୁଘ୍ନ ବେହେରା, ଅତିରିକ୍ତ ମଣ୍ଡଳ ଶିକ୍ଷାଧିକାରୀ ସୁଷମା ଦାଶ, ବିଦ୍ୟାଳୟର ପ୍ରଧାନଶିକ୍ଷକ ଅଜୟ କୁମାର ଭୋଇ ପ୍ରମୁଖ ଯୋଗଦେଇ ଦୈନନ୍ଦିନ ଜୀବନରେ ବିଜ୍ଞାନର ଆବଶ୍ୟକତା ଓ ଉପଯୋଗିତା ସମ୍ପର୍କରେ ଆଲୋକପାତ କରିଥିଲେ। କ୍ରୀଡ଼ା ଶିକ୍ଷକ ନଟବର ସେଠୀ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ।

# ମହିଳାଙ୍କୁ ସରପଞ୍ଚଙ୍କ ମରଣାନ୍ତକ ଆକ୍ରମଣ ଅଭିଯୋଗ



ବଲଙ୍ଗା, ୨୯।୧୧(ସମିସ): ବଲଙ୍ଗା ଥାନା ଅନ୍ତର୍ଗତ ଉଗ୍ରେଶ୍ୱର ଦେଉଳି ଗ୍ରାମରେ ଜନୈକା ମହିଳାଙ୍କୁ ଅସଦାଚରଣ ଓ ହତ୍ୟା ଉଦ୍ୟମ କରାଯାଇଥିବା ନେଇ ସମ୍ପୃକ୍ତ ସରପଞ୍ଚଙ୍କ ବିରୋଧରେ ମହିଳା ଜଣକ ସଙ୍ଗିନ ଅଭିଯୋଗ ଆଣିଛନ୍ତି। ବଲଙ୍ଗା ପୁଲିସ ଅଭିଯୋଗ ପାଇ ତଦନ୍ତ ଚଳାଇଛି।

ଅଭିଯୋଗ ଅନୁସାରେ, ବଲଙ୍ଗା ଥାନା ଅଞ୍ଚଳ ଉଗ୍ରେଶ୍ୱର ଦେଉଳିର ଶୈଳବାଳା ବେହେରା (୪୯) ନାମକ ମହିଳାଙ୍କର ଏକ ଗ୍ରୋସରୀ ଦୋକାନ ଗାଁ କେନାଲ ବନ୍ଧ କଡ଼ରେ ଅଛି। ଗତ ୨୮ ରିଖରେ ମହିଳାଙ୍କ ସ୍ୱାମୀ ଧୋବେଇ ବେହେରା ବନ୍ଧୁ ଘରକୁ ଯାଇଥିଲେ। ରାତିରେ ଘରକୁ ନ ଫେରିବାରୁ ପୀଡ଼ିତା ମହିଳା ଛୋଟ ନାତିକୁ ନେଇ ଦୋକାନ ଘରେ ଶୋଇଥିଲେ। ସ୍ୱାମୀ ନ ଥିବାର ସୁଯୋଗ ନେଇ ଗତ ଶୁକ୍ରବାର ରାତି ପ୍ରାୟ ୩ଟା ସମୟରେ ଦୋକାନ କବାଟକୁ ବାଡ଼େଇବାରୁ କିଏ ସେ ଦୋକାନ କବାଟ ବାଡ଼ଉଛ ବୋଲି ମହିଳା ଜଣକ ପଚାରିଥିଲେ। ସେ ସରପଞ୍ଚ ଟୁଲା ଭାଇନା ବୋଲି ପରିଚୟ ଦେଇଥିଲେ। ତାଙ୍କ ପାଟିଶୁଣି ଶୈଳବାଳା କବାଟ ଖୋଲିବାରୁ ସରପଞ୍ଚ ଟୁଲା ଘର ଭିତରକୁ ବଳପୂର୍ବକ ପଶି ଧରିଥିବା ଏକ ଭୁଜାଲିକୁ ତାଙ୍କ ବେକରେ ଲଗାଇଦେଲେ। ଅଶ୍ଳୀଳ ଭାଷାରେ ଗାଳଗୁଲଜ କରି ଧମକ ଦେଇ ମୋ ବିରୋଧରେ କେହି ଯିବ ନାହିଁ, ନଚେତ୍ ଗାଡ଼ି ମଡ଼େଇ ଜୀବନରୁ ମାରିଦେବି। ଏନେଇ ମହିଳା ଜଣକ ପ୍ରତିବାଦ କରିବାରୁ ତାଙ୍କ ଚୁଟି ଘୋଷାଡ଼ି ଗାଲକୁ ଚାପୁଡ଼ା ମାରିଥିଲେ। ପରେ ଇଜ୍ଜତ ନେଇଯିବି ବୋଲି କହି ଟଣାଓଟରା କରିଥିଲେ। ମହିଳା ଜଣକ ଚିତ୍କାର କରିବାରୁ ଟୁଲା ଜୀବନରୁ ମାରିଦେବା ଉଦ୍ଦେଶ୍ୟରେ ତଣ୍ଟିକୁ ଚିପିଦେଇଥିଲେ। ସେ ଚେତାଶୂନ୍ୟ ହୋଇଯିବାରୁ ଟୁଲା ସେଠାରୁ ଚାଲିଯାଇଥିବା ମହିଳା ଜଣକ ଥାନାରେ କରିଥିବା ଅଭିଯୋଗରେ ଦର୍ଶାଇଛନ୍ତି। ସ୍ଥାନୀୟ ଲୋକ ଆସି ପୀଡ଼ିତା ମହିଳାଙ୍କୁ ଚିକିତ୍ସା ପାଇଁ ଡାକ୍ତରଖାନା ନେଇଥିଲେ।

## କଣାସ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରେ ଯୁବ ରେଡ୍‌କ୍ରସର ପ୍ରବେଶ ଉତ୍ସବ

କଣାସ, ୨୯।୧୧(ସମିସ): କଣାସ ବ୍ଲକର କଣାସଠାରେ ପ୍ରତିଷ୍ଠିତ କଣାସ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ଯୁବ ରେଡ୍‌କ୍ରସ୍ ବିଭାଗ ତରଫରୁ ନୂତନ ସ୍ୱୟଂ ସେବକମାନଙ୍କର ପ୍ରବେଶ ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ବିଦ୍ୟାଳୟର ଅଧ୍ୟକ୍ଷ ସଞ୍ଜୀବ ପଟ୍ଟନାୟକଙ୍କ କରକମଳରେ ଉଦ୍‌ଘାଟନ କରାଯାଇଥିଲା। ଏହି ଉତ୍ସବରେ ରେଡ୍‌କ୍ରସ ପୁରୀ ଜିଲ୍ଲା ସଂଯୋଜକ ରବୀନ୍ଦ୍ର କୁମାର ସାହୁ, କଲେଜର ଇଂରାଜୀ ଅଧ୍ୟାପକ ତଥା ଯୁବ ରେଡ୍‌କ୍ରସର ଉପଦେଷ୍ଟା ନିରଞ୍ଜନ ସ୍ୱାଇଁ, ଇଂରାଜୀ ଅଧ୍ୟାପକ ବୃନ୍ଦାବନ ପାତ୍ରଙ୍କ ସମେତ ଅଧ୍ୟାପକ ପ୍ରମୋଦ ହୋତା, ଗଦାଧର ଶତପଥୀ, ସନମିତା ହାତୀ, ଶୁଭସ୍ମିତା ଭାରିମଲ ଉପସ୍ଥିତ ରହି ଛାତ୍ରଛାତ୍ରୀଙ୍କୁ ପ୍ରେରଣା ଦେଇଥିଲେ। ଜିଲ୍ଲା ସଂଯୋଜକ ଶ୍ରୀ ସାହୁ ଉପାଦେୟ ତଥ୍ୟମାନ ରଖି ରେଡ୍‌କ୍ରସର ଆବିଷ୍କାର ତଥା ଆବଶ୍ୟକତା ବିଷୟରେ ଆଲୋକପାତ କରି ପିଲାମାନଙ୍କୁ ଉତ୍ସାହିତ କରିଥିଲେ। ଶେଷରେ ଅଧ୍ୟାପକ ପ୍ରଭାସ କୁମାର ମଙ୍ଗରାଜ ଧନ୍ୟବାଦ ଅର୍ପଣ କରିଥିଲେ।

# ମହାବୀର ଡ୍ୟାନ୍ସର ଦ୍ୱିତୀୟ ବାର୍ଷିକ ଉତ୍ସବ




ନୟାହାଟ, ୨୯।୧୧(ସମିସ): ନୟାହାଟଠାରେ ଶନିବାର ସନ୍ଧ୍ୟା ୭ଟାରେ ମହାବୀର ଡ୍ୟାନ୍ସ ଅନୁଷ୍ଠାନର ଦ୍ୱିତୀୟ ବାର୍ଷିକ ଉତ୍ସବ ଅନୁଷ୍ଠିତ ହୋଇଯାଇଛି। କୁନିକୁନି ପିଲାମାନଙ୍କୁ ନେଇ ନାଚ ଗୀତ ତାଲିମ ଦେଉଥିବା ଅନୁଷ୍ଠାନର ମୁଖ୍ୟ ପଦ୍ମ ଚରଣ ରାଉତଙ୍କ ଅକ୍ଳାନ୍ତ ପରିଶ୍ରମରେ ଉକ୍ତ ଅନୁଷ୍ଠାନଟି ବଞ୍ଚିରହିଛି। ନୟାହାଟ ଅଞ୍ଚଳର କୁନି କୁନି ପିଲାମାନଙ୍କୁ ସଙ୍ଗୀତ ଓ ନାଚ ମାଧ୍ୟମରେ କିଛି ଶିକ୍ଷଣୀୟ ଜିନିଷ ସମାଜକୁ ଆକୃଷ୍ଟ କଲାଭଳି ପ୍ରୋଗ୍ରାମ ଅନୁଷ୍ଠିତ ହୋଇଥିଲା। ଏଥିରେ ମୁଖ୍ୟ ଅତିଥି ଭାବେ ଜଙ୍ଗଲବୋରି ପୂର୍ବତନ ସରପଞ୍ଚ ପ୍ରଣୟ କୁମାର ସାହୁ ଯୋଗ ଦେଇଥିଲାବେଳେ ନୟାହାଟ ଅଞ୍ଚଳର ଜଣାଶୁଣା ସମାଜସେବୀ ଅଭିମନ୍ୟୁ ସିଂହ ମୁଖ୍ୟବକ୍ତା ଓ ସମ୍ମାନିତ ଅତିଥି ଭାବେ ଶିକ୍ଷାବିତ୍ ବିଚିତ୍ରାନନ୍ଦ ପାତ୍ର, ମାନସ ପାତ୍ର ପ୍ରମୁଖ ଯୋଗଦେଇଥିଲେ। ଶିକ୍ଷକ ସରୋଜ ମିଶ୍ର ଅତିଥି ପରିଚୟ ପ୍ରଦାନ କରିଥିଲେ। ସମାଜକୁ ଦିଗ୍‌ଦର୍ଶନ କଲାଭଳି ଯେପରି ସୁସ୍ଥ ପାଇଁ ଖେଳର ଆବଶ୍ୟକ ରହିଛି ସେହିପରି ନାଚ ଗୀତର ଆବଶ୍ୟକ ରହିଛି ବୋଲି ଶ୍ରୀ ସାହୁ ମତବ୍ୟକ୍ତ କରିଛନ୍ତି।

# ବ୍ଲକସ୍ତରୀୟ ବିଜ୍ଞାନ ମେଳା ଓ ଶିଶୁ ବୈଜ୍ଞାନିକ ପ୍ରଦର୍ଶନୀ

ନିମାପଡ଼ା, ୨୯।୧୧(ସମିସ)




ନିମାପଡ଼ାସ୍ଥିତ ସରକାରୀ ଉଚ୍ଚ ବିଦ୍ୟାଳୟ ପରିସରରେ ଗତ ଶୁକ୍ରବାର ବ୍ଲକସ୍ତରୀୟ ବିଜ୍ଞାନ ମେଳା ଓ ଶିଶୁ ବୈଜ୍ଞାନିକ ପ୍ରଦର୍ଶନୀ ଅନୁଷ୍ଠିତ ହୋଇଯାଇଛି। ମଣ୍ଡଳ ଶିକ୍ଷାଧିକାରୀ କୈଳାସ ଚନ୍ଦ୍ର ପାଢ଼ୀଙ୍କ ଅଧ୍ୟକ୍ଷତାରେ ଆୟୋଜିତ ବ୍ଲକସ୍ତରୀୟ ବିଜ୍ଞାନ ମେଳାର ଉଦ୍‌ଘାଟନୀ ଉତ୍ସବରେ ମୁଖ୍ୟଅତିଥି ଜଗତସିଂହପୁର ସାଂସଦ ଡ. ବିଭୁ ପ୍ରସାଦ ତରାଇ, ମୁଖ୍ୟବକ୍ତା ଭାବେ ପୂର୍ବତନ ଅଧ୍ୟକ୍ଷ ଡିଆଇଇଟି ପୁରୀ ଚଣ୍ଡେଶ୍ୱର ମହାପାତ୍ର, ସମ୍ମାନିତ ଅତିଥିଭାବେ ଏନ୍‌ଏସି ଅଧ୍ୟକ୍ଷା ସସ୍ମିତା ସାହୁ, ଯୁଗ୍ମ ନିର୍ଦ୍ଦେଶକ ଓସେପା ହିମାଂଶୁ ଭୂଷଣ ସମରଥ, ବିଡିଓ ଡ. ଅଭିଜିତ୍ ଷଡ଼ଙ୍ଗୀ, ନିମାପଡ଼ା ବାଳକ ଉଚ୍ଚ ବିଦ୍ୟାଳୟ ପ୍ରଧାନଶିକ୍ଷୟିତ୍ରୀ ନନ୍ଦିତା ସାହୁ, ଅତିରିକ୍ତ ମଣ୍ଡଳ ଶିକ୍ଷାଧିକାରୀ ଅଭୟ ବେହେରା, ଏବିଇଓ ଗୀତାଞ୍ଜଳି ନାୟକ, ଏବିଇଓ ପୁଷ୍ପମିତ୍ରା ମିଶ୍ର, ସାଂସଦଙ୍କ ଏନ୍‌ଏସି ପ୍ରତିନିଧି ମୀନଳତା ମହାନ୍ତି ପ୍ରମୁଖ ଯୋଗଦେଇଥିବା ବେଳେ ଉଦ୍‌ଯାପନୀ ଉତ୍ସବରେ ମୁଖ୍ୟ ଅତିଥିଭାବେ ନିମାପଡ଼ା ବ୍ଲକ ଅଧ୍ୟକ୍ଷ ଶଙ୍କର ଭୋଇ, ମୁଖ୍ୟବକ୍ତାଭାବେ ନିମାପଡ଼ା କଲେଜ ଅଧ୍ୟକ୍ଷା ପ୍ରଫେସର ଅମିତା ମହାନାୟକ, ସମ୍ମାନିତ ଅତିଥିଭାବେ ଅତିରିକ୍ତ ଜିଲ୍ଲା ଶିକ୍ଷାଧିକାରୀ ଦ୍ୱିତୀକାନ୍ତ ପ୍ରଧାନ, ତହସିଲ୍‌ଦାର ଡ. ମନୋଜ କୁମାର ପ୍ରଧାନ, ଏନ୍‌ଏସି କାର୍ଯ୍ୟନିର୍ବାହୀ ଅଧିକାରୀ ଚିନ୍ମୟ କୁମାର ଦାସ ପ୍ରମୁଖ ଯୋଗଦେଇଥିଲେ। ଛାତ୍ରଛାତ୍ରୀମାନଙ୍କ ଉଜ୍ଜ୍ୱଳ ଭବିଷ୍ୟତ କାମନା କରିବା ସହିତ ବିଜ୍ଞାନ ମେଳାରେ କୁନିକୁନି ବୈଜ୍ଞାନିକମାନଙ୍କ ଦ୍ୱାରା ସ୍ଥାନ ପାଇଥିବା ବିଭିନ୍ନ ବିଜ୍ଞାନ ପ୍ରକଳ୍ପଗୁଡ଼ିକ ବୁଲି ଦେଖିଥିଲେ। ଷ୍ଟେମଫର ବିକଶିତ ଓ ଆତ୍ମନିର୍ଭର ଭାରତ ଥିମ୍ ଉପରେ ୭ଟି ସବ୍ ଥିମ୍‌କୁ ନେଇ ଛାତ୍ରଛାତ୍ରୀଙ୍କ ଦ୍ୱାରା ୨୧୧ଟି ପ୍ରକଳ୍ପ ସ୍ଥାନ ପାଇଥିଲା। ସେଥିରୁ ୭ଟି ପ୍ରକଳ୍ପ ଜିଲ୍ଲାସ୍ତରକୁ ମନୋନୀତ ହୋଇଥିଲା। ଜିଲ୍ଲାସ୍ତରକୁ ମନୋନୀତ ହୋଇଥିବା କୃତୀ ପ୍ରକଳ୍ପଧାରୀମାନଙ୍କୁ ଅତିଥିଙ୍କ ଦ୍ୱାରା ପୁରସ୍କୃତ କରାଯାଇଥିଲା। ଉକ୍ତ କାର୍ଯ୍ୟକ୍ରମକୁ ଶିକ୍ଷକ ତ୍ରିଲୋଚନ କର ପରିଚାଳନା କରିଥିବାବେଳେ ଶିକ୍ଷକ ପ୍ରତାପ ଚନ୍ଦ୍ର ସାବୁତ୍ ଅତିଥି ପରିଚୟ ପ୍ରଦାନ କରିଥିଲେ। ଉକ୍ତ ମେଳାରେ ବ୍ଲକର ସମସ୍ତ ଆଞ୍ଚଳିକ ସାଧନକେନ୍ଦ୍ରର ସଂଯୋଜକ, ସମସ୍ତ ବିଦ୍ୟାଳୟର ଶିକ୍ଷକଶିକ୍ଷୟିତ୍ରୀ ଓ ବିଭିନ୍ନ ଶିକ୍ଷକ ସଂଗଠନର କାର୍ଯ୍ୟକର୍ତ୍ତାମାନେ ଯୋଗଦେଇଥିଲେ। ପରିଶେଷରେ ଏବିଇଓ ସୁଦର୍ଶନ ଭୋଇ ଧନ୍ୟବାଦ ଅର୍ପଣ କରିଥିଲେ।

BEST OFFER
SALE
Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.
9437015112

# ଶ୍ରୀକ୍ଷେତ୍ର ସିଟି

୨୯/୧୧/୨୦୨୫ (ଶନିବାର) ଶ୍ରୀଜଗନ୍ନାଥଙ୍କ ହୁଣ୍ଡିରେ ସମର୍ପଣ

ଟ. ୭,୦୭,୯୮୧/- ସୁନା: ୧୭.୮୦୦ ଗ୍ରାମ୍ ରୁପା: ୨୨.୭୦୦ ଗ୍ରାମ୍



# ୨ ଅଭିଯୁକ୍ତଙ୍କୁ ୨୦ ବର୍ଷ ଲେଖାଏଁ ଜେଲ୍‌ଦଣ୍ଡ

- ନାବାଳିକାଙ୍କୁ ଗର୍ଭବତୀ କରିଥିଲେ ବରନ
- ଘରେ ପଶି ନାବାଳିକାକୁ ଦୁଷ୍କର୍ମ କରିଥିଲେ ନରେଶ

ପୁରୀ, ୨୯।୧୧ (ଇମିସ): ପୋକ୍‌ସୋ ମାମଲାରେ ୨ ଅଭିଯୁକ୍ତଙ୍କୁ ୨୦ ବର୍ଷ ଲେଖାଏଁ ଜେଲ୍ ଦଣ୍ଡାଦେଶ ହୋଇଛି। ୨୦୨୪ ମସିହାରେ ବ୍ରହ୍ମଗିରି ଥାନା ଅଞ୍ଚଳରେ ଘଟିଥିବା ନାବାଳିକାକୁ ଗର୍ଭବତୀ ମାମଲାର ରାୟ ପ୍ରକାଶ ପାଇଛି। ପୁରୀ ଅତିରିକ୍ତ ଜିଲ୍ଲା ଦୌରାଜଜ୍ (ଆଡ୍‌ହକ୍) ତଥା ସ୍ୱତନ୍ତ୍ର ପୋକ୍ସୋ ଫାଷ୍ଟଟ୍ରାକ୍ କୋର୍ଟରେ ଦୋଷୀକୁ ଦଣ୍ଡାଦେଶ ହୋଇଛି। ଅଭିଯୁକ୍ତ ବ୍ରହ୍ମଗିରି ଅଞ୍ଚଳର ବୈକୁଣ୍ଠ ଜେନାକୁ ଦୋଷୀ ସାବ୍ୟସ୍ତ କରି ୨୦ ବର୍ଷ କାରାଦଣ୍ଡ ସହ ୫୦ ହଜାର ଟଙ୍କା ଜରିମାନା ଓ ଅନାଦେୟ ଅଧିକ ୧ ମାସ ଜେଲ୍‌ଦଣ୍ଡ ଭୋଗିବାକୁ ବିଚାରପତି ରାମନାଥ ପଣ୍ଡା ରାୟ ଦେଇଛନ୍ତି। ଅଭିଯୁକ୍ତ ବୈକୁଣ୍ଠ ଓରଫ ବରନ ୨୦୨୩ ସେପ୍ଟେମ୍ବର ମାସରେ ଜଣେ ୧୭ ବର୍ଷୀୟା ନାବାଳିକା ସହ ପୋଖରୀ କୂଳରେ ଜୋର୍‌ଜବରଦସ୍ତ ଶାରୀରିକ ସମ୍ପର୍କ ରଖିଥିଲା। ଏ ବିଷୟରେ କାହାକୁ ନ କହିବାକୁ ଧମକ ଦେଇଥିଲା। ନାବାଳିକା ଜଣକ ଭୟଭୀତ ହୋଇ କାହାକୁ କହି ନ



ଥିଲେ। ଏହାର ୩-୪ ମାସ ପରେ ନାବାଳିକା ଜଣକ ଗର୍ଭବତୀ ଥିବା ଜଣାପଡ଼ିଥିଲା। ନାବାଳିକାଙ୍କର ବାରମ୍ବାର ପରିସ୍ରା ହେବାରୁ ତାଙ୍କ ମାଆ ଓ ଭଉଣୀ ଏମ୍‌ସ ମେଡିକାଲକୁ ନେଇ ଯାଇଥିଲେ। ସେଠାରେ ୨୦୨୪ ମାର୍ଚ୍ଚ ୬ ତାରିଖରେ ନାବାଳିକା ଜଣକ ଏକ ପୁତ୍ର ସନ୍ତାନ ଜନ୍ମ ଦେଇଥିଲେ। ଏହି ଘଟଣାରେ ପୁରୀ ପୁଲିସ୍ ମଧ୍ୟ ତତ୍ପରତା ପ୍ରକାଶ କରି ଶୀଘ୍ର ନ୍ୟାୟ ପାଇଁ ସମୟ ଉପଯୋଗୀ ତଦନ୍ତ, ଚାର୍ଜସିଟ୍ ପ୍ରଦାନ, ବୈଜ୍ଞାନିକ ପ୍ରମାଣ ସଂଗ୍ରହ, ତଥ୍ୟ ଆଧାରିତ ମାମଲା ରୁଜୁ କରିଥିଲେ। ତେବେ ୧୭ ଜଣ ସାକ୍ଷୀଙ୍କ ବୟାନକୁ ଆଧାର କରି ଶନିବାର ଅଦାଲତ ଏହି ରାୟ ଦେଇଛନ୍ତି। ଏଥିସହ ରାଜ୍ୟ ସରକାର ପୀଡ଼ିତାକୁ ୫ ଲକ୍ଷ ଟଙ୍କା କ୍ଷତିପୂରଣ ରାଶି ପ୍ରଦାନ କରିବାକୁ କୁହାଯାଇଛି। ଏହି ମାମଲାକୁ ଅତିରିକ୍ତ ପବ୍ଲିକ୍ ପ୍ରସିକ୍ୟୁଟର (ପିପି) ବାହାନ ପରିଡ଼ା ପରିଚାଳନା କରୁଥିଲେ।

ସେହିଭଳି ସଦର ଥାନା ଅଞ୍ଚଳରେ ନରେଶ ଜେନା ନାମକ ଜଣେ ବ୍ୟକ୍ତି ୨୦୨୩ ଅଗଷ୍ଟ ୪ ତାରିଖରେ ଜଣଙ୍କ ଘରେ ପଶି ବଳପୂର୍ବକ ୧୩ ବର୍ଷୀୟା ନାବାଳିକା ସହ ଦୁଷ୍କର୍ମ କରିଥିଲେ। ତାଙ୍କୁ ଅଦାଲତ ୨୦ ବର୍ଷ କାରାଦଣ୍ଡ ଏବଂ ୧୦ ହଜାର ଟଙ୍କା ଜରିମାନା ଶୁଣାଇଛନ୍ତି। ନରେଶ ଦୁଷ୍କର୍ମ ପରେ ନାବାଳିକାଙ୍କୁ ଏ ଘଟଣା ସମ୍ପର୍କରେ କାହାକୁ ନ କହିବାକୁ ଭୟଭୀତ କରିଥିଲେ। ନାବାଳିକାଙ୍କ ସ୍ୱାସ୍ଥ୍ୟାବସ୍ଥା ବିଗିଡ଼ିବାରୁ ସେ ପରିବାର ବର୍ଗଙ୍କୁ ଜଣାଇଥିଲେ। ଏହାପରେ ମଧ୍ୟ ନରେଶ ତା'ର ପିତାମାତାଙ୍କୁ ଜାତିଆଣ ଆକ୍ଷେପ କରି ଭୟଭୀତ କରାଇ ଚୁପ୍ ରହିବାକୁ କହିଥିଲେ। ଏ ନେଇ ପୀଡ଼ିତାଙ୍କ ପରିବାର ପକ୍ଷରୁ ସଦର ଥାନାରେ ଅଭିଯୋଗ ହୋଇଥିଲା। ଏହି ମାମଲାକୁ ସ୍ୱତନ୍ତ୍ର ପବ୍ଲିକ ପ୍ରୋସିକ୍ୟୁଟର ବିଜୟ କୁମାର ମିଶ୍ର ଓ ପବ୍ଲିକ ପ୍ରୋସିକ୍ୟୁଟର ଜୋନାଲିନ ରାଉତ ପରିଚାଳନା କରିଥିଲେ। ଏସ୍‌ପି ପ୍ରତୀକ୍ ସିଂହ ଏହି ମାମଲାକୁ ଗୁରୁତ୍ୱ ପୂର୍ବକ ବୈଜ୍ଞାନିକ ତଦନ୍ତ, ସାକ୍ଷୀ ସଂଗ୍ରହ, ଭଲ ଭାବେ ଚାର୍ଜସିଟ୍ ପ୍ରସ୍ତୁତ କରିବା ପାଇଁ ନିର୍ଦ୍ଦେଶ ଦେଇଥିଲେ। ଏସ୍‌ପି ଶ୍ରୀ ସିଂହ କହିଛନ୍ତି, ନାବାଳିକାଙ୍କ କ୍ଷେତ୍ରରେ ଅପରାଧକୁ ଆଦୌ ବରଦାସ୍ତ କରାଯିବ ନାହିଁ। ଏଥିରେ ଶୂନ୍ୟ ସହନଶୀଳତା ନୀତି ଅବଲମ୍ବନ କରାଯାଉଛି। ପୋକ୍‌ସୋ ମାମଲାରେ ଶୀଘ୍ର ତଦନ୍ତ, ପ୍ରମାଣ ସଂଗ୍ରହ ଓ ଶୀଘ୍ର ନ୍ୟାୟ ଦେବା ପାଇଁ ଆମେ ପ୍ରତିଶ୍ରୁତିବଦ୍ଧ ବୋଲି ସେ କହିଛନ୍ତି।

## କେନ୍ଦ୍ର ସରକାରୀ ଅବସରପ୍ରାପ୍ତ କର୍ମଚାରୀ ସଂଘର ବର୍ଷାନ୍ତ ଅଧିବେଶନ

ପୁରୀ,୨୯।୧୧(ସମିସ): କେନ୍ଦ୍ର ସରକାରୀ ଅବସରପ୍ରାପ୍ତ କର୍ମଚାରୀ ସଂଘ ପୁରୀ ଜିଲ୍ଲାର ବର୍ଷାନ୍ତ ଅଧିବେଶନ ସ୍ଥାନୀୟ ସେନାପତି ବଗିଚାଠାରେ ଶନିବାର ଅନୁଷ୍ଠିତ ହୋଇଯାଇଛି। ସଂଘ ସଭାପତି ପ୍ରଫେସର ପୂର୍ଣ୍ଣଚନ୍ଦ୍ର ମହାପାତ୍ରଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏଇ ଅଧିବେଶନରେ ସମ୍ପାଦକ ଗୋବିନ୍ଦ ଚନ୍ଦ୍ର ଷଡ଼ଙ୍ଗୀ ଭାରତ ପେନ୍‌ସନର ସମାଜ ତରଫରୁ ଆଗାମୀ ଡିସେମ୍ବର ୩ ତାରିଖ ଦିନ ଭୁବନେଶ୍ୱରଠାରେ ଅନୁଷ୍ଠିତ ହେବାକୁ ଯାଉଥିବା ମହାଅଧିବେଶନ ସମ୍ପର୍କରେ ଆଲୋଚନା କରିଥିଲେ। ଅଷ୍ଟମ ବେତନ କମିଶନ ପେନ୍‌ସନ ଭୋଗୀମାନଙ୍କ ପ୍ରତିକୂଳ ସିଦ୍ଧାନ୍ତ ନେଲେ ଏହାର ବିରୋଧ କରିବାକୁ ସ୍ଥିର କରାଯାଇଥିଲା। ସଂଘର ଉପଦେଷ୍ଟା ବିମଳ ପ୍ରସାଦ ମହାନ୍ତି ଓ ଲୋକନାଥ ମିଶ୍ର, ଗଣମାଧ୍ୟମ ବିଶେଷଜ୍ଞ ସଦସ୍ୟ ମାନସ ରଞ୍ଜନ ମହାପାତ୍ର, ସହାୟକ ସମ୍ପାଦକ ମନୋଜ କୁମାର ସାମଲ, କୋଷାଧ୍ୟକ୍ଷ କିଶୋର କୁମାର ପଟ୍ଟନାୟକ ଓ ଅନ୍ୟ ସଦସ୍ୟମାନେ ଆଲୋଚନାରେ ଭାଗ ନେଇଥିଲେ। ଭାରତର ଚାରିଧାମ ପରି ଶ୍ରୀଜଗନ୍ନାଥ ଧାମରେ ସେଣ୍ଟ୍ରାଲ ଗଭର୍ଣ୍ଣମେଣ୍ଟ ହେଲ୍‌ଥ ସ୍କିମ୍‌ର ଚିକିତ୍ସା କେନ୍ଦ୍ର ତୁରନ୍ତ ସ୍ଥାପନ କରାଯିବାକୁ କେନ୍ଦ୍ର ସରକାରଙ୍କ ଉପରେ ଚାପ ପକାଇବା ପାଇଁ ସ୍ଥିର କରାଯାଇଥିଲା। ସର୍ବଶେଷରେ ସଂଘର ଉପସଭାପତି ଦର୍ପେନ୍ଦ୍ର ନାରାୟଣ ଦାସ ଧନ୍ୟବାଦ ଅର୍ପଣ କରିଥିଲେ।



ଗୋଧୂଳିବେଳାରେ ପୁରୀ ବେଳାଭୂମିର ମନୋରମ ଦୃଶ୍ୟ (ଫଟୋ: ଅନିଲ୍)

ମହିଳା ଯୋଗ ପ୍ରଶିକ୍ଷଣ ସମ୍ମାନ ସମାରୋହ

## ସୁସ୍ଥ ଶରୀର ଓ ମନ ପାଇଁ ଯୋଗର ଭୂମିକା ଅତୁଳନୀୟ

ପୁରୀ,୨୯।୧୧(ସମିସ): ବାଲିଗୁଆଳିସ୍ଥିତ ସାଇ ସ୍ମାର୍ଟ ସ୍କୁଲ ପରିସରରେ ଯୋଗ ଭାରତ ଆନୁକୂଲ୍ୟରେ ସାଇ ସ୍ମାର୍ଟ ସ୍କୁଲ ଦ୍ୱାରା ଆୟୋଜିତ ପଞ୍ଚାୟତସ୍ତରୀୟ ମହିଳା ଯୋଗ ପ୍ରଶିକ୍ଷଣ ସମ୍ମାନ ସମାରୋହ ଅନୁଷ୍ଠିତ ହୋଇଯାଇଛି। ଏଥିରେ ପୁରୀର ବିଭାଗୀୟ ବନ ଅଧିକାରୀ ଧନଜୀ ରାଓସ ମୁଖ୍ୟଅତିଥି ଭାବେ ଯୋଗଦେଇ ଉଦ୍‌ଘାଟନ କରି କହିଥିଲେ ଯେ, ସୁସ୍ଥ ଶରୀର ଓ ମନ ପାଇଁ ଯୋଗର ଭୂମିକା ଅତୁଳନୀୟ। ସମ୍ମାନିତ ଅତିଥି ଭାବେ କଲେଜ ଅଫ୍ ଫାର୍ମାସ୍ୟୁଟିକାଲ ସାଇନ୍‌ସେସ୍ (ସିପିଏସ୍)ର ଚେୟାରପର୍ସନ ଅନିମା ଦାଶ ଓ ଅଧ୍ୟକ୍ଷ ଡ. ଅମୀୟକାନ୍ତ ମିଶ୍ର ଯୋଗଦେଇ ଆଜିର ଆଧୁନିକ ବ୍ୟସ୍ତବହୁଳ ଜୀବନଚର୍ଯ୍ୟାରେ ଯୋଗ ଶାନ୍ତି ଓ ସୁଖ ଦେଇପାରିବ ବୋଲି ମତପୋଷଣ କରିଥିଲେ। ଅନ୍ୟ ସମ୍ମାନିତ ଅତିଥି ଭାବରେ ସାଇ ସ୍ମାର୍ଟ ସ୍କୁଲର ଅଧ୍ୟକ୍ଷ ଇଂ. ଆଶିଷ କୁମାର ଦାଶ, ପୁରୀ ସଦର ସାମାଜିକ



ସଦ୍‌ଭାବନାର ସହ ସଂଯୋଜକ ସର୍ବେଶ୍ୱର ସ୍ୱାଇଁ, ଯୋଗ ଗୁରୁ ଡ. ଆଲୋକ କୁମାର ସ୍ୱାଇଁ, ପୁରୀ ସଂସ୍କୃତ ବିଶ୍ୱବିଦ୍ୟାଳୟର ଯୋଗ ବିଭାଗର ସହଯୋଗୀ ଅଧ୍ୟାପକ ପ୍ରେମ ପ୍ରକାଶ ପାଣ୍ଡେ ଯୋଗଦେଇ ଯୋଗର ପରିଭାଷା, ପ୍ରଣାଳୀ ଓ ଏହାର ବିସ୍ତାରି ପ୍ରଭାବ ସମ୍ପର୍କରେ ଉପସ୍ଥିତ ଯୋଗ ଶିକ୍ଷାର୍ଥୀମାନଙ୍କୁ ବୁଝାଇଥିଲେ। ଯୋଗ ଭାରତର ସଂଯୋଜିକା ତଥା ଯୋଗ ପ୍ରଶିକ୍ଷିକା ସୁଶ୍ରୀ ପ୍ରିୟଦର୍ଶିନୀ ପାଣି ତାଙ୍କର ପ୍ରିୟ ଶିକ୍ଷାର୍ଥୀମାନଙ୍କୁ ନିରନ୍ତର ଯୋଗାଭ୍ୟାସ ଜାରି ରଖିବା ପାଇଁ ପରାମର୍ଶ ଦେଇଥିଲେ। ଏହି କାର୍ଯ୍ୟକ୍ରମରେ ଶିକ୍ଷାର୍ଥୀମାନଙ୍କ ମଧ୍ୟରେ ବିଭିନ୍ନ ଖେଳ ପ୍ରତିଯୋଗିତା କରାଯାଇଥିଲା। ସୁସ୍ଥ ନାରୀ ସଶକ୍ତ ପରିବାର ଗଠନ କରି ଏକ ସୁସ୍ଥ ସମାଜ ଗଢ଼ିବା ପାଇଁ ସମସ୍ତ ଶିକ୍ଷାର୍ଥୀ ସଂକଳ୍ପ ନେଇଥିଲେ। ମା ପାଇଁ ଗଛଟିଏ ନାରାରେ ସମସ୍ତ ଅତିଥି ଯୋଗ ଶିକ୍ଷାର୍ଥୀମାନଙ୍କୁ ଗୋଟିଏ ଲେଖାଏଁ ଗଛ ସହିତ ସମ୍ମାନ ପ୍ରମାଣପତ୍ର ପ୍ରଦାନ କରିଥିଲେ। ଶେଷରେ ବିଦ୍ୟାଳୟ ଛାତ୍ରଛାତ୍ରୀମାନେ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରିଥିଲେ। ଶିକ୍ଷୟିତ୍ରୀ ଶ୍ରୀପଦା ମିଶ୍ର, ଲୋପାମୁଦ୍ରା ମହାପାତ୍ର ସମାରୋହ ସଞ୍ଚାଳନା କରିଥିବାବେଳେ ଶିକ୍ଷୟିତ୍ରୀ ନମ୍ରତା ରଥ, ସ୍ୱପ୍ନା ଦାଶ, ଅନିନ୍ଦିତା ଦାଶ, ସୁଲିପ୍ତା ମହାପାତ୍ର, ମଧୁସ୍ମିତା ଓଝା, ନୀଳାମ୍ବରୀ ପଣ୍ଡା ଓ ସୁଲେଖା ତ୍ରିପାଠୀ ପ୍ରମୁଖ ପରିଚାଳନା କରିଥିଲେ।

## ଶ୍ରୀଜଗନ୍ନାଥ ସଂସ୍କୃତ ବିଶ୍ୱବିଦ୍ୟାଳୟରେ କୁଳପତି ପଦ ଖାଲି

ପୁରୀ,୨୯।୧୧(ସମିସ): ଶ୍ରୀଜଗନ୍ନାଥ ସଂସ୍କୃତ ବିଶ୍ୱବିଦ୍ୟାଳୟରେ କୁଳପତି ନାହାନ୍ତି। ଏମିତି ବି ଭାରପ୍ରାପ୍ତ କୁଳପତି ଭାବେ ମଧ୍ୟ କାହାକୁ ବିଧିବଦ୍ଧ ଦାୟିତ୍ୱ ଦିଆଯାଇ ନାହିଁ। ଫଳରେ ବିଶ୍ୱବିଦ୍ୟାଳୟ ଷ୍ଟାଫମାନଙ୍କ ଦରମାଠାରୁ ଆରମ୍ଭ କରି ଅନ୍ୟାନ୍ୟ ଗୁରୁତ୍ୱପୂର୍ଣ୍ଣ କାଗଜପତ୍ର କାମ ଅଟକି ରହିଛି। ଏହାକୁ ନେଇ କର୍ମଚାରୀଙ୍କ ମଧ୍ୟରେ ଚର୍ଚ୍ଚା ଆଲୋଚନା ଚାଲିଥିବାବେଳେ ଏ ପର୍ଯ୍ୟନ୍ତ ସରକାରଙ୍କୁ ମଧ୍ୟ ଏ ବିଷୟରେ ଅବଗତ କରାଯାଇ ନାହିଁ। କେବେ ନୂତନ କୁଳପତି ନିଯୁକ୍ତି ପାଇବେ ବା କାହାକୁ ଭାରପ୍ରାପ୍ତ କୁଳପତି ଦାୟିତ୍ୱ ଦିଆଯିବା ତାହା ଏବେ ଅନିଶ୍ଚିତତାରେ ରହିଛି। ଭୁବନେଶ୍ୱର ସଂସ୍କୃତି ବିଶ୍ୱବିଦ୍ୟାଳୟର କୁଳପତି ପ୍ରଫେସର ପ୍ରଶନ୍ନ ସ୍ୱାଇଁଙ୍କୁ ଶ୍ରୀଜଗନ୍ନାଥ ସଂସ୍କୃତ ବିଶ୍ୱବିଦ୍ୟାଳୟ କୁଳପତି ଭାବେ ଅତିରିକ୍ତ ଦାୟିତ୍ୱ ପ୍ରଦାନ କରାଯାଇଥିଲା। ତାଙ୍କୁ ବର୍ଷକ ପାଇଁ ଏହି ଦାୟିତ୍ୱ ଦିଆଯାଇଥିବା ବେଳେ ଗତ ୨୪ ତାରିଖରେ ତାଙ୍କର କାର୍ଯ୍ୟକାଳ ଶେଷ ହୋଇଛି। ଫଳରେ ୫ ଦିନ ହେଲାଣି ବିନା କୁଳପତିରେ ଚାଲିଛି ବିଶ୍ୱବିଦ୍ୟାଳୟ। ନିୟମ ଅନୁଯାୟୀ, ବିଶ୍ୱବିଦ୍ୟାଳୟର ରେଜିଷ୍ଟ୍ରାର ନୂତନ କୁଳପତିଙ୍କ ନିଯୁକ୍ତି ଏବଂ ଏହି ପଦ ପୂରଣ ହେବା ପର୍ଯ୍ୟନ୍ତ ବରିଷ୍ଠତା ଭିତ୍ତିରେ କାହାକୁ ଭାରପ୍ରାପ୍ତ କୁଳପତି ଭାବେ ନିଯୁକ୍ତି ଦେବା ନେଇ ସରକାରଙ୍କୁ ଅବଗତ କରାଇଥା'ନ୍ତି। ହେଲେ ୫ ଦିନ ହେବ କୁଳପତି ନ ଥିବାବେଳେ ଏ ସଂକ୍ରାନ୍ତରେ ସରକାରଙ୍କୁ ଚିଠି କରାଯାଇ ନାହିଁ। ଏ ସଂକ୍ରାନ୍ତରେ ବିଶ୍ୱବିଦ୍ୟାଳୟର ରେଜିଷ୍ଟ୍ରାର ପ୍ରଜ୍ଞାଶ୍ରୀ ପ୍ରିୟମ୍ବଦାଙ୍କୁ ପଚାରିବାରେ ସରକାରଙ୍କୁ ଚିଠି ଲେଖାଯାଉଛି ବୋଲି କହିଛନ୍ତି। ତେବେ ଶ୍ରୀଜଗନ୍ନାଥ ବିଶ୍ୱବିଦ୍ୟାଳର ନୂଆ କୁଳପତିଙ୍କୁ କେବେ ନିଯୁକ୍ତି ଦିଆଯାଉଛି ନା ବିନା କୁଳପତିରେ ବିଶ୍ୱବିଦ୍ୟାଳୟ ଚାଲୁଛି ତାହା ଉପରେ ଏବେ ସମସ୍ତଙ୍କ ନଜର।

## ମୋନାଲିସାଙ୍କୁ ସ୍ୱର୍ଣ୍ଣ ପଦକ

ପୁରୀ,୨୯।୧୧(ସମିସ): ସେବା, ସାହାଯ୍ୟ କରିବା ମନୋବୃତ୍ତି ରଖି କାର୍ଯ୍ୟ କଲେ ପୁରସ୍କାର ଆପେ ଆପେ ଆସିଥାଏ। ଏଭଳି ଘଟଣା ଘଟିଛି ମୋନାଲିସା ଜେନାଙ୍କ କ୍ଷେତ୍ରରେ। କଲେଜରେ ପଢ଼ିବା ଦିନଠାରୁ ସ୍ୱଇଚ୍ଛାରେ ସାମାଜିକ କାର୍ଯ୍ୟ କରିଆସୁଛନ୍ତି। ସାମନ୍ତ ଚନ୍ଦ୍ରଶେଖର ମହାବିଦ୍ୟାଳୟର ଜାତୀୟ ସେବା ଯୋଜନାର ସ୍ୱେଚ୍ଛାସେବୀ ମୋନାଲିସା ଉତ୍କଳ ବିଶ୍ୱବଦ୍ୟାଳୟର ୮୩ତମ ପ୍ରତିଷ୍ଠା ଦିବସରେ ସରସ୍ୱତୀ ରାୟ ସ୍ୱର୍ଣ୍ଣ ପଦକ-୨୦୨୫ ହାସଲ କରିଛନ୍ତି। ଉତ୍କଳ ବିଶ୍ୱବିଦ୍ୟାଳୟ ଜାତୀୟ ସେବା ଯୋଜନାର ସର୍ବଶ୍ରେଷ୍ଠ ମହିଳା ସ୍ୱେଚ୍ଛାସେବୀ ଭାବେ ପ୍ରଥମଥର ଏହି ପଦକ ହାସଲ କରି ଅନୁଷ୍ଠାନ ଓ ଜିଲ୍ଲା ପାଇଁ ଗର୍ବ ଆଣି ଦେଇଛନ୍ତି। ପୁରସ୍କାର ମଞ୍ଚରେ ବିଶ୍ୱବିଦ୍ୟାଳୟର କୁଳପତି ଓ ରେଜିଷ୍ଟ୍ରାର, ପଣ୍ଡିଚେରୀ ବିଶ୍ୱବିଦ୍ୟାଳୟର କୁଳପତି, ଅଧ୍ୟାପକଗଣ, ବିଭିନ୍ନ କଲେଜରୁ




ଆସିଥିବା ଛାତ୍ରଛାତ୍ରୀ ଓ ବିଶ୍ୱବିଦ୍ୟାଳୟର ଛାତ୍ରଛାତ୍ରୀମାନେ ଉପସ୍ଥିତ ଥିଲେ। ଓଡ଼ିଶାର ଅଗ୍ରଣୀ ସ୍ୱେଚ୍ଛାସେବୀ ସାମାଜିକ ଅନୁଷ୍ଠାନ ଦି ବେଲ୍‌ରେ ମୋନାଲିସା କାର୍ଯ୍ୟ କରି ବେଶ୍ ସଫଳତା ପାଇଛନ୍ତି। ଏକଲବ୍ୟ ପାଠଶାଳାରେ ବସ୍ତିର ଗରିବ ନିଃସହାୟ ପିଲାମାନଙ୍କୁ ମାଗଣାରେ ଶିକ୍ଷାଦାନ କରୁଛନ୍ତି। ପରିବେଶ ପରିଷ୍କାର ପାଇଁ ସମୁଦ୍ର କୂଳ ପାଣି ସଫା ରଖିବା ପାଇଁ ସଚେତନ କରୁଛନ୍ତି। ବିଶ୍ୱସ୍ତରୀୟ ମହୋଦଧି ଦିବସରେ ସଫଳତାର ସହ କାର୍ଯ୍ୟ କରି ପର୍ଯ୍ୟଟମାନଙ୍କୁ ଆକୃଷ୍ଟ କରିପାରିଛନ୍ତି। ମହିଳାମାନେ କିପରି ମୁଖ୍ୟ ସ୍ରୋତରେ ସାମିଲ୍ ହେବେ ସେଥିପାଇଁ ଉଦ୍ୟମ ଜାରି ରଖିଛନ୍ତି ମୋନାଲିସା। ଦି ବେଲ୍‌ର ଅଧ୍ୟକ୍ଷ ସିଦ୍ଧାର୍ଥ ରାୟ ଓ ସମସ୍ତ ସଭ୍ୟସଭ୍ୟା ତାଙ୍କୁ ଅଭିନନ୍ଦନ ଜଣାଇଛନ୍ତି।

## କୁରାଳ ପଞ୍ଚମୀ ପର୍ବ ଉଦ୍‌ଯାପିତ

ପୁରୀ,୨୯।୧୧(ସମିସ): କୁମ୍ଭକାରମାନଙ୍କ ପାଞ୍ଚଦିନିଆ କୁରାଳ ପଞ୍ଚମୀ ପର୍ବ ଉଦ୍‌ଯାପିତ ହୋଇଛି। ଉଦ୍‌ଯାପନୀ ସନ୍ଧ୍ୟାରେ ସାର୍ବଜନୀନ ପୂଜା ମଣ୍ଡପରେ ପୂଜା ପାଉଥିବା ରୁଦ୍ରପାଳ, ରତ୍ନେଶ୍ୱରୀଙ୍କ ମୃଣ୍ମୟ ମୂର୍ତ୍ତିକୁ ଶୋଭାଯାତ୍ରାରେ ନିଆଯାଇ ଅଠରନଳା ନଦୀରେ ବିସର୍ଜନ କରାଯାଇଛି। ପରିବାରର ମୁଖ୍ୟମାନେ ସଂକଳ୍ପ ଭାଙ୍ଗିଛନ୍ତି। କୁମ୍ଭକାର ନିଯୋଗ ପକ୍ଷରୁ ଜ୍ୟୋତିଷଙ୍କ ଦ୍ୱାରା




ମୃତ୍ତିକା ଅନୁକୂଳ ଯୋଗ ନିର୍ଘଣ୍ଟ ପରେ ସମସ୍ତେ ଏକକାଳୀନ ହାଣ୍ଡି ଗଢ଼ିବାର ପରମ୍ପରା ରହିଛି। ପର୍ବ ସମାପ୍ତ ପରେ ଆଜିଠାରୁ ସ୍ୱାଭାବିକ ଭାବେ ଶ୍ରୀମନ୍ଦିରକୁ ହାଣ୍ଡି କୁଡୁଆ ଯୋଗାଣ ଚାଲୁ ରହିବ। ପର୍ବ ପାଳନ ଅବସରରେ ଶୁକ୍ରବାର ସନ୍ଧ୍ୟାରେ କୁମ୍ଭାରପଡ଼ାରେ ମନୋଜ୍ଞ କୁରାଳ ପଞ୍ଚମୀ ଭଜନ ସମାରୋହ ଅନୁଷ୍ଠିତ ହୋଇଥିଲା। କୁମ୍ଭାରପଡ଼ା ଯୁବ ପରିଷଦ ପକ୍ଷରୁ ଆୟୋଜିତ ଏହି ସାଂସ୍କୃତିକ ସମାରୋହକୁ ଉଦ୍‌ଘାଟନ କରିଥିଲେ ପୂର୍ବତନ ବିଧାୟକ ଜୟନ୍ତ କୁମାର ଷଡ଼ଙ୍ଗୀ। ଓଡ଼ିଶା କୁରାଳ ମହାସଂଘର ରାଜ୍ୟ ସଭାପତି ସରୋଜ କୁମାର ବେହେରାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ସମାରୋହରେ ଅନ୍ୟମାନଙ୍କ ମଧ୍ୟରେ ବିଜେପି ପୁରୀ ଜିଲ୍ଲା ସଭାପତି ଡା. ଦେବେନ୍ଦ୍ର ନାଥ ତରାଇ, ନାରୀନେତ୍ରୀ ଜ୍ୟୋତି ମହାପାତ୍ର, ଜିଲ୍ଲା ହସ୍ତଶିଳ୍ପ ବିଭାଗ ଉପ ନିର୍ଦ୍ଦେଶକ ବିଷ୍ଣୁପଦ ମାରାଣ୍ଡି, ପୂର୍ବତନ ଜିଲ୍ଲା ପରିଷଦ ସଦସ୍ୟ ବାଦଲ କୁମାର ବେହେରା, ସମାଜସେବୀ ଜଗଦାନନ୍ଦ ମିଶ୍ର, ପୂର୍ବତନ କାଉନ୍‌ସିଲର ସୁଦର୍ଶନ ସାହୁ, ସଂଗଠକ ଲକ୍ଷ୍ମୀ ନାରାୟଣ ଦାସ ପ୍ରମୁଖ ଅତିଥି ରୂପେ ଯୋଗଦେଇଥିଲେ। ପରିଷଦର ସମ୍ପାଦକ ନେତ୍ରାନନ୍ଦ ବିଶୋଇ ଅତିଥିମାନଙ୍କୁ ସ୍ୱାଗତ ଜଣାଇବା ସହ ସମାରୋହ ସମ୍ପର୍କରେ ଅବତାରଣା କରିଥିଲେ। ସମାରୋହରେ ଗୀତିକାର ଗୁରୁ ପ୍ରସାଦ ଶତପଥୀ, ସମାଜସେବୀ ସନ୍ଧ୍ୟାରାଣୀ ରଥଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା।

ଏହି ଅବସରରେ ପୁରୀର ମହ୍ଲାର ଭଜନ ଗ୍ରୁପ୍ ପକ୍ଷରୁ ଗୁରୁ ସନ୍ଧ୍ୟାରାଣୀ ମିଶ୍ରଙ୍କ ନେତୃତ୍ୱରେ କଳାକାରମାନେ ଭକ୍ତି ସଂଗୀତ ପରିବେଷଣ କରିଥିବାବେଳେ ଜଗତସିଂହପୁର ସାଇକୃପା କଳାବିକାଶ କେନ୍ଦ୍ର ତରଫରୁ ଗୁରୁ ଶିବ ପ୍ରସାଦ ରାଉତଙ୍କ ନେତୃତ୍ୱରେ କଳାକାରମାନେ ଭଜନ ନୃତ୍ୟ ପରିବେଷଣ କରିଥିଲେ। ବିଳମ୍ବିତ ରାତି ପର୍ଯ୍ୟନ୍ତ ବହୁ ସଂଖ୍ୟକ ଦର୍ଶକ ଏହି ମନୋଜ୍ଞ ସାଂସ୍କୃତିକ କାର୍ଯ୍ୟକ୍ରମକୁ ମନଭରି ଉପଭୋଗ କରିଥିଲେ। ସାମ୍ବାଦିକ ଜୁପିଟର ଦାସ, ପରିଷଦର ସହସମ୍ପାଦକ କୈଳାସ ବିଶୋଇ, ରସାନନ୍ଦ ବିଶୋଇ, କୃଷ୍ଣଚନ୍ଦ୍ର ବିଶୋଇ, ପ୍ରକାଶ ବିଶୋଇ, ଧୀରେନ୍ଦ୍ର ବିଶୋଇ, ବୃନ୍ଦାବନ ବିଶୋଇ, ଲିଙ୍ଗରାଜ ମୁଦୁଲି, ଜଳନ୍ଧର ବିଶୋଇ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ।

## କେଦାରନାଥ ଗୁରୁଙ୍କ ଶ୍ରଦ୍ଧାଞ୍ଜଳି ସଭା




ପୁରୀ,୨୯।୧୧(ସମିସ): ଲୋକପ୍ରିୟ ଅଭିନେତା, ଚଳଚ୍ଚିତ୍ର ପ୍ରଯୋଜକ ଓ ସଂଗଠକ କେଦାରନାଥ ଗୁରୁଙ୍କ ୩୮ତମ ପୁଣ୍ୟତିଥିରେ ଏକ ସ୍ମୃତି ଶ୍ରଦ୍ଧାଞ୍ଜଳି କାର୍ଯ୍ୟକ୍ରମ ବଡ଼ଦାଣ୍ଡସ୍ଥିତ ଗୁରୁ ଇଷ୍ଟେଟ୍ ପରିସରରେ ଅନୁଷ୍ଠିତ ହୋଇଯାଇଛି। 'କେଦାରଗୁରୁ କଳା ସଙ୍ଗମ' ପକ୍ଷରୁ ଆୟୋଜିତ କାର୍ଯ୍ୟକ୍ରମରେ ସେବାୟତ ଜମ୍ବେଶ୍ୱର ପୂଜାପଣ୍ଡା ଅଧ୍ୟକ୍ଷତା କରିଥିଲେ। ସାହିତ୍ୟିକ ଶ୍ୟାମ ପ୍ରକାଶ ସେନାପତି ଦିବଂଗତ ଶ୍ରୀ ଗୁରୁଙ୍କର ସଂକ୍ଷିପ୍ତ ଜୀବନୀପାଠ ସହ କାର୍ଯ୍ୟକ୍ରମ ସଞ୍ଚାଳନ କରିଥିଲେ। ଏଥିରେ ବରିଷ୍ଠ ସେବାୟତ ରବି ନାରାୟଣ ଗୁରୁ, ବରିଷ୍ଠ ଦଇତାପତି ରାମଚନ୍ଦ୍ର ଦାସ ମହାପାତ୍ର, ସଙ୍ଗୀତ ନାଟକ ଏକାଡେମୀର ସଦସ୍ୟ ବଦ୍ରି ମିଶ୍ର, ପ୍ରତିହାରୀ ନିଯୋଗ ସମ୍ପାଦକ କେଦାରନାଥ ଖୁଣ୍ଟିଆ, ପୂର୍ବତନ ଶ୍ରୀମନ୍ଦିର ପରିଚାଳନା କମିଟି ସଦସ୍ୟ ମାଧବ ମହାପାତ୍ର, ସଂଗଠକ ଚକ୍ରଧର ମହାପାତ୍ର, ସେବାୟତ ଉଦୟ ପ୍ରତିହାରୀ, ରବିଶଙ୍କର ପ୍ରତିହାରୀ, ଉମାଶଙ୍କର ପ୍ରତିହାରୀ, କୃଷ୍ଣଚନ୍ଦ୍ର ପଣ୍ଡା, ବିଶ୍ୱଜିତ୍ ମୁନା ମିଶ୍ର, ସୋମନାଥ ଗୁରୁ, ସତ୍ୟ ନାରାୟଣ ଗୁରୁ, ସନ୍ତୋଷ କୁମାର ପଣ୍ଡା, ଅମରନାଥ ଗୁରୁ, ପ୍ରେମନାଥ ଗୁରୁ, ପ୍ରଭାତ ମହାନ୍ତି ପ୍ରମୁଖ ଯୋଗଦେଇ ସ୍ମୃତିଚାରଣ କରିଥିଲେ। କଣ୍ଠଶିଳ୍ପୀ କାର୍ତ୍ତିକ ସାହୁ ପାରମ୍ପରିକ ଭକ୍ତିସଙ୍ଗୀତ ପରିବେଷଣ କରିଥିଲେ ଓ ଆବାହକ ଜଗଦୀଶ ଜେନା ଧନ୍ୟବାଦ ଅର୍ପଣ କରିଥିଲେ। ପୁରୀ ଗଉଡ଼ବାଡ଼ ସାହିରେ ଜନ୍ମଗ୍ରହଣ କରିଥିବା ଦିବଂଗତ ଶ୍ରୀ ଗୁରୁ ମଞ୍ଚରୁ ଅଭିନୟ ଜୀବନ ଆରମ୍ଭ କରିଥିଲେ ଓ ପରେ ଓଡ଼ିଆ ଚଳଚ୍ଚିତ୍ର ଗୌରୀ, ସିନ୍ଦୂର ବିନ୍ଦୁ, ବନ୍ଧୁ ମହାନ୍ତି, ସାକ୍ଷୀ ଗୋପୀନାଥ, ସୁବର୍ଣ୍ଣ ସୀତା, ରାମାୟଣ, ନୀଳମାଧବ ଓ ଶ୍ରୀଜଗନ୍ନାଥ ଆଦି ଚଳଚ୍ଚିତ୍ରରେ ଅଭିନୟ କରିଥିଲେ। ଏଥିସହିତ ସିନ୍ଦୂର ବିନ୍ଦୁ ଓ ଜୱାନ ମର୍ଦ୍ଦ (ହିନ୍ଦୀ) ଚଳଚ୍ଚିତ୍ରର ସେ ପ୍ରଯୋଜକ ଥିଲେ। ଶ୍ରଦ୍ଧାଞ୍ଜଳି ସଭାରେ ବୁଦ୍ଧିଜୀବୀ ଓ କଳାପ୍ରେମୀ ଉପସ୍ଥିତ ଥିଲେ।


'ନନ୍ଦିଘୋଷ ଟିଭି'

ନିମ୍ନଲିଖିତ ପଦବୀ ନିମନ୍ତେ ଦରଖାସ୍ତ ଆହ୍ୱାନ କରୁଛନ୍ତି। ଯୋଗ୍ୟ ଆଶାୟୀ ପ୍ରାର୍ଥୀମାନେ ଏଥିପାଇଁ ଆବେଦନ କରିପାରିବେ।

| ପଦବୀ | | ଅଭିଜ୍ଞତା |
|---|---|---|
| ୧) ରିପୋର୍ଟର | (୦୩) | ୩ ବର୍ଷର ଅଭିଜ୍ଞତା |
| ୨) ଆଙ୍କର | (୦୨) | ୩ ବର୍ଷର ଅଭିଜ୍ଞତା |
| ୩) କପି ଏଡିଟର/ ବୁଲେଟିନ ପ୍ରଡ୍ୟୁସର | (୦୨) | ୫ ବର୍ଷର ଅଭିଜ୍ଞତା |

ନିଜର ସମ୍ପୂର୍ଣ୍ଣ ଶିକ୍ଷାଗତ ଓ ଅନ୍ୟାନ୍ୟ ଯୋଗ୍ୟତା ପ୍ରମାଣପତ୍ର, ସଦ୍ୟ ପାସପୋର୍ଟ ଫଟୋ ସହିତ ୬ ଡିସେମ୍ବର ୨୦୨୫ ସୁଦ୍ଧା hr@nandighoshatv.com ଇମେଲ୍ ଯୋଗେ ଆବେଦନ କରିପାରିବେ।

ଯୋଗାଯୋଗ: ୯୪୩୭୦୧୬୪୯୯ ସ୍ୱା/- ମାନବ ସମ୍ବଳ ବିଭାଗ


ନନ୍ଦିଘୋଷ ନେଟ୍‌ୱର୍କ ପ୍ରାଇଭେଟ୍ ଲିମିଟେଡ୍

ଠିକଣା: ପ୍ଲଟ୍ ନଂ.: ୯୦ / ୯୧, ଭଗବାନପୁର ଇଣ୍ଡଷ୍ଟ୍ରିଆଲ୍ ଇଷ୍ଟେଟ୍, ଭୁବନେଶ୍ୱର-୭୫୧୦୧୯


- କୁମ୍ଭୀର ଭୟରେ ଜାହାନିଆ ଉପକୂଳ ଶୂନ୍‌ଶାନ୍

## ଅନାୟାସରେ ବିଚରଣ କରୁଛନ୍ତି ସାମୁଦ୍ରିକ ସର୍ପ

ଅସ୍ତରଙ୍ଗ,୨୯।୧୧(ସମିସ): ଗତ କିଛିଦିନ ତଳେ ଜାହାନିଆ ଉପକୂଳରେ ଏକ କୁମ୍ଭୀର ଦେଖାଦେବା ପରେ ପର୍ଯ୍ୟଟକଙ୍କ ମହଲରେ ଆତଙ୍କ ଖେଳିଯାଇଥିଲା। ଖବର ପ୍ରସାରଣ ପରେ ଶାନ୍ତ ପଡ଼ିଛି ଅସ୍ତରଙ୍ଗ ପୀର୍ ଜାହାନିଆ ବେଳାଭୂମି ଏବଂ ତତ୍ ସଂଲଗ୍ନ ଅନ୍ୟ ବେଳାଭୂମି। ଏହି ଶାନ୍ତ ପରିବେଶ ଭିତରେ ଶନିବାର ସକାଳ ସମୟରେ ଦେଖିବାକୁ ମିଳିଛି ସାମୁଦ୍ରିକ ସାପ ସମୁଦ୍ର ପଠାରେ ବିଚରଣ କରୁଥିବାର। ଏହି ସାପ ବିଷୟରେ ପରିବେଶବିତ୍ ସୌମ୍ୟରଞ୍ଜନ ବିଶ୍ୱାଳ ଲୋକମାନଙ୍କୁ ପରାମର୍ଶ ଦେଇ କହିଛନ୍ତି କି ଏହା ଏକ ବିଷବିହୀନ ସର୍ପ। ତେଣୁ ଜନସାଧାରଣ ଭୟଭୀତ ନ ହୋଇ ସତର୍କ ରହିବା ସହିତ ଯଦି କୌଣସି ସମୟରେ ଏଭଳି ଘଟଣା ସାମ୍ନାକରେ ତାହେଲେ ତାକୁ ଆଘାତ ନ ପହଞ୍ଚାଇ ସ୍ଥାନୀୟ ବନ ବିଭାଗକୁ ଖବର ଦେବାକୁ ଅନୁରୋଧ। ଏହିଭଳି ସାମୁଦ୍ରିକ ସରୀସୃପ ପରିବେଶ ପାଇଁ ନିହାତି ଆବଶ୍ୟକ ବୋଲି ଶ୍ରୀ ବିଶ୍ୱାଳ କହିଛନ୍ତି।








ମୂଳ ଇଂରାଜୀ : ମୁଲ୍କ ରାଜ୍ ଆନନ୍ଦ

ଅନୁବାଦ : ପୁଷ୍ପାରାଣୀ ପଟେଲ

# ମେଳାରେ ହଜିଥିବା ପିଲାଟି



ବସନ୍ତ ଉତ୍ସବର ସମୟ। ଗାଁ ଗାଁରେ ମେଳା। ଗାଁକୁ ଲମ୍ବିଥିବା ସେଇ ପତଳା ସରୁ ଗଳି ରାସ୍ତାଟିରେ ଲୋକଙ୍କର ପ୍ରବଳ ଭିଡ଼। କିଛି ଲୋକ ପାଦରେ ଚାଲି ଚାଲି ଆସୁଥିବା ବେଳେ, ବେଶ୍ କିଛି ଥିଲାବାଲା ଲୋକ ଆସୁଥିଲେ ଘୋଡ଼ା ଗାଡ଼ିରେ, ଆଉ କିଛି ପୁଣି ସେଇ ବାଉଁଶ ତିଆରି ଶଗଡ଼ ଗାଡ଼ିରେ। ଲୋକଙ୍କର ଏଇ ମେଳା ପାଇଁ ଆକର୍ଷଣର ଦୃଶ୍ୟ ବେଶ୍ ହୃଦଗ୍ରାହୀ ଥିଲା। ତା'ଠାରୁ ଆହୁରି ଅଧିକ ଆକର୍ଷଣୀୟ ଥିଲା ସେଇ ପିଲାଟିର ଚଞ୍ଚଳତା। ନିଜ ମାଆ, ବାବାଙ୍କ ସାଥିରେ ମେଳା ଦେଖି ଯିବାର ଚରମ ଖୁସି ବାରି ହେଇ ପଡୁଥିଲା ତା' ପାଦର ଛନ୍ଦରୁ, ମୁହଁର ହସରୁ!

ମାଆ ଡାକିଲେ, "ଏପଟେ ଆସ୍ ବାବା! ଆସିଲୁ ...ଆସିଲୁ...ଶୀଘ୍ର ଆସ୍!" ତା' ନଜର କିନ୍ତୁ ଲାଖି ରହିଥିଲା ସେଇ ରାସ୍ତା କଡ଼ର ଖେଳଣା ଦୋକାନର ଖେଳଣାଗୁଡ଼ିକ ଉପରେ। ସେ ଭାବିଲା - ବାପାଙ୍କୁ କହିବ କି, ଖେଳଣାଟିଏ କିଣି ଦେବା ପାଇଁ। ତେବେ ବାପାଙ୍କର କଟମଟ ଚାହିଁଥିବା ନାଲି ଆଖିକୁ ଦେଖି ଅଟକିଗଲା, କହିଲାନି କିଛି।

ମାଆ ତା'ର ମନ ଭୁଲାଇବା ପାଇଁ ତାକୁ କହିଲେ, "ହେଇ ଦେଖ୍... ସେପଟେ ଦେଖ୍ ...କି ସୁନ୍ଦର ଦିଶୁଛି, ଦେଖ୍।" ସେ ଆଖି ଉଠାଇ ଚାହିଁଲା ତ ଦିଶିଗଲା ମାଇଲ ମାଇଲ ଦୂର ଯାଏ ଲମ୍ବିଥିବା ସୁନାରଙ୍ଗ ଫୁଲର ସୋରିଷ କ୍ଷେତ। ତା' ଉପରେ ଉଡ଼ି ବୁଲୁଥିଲେ ବାଇଗଣୀ ରଙ୍ଗର ପ୍ରଜାପତି। ସେ ଫୁଲ ଓ ପ୍ରଜାପତି ଏତେ ସୌନ୍ଦର୍ଯ୍ୟରେ ଭରପୂର ଥିଲେ ଯେ କେହି ବି ଟାଣି ହେଇଯିବ ସେମାନଙ୍କ ଆଡ଼କୁ। ପିଲାଟି ବି ଅବାକ୍ ହୋଇ ଚାହିଁ ରହିଥିଲା।

ଏତିକି ବେଳେ ମାଆ ପୁଣି ଡାକିଲେ ତାକୁ "ଆ...ଆ.... ଏଇପଟେ ଆ! ଶୀଘ୍ର ଆ, ଏଇ ଛାଇ କଡ଼କୁ!" ସେଇ ରାସ୍ତାକଡ଼ର ନଳକୂଅର ଛାଇ ପାଖରେ ଜମିଥିବା ପାଣିରେ ଦୃଶ୍ୟ ହେଉଥିଲେ ଅସଂଖ୍ୟ ଛୋଟ ଛୋଟ ପୋକ ଜୋକ। ସେମାନେ ବି ତା' ଦୃଷ୍ଟି ଆକର୍ଷଣ କରିନେଲେ ସେମାନଙ୍କ ନିଜ ଆଡ଼କୁ। ନଳକୂପ ଉପରେ ଥିବା ଏକ ବଡ଼ ଗଛଟିରେ ଥିଲା ଗୋଟିଏ ଫୁଲ କୁଞ୍ଜ। ତାକୁ ଛୁଇଁ ଛୁଇଁ ତା' ଉପରେ ଲଦି ହୋଇପଡ଼ିଲେ ବେଶ୍ କିଛି ଫୁଲ। ସେଇ ଭିତରୁ ଡାକିଲା ବି କୋଇଲି ଟିଏ ତା' ସୁନ୍ଦର ସ୍ୱରରେ କୁହୁ ...କୁ...ହୁ...! ପିଲାଟି ପାଟି କରି ଉଠିଲା, "ବାବା...ଶୁଣ...ଶୁଣ...କୋଇଲିଟିଏ ଡାକୁଛି...କୁହୁ...କୁ...ହୁ...!" ଅନ୍ୟମନସ୍କତାରେ ତା' ହାତରୁ ଗଳି ପଡ଼ିଥିଲା ସେ ସାଉଁଟିଥିବା ଫୁଲକୁ।

"ବାବା... ଶୀଘ୍ର ଆସେ... ଏଇପଟେ...।" ମାଆ ଓ ବାବା ତା'ର ଲୁଚି ଯାଉଥିଲେ ସୋରିଷ କ୍ଷେତର ଆଢୁଆଳରେ। ସେ ଧାଇଁଲା ଦ୍ରୁତଗତିରେ ତା' ମାଆ, ବାବାଙ୍କ ନିକଟକୁ । ଏବେ ନିକଟବର୍ତ୍ତୀ ହୋଇ ଆସୁଥିଲା ମେଳାର ମୁଖ୍ୟ ଜାଗା, ଦିଶୁଥିଲା ପ୍ରବଳ ଭିଡ଼, ଲୋକଙ୍କର ହଜିଯିବା ଭଳି ଗହଳି।

ମେଳା ଭିତରେ ପଶୁ ପଶୁ ତା' କାନରେ ପଡ଼ିଲା ମିଠେଇ ବାଲାର ଡାକ, "ଏପଟେ ଆସ...ନିଅ...ନିଅ...ମିଠା... ମିଠା... ଗୁଲାବ୍ ଜାମୁନ୍, ରସଗୋଲା, ବର୍ଫି, ଜିଲାପି... ସୁଆଦିଆ...ସୁଆଦିଆ...ଜିଲାପି !" ବର୍ଫି ତାର ଖୁବ୍ ପ୍ରିୟ ! ବର୍ଫି ନାଁ ଶୁଣି ତା' ପାଟିରୁ ଲାଳ ଗଡ଼ି ଆସିଲା। ସେ କିନ୍ତୁ ଭଲରେ ଜାଣେ ଏବେ ବର୍ଫି କିଣିବାକୁ ଜିଦ୍ କଲେ ବାପା ତା'ର ଖୁବ୍ ରାଗିବେ। ସେ ତେଣୁ ବଢ଼ିଗଲା ଆଗକୁ। ଦୋକାନୀଟିଏ ଡାକୁଥିଲା, "ନିଅ...ନିଅ...ଫୁଲର ହାର ନିଅ!" ପିଲାଟି କହିଲା, "ଆଃ...କେତେ ସୁନ୍ଦର ଏ ଫୁଲର ହାର, ମୋତେ ଗୋଟାଏ ଲୋଡ଼ା।" ତେବେ ମାଆ,ବାପା ତ କିଣିଦେବେନି ଫୁଲମାଳ। ତେଣୁ ସେ ଚୁପ୍ ରହି ପୁଣି ଦୌଡ଼ିଲା ମାଆ ବାପାଙ୍କ ପଛରେ। ବେଲୁନ୍‌ବାଲାର ବଡ଼ ବାଡ଼ିଟିରୁ ଉଡ଼ି ବୁଲୁଥିଲେ ହଳଦିଆ, ନାଲି, ନେଳି,ବାଇଗଣୀ ରଙ୍ଗର ଭଳିକି ଭଳି ଆକର୍ଷଣ ବେଲୁନ୍। ସେମାନଙ୍କୁ ଦେଖି ତା' ପାଦ ଦୁଇଟି ଅଟକି ଗଲେ ସେଇଠି। ମନ ତା'ର କହୁଥିଲା, "ଏ ସବୁତକ ବେଲୁନ୍ ନେଇ ଯାଆନ୍ତା କି ତା'ର !" ମାଆ, ବାପାଙ୍କୁ କହିବ କି କିଣିଦେବା ପାଇଁ – ସେ ଭାବିଲା ଘଡ଼ିଏ। ତା' ପରେ ପୁଣି ମନକୁ ମନ, ନିଜକୁ ନିଜେ କହିଲା – ହେଃ ...ମନା କରିବେ ବାପା। କହିବେ- କେଡୁଟେ ହେଲୁଣି ବେଲୁନ୍ ଗୋଟାଏ କ'ଣ।

ଅଳ୍ପ ଦୂରରେ ସାପୁଆ କେଳାଟି ଖୁବ୍ ତନ୍ମୟତାର ସହ ତା'ର ବିନ୍ ବଜାଉଥିଲା ଓ ତା' ସ୍ୱରର ତାଳେ ତାଳେ ଫଣା ତୋଳି ନାଚ ଦେଖାଉଥିଲା ସେଇ ବିଷଧର ନାଗ ସାପଟି। ତା'ର ମନେ ହେଲା ଠିଆହୋଇ ଘଡ଼ିଏ ସେଇଠି ଦେଖିବ ନାଚ। ତେବେ ମାଆ, ବାପା ଆଗକୁ ବଢ଼ିଯାଉଥିବା ଦେଖି ଧାଇଁଲା ସେମାନଙ୍କ ପଛରେ। କିଛି ଦୂର ଆଗରେ ଦୃଶ୍ୟ ହେଉଥିଲା ବଡ଼ ବଡ଼ ଦୋଳି। ସେ ଦେଖିଲା ସତୃଷ୍ଣ ନୟନରେ ସେଇ ଦୋଳିରେ ବସିଥିବା ସ୍ତ୍ରୀ, ପୁରୁଷ ଓ ଛୋଟ ଛୋଟ ଛୁଆମାନଙ୍କୁ। ସେମାନେ ହସୁଥିଲେ ଖୁସିରେ। ତା'ର ମଧ୍ୟ ବହୁତ ଇଚ୍ଛା ହେଲା ସେ ବି ମାଆ ,ବାପାଙ୍କ ସାଥିରେ ତା'ର ଦୋଳିରେ ବସିବ ଓ ହସିବ। ଖୁସି ହେବ ସେମାନଙ୍କ ପରିକା। ସେ ସେଇ ଦୋଳିକୁ ଚାହିଁ ଚାହିଁ ଡାକିଲା: "ମାମା...ମାମା...ବାବା...ବାବା... ।

ଫେରିଲାନି କୌଣସି ପ୍ରତ୍ୟୁତ୍ତର। ଏବେ ଭୟରେ ସେ ଫେରି ଚାହିଁଲା ପଛକୁ। ଦେଖି ପାରିଲାନି ମାଆ, ବାବାଙ୍କୁ ତା'ର। ତା' ମନରେ ଛନକା ପଶିଲା। ଗଳି ପାଖକୁ ଯାଇ, ଭିଡ଼ ପାଖକୁ ଯାଇ ଖୋଜିଲା ମାଆ, ବାବାଙ୍କୁ ତା'ର। କାହିଁ କେଉଁଠି ବି ନ ଥିଲେ ସେମାନେ। ଏବେ ଭୟରେ କାନ୍ଦିବାକୁ ଆରମ୍ଭ କରିଥିଲା ସେ। ଏପାଖସେପାଖ ଦୌଡୁଥିଲା ଭୟରେ। ପାଟିରୁ ଶୁଭୁଥିଲା ମାମା...ମାମା...ବାବା... ବାବା...। ପଡ଼ି ଉଠି ଧାଇଁବାବେଳେ ଦେହସାରା ଲାଗି ସାରିଥିଲା କାଦୁଅର ଛିଟା। ମୁହଁଟି ଲୁହରେ, ଭୟରେ, ଦୁଃଖରେ ଓଦା ଜୁବୁବୁଡୁ। କାକୁସ୍ଥ ରୂପ।

ଦୂରରେ ଦିଶିଲା ମନ୍ଦିରଟିଏ। ଲୋକଙ୍କର ପ୍ରବଳ ଭିଡ଼। ସେ କେଉଁ ଏକ ଆଶାରେ ଦୌଡ଼ିଗଲା ସେଇ ମନ୍ଦିର ଯାଏ। ଲୋକଟିଏ ତା'ର ଅବସ୍ଥା ଦେଖି କୋଳେଇ ନେଲା ତାକୁ। ପଚାରିଲା କ'ଣ ହୋଇଛି ପୁଅ। କାହାକୁ ଖୋଜୁଛୁ।

ପିଲାଟି କହିଲା "ମୋ' ମାଆ ...ବାବା...ମା...ମା...ବା...ବା।" ପୁଣି ଶୁଭିଲା ତା'ର କାନ୍ଦ।

ଲୋକଟି ପିଲାର ଅବସ୍ଥା ଦେଖି ତା' ମନ ଭୁଲାଇବା ପାଇଁ ନେଇଗଲା ତାକୁ ସେଇ ବଡ଼ ଚକ୍ରି ଦୋଳି ପାଖକୁ। କହିଲା, "ଦୋଳି ବସିବୁ ପୁଅ?" ପିଲାଟି ସେମିତି କାନ୍ଦି କାନ୍ଦି ମୁହଁ ବୁଲାଇ ଆଣିଲା ପଛକୁ। ତା'ପରେ ସେ ତାକୁ ଭୁଲାଇବା ପାଇଁ ନେଇଗଲେ ସେଇ ସାପ ଖେଳାଉଥିବା ସାପୁଆ କେଳା ପାଖକୁ। ସେପଟେ ତା'ର ଦୃଷ୍ଟି ଆକର୍ଷଣ କରିବାକୁ କହିଲା, "ଏଇ ଦେଖ୍.... ଦେଖ୍.... ସାପଟି କେମିତି ବେକ ହଲାଇ ନାଚୁଛି ଦେଖ୍!" ପିଲାଟି କିନ୍ତୁ ଆଖି , ନାକ, କାନ ବନ୍ଦ କରିନେଲା ତା'ର। ତାକୁ ଆଉ ଟିକେ ଆଗକୁ ନେଇ ସେ ଯାଚିଲେ ଫୁଲମାଳ, ଯାହାକି ଏଇ ଘଡ଼ିଏ ପୂର୍ବରୁ ତାକୁ ଖୁବ୍ ଆକର୍ଷିତ କରିଥିଲା। ଏବେ କିନ୍ତୁ ପିଲାଟି ସେପଟକୁ ମୁହଁ ବୁଲାଇ ଚାହିଁଲାନି ମଧ୍ୟ। ଲୋକଟି ଅନ୍ୟ ଉପାୟ ନ ପାଇ ତାକୁ ନେଇଗଲା ସେଇ ବେଲୁନବାଲା ପାଖକୁ। କହିଲା "ଦେଖିଲୁ ଏଇ ଇନ୍ଦ୍ରଧନୁ ପରି ରଙ୍ଗିନ୍ ବେଲୁନ୍‌କୁ ତୋ ପାଇଁ କିଣିବା ନା?" ଏ ପ୍ରଶ୍ନର ଉତ୍ତରରେ ପିଲାଟି କାନ୍ଦି ଉଠିଲା। ଆହୁରି ଅଧିକ ଜୋର୍‌ରେ କହିଲା "...ନା ...ନା ମୋର କିଛି ବି ଲୋଡ଼ା ନାହିଁ। କିଛି ଭଲ ଲାଗେନା ମୋତେ। ମୋତେ କେବଳ ମୋର ମାଆ,ବାପା ଲୋଡ଼ା। ମୋତେ ମୋ ମାମା,ବାବାଙ୍କୁ ଆଣିଦିଅ। ମୋ ମାଆ,...ମୋ ବାପାଙ୍କୁ...!"

ଲୋକଟି କିଛି ଭାବିପାରିଲା ନାହିଁ, କ'ଣ କରିବା ଉଚିତ୍। କେମିତି ତୁନି ହବ ପିଲାଟି। ତାକୁ ମିଠେଇ ଦୋକାନ ପାଖକୁ ନେଇ ପଚାରିଲା, "ଆମ ପୁଅ ମିଠା ଖାଇବ ନା ? କ'ଣ ଖାଇବ? ଗୁଲାବ ଜାମୁନ? ଜିଲାପି? ବର୍ଫି?" ପିଲାଟି ବୁଲେଇ ଆଣିଲା ତା'ର ମୁହଁ ସେଇ ତାକୁ ଖାଇବାକୁ ମିଳୁଥିବା ବର୍ଫଟି ପାଖରୁ ମଧ୍ୟ ଏବଂ କାନ୍ଦି କାନ୍ଦି ବାରମ୍ବାର କେବଳ ଏତିକି ହିଁ କହୁଥିଲା, "ମୋ ମାମା.... ମୋ...ବାବା...। ମୋ ମାଆଙ୍କୁ ଆଣିଦିଅ। ଆଣିଦିଅ ମୋ ବାବାଙ୍କୁ... ବାବା... ମାମା...ମା...ମା!" ■

ସହକାରୀ ଶିକ୍ଷୟିତ୍ରୀ
ସରକାରୀ ଉଚ୍ଚ ବିଦ୍ୟାଳୟ
ସେକ୍ଟର ୧୬, ରାଉରକେଲା
ମୋ: ୯୪୩୮୨୫୮୦୬୩

## ପୁସ୍ତକ ଓ ପତ୍ରିକା ପରିଚୟ

### ଉପକଥା

ଚିତ୍ତରଞ୍ଜନ ଚିରଞ୍ଜିତ



ବିଜୟିନୀ ପବ୍ଲିକେଶନ୍ସ
ଶଙ୍କରପୁର, ଅରୁଣୋଦୟ ମର୍କେଟ
କଟକ-୧୨
ପ୍ରଥମ ପ୍ରକାଶନ ୨୦୨୫
ମୂଲ୍ୟ : ୨୦୦ ଟଙ୍କା

ତାଙ୍କ ଗପ ଭିତରେ ପ୍ରସ୍ଫୁଟିତ ହୋଇଉଠିଥାଏ ଜୀବନର ଦର୍ଶନ । ସାଧାରଣ କାହାଣୀ ଭିତରେ ଥାଏ ଅସାଧାରଣ କଥା । ଏଭଳି ମଣିଷ ଜୀବନ ଓ ଚେତନାର ସୂକ୍ଷ୍ମ ଦିଗ ପ୍ରତିଫଳିତ ହୋଇଛି ଚିତ୍ତରଞ୍ଜନ ଚିରଞ୍ଜିତଙ୍କ 'ଉପକଥା' ପୁସ୍ତକର ଗପଗୁଡ଼ିକରେ। ଏହି ପୁସ୍ତକରେ ତେରଟି ଗଳ୍ପ ସଂକଳିତ ହୋଇଛି । ପ୍ରତିଟି ଗପ ରୋମାଞ୍ଚକର ଓ ନିଆରା ହୋଇଛି । 'ଦଶହାଣ୍ଡି', 'ଜୋତା', 'ବୀଟଂସ', 'ଚାରୁ ଚିତ୍ରପଟ', 'ଅଜନ୍ତା', 'ଉପକଥା', 'ସ୍ୱପ୍ନ ପାଇଁ...', 'ଛାୟାଚିତ୍ର', 'ଦୃଶ୍ୟକାବ୍ୟ', 'ଅଦୃଶ୍ୟ ଈଶ୍ୱର' ଆଦି ଗପଗୁଡ଼ିକ ମନଛୁଆଁ ହୋଇଛି । ପ୍ରତିଟି ଗପର ଭାବ ଓ ଆବେଦନ ସ୍ୱତନ୍ତ୍ର । ଅନେକ ସମୟରେ ମନର ଭାବନା ରହିଯାଏ ମନ ଭିତରେ । ମନ ଭିତରର ଅସୁମାରୀ ଭାବପ୍ରବଣତା ଅନେକ ସମୟରେ କିଭଳି ପ୍ରକାଶ କରିହୁଏ ନାହିଁ, ତାହା ବେଶ୍ ଚମତ୍କାର ଭାବେ ଫୁଟି ଉଠିଛି 'ଚାରୁ ଚିତ୍ରପଟ' ଗପରେ । ସୁନ୍ନାମୀର ସୌନ୍ଦର୍ଯ୍ୟ, ପ୍ରେମର ମାଦକତାକୁ ଭୁଲି ପାରିନାହିଁ ଚିନ୍ମୟ । ଏହିପରି ଭାବେ ଏହି ଗପର କାହାଣୀ ଗତିଶୀଳ ହୋଇଛି । ମାନବୀୟ ପ୍ରେମ, ଜୀବନର ସୂକ୍ଷ୍ମ ଅନୁଭବ ଓ ଅନୁଭୂତି, ଜୀବନ ଦର୍ଶନର ଚିତ୍ର ବେଶ୍ ଆକର୍ଷଣୀୟ ବେଶ୍ ଭାବେ ଚିତ୍ରିତ ହୋଇଛି 'ଉପକଥା' ପୁସ୍ତକର ଅନେକ ଗପରେ । ଏହି ପୁସ୍ତକର ଗପଗୁଡ଼ିକ ପାଠକମାନଙ୍କ ହୃଦୟକୁ ଛୁଇଁ ପାରିବ ବୋଲି ଆଶା କରାଯାଏ । ■

### ରେବତୀ

ସଂପାଦିକା: ସୁବାସିନୀ ଜେନା



ଓଟି ରୋଡ୍, ବାଲେଶ୍ୱର
ପିନ୍: ୭୫୬୦୦୧
ମୂଲ୍ୟ : ୭୦ ଟଙ୍କା

ସାହିତ୍ୟ ଓ ଫିଚର୍‌ଧର୍ମୀ ମାସିକ ପତ୍ରିକା 'ରେବତୀ'ର ନଭେମ୍ବର ସଂଖ୍ୟା ବେଶ୍ ଆକର୍ଷଣୀୟ ହୋଇଛି । ସଂପାଦିକା ସୁବାସିନୀ ଜେନାଙ୍କ 'ସଂପାଦକୀୟ'ଠାରୁ ଆରମ୍ଭ କରି ସହଯୋଗୀ ସଂପାଦକ କୃଷ୍ଣ କୁମାର ମହାନ୍ତିଙ୍କ 'ଶେଷପୃଷ୍ଠା' ପର୍ଯ୍ୟନ୍ତ ପ୍ରତିଟି ଲେଖା ଭାବଗର୍ଭକ ଓ ହୃଦୟସ୍ପର୍ଶୀ ହୋଇଛି । ଏହି ସଂଖ୍ୟାରେ ପ୍ରଜ୍ଞାଶ୍ରୀ ରଥଙ୍କ 'କଲ୍ୟାଣମୟୀ କାଳୀ', ଅଜିତ୍ ପାତ୍ରଙ୍କ 'ପବିତ୍ର ପ୍ୟୁଠାନ୍', ବିଜୟ କୁମାର ଜେନାଙ୍କ 'ନିଆରା ନୁଦ୍ରା', ଦେବଯାନୀ ରାୟଙ୍କ 'ବନ୍ଦନୀୟା ବୈଷ୍ଣବୀ', ଚୈତନ୍ୟ ପ୍ରସାଦ ବେହେରାଙ୍କ 'କାଇପଦରର କୀର୍ତ୍ତି', ସୁବ୍ରତ ପ୍ରିୟବ୍ରତ ମହାନ୍ତିଙ୍କ 'ଓଡ଼ିଶୀ କୀର୍ତ୍ତନ' ଆଦି ଆଲେଖ୍ୟଗୁଡ଼ିକ ତଥ୍ୟଭିତ୍ତିକ, ଭାବମୟ ଓ ଉପସ୍ଥାପନା ଶୈଳୀ ମାର୍ମିକ ହୋଇଛି । ସେହିପରି ନିରାକାର ଦାସ, ଡକ୍ଟର ନୃସିଂହ ଷଡ଼ଙ୍ଗୀ, ଗଙ୍ଗାଧର ବିଶ୍ୱାଳ, ଶକ୍ତି ମହାନ୍ତି, ଗାୟତ୍ରୀବାଳା ପଣ୍ଡା, ଚକ୍ରପାଣି ପରିଚ୍ଛା, ପୂରବୀ ଶତପଥୀ, ଚିତ୍ତରଞ୍ଜନ ମିଶ୍ର, ରବି ଶତପଥୀ ପ୍ରମୁଖଙ୍କ କବିତା ମନଛୁଆଁ ହୋଇଛି । ସେଭଳି ଉଦୟ ନାରାୟଣ ଦାସଙ୍କ 'ବାପା', ଘନବିହାରୀ ମହାରଣାଙ୍କ 'ପ୍ରାର୍ଥନାର ପଟ୍ଟଭୂମି', ଯଦୁମଣି ଜେନାଙ୍କ 'ଭଙ୍ଗା ସ୍ୱପ୍ନର ଶବ୍ଦ' ଆଦି ଗପଗୁଡ଼ିକ ମାର୍ମିକ ହୋଇଛି । 'ଚରିତ ଉପନ୍ୟାସ', 'ପୁଷ୍ପବିତାନ', 'ରୋଷେଇଶାଳ' ଆଦି ନିୟମିତ ବିଭାଗଗୁଡ଼ିକ ମଧ୍ୟ ଭଲ ହୋଇଛି । 'ରେବତୀ'ର ଏହି ସଂଖ୍ୟାଟି ପାଠକମାନଙ୍କୁ ଭଲ ଲାଗିବ ବୋଲି ଆଶା କରାଯାଏ । ■

# କ'ଣ ଜାଣିଛ ତୁମେ ?



ମୂଳ ହିନ୍ଦୀ : ନିର୍ମଳା ପୁତୁଲ୍

ଅନୁସୃଜନ : ଡ.ସଂଘମିତ୍ରା ରାଏଗୁରୁ

ଜାଣିଛ!
ପୁରୁଷଠୁ ଭିନ୍ନ ଗୋଟେ ସ୍ତ୍ରୀର ଏକାନ୍ତ ?
ଘର, ପ୍ରେମ ଆଉ ଜାତିଠୁ ଅଲଗା ଗୋଟେ ସ୍ତ୍ରୀକୁ
ଜାଣିଛ ?
ତା' ନିଜସ୍ୱ ଜାଗା ବିଷୟରେ କହିପାରିବ ତୁମେ ?
ବତେଇ ପାରିବ,କାହିଁ କେଉଁ ଯୁଗରୁ ନିଜ ଘର
ଖୋଜୁଥିବା ଅସ୍ତବ୍ୟସ୍ତ ସ୍ତ୍ରୀକୁ ତା' ଘରର ଠିକଣା ?

ଜାଣିଛ !
କଳ୍ପନା କଳ୍ପନାରେ କେମିତି
ଗୋଟିଏ ମୁହୂର୍ତ୍ତରେ
ନିଜକୁ ସ୍ଥାପିତ ଆଉ ବିସ୍ଥାପିତ କରେ ଜଣେ ସ୍ତ୍ରୀ ?
ସ୍ୱପ୍ନରେ ଦଉଡୁଥିବା ଗୋଟେ ସ୍ତ୍ରୀର ପଛେ ପଛେ ଯାଇ
ସମ୍ପର୍କର କୁରୁକ୍ଷେତ୍ରରେ ତାକୁ ନିଜ ସହ ନିଜେ
ଲଢୁଥିବାର ଦେଖିଛ କେବେ ?

ଦେହର ଭୂଗୋଳକୁ ବାଦ୍ ଦେଇ
ସ୍ତ୍ରୀ ମନର ଗଣ୍ଠିଲି ଖୋଲି
କେବେ ପଢ଼ିଛ ତା' ଭିତରର
ଜଳନ୍ତା ଇତିହାସ ?
ପଢ଼ିଛ କେବେ, ନିରବତାର ଏରୁଣ୍ଡିବନ୍ଧରେ ବସି
ଶବ୍ଦର ପ୍ରତୀକ୍ଷାରେ ଥିବା

ତା' ଚେହେରା ?
ତା' ଭିତରେ ବଂଶ ବୀଜ ବୁଣି କେବେ ବି ଅନୁଭବିଛ
ତା' ବିସ୍ତରୁ ଥିବା ଚେରକୁ ନିଜ ଭିତରେ ?

ସ୍ତ୍ରୀର ସମସ୍ତ ସମ୍ପର୍କର
ବ୍ୟାକରଣକୁ ଜାଣିଛ ?
କହିପାରିବ, ସ୍ତ୍ରୀ ଦୃଷ୍ଟିରେ ସ୍ତ୍ରୀକୁ ଦେଖି ସ୍ତ୍ରୀତ୍ୱର
ପରିଭାଷା ?

ଯଦି ନା , ତା' ହେଲେ
ରୋଷେଇ ଆଉ ବିଛଣାର ଗଣିତ ଛଡ଼ା
ଗୋଟେ ସ୍ତ୍ରୀ ବିଷୟରେ କ'ଣ ଜାଣିଛ ତୁମେ ? ■



# ତାଙ୍କ ନଜରରେ...

ସେମାନେ ଘୃଣା କରନ୍ତି ମୋତେ
ମୋ' କଳାରଙ୍ଗକୁ ନାକ ଟେକନ୍ତି
ଶରୀର ଗଠନ ଦେଖି ଖୁଣ୍ଟା ଦିଅନ୍ତି
ହସନ୍ତି ମୋ' କଥାବାର୍ତ୍ତା ଶୁଣି

ଆମ ଚାଲିଚଳଣ, ରୀତିନୀତି, ପିନ୍ଧାପିନ୍ଧି...
କିଛି ବି ପସନ୍ଦ ନୁହେଁ ସେମାନଙ୍କୁ
ଜଙ୍ଗଲି,ଅସଭ୍ୟ ପଛୁଆ କହି ତିରସ୍କାର କରନ୍ତି
ଆମର
ଆଉ
ନିଜକୁ ସଭ୍ୟ ଶ୍ରେଷ୍ଠ ଭାବି
ଅସ୍ୱୀକାର କରନ୍ତି ଆମକୁ

ଆମେ ଛୁଇଁଥିବା ପାଣି ପିଅନ୍ତିନି ସେମାନେ
ଆମ ହାତ ତିଆରି ଖାଦ୍ୟ
ରୁଚେ ନାହିଁ ତାଙ୍କୁ
ସେମାନଙ୍କ ଘରେ ଆମ ପ୍ରବେଶ ନିଷେଧ

ଆମ ସହ ରହି ଆମ ଭାଷା ଶିଖିବା ମଞ୍ଜୁର ନୁହେଁ
ତାଙ୍କୁ
ସେମାନେ ଚାହାନ୍ତି,
ତାଙ୍କ ଭାଷା ଶିଖି ଆମେ ତାଙ୍କ ସହ ତାଙ୍କ
ଭାଷାରେ କଥା ହେଉ

ସେମାନେ ତର୍କ ବାଢ଼ନ୍ତି-
ସଭ୍ୟ ହେବା ଲାଗି ଜରୁରି
ତାଙ୍କ ଭାଷାରେ ତାଙ୍କ ପରି କଥାବାର୍ତ୍ତା
କରିବା, ଉଠିବା-ବସିବା, ପିନ୍ଧିବା-
ଲଗେଇବା
ମୋର ସବୁକିଛି ଅରୁଚିକର ତାଙ୍କୁ
ମୁଁ ତାଙ୍କ ଅପ୍ରିୟରେ ଗଣା

ସେମାନଙ୍କୁ କେବଳ ପସନ୍ଦ
ମୋ ଝାଳରେ ଲହଲହଉଥିବା ଫସଲ
ଖେତର ପନିପରିବା
ଜଙ୍ଗଲର ଫୁଲ, ଫଳ, କାଠ
ମୁଁ ପୋଷିଥିବା କୁକୁଡ଼ା ଖୁବ୍ ପ୍ରିୟ ତାଙ୍କର
ମୋ ସୁସ୍ଥ ସବଳ ଦେହ
ମୋ ମାଂସ ପସନ୍ଦ ତାଙ୍କୁ
କିନ୍ତୁ ମୁଁ ତାଙ୍କ ଅପ୍ରିୟରେ ଗଣା । ■

ରାଞ୍ଚି, ଝାରଖଣ୍ଡ
ମୋ: ୭୬୯୩୮୮୬୩୫୫

# ହରମାନ୍ ହେସ୍‌ଙ୍କ ସାହିତ୍ୟର ମୂଳଭିତ୍ତି ପରିବର୍ତ୍ତନ ଓ ଆବର୍ତ୍ତନ



ପ୍ରଦୀପ୍ତ ଶ୍ରୀଚନ୍ଦନ

ବହୁ ଚିନ୍ତା ଆଉ ଚେତନାର ଉନ୍ମେଷ ତଥା ଉତ୍ତରଣର ଯୁଗ ହେଉଛି ବିଂଶ ଶତାବ୍ଦୀ । ପୁନଶ୍ଚ ଏହି ଶହେ ବର୍ଷର ସମୟ -ଖଣ୍ଡକୁ ମଧ୍ୟ ସନ୍ଦେହ ଓ ଶଙ୍କାର ଯୁଗ ବୋଲି ପଣ୍ଡିତମାନେ ଅଭିହିତ କରିଥାନ୍ତି। ସେହି କାରଣରୁ ଆଧୁନିକ ସମାଲୋଚନାର ଶୈଳୀ ମଧ୍ୟ ଆଧୁନିକ ଜୀବନଯାପନର ରୀତି ସଦୃଶ ବହୁଧା ବିଭାଜିତ ଏବଂ ବିଭକ୍ତ। ଅତ୍ୟନ୍ତ କଟୁ ଭାବରେ ଜଟିଳ। ତେଣୁ କ୍ୱଚିତ୍ କଳା ସୃଷ୍ଟି ତଥା ତାହାର ସ୍ରଷ୍ଟା ଅଥବା ସାଧକ ନିର୍ଦ୍ୱନ୍ଦ୍ୱରେ ଅବା ନିର୍ବିବାଦରେ ଏହି ଶତକର ବିଶ୍ୱ ବିଚାର ମଞ୍ଚରେ ସାର୍ବଜନୀନ ଶ୍ରଦ୍ଧା ସହିତ ସାଦର ସ୍ୱୀକୃତି ଲାଭ କରିବା ସମ୍ଭବ ଥିଲା।

ମାର୍ଟିନ୍ ଗୁବର୍, ଯୋଶେଫ୍ ମିଲେକ୍, ହାନ୍‌ସ ମେୟର, ଥମାସ୍ ମାନ୍, ଓସ୍କାର ସେଡ୍‌ଲିନ୍ ଏବଂ ଥିଓଡର୍ ଜିଓଲକ୍ୱେସ୍କୀ ପ୍ରମୁଖ ବିଂଶ ଶତକର ବିଶ୍ୱର ପ୍ରଚଣ୍ଡ ପ୍ରତିଭାଧର ସନ୍ଦର୍ଭକାର, ବିଦଗ୍ଧ ତତ୍ତ୍ୱବିତ୍‌ମାନଙ୍କର ଆକଳନ ତଥା ନିର୍ଣ୍ଣୟ ଅନୁସାରେ ଯେଉଁ ସ୍ରଷ୍ଟା କାଳକୁ ଅତିକ୍ରମ କରି ଶତାବ୍ଦୀର ଶ୍ରେଷ୍ଠତ୍ୱ ଲାଭ କରିପାରିଛନ୍ତି, ସେମାନଙ୍କ ମଧ୍ୟରେ ହରମାନ୍ ହେସ୍ ହେଉଛନ୍ତି ଅନ୍ୟତମ। ତେଣୁ ଏହି ମହାରଥୀ ଗଣ ହେସ୍‌ଙ୍କୁ ବିଂଶ ଶତାବ୍ଦୀର ଜଣେ ପ୍ରମୁଖ ସାହିତ୍ୟ ସାଧକ ଭାବରେ ବିଚାର ମଞ୍ଚରେ ଉପସ୍ଥାପିତ କରି ସନ୍ଦର୍ଭ ସମ୍ବଳିତ ଗ୍ରନ୍ଥମାନ ରଚନା କରିଯାଇଛନ୍ତି।

ସ୍ରଷ୍ଟାର ନିଜସ୍ୱ ସ୍ୱାକ୍ଷର ହିଁ ଯେ କୌଣସି ସୃଷ୍ଟିର ଆତ୍ମାରେ ଉତ୍କୀର୍ଣ୍ଣ ହୋଇଥାଏ । ଏହି ଦୃଷ୍ଟିରୁ ବିଚାର କଲେ, 'ସିଦ୍ଧାର୍ଥ' ଉପନ୍ୟାସର ସ୍ରଷ୍ଟା - ନୋବେଲ ପୁରସ୍କାର ବିଜେତା ହରମାନ୍ ହେସ୍ ଯେ, ବ୍ୟତିକ୍ରମ ନୁହନ୍ତି, ଏହା ଅତି ସ୍ପଷ୍ଟ ଭାବରେ ପ୍ରତିପନ୍ନ। ସୃଷ୍ଟିର ଆତ୍ମା ସହିତ ସ୍ରଷ୍ଟାର ନିଭୃତ ଆତ୍ମ - ସତ୍ତାର ଏହି ଅବିଚ୍ଛିନ୍ନ ସମ୍ପର୍କ ଜର୍ମାନୀର ସୁପ୍ରସିଦ୍ଧ ସାରସ୍ୱତ ଶିଳ୍ପୀ ହରମାନ୍ ହେସ୍ ଓ ତାଙ୍କର କୃତିଗୁଡ଼ିକର ବିଚାର ପର୍ଯ୍ୟାୟରେ ଆମେ ଲକ୍ଷ୍ୟ କରିପାରିବା । ହେସ୍‌ଙ୍କର ପ୍ରମୁଖ ସୃଷ୍ଟିଗୁଡ଼ିକ ମଧ୍ୟରେ – 'Siddharth', 'Steppenwolf', 'Glass Bead Game', 'Demian', 'The Journey to the East', 'Beneath the Wheel', 'Narcissus and Goldmund' ଆଦିର ମାନ ଆତ୍ମୂଳାନ୍ତ ନିଜସ୍ୱ ଜୀବନ, ଜୀବନର ବହୁ ବିଚିତ୍ର ଅଭିଜ୍ଞତା ଅନୁଭୂତି, ମୌଳିକ ଚିନ୍ତନ ଓ ତାତ୍ତ୍ୱିକ ଅବବୋଧର ଅବିକଳ୍ପ ନିର୍ଯ୍ୟାସ।

ପ୍ରସିଦ୍ଧ ଜର୍ମାନ୍ ବିଦ୍ୱାନ୍ ଥିଓଡର୍ ଜିଓଲକ୍ୱେସ୍କୀ ତାଙ୍କର "The novels of Hermann Hesse: A Study in theme and structure" ଗବେଷଣା ପୁସ୍ତକରେ ଉଲ୍ଲେଖ କରିଛନ୍ତି- "ହେସ୍ ନୋବେଲ ପୁରସ୍କାର ପାଇଲେ ୧୯୪୯ ମସିହାରେ। ସେଥିପୂର୍ବରୁ ଜର୍ମାନୀ ସାହିତ୍ୟିକ ଭାବରେ ୧୯୨୯ ମସିହାରେ ଥମାସ ମାନ୍ ନୋବେଲ ପୁରସ୍କାର ପାଇଥିଲେ। ହେସ୍‌ଙ୍କୁ ପୁରସ୍କାର ପ୍ରଦାନ କାଳରେ ତାଙ୍କୁ ପ୍ରଦତ୍ତ ପ୍ରଶସ୍ତି ପତ୍ରରେ ଉଲ୍ଲେଖ ଥିଲା – Besides Thomas Mann the best custodian of the German spiritual heritage in contemporary literature.- ଅର୍ଥାତ୍, ଜର୍ମାନୀ ଜାତିର ଆତ୍ମିକ ପରମ୍ପରାଗତ ମୂଲ୍ୟବୋଧର ରକ୍ଷାକର୍ତ୍ତା ଯେ ହେସ୍ ଥିଲେ, ତାହା ସ୍ୱୀଡିଶ୍ ଅକାଦେମୀ ଘୋଷଣା କରିଥିଲେ ।" ଏହି ସନ୍ଦର୍ଭରେ ଜିଓଲକ୍ୱେସ୍କୀଙ୍କର ବ୍ୟାଖ୍ୟାର ସାରମର୍ମ ହେଲା, ଦୁଇଟି ତଥ୍ୟ ଯହିଁରୁ ହେସ୍‌ଙ୍କର ସ୍ରଷ୍ଟା ପ୍ରକୃତି ଜ୍ଞାତ ହୋଇପାରିବ- ତାହା ହେଲା (କ) ହେସ୍ କେବଳ ଜର୍ମାନୀର ନୁହେଁ, ଅଧିକନ୍ତୁ ସମଗ୍ର ମାନବ ଜାତିର ପାରମ୍ପରିକ ମୂଲ୍ୟବୋଧରେ ଆସ୍ଥାବାନ ଥିଲେ। (ଖ) ସେ ଥିଲେ ଗତିସ୍ମାନ୍ ଜ୍ୟୋତିର୍ମୟ ଏକ ସ୍ରଷ୍ଟା ପୁରୁଷ। ପରିବର୍ତ୍ତନ ଏବଂ ଆବର୍ତ୍ତନ ହିଁ ଥିଲା ତାଙ୍କର ସାହିତ୍ୟ ସୃଷ୍ଟିର ମୂଳଭିତ୍ତି। ନିଜର ବ୍ୟକ୍ତିଗତ ସମସ୍ୟା ସମାଧାନର ପୀଠ ଉପରେ ଆସୀନ ରହି ସେ ଜଗତର ସମସ୍ୟାଗୁଡ଼ିକର ଦର୍ଶନ କରିଥିଲେ। ପ୍ରତିଟି ସମସ୍ୟା ତାଙ୍କର ସାହିତ୍ୟରେ ପରିବର୍ତ୍ତିତ ହୋଇଯାଇଥିଲା ଗୋଟିଏ ଗୋଟିଏ ଦ୍ୱନ୍ଦ୍ୱ ସଙ୍କୁଳ ଘଟଣା କ୍ରମରେ।

ଆମେ ସାମଗ୍ରିକ ଭାବରେ ହେସ୍‌ଙ୍କର ସୃଷ୍ଟି ସମ୍ଭାରକୁ ଅନୁଧ୍ୟାନ କଲେ ଅନ୍ୟ ଏକ ଚମତ୍କାର ବିଭାବ ଲକ୍ଷ୍ୟ କରିପାରିବା। ତାହା ହେଉଛି ତାଙ୍କର ବହୁବିଧ ବିଭକ୍ତ ସ୍ରଷ୍ଟା ବ୍ୟକ୍ତିତ୍ୱ। ଅନ୍ୟତମ ସାହିତ୍ୟ ଗବେଷକ ହାନ୍‌ସ ମେୟର୍ ତାଙ୍କର "Hermann Hesse and the age of the feuilletonr" ନିବନ୍ଧରେ ନିଜର ବକ୍ତବ୍ୟ ପ୍ରକାଶ କରିବାକୁ ଯାଇ ଉଲ୍ଲେଖ କରିଛନ୍ତି - "A new Hesse is said to have appeared in the literary scene around 1919 and it is assumed that very little connects this artist and his themes with the author of the early poems or of the novels." ସେହିପରି ଆଦ୍ୟକାଳର କଳା ସାଧକ (Old Hesse)ଏବଂ ଯୁଦ୍ଧୋତ୍ତର ଯୁଗର ସ୍ରଷ୍ଟା (New Hesse)ଙ୍କ ମଧ୍ୟରେ ପାର୍ଥକ୍ୟ ଦର୍ଶାଇବାକୁ ଯାଇ ହାନ୍‌ସ ୱିଲହେଲମ ଏପେଲସହାଇମରଙ୍କ ଉକ୍ତିକୁ ମଧ୍ୟ ସ୍ମରଣ କରାଯାଇପାରେ। ତାଙ୍କର "Hand book of world literature" ଗ୍ରନ୍ଥରେ ସେ, ହେସ୍ ପ୍ରାରମ୍ଭିକ ରଚନା ପର୍ଯ୍ୟାୟରେ Swabian Romanticism ଦ୍ୱାରା ପ୍ରଭାବିତ କଳାସାଧନାରୁ ପରବର୍ତ୍ତୀ କାଳରେ ଜଣେ ସମସ୍ୟାକ୍ରାନ୍ତ (Problematic)ସାହିତ୍ୟିକ ରୂପରେ ଦେଖାଯାଇଛନ୍ତି ଏବଂ ଉଭୟ କାଳର ହେସ୍‌ଙ୍କ ମଧ୍ୟରେ ସଂପର୍କର ତାର୍କିକ ଭୂମିଟିଏ ଯୁକ୍ତି ସଂକୁଳ ଭାବରେ ତିଷ୍ଠି ରହିଛି ବୋଲି ଉଲ୍ଲେଖ କରିଛନ୍ତି। କିନ୍ତୁ ପରେ ହେସ୍ ତାଙ୍କର 'Demian' ଉପନ୍ୟାସ ମଧ୍ୟରେ ସ୍ୱକୀୟ ବିଚାରଧାରା, ସ୍ଥିତି ଏବଂ ମତ ସଂପର୍କରେ ସ୍ପଷ୍ଟ କରି ଦେଇଛନ୍ତି। ରଚନାଟିର ଶେଷ ଅଂଶରେ ନାୟକ Demian ତା'ର ବନ୍ଧୁ Sinclairକୁ କହୁଛି – "There will be war x x x. But you will see Sinclair, that this is just the beginning. Perhaps it will become a great war, a very great war. x x x What will you do?" ଥମାସ୍ ମାନ୍ 'Demian'ର ଆମେରିକୀୟ ସଂସ୍କରଣର ପ୍ରସ୍ତାବନା ରଚନା କାଳରେ ଉଲ୍ଲେଖ କରି କହିଛନ୍ତି- ହାନ୍‌ସ ଉପରୋକ୍ତ ପ୍ରଶ୍ନର ଉଚିତ୍ ଉତ୍ତର ଦେଇ ଲେଖିଛନ୍ତି – "Assist the new without sacrificing the old." ପୁନଶ୍ଚ ମାନ୍ ହେସ୍‌ଙ୍କୁ ଏବଂ ତାଙ୍କର ପରିପକ୍ୱ ଚିନ୍ତାଧାରାକୁ ପ୍ରଶଂସା କରି ଉଲ୍ଲେଖ କରିଛନ୍ତି। - "Hesse is an example –may to those who know and love the old man and carry it over into the new".

ଏଠାରେ ଉଲ୍ଲେଖ କରିବା ପ୍ରାସଙ୍ଗିକ ହେବ ଯେ, ପ୍ରଥମ ମହାଯୁଦ୍ଧ କାଳରେ ହେସ୍ ସାହିତ୍ୟିକ ମାତ୍ର। ଦେଶପ୍ରୀତିର ଉଦ୍ଦାମ ସ୍ରୋତରେ ଭାସିବେ ବୋଲି ମାନବିକତାର କୁଟାଖିଅକୁ ଅସ୍ୱୀକାର କରି ନାହାନ୍ତି। ସ୍ଥିତ ପ୍ରଜ୍ଞତାକୁ ଜଳାଞ୍ଜଳି ନଦେଇ ନବାନୁଗମନର ସ୍ୱାଗତ କରିଛନ୍ତି ସେ। ପୁନଶ୍ଚ ଶାନ୍ତି, ସଦ୍ଭାବ ଓ ମାନବ ପ୍ରେମର ସ୍ୱର ଦୃଢ଼ ଭାବରେ ଉଚ୍ଚାରିତ ହୋଇଛି ତାଙ୍କର ରଚନା ସମୂହରେ। ତେଣୁ ତାଙ୍କର ସିଦ୍ଧାର୍ଥ କହିଛି- "କିନ୍ତୁ ମୁଁ ଭାବେ, ବିଶ୍ୱର ଅସାରତା ପ୍ରତିପାଦନ ନୁହେଁ ବରଂ ବିଶ୍ୱକୁ ଭଲପାଇବା ହିଁ ଏକମାତ୍ର ଗୁରୁତ୍ୱପୂର୍ଣ୍ଣ ବିଷୟ।" ସେଇଥିପାଇଁ ଗବେଷକ, ହାନ୍‌ସ ମେୟର ତାଙ୍କର ବକ୍ତବ୍ୟରେ ଦର୍ଶାଇଛନ୍ତି – "These are the words of a European humanist, not an advocate of escapism and contempt of mankind."

ଏହିଭଳି ଭାବରେ ବିଂଶ ଶତାବ୍ଦୀର ମହାନ୍ ତତ୍ତ୍ୱ-ବିଶାରଦଗଣ ସେମାନଙ୍କର ବିଚାର ମଞ୍ଚରେ ହରମାନ୍ ହେସ୍‌ଙ୍କୁ ଜଣେ ସାହିତ୍ୟ ସ୍ରଷ୍ଟା ଭାବରେ, ଜଣେ ମାନବବାଦୀ ଶାନ୍ତିକାମୀ ଚିନ୍ତାନାୟକ ରୂପରେ ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ ଆସନରେ ଆସୀନ କରିଛନ୍ତି। ■

ଅବସରପ୍ରାପ୍ତ ନିର୍ଦ୍ଦେଶକ
ଆକାଶବାଣୀ, ପ୍ରସାରଭାରତୀ
ମୋ: ୮୫୯୪୯୫୦୩୨୪

# ଯୋଗ୍ୟ ହିତାଧିକାରୀଙ୍କ କାର୍ଡ କାଟିବା ଆମ ଉଦ୍ଦେଶ୍ୟ ନୁହେଁ: ମନ୍ତ୍ରୀ

ଭୁବନେଶ୍ୱର,୨୯।୧୧(ସମିସ): ଇ-କେୱାଇସି ପ୍ରକ୍ରିୟା ରାଜ୍ୟ ସରକାର କୌଣସି ଯୋଗ୍ୟ ହିତାଧିକାରୀଙ୍କ ରାସନ କାର୍ଡ କାଟିନାହାନ୍ତି। ତେବେ ରାଜ୍ୟରେ ମୋଟ ୮ ଲକ୍ଷ ୧୬ ହଜାର ୫୬ ଜଣ ଅଯୋଗ୍ୟ ହିତାଧିକାରୀଙ୍କ ରାସନ କାର୍ଡ ସରକାର କାଟିଛନ୍ତି। ଏମାନଙ୍କ ମଧ୍ୟରେ ୬ ଲକ୍ଷ ୯୫ ହଜାର ୫୩୦ ମୃତ ହିତାଧିକାରୀ ରହିଥିଲେ। ସେହିପରି

- ୮ ଲକ୍ଷ ୧୬ ହଜାର ୫୬ ଜଣ ଅଯୋଗ୍ୟ ହିତାଧିକାରୀଙ୍କ ରାସନ କାର୍ଡ କଟାଯାଇଛି
- ୬ ଲକ୍ଷ ୩୯୮୨୭ ଜଣଙ୍କୁ ମିଳିଛି ନୂଆ କାର୍ଡ
- ଗରିବ ନୁହେଁ, ସର୍ଭେରେ ଧନୀଙ୍କ କାର୍ଡ କଟିବ

୭୫ ହଜାର ୩୦ ଜଣ ସରକାରୀ ଚାକିରିଆ ଏବଂ ୪୫ ହଜାର ୪୮୬ ଜଣ ଆୟକରଦାତା ରାସନ କାର୍ଡରେ ଚାଉଳ ଉଠାଉଥିଲେ ବୋଲି ଶନିବାର ଗୃହରେ ମୁଲତବୀ ଆଲୋଚନାରେ ଉତ୍ତର ରଖି ଖାଦ୍ୟ ଯୋଗାଣ ଏବଂ ଖାଉଟି କଲ୍ୟାଣ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର କହିଛନ୍ତି। ଏହି କାର୍ଡ କଟିବା ଦ୍ୱାରା ରାଜ୍ୟ ରାଜକୋଷକୁ ବାର୍ଷିକ ୨୧୦ କୋଟି ଟଙ୍କାର ଆର୍ଥିକ ବୋଝ କମିଛି। କୌଣସି ଯୋଗ୍ୟ ହିତାଧିକାରୀଙ୍କ କାର୍ଡ କାଟିବା ଆମ ଉଦ୍ଦେଶ୍ୟ ନୁହେଁ ବୋଲି ମନ୍ତ୍ରୀ ସ୍ପଷ୍ଟୀକରଣ ରଖିଛନ୍ତି।

ମୁଲତବୀ ଆଲୋଚନା ଶେଷରେ ଉତ୍ତର ରଖି ମନ୍ତ୍ରୀ କହିଥିଲେ ଯେ ରାଜ୍ୟରେ ଏବେବି ୧୯ ଲକ୍ଷ ୫୨ ହଜାର ୧୫୩ଟି ପରିବାରର ୩ କୋଟି ୨୭ ଲକ୍ଷ ୮୩ ହଜାର ଲୋକେ ମାସିକ ରାସନ ପାଉଛନ୍ତି। ହିତାଧିକାରୀ ଚିହ୍ନଟ ପ୍ରକ୍ରିୟା ନୂଆ ନୁହେଁ। ପୂର୍ବ ସରକାରରେ ମଧ୍ୟ ହିତାଧିକାରୀ ଚିହ୍ନଟ ନାମରେ ୧୦ ଲକ୍ଷରୁ ଉର୍ଦ୍ଧ୍ୱ ପରିବାରର ରାସନ କାର୍ଡ ତାଲିକାରୁ କଟାଯାଇଥିଲା। କିନ୍ତୁ ଗତ ୧୭ ମାସର ସରକାରରେ ସମସ୍ତ ଯୋଗ୍ୟ ହିତାଧିକାରୀଙ୍କୁ ଚିହ୍ନଟ କରାଯାଇ ରାସନ କାର୍ଡ ପ୍ରଦାନ କରାଯାଉଛି। ରାସନ କାର୍ଡ ପାଇଁ ୧୫ ଲକ୍ଷ ଲୋକେ ଆବେଦନ କରାଯାଇଥିବା ବେଳେ ଏହାକୁ ତର୍ଜମା କରାଯାଇ ଏଯାବତ୍ ୬ ଲକ୍ଷ ୩୯ ହଜାର ୮୨୭ ଜଣଙ୍କୁ ନୂଆ କାର୍ଡ ପ୍ରଦାନ କରାଯାଇଛି। ମନ୍ତ୍ରୀ ଆହୁରି ମଧ୍ୟ କହିଛନ୍ତି ଯେ ଗ୍ରାମାଞ୍ଚଳରେ ୩୩ ଲକ୍ଷ ୫୦ ହଜାର ନୂଆ ହିତାଧିକାରୀ ଏବଂ ସହରାଞ୍ଚଳରେ ୧ ଲକ୍ଷ ୫୦ ହଜାର ନୂଆ ହିତାଧିକାରୀ ଚିହ୍ନଟ କରିବା ପାଇଁ ଟାର୍ଗେଟ ଦିଆଯାଇଛି। କେନ୍ଦ୍ରରୁ ଆସିଥିବା ତାଲିକା ଉପରେ ବ୍ଲକ ସ୍ତରରେ ସର୍ଭେ କରାଯିବ। ପୂର୍ବରୁ ଗ୍ରାମାଞ୍ଚଳରେ ଥିବା ମାସିକ ରୋଜଗାର ମାପଦଣ୍ଡକୁ ୧୦ ହଜାରରୁ ୧୫ ହଜାର ଟଙ୍କାକୁ ବୃଦ୍ଧି କରାଯାଇଛି। ସହରାଞ୍ଚଳରେ ୧୫ ହଜାରରୁ ୨୦ ହଜାର ଟଙ୍କାକୁ ବଢ଼ାଯାଇଛି। ଦଳୀୟ ଆଧାରରେ କାହାର ମଧ୍ୟ ରାସନ କାର୍ଡ କଟାଯିବ ନାହିଁ। ଧନୀ ଲୋକ ଅର୍ଥାତ୍ ସରକାରୀ ଚାକିରୀ କରିଥିବ, ଆୟକର ଦେଉଥିବ, ଚାରିଚକିଆ ଗାଡ଼ି ଚଢୁଥିବ, ବଡ଼ କୋଠାଘର ଥିବ ସେହିମାନଙ୍କର କାର୍ଡ କଟିବ ବୋଲି ମନ୍ତ୍ରୀ ଶ୍ରୀ ପାତ୍ର ସ୍ପଷ୍ଟ କରିଛନ୍ତି।

## ୧୦ ଦିନ ସମୟ ନେଲେ ଜିଲ୍ଲାପାଳ

# ଦ୍ୱିତୀୟ ଶ୍ରୀକ୍ଷେତ୍ର ସେବାୟତଙ୍କ ଆନ୍ଦୋଳନ ସ୍ଥଗିତ



ବାରିପଦା, ୨୯।୧୧(ସମିସ): ଦ୍ୱିତୀୟ ଶ୍ରୀକ୍ଷେତ୍ର ବାରିପଦାର ଶ୍ରୀଶ୍ରୀ ହରିବଳଦେବଜୀଉ ବିଜେଙ୍କ ସମ୍ପତ୍ତିର ପୁନରୁଦ୍ଧାର ହେଉନଥିବାରୁ ଏହାକୁ ନେଇ ସେବାୟତଙ୍କ ମଧ୍ୟରେ ଉଦ୍‌ବେଗ ପ୍ରକାଶ ପାଇବା ସହ ସେମାନେ ଆନ୍ଦୋଳନ ଚେତାବନୀ ଦେଇଥିଲେ। ଡିସେମ୍ବର ପହିଲାରୁ ସେମାନେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମୁଖରେ ହାତରେ ଦୀପ ଜାଳି ଅଣ୍ଟେଇ ଅଣ୍ଟେଇ ଅହିଂସାତ୍ମକ ପ୍ରତିବାଦ ପ୍ରଦର୍ଶନ କରିବେ ବୋଲି କହିଥିଲେ। ତେବେ ଆଜି ଜିଲ୍ଲାପାଳ ହେମକାନ୍ତ ସଏ ସେବାୟତଙ୍କ ସହ ନିଜ କାର୍ଯ୍ୟାଳୟରେ ଆଲୋଚନା କରିଛନ୍ତି। ସମସ୍ୟା ସମାଧାନ ପାଇଁ ଜିଲ୍ଲାପାଳ ୧୦ ଦିନ ସମୟ ମାଗିଥିବାରୁ ସେବାୟତମାନେ ସେମାନଙ୍କ ଆନ୍ଦୋଳନକୁ ସ୍ଥଗିତ ରଖିଛନ୍ତି।

ବଡ଼ ଜଗନ୍ନାଥ ମନ୍ଦିର ପରିଚାଳନା ପାଇଁ ରାଜାରାଜୁଡ଼ା ସମୟରେ ପ୍ରଦତ୍ତ ଜମିର ସଠିକ ପରିଚାଳନା, ମନ୍ଦିର ପରିଚାଳନାରେ ଆର୍ଥିକ ସମସ୍ୟା ଦୂର, ୧ ହଜାର ଏକର ଜମିରେ କାଜୁ ଚାଷ ପାଇଁ ନିଲାମର ଲିଜ୍‌କୁ ନବୀକରଣ, ଦେବତ୍ତୋର ବିଭାଗରେ ଦେଢ଼ କୋଟି ଟଙ୍କା ଅଭାବ ପାଇଁ ବାଦାମ୍ପ୍ରା ଠାକୁରଙ୍କ ରୀତିନୀତିରେ ବାଧା ଉପୁଜିବା, ଦେବତ୍ତୋର ବିଭାଗର ଜମିରୁ ଜବରଦଖଲ ଉଚ୍ଛେଦ, ମନ୍ଦିର ପାଇଁ ସ୍ଥାୟୀ ଅଫିସର ଓ ଅଧିକ ସେବାୟତ ନିଯୁକ୍ତି, ମନ୍ଦିର ପରିଚାଳନା ପାଇଁ ୫୦କୋଟିର ଅନୁଦାନ ପ୍ରଦାନ ଆଦି ଦାବି ସମ୍ବନ୍ଧରେ ସେବାୟତମାନେ ଜିଲ୍ଲାପାଳ ଶ୍ରୀ ସଏଙ୍କ ସହ ଆଲୋଚନା କରିଥିଲେ।

ଏହି ଆଲୋଚନାରେ ଦେବତ୍ତୋର ଅଧିକାରୀ ତଥା ସଦର ଉପଜିଲ୍ଲାପାଳ ଡ. ଦୟାସିନ୍ଧୁ ପରିଡ଼ା, ସେବାୟତ ସଂଘର ରାଜ୍ୟ ସଭାପତି କାମେଶ୍ୱର ତ୍ରିପାଠୀ, ପୂଜକ ଅରୁଣ କୁମାର ମିଶ୍ର, ଦେବକାନ୍ତ ପଣ୍ଡା, ଶକ୍ତି ପ୍ରସାଦ ଦାଶ, ପ୍ରଦୀପ କୁମାର ପଣ୍ଡା, ସେବାୟତ ଅମିତ କୁମାର ମିଶ୍ର ଓ ଶଶିଭୂଷଣ ଦାଶ ପ୍ରମୁଖ ଉପସ୍ଥିତ ଥିଲେ।

## ଶ୍ରୀମନ୍ଦିର ନାଁରେ ବିବାଦୀୟ ଟିପ୍ପଣୀ

# ଶୁଭଙ୍କରଙ୍କ ବିରୋଧରେ ହେବ କାର୍ଯ୍ୟାନୁଷ୍ଠାନ

ପୁରୀ,୨୯।୧୧(ସମିସ): ଲୋକପ୍ରିୟ ସୋସିଆଲ ମିଡିଆ ଇନ୍‌ଫ୍ଲୁଏନ୍ସର ଶୁଭଙ୍କର ମିଶ୍ରାଙ୍କ ପାଇଁ ଅଡୁଆ ବଢ଼ିଛି। ଶ୍ରୀମନ୍ଦିରକୁ ନେଇ ଦେଇଥିବା ବିବାଦୀୟ ଟିପ୍ପଣୀ ଲାଗି ତାଙ୍କ ବିରୋଧରେ ହେବ କାର୍ଯ୍ୟାନୁଷ୍ଠାନ। ଏନେଇ ଶନିବାର ଗଣମାଧ୍ୟମକୁ ସୂଚନା ଦେଇଛନ୍ତି ଜିଲ୍ଲାପାଳ ଦିବ୍ୟଜ୍ୟୋତି ପରିଡ଼ା। ଶୁଭଙ୍କର ନିଜ ପଡ୍‌କାଷ୍ଟରେ କହିଛନ୍ତି ଯେ, ଯଦି କୌଣସି ପ୍ରେମିଯୁଗଳ ଶ୍ରୀମନ୍ଦିର ଯାଆନ୍ତି ତେବେ ସେମାନଙ୍କ ସମ୍ପର୍କ ଭାଙ୍ଗିଯାଏ ବା ସେମାନେ ବିବାହ



କରିପାରନ୍ତି ନାହିଁ। ତାଙ୍କ କହିବା ଅନୁଯାୟୀ, ଭୁଲରେ ମଧ୍ୟ କୌଣସି ପ୍ରେମିଯୁଗଳ ଶ୍ରୀମନ୍ଦିରକୁ ଯିବା ନାହିଁ। ସମ୍ପର୍କକୁ ବଞ୍ଚାଇବାକୁ ଚାହୁଁଥିଲେ ଏହା କରନ୍ତୁ। କାରଣ ଶ୍ରୀମନ୍ଦିର ଉପରେ ମା' ରାଧାରାଣୀଙ୍କ ଅଭିଶାପ ପଡ଼ିଛି। ମା' ରାଧାରାଣୀ ପ୍ରଭୁ ଶ୍ରୀଜଗନ୍ନାଥ ରୂପରେ ଶ୍ରୀକୃଷ୍ଣଙ୍କ ଦର୍ଶନ କରିବାକୁ ଆସିଥିବା ବେଳେ ସେବାୟତମାନେ ତାଙ୍କୁ ମନ୍ଦିର ଭିତରକୁ ପ୍ରବେଶ କରିବାକୁ ବାରଣ କରିଥିଲେ। ଆଉ କହିଥିଲେ ମନ୍ଦିର ଭିତରକୁ ଭଗବାନଙ୍କ ପତ୍ନୀଙ୍କୁ ମଧ୍ୟ ଆସିବାର ଅନୁମତି ନାହିଁ। ଏଥିରେ କ୍ରୋଧିତ ହୋଇ ମା' ରାଧାରାଣୀ ଅଭିଶାପ ଦେଇଥିଲେ ଯେ, ଆଜିଠୁ କୌଣସି ଅବିବାହିତ ଯୋଡ଼ି ମନ୍ଦିର ଭିତରକୁ ଆସିଲେ ସେମାନଙ୍କ ସମ୍ପର୍କ ଭାଙ୍ଗିଯିବ ଏବଂ ବିବାହ ହୋଇପାରିବ ନାହିଁ। ଶୁଭଙ୍କରଙ୍କ ଏହି ଭିଡିଓ ଭାଇରାଲ ହେବା ପରେ ଓଡ଼ିଶା ବିଶେଷକରି ପୁରୀରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇଛି। ଶ୍ରୀଜଗନ୍ନାଥ ପ୍ରେମୀମାନେ ପ୍ରଶ୍ନ କରିଛନ୍ତି ଯେ, କଣ ଏତେ ଉଚ୍ଚଶିକ୍ଷିତ ତଥା ପ୍ରଭାବଶାଳୀ ବ୍ୟକ୍ତି କିଭଳି ଶ୍ରୀମନ୍ଦିର ସମ୍ପର୍କରେ ଏଭଳି ବିଭ୍ରାନ୍ତିକର ଓ ତଥ୍ୟହୀନ ଟିପ୍ପଣୀ ଦେଇପାରିଲେ? ଏ ସମ୍ପର୍କରେ ଜିଲ୍ଲାପାଳ ଶ୍ରୀ ପରିଡ଼ା କହିଛନ୍ତି, ପ୍ରଚାରପ୍ରସାର ସେଲ୍ କମିଟିରେ ଯେଉଁମାନେ ଶ୍ରୀଜଗନ୍ନାଥ ସଂସ୍କୃତିକୁ ଅବମାନନା କରିବେ ଓ ଭୁଲ୍ ତଥ୍ୟ ଦେବେ ସେମାନଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ନିଆଯିବ ବୋଲି ଯୋଜନା କରାଯାଉଛି। ଶୁଭଙ୍କର ମିଶ୍ରାଙ୍କର ଟିପ୍ପଣୀକୁ ନେଇ ତର୍ଜମା କରାଯାଉଛି। ଏହା ଗୁଜବ ନା ସତ୍ୟ ତାହାକୁ ମଧ୍ୟ ପରୀକ୍ଷା ନିରୀକ୍ଷା କରାଯାଉଛି। ଯଦି ସେ ଏଭଳି ମନ୍ତବ୍ୟ ଦେଇଥା'ନ୍ତି ଓ କମିଟି ରିପୋର୍ଟ ଦିଅନ୍ତି ତେବେ ତାଙ୍କ ବିରୋଧରେ ଆଇନ ଅନୁଯାୟୀ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ଜିଲ୍ଲାପାଳ କହିଛନ୍ତି।

# ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

## ଏୟାରବସ୍ 'ଏ-୩୨୦'କୁ...

ଉଡ଼ାଣ ବାତିଲ ହୋଇ ଯାଇଥିବାରୁ ଯାତ୍ରୀ ହନ୍ତସନ୍ତ ହେଉଛନ୍ତି। ଲୋକେ ଯାତ୍ରା ନ କରିପାରି ବିମାନବନ୍ଦରରେ ଅଟକି ରହିଛନ୍ତି। ଏହି କାରଣରୁ ଭାରତରେ ଅନେକ ବିମାନ ୬୦ରୁ ୯୦ ମିନିଟ ବିଳମ୍ବରେ ଚାଲୁଛି। ଇଣ୍ଡିଗୋ, ଏୟାର ଇଣ୍ଡିଆ ଏବଂ ଏୟାର ଇଣ୍ଡିଆ ଏକ୍ସପ୍ରେସରେ ଅନେକ ଏ୩୨୦ ସିରିଜର ବିମାନ ରହିଛି। ଏହି ସବୁ କମ୍ପାନୀର ୩୩୮ ବିମାନ ଯାନ୍ତ୍ରିକ ସମସ୍ୟାରେ ପ୍ରଭାବିତ ହୋଇଛି। ଏହି ବିମାନକୁ ନେଇ ଏୟାର ଇଣ୍ଡିଆ ଏବଂ ଇଣ୍ଡିଗୋ ପକ୍ଷରୁ ମାର୍ଗଦର୍ଶିକା ଜାରି କରାଯାଇଛି। ବେସାମରିକ ବିମାନ ଚଳାଚଳ ମହାନିର୍ଦ୍ଦେଶାଳୟ ଅନୁଯାୟୀ, ଶନିବାର ସକାଳ ୧୦ଟା ସୁଦ୍ଧା ୧୮୯ଟି ଏ୩୨୦ ବିମାନର ସଫ୍ଟୱେରକୁ ଅପଗ୍ରେଡ୍ କରାଗଲାଣି। ଶନିବାର ସକାଳ ୫ଟା ୨୯ ସୁଦ୍ଧା ସବୁ ପ୍ରଭାବିତ ବିମାନର ଅପ୍‌ଗ୍ରେଡେସନ ଶେଷ ହେବ ବୋଲି ଆଶା କରାଯାଉଛି।

ୟୁରୋପିଆନ ୟୁନିୟନ ଆଭିଏସନ ସେଫ୍ଟି ଏଜେନ୍ସି (ଇଏଏସଏ) ପକ୍ଷରୁ ଶୁକ୍ରବାର ଏମର୍ଜେନ୍ସି ଏୟାରୱର୍ଦିନେସ ଡାଇରେକ୍ଟିଭ (ଇଏଡି) ଜାରି କରାଯାଇଥିଲା। ଯାତ୍ରୀ ବିମାନ ଆରମ୍ଭ କରିବା ପୂର୍ବରୁ ଏହି ବିମାନର ମରାମତି ପାଇଁ ନିର୍ଦ୍ଦେଶ ଦିଆଯାଇଥିଲା। କୁହାଯାଇଥିଲା ଯେ ଅକ୍ଟୋବର ୩୦ ତାରିଖରେ ଆମେରିକା ଏୟାରଲାଇନ ଜେଟ୍‌ବ୍ଲୁର ଏକ ବିମାନ ୩୫ ହଜାର ଫୁଟ ଉଚ୍ଚରେ ଥିବାବେଳେ ଅଚାନକ ତଳକୁ ଖସି ଆସିଥିଲା। ଏହି ଅଘଟଣରେ ୧୫ ଜଣ ଆହତ ହୋଇଥିଲେ। ଫଳରେ ବିମାନକୁ ଫ୍ଲୋରିଡ଼ାର ଟାମ୍ପା ବିମାନବନ୍ଦରରେ ଜରୁରୀ ଅବତରଣ କରାଇବାକୁ ପଡ଼ିଥିଲା। ପ୍ରାରମ୍ଭିକ ଯାଞ୍ଚରୁ ଏକ ଇଏଲଏସି ଖରାପ ଥିବାରୁ ଏପରି ହୋଇଥିବା ଜଣାପଡ଼ିଥିଲା। ଏଥିଯୋଗୁଁ ଏୟାରବସ ସବୁ ଏୟାରଲାଇନ ଅପରେଟରଙ୍କୁ ନିଜ ବିମାନରେ ଇଏଲଏସି ଲଗାଇବାକୁ କହିଛି। ଏହା ବିମାନକୁ ନିୟନ୍ତ୍ରଣ କରୁଥିବା କମ୍ପ୍ୟୁଟର। ଏହାକୁ ଫ୍ଲାଇଟ କଣ୍ଟ୍ରୋଲ କୁହାଯାଇଥାଏ। ଏହା ପାଇଲଟଙ୍କ ନିର୍ଦ୍ଦେଶକୁ କଣ୍ଟ୍ରୋଲ ସିଷ୍ଟମ ପର୍ଯ୍ୟନ୍ତ ପହଞ୍ଚାଇ ଥାଏ। ବିମାନକୁ ମୋଡ଼ିବାରେ ସହାୟକ ହୋଇଥାଏ। ଏ୩୨୦ ସିରିଜର ବିମାନ ବିଶ୍ୱରେ ସର୍ବାଧିକ ବ୍ୟବହୃତ ହେଉଥିବା ସିଙ୍ଗଲ-ଆଇଲ ପ୍ଲେନ। ଏହି ସିରିଜରେ ଏ୩୧୯, ଏ୩୨୦ସିଇଓ ଏବଂ ନିଓ, ଏ୩୨୧ ସିଇଓ ଏବଂ ଏ୩୨୧ ନିଓ ସାମିଲ ରହିଛି।

## ଗୁଣ୍ଡିଚା ମନ୍ଦିରରେ...

କିଛି ନିର୍ମାଣ ଜେସିବି ଭାଙ୍ଗୁଥିବା ଜଣାପଡ଼ିବା ପରେ ଏହାକୁ ନେଇ ବିଭିନ୍ନ ମହଲରେ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି।

ଆମ୍ ଆଦ୍‌ମୀ ପାର୍ଟି (ଆପ୍) ପୁରୀ ଜିଲ୍ଲା ସଭାପତି ସଞ୍ଜୀବ କୁମାର ମହାନ୍ତି ଗୁଣ୍ଡିଚା ମନ୍ଦିର ଭିତରେ ପଶି ଜେସିବି ଭାଙ୍ଗିବାକୁ ତୀବ୍ର ବିରୋଧ କରିଛନ୍ତି। ଯଦି ଆବଶ୍ୟକ ଥିଲା ତେବେ ଶ୍ରମିକ ଲଗାଇ ଛେଣି, ହାତୁଡ଼ି କିମ୍ବା ଅନ୍ୟ ଯନ୍ତ୍ରାଂଶରେ ଭଙ୍ଗା ଯାଇପାରିଥା'ନ୍ତା। କିନ୍ତୁ ତାହା ନ କରି ଜେସିବି ବ୍ୟବହାର କରିଛନ୍ତି। ପୂର୍ବ ସରକାର ସମୟରେ ପରିକ୍ରମା ପ୍ରକଳ୍ପ କାମ ପାଇଁ ଶ୍ରୀମନ୍ଦିର ବାହାରେ ଜେସିବି ବ୍ୟବହାର କରାଯାଉଥିବା ବେଳେ ଏହାକୁ ଅନେକ ବ୍ୟକ୍ତି ହୋ-ହଲ୍ଲା କରିଥିଲେ। ମନ୍ଦିର ଭୁଶୁଡ଼ି ପଡ଼ିବ ଏବଂ ଭାଙ୍ଗିଯିବ କହି ଧାରଣା ଦେଇଥିଲେ। ହେଲେ ଆଜି ଗୁଣ୍ଡିଚା ମନ୍ଦିର ଭିତରେ ପଶି ଜେସିବି ଭାଙ୍ଗୁଥିବାବେଳେ ସେମାନେ ନିରବ କାହିଁକି ବୋଲି ପ୍ରଶ୍ନ କରିଛନ୍ତି ଆପ୍ ଜିଲ୍ଲା ସଭାପତି ଶ୍ରୀ ମହାନ୍ତି। ସେହିପରି ବୁଦ୍ଧିଜୀବୀ ମହେନ୍ଦ୍ର ବିଶୋଇ କହିଛନ୍ତି, ଶହଶହ ବର୍ଷର ତଥା ଶ୍ରୀଜଗନ୍ନାଥ ମହାପ୍ରଭୁଙ୍କ ଜନ୍ମସ୍ଥଳୀ ଶ୍ରୀଗୁଣ୍ଡିଚା ମନ୍ଦିର ଭିତରେ ଜେସିବି ମେସିନ୍ ଦ୍ୱାରା ବିଭିନ୍ନ ଖନନ ତଥା ଭଙ୍ଗା କାର୍ଯ୍ୟ ଭକ୍ତ ସମାଜକୁ ଗଭୀର ଆଘାତ ଦେଉଛି। ମନ୍ଦିର ପରିସରରେ ଯଦି କୌଣସି ମରାମତି କିମ୍ବା ଉଚ୍ଛେଦର ଆବଶ୍ୟକତା ଅଛି ତାକୁ ଅଭିଜ୍ଞ କୁଶଳୀ ଶ୍ରମିକଙ୍କ ଦ୍ୱାରା କରାଯାଉ। କିନ୍ତୁ ମନ୍ଦିର ଭିତରେ ଜେସିବି ମେସିନ ପୂରାଇ ପ୍ରଚଣ୍ଡ ଶବ୍ଦ କରି ଭଙ୍ଗାରୁଜା କରିବା ସହଜରେ ଗ୍ରହଣ କରିହେଉନି। ଏହାସହିତ ଏଭଳି କାର୍ଯ୍ୟ ସମୟରେ ମନ୍ଦିର, ପୁରାତନ କୀର୍ତ୍ତିରାଜି ତଥା ପ୍ରାଚୀନ ଐତିହ୍ୟସମ୍ପନ୍ନ ମୂର୍ତ୍ତିଗୁଡ଼ିକ ଯେଭଳି ଅକ୍ଷୁଣ୍ଣ ରହେ ସେ ଦିଗରେ ପ୍ରଶାସନ ସତର୍କ ରହିବା ଆବଶ୍ୟକ। ପୂର୍ବରୁ ଶ୍ରୀମନ୍ଦିର ପରିକ୍ରମା ମାର୍ଗ କାର୍ଯ୍ୟ ସମୟରେ ବଡ଼ ଦେଉଳ ବାହାରେ ଉଚ୍ଛେଦ ଏବଂ ଖନନ କାର୍ଯ୍ୟରେ ଜେସିବି ମେସିନର ବ୍ୟବହାରକୁ ବିଭିନ୍ନ ମହଲରୁ ତୀବ୍ର ବିରୋଧ କରାଯାଇଥିଲା। ମାତ୍ର ଏବେ ଗୁଣ୍ଡିଚା ମନ୍ଦିର ଭିତରେ ମେସିନ ଲଗାଇ କିଭଳି ଭଙ୍ଗାଯାଉଛି ତାହା ପ୍ରଶ୍ନବାଚୀ ସୃଷ୍ଟି କରୁଛି ବୋଲି କହିଛନ୍ତି ଶ୍ରୀ ବିଶୋଇ।

ଅନ୍ୟପକ୍ଷରେ ଏ ସମ୍ପର୍କରେ ଶ୍ରୀମନ୍ଦିର ଉନ୍ନୟନ ପ୍ରଶାସକ ଦେବବ୍ରତ ସାହୁ କହିଛନ୍ତି, ଗୁଣ୍ଡିଚା ମନ୍ଦିରରେ ପୁନରୁଦ୍ଧାର କାମ ଚାଲିଛି। ରୋଷଘର ପଛପଟ ତୁଣିଆ ମାଲ, ବଲ୍ଲଭ ଘର ଭଙ୍ଗାଯାଉଛି। ରଥଯାତ୍ରା ପୂର୍ବରୁ ଏହି ନବୀକରଣ କାମ ସାରିବାକୁ ଲକ୍ଷ୍ୟ ରହିଛି। ତେବେ ଶ୍ରମିକ ଲଗାଇ ଭାଙ୍ଗିବାକୁ ଉଦ୍ୟମ ହୋଇଥିଲା। କିନ୍ତୁ ସେମାନେ ଭାଙ୍ଗି ନ ପାରିବାରୁ ଜେସିବି ଲାଗିଛି ବୋଲି ଶ୍ରୀ ସାହୁ କହିଛନ୍ତି।

## ସଂସ୍କୃତିକୁ ଆମେ...

ଅନ୍ୟତମ। ଶିକ୍ଷା ଓ ଅନୁସନ୍ଧାନ (ସୋଆ) ବିଶ୍ୱବିଦ୍ୟାଳୟ କ୍ୟାମ୍ପସ୍‌ରେ ଆୟୋଜିତ ସୋଆ ସାହିତ୍ୟ ଉତ୍ସବର ତୃତୀୟ ସଂସ୍କରଣରେ ଯୋଗଦେଇ ପ୍ରଖ୍ୟାତ କବି, ସଂଳାପ ଲେଖକ, ଗୀତିକାର, ସମାଜ ଚିନ୍ତକ ତଥା ଶବ୍ଦର ଯାଦୁକର ପଦ୍ମଭୂଷଣ ଜାଭେଦ ଅଖତର୍ ଆଜି ଏହା କହିଛନ୍ତି।

ଏହି ଅବସରରେ ଅଖତର୍‌ଙ୍କୁ ପ୍ରଥମ ସୋଆ ସାହିତ୍ୟ ସମ୍ମାନରେ ସମ୍ମାନିତ କରାଯାଇଥିଲା। ସମ୍ମାନସ୍ୱରୂପ ମାନପତ୍ର, ଉତ୍ତରୀୟ, ଦେବୀ ସରସ୍ୱତୀଙ୍କ ଏକ ରୌପ୍ୟମୂର୍ତ୍ତି ଏବଂ ୭ଲକ୍ଷ ଟଙ୍କାର ପୁରସ୍କାର ରାଶି ପ୍ରଦାନ କରାଯାଇଥିଲା। ସୋଆ ବିଶ୍ୱବିଦ୍ୟାଳୟ ପକ୍ଷରୁ ତାଙ୍କୁ ଏହି ସମ୍ମାନ ପ୍ରଦାନ କରିବା ନିମନ୍ତେ ଆମନ୍ତ୍ରିତ କରାଯିବା ତାଙ୍କ ପାଇଁ ଏକ ସମ୍ମାନ ବୋଲି ସମ୍ବର୍ଦ୍ଧିତ ହେବା ପରିପ୍ରେକ୍ଷୀରେ ଅଖତର୍ କହିଥିଲେ।

ସୋଆ ବିଶ୍ୱବିଦ୍ୟାଳୟ କ୍ୟାମ୍ପସ୍‌ରେ ଆୟୋଜିତ ଦୁଇଦିନିଆ ଏହି ସୋଆ ସାହିତ୍ୟ ଉତ୍ସବକୁ ଉଦ୍‌ଘାଟନ କରି ଓଡ଼ିଶାର ରାଜ୍ୟପାଳ ଡ. ହରିବାବୁ କମ୍ଭମପାଟି କହିଲେ, ଯଦିଓ ବୈଷୟିକ ଜ୍ଞାନକୌଶଳ ପରିବ୍ୟାପ୍ତ ହେବାରେ ଲାଗିଛି ଏବଂ ମଣିଷର ସମ୍ପର୍କକୁ ପ୍ରଭାବିତ କରୁଛି, ତଥାପି ଏହା ମଣିଷର ଅନୁଭୂତିର ଗଭୀରତାକୁ ପୁନସ୍ଥାପନ କରିପାରିବ ନାହିଁ। ବର୍ତ୍ତମାନ ସମୟରେ କୃତ୍ରିମ ବୁଦ୍ଧିମତା ଯୋଗାଯୋଗ, ସର୍ଜନଶୀଳତା, ଏପରିକି ମଣିଷର ସମ୍ପର୍କକୁ ପ୍ରଭାବିତ କରିବାରେ ଲାଗିଛି। ଭବିଷ୍ୟତରେ କୃତ୍ରିମ ବୁଦ୍ଧିମତାର ପ୍ରଭାବ ରହିଥିଲେ ମଧ୍ୟ ମଣିଷ ଏବେ ବି ସମାନୁଭୂତି, ନୈତିକ ବିଚାର ଏବଂ କଳ୍ପନା କରିବାର ଶକ୍ତି ଉପରେ ନିର୍ଭର କରୁଛି ବୋଲି ରାଜ୍ୟପାଳ କହିଥିଲେ।

କାର୍ଯ୍ୟକ୍ରମର ଦ୍ୱିତୀୟ ପର୍ବରେ ଅଖତରଙ୍କ ସହ ଅଭିନେତ୍ରୀ ତଥା ପ୍ରଯୋଜିକା ବାନୀ ତ୍ରିପାଠୀ ବିଭିନ୍ନ ପ୍ରସଙ୍ଗରେ ଆଲୋଚନା କରିଥିଲେ। ଆର୍ଟିଫିସିଆଲ ଇଣ୍ଟେଲିଜେନ୍ସ (ଏଆଇ) ଅର୍ଥାତ୍ କୃତ୍ରିମ ବୁଦ୍ଧିମତା ସମ୍ପର୍କରେ ଛାତ୍ରଛାତ୍ରୀମାନଙ୍କ ପ୍ରଶ୍ନର ଉତ୍ତର ଦେଇ ଅଖତର୍ କହିଥିଲେ ଯେ ବୈଷୟିକ ଜ୍ଞାନକୌଶଳର କୌଣସି ନୈତିକତା ନାହିଁ। ଏହାକୁ ଆମେ କିଭଳି ବ୍ୟବହାର କରୁଛୁ, ତାହା ଉପରେ ସବୁ ନିର୍ଭର କରେ। ଆଣବିକ ଶକ୍ତିର ଉଦାହରଣ ଦେଇ ସେ କହିଥିଲେ ଯେ ଏହାକୁ ଆମେ ଉଭୟ ଭଲ ଏବଂ ମନ୍ଦ ଉଦ୍ଦେଶ୍ୟରେ ବ୍ୟବହାର କରିପାରିବୁ। ଏଆଇରେ ଭରି ରହିଥିବା ସଂସାଧନ ମନ୍ଦ ନୁହେଁ। ଆମେ ଯଦି ଇତିହାସ ପୃଷ୍ଠା ଦେଖିବା, ମଣିଷ ସମସ୍ତ ଆବିଷ୍କାରକୁ ନେଇ ଭୟଭୀତ ହେଉଥିଲା। ଏପରିକି, ରେଳ ଇଞ୍ଜିନ୍‌କୁ ସୈତାନର ବାହନ ବୋଲି କୁହାଯାଉଥିଲା। ତେବେ ବର୍ତ୍ତମାନ ସମୟରେ ଆର୍ଟିଫିସିଆଲ୍ ଇଣ୍ଟେଲିଜେନ୍ସରେ ସର୍ଜନଶୀଳତା ରହିଥିବା କୁହାଯାଇପାରିବ ନାହିଁ। ବର୍ତ୍ତମାନ ସମୟରେ ଏହାର ନିଜସ୍ୱ ପରିସୀମା ରହିଛି ଏବଂ ଏହା ତଥ୍ୟ ଉପରେ ନିର୍ଭରଶୀଳ। ଭବିଷ୍ୟତରେ କ'ଣ ଘଟିବ, ତାହା ଆମେ ଏବେଠାରୁ କହିପାରିବା ନାହିଁ। କିନ୍ତୁ ବର୍ତ୍ତମାନ ସମୟରେ ମଣିଷର ସର୍ଜନଶୀଳତାକୁ ନେଇ କୌଣସି ଆହ୍ୱାନ ନାହିଁ ବୋଲି ଅଖତର କହିଥିଲେ।

ସୋଆ ପରିଚାଳିତ ସେଣ୍ଟର୍ ଫର୍ ପ୍ରିଜରଭେସନ୍, ପ୍ରୋପାଗେସନ୍ ଆଣ୍ଡ ରେଷ୍ଟୋରେସନ୍ ଅଫ୍ ଏନ୍‌ସିଏଣ୍ଟ କଲ୍‌ଚର ଆଣ୍ଡ ହେରିଟେଜ ଅଫ୍ ଇଣ୍ଡିଆ(ପ୍ରାଚୀନ) ପକ୍ଷରୁ ଆୟୋଜିତ ଏହି ସାହିତ୍ୟ ଉତ୍ସବରେ ସାରା ଦେଶରୁ ୧୦୦ ରୁ ଉର୍ଦ୍ଧ୍ୱ କବି, ଲେଖକ, ଔପନ୍ୟାସିକ, ଚିତ୍ରକର, ଅନୁବାଦକ, ପ୍ରକାଶକ, ଚିନ୍ତକ, ନାଟକ, ଗଣମାଧ୍ୟମ ଜଗତର ବିଶିଷ୍ଟ ବ୍ୟକ୍ତିବିଶେଷ ଯୋଗ ଦେଇଛନ୍ତି। ଏହି ଦୁଇଦିନିଆ ସାହିତ୍ୟ ଉତ୍ସବରେ ୩୦ଟି ବିଭିନ୍ନ ଅଧିବେଶନ ରଖାଯାଇଛି।

ଚଳିତବର୍ଷ ଉତ୍ସବର ପ୍ରସଙ୍ଗଟି 'କଲ୍‌ଚର, କ୍ରିଏଟିଭିଟି ଆଣ୍ଡ ଆର୍ଟିଫିସିଆଲ୍ ଇଣ୍ଟେଲିଜେନ୍ସ' ଅର୍ଥାତ୍ 'ସଂସ୍କୃତି, ସର୍ଜନଶୀଳତା ଓ କୃତ୍ରିମ ବୁଦ୍ଧିମତା'ରହିଛି। ସୋଆ କୁଳପତି ପ୍ରଫେସର ପ୍ରଦୀପ୍ତ କୁମାର ନନ୍ଦଙ୍କ ଅଧ୍ୟକ୍ଷତାରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ସାହିତ୍ୟ ଏକାଡେମୀ, ନୂଆଦିଲ୍ଲୀର ପୂର୍ବତନ ସଚିବ ଡକ୍ଟର କେ. ଶ୍ରୀନିବାସରାଓ ଏବଂ ସୋଆର ଉପସଭାପତି ଶାଶ୍ୱତୀ ଦାସ ସମ୍ମାନିତ ଅତିଥି ଭାବେ ଯୋଗଦେଇ ବକ୍ତବ୍ୟ ରଖିବା ସହ ଜାଭେଦ ଅଖତରଙ୍କୁ ସୋଆ ସାହିତ୍ୟ ସମ୍ମାନରେ ସମ୍ମାନିତ ହେବା ପରିପ୍ରେକ୍ଷୀରେ ଶୁଭେଚ୍ଛା ଜଣାଇଥିଲେ। ପ୍ରାଚୀନର ମୁଖ୍ୟ ତଥା ସୋଆ ସାହିତ୍ୟ ଉତ୍ସବର ଡାଇରେକ୍ଟର ଏବଂ କ୍ୟୁରେଟର୍ ପ୍ରଫେସର୍ ଡ. ଗାୟତ୍ରୀବାଳା ପଣ୍ଡା ସ୍ୱାଗତଭାଷଣ ପ୍ରଦାନ କରିଥିଲେ। ସୋଆ ଛାତ୍ରମଙ୍ଗଳ ଡିନ୍ ତଥା କାର୍ଯ୍ୟକ୍ରମର ମୁଖ୍ୟ ସଂଯୋଜକ ପ୍ରଫେସର୍ ଜ୍ୟୋତିରଞ୍ଜନ ଦାସ ଧନ୍ୟବାଦ ଦେଇଥିଲେ। ଏହି ଅବସରରେ ପ୍ରଫେସର୍ ଡ. ଗାୟତ୍ରୀବାଳା ପଣ୍ଡାଙ୍କ ପୁସ୍ତକ 'ଦୟାନଦୀ'ର ଇଂରାଜୀ ଅନୁବାଦ 'ରିଭର ଦୟା' ଏବଂ ପ୍ରାଚୀନ ପକ୍ଷରୁ ପ୍ରକାଶିତ ତିନୋଟି ପୁସ୍ତକ 'ସାରୋଳଦାସ ମହାଭାରଥ'ର ଦୁଇଟି ସଭାପର୍ବ ଏବଂ ମଧ୍ୟ ପର୍ବ ଉନ୍ମୋଚିତ ହୋଇଥିଲା।

ସୂଚନାଯୋଗ୍ୟ, ସୋଆ ବିଶ୍ୱବିଦ୍ୟାଳୟ ପକ୍ଷରୁ ସାହିତ୍ୟ କ୍ଷେତ୍ରରେ ଉତ୍କର୍ଷ, ସର୍ଜନଶୀଳ ଏବଂ ବୌଦ୍ଧିକ ଗଭୀରତାର ଦକ୍ଷତା ଥିବା ବିଶିଷ୍ଟ ବ୍ୟକ୍ତିବିଶେଷଙ୍କୁ ପ୍ରତିବର୍ଷ ସୋଆ ସାହିତ୍ୟ ସମ୍ମାନ ପ୍ରଦାନ କରାଯିବାକୁ ଥିବା ବେଳେ ଚଳିତବର୍ଷ ପଦ୍ମଭୂଷଣ ଜାଭେଦ ଅଖତର୍‌ଙ୍କୁ ପ୍ରଦାନ କରାଯାଇଛି।

## ବିଧାନସଭାରେ ରାସନ...

ଆକ୍ରମଣ କରି ରାସନ କାର୍ଡ ଇ-କେୱାଇସି, ସର୍ଭେ ପ୍ରକ୍ରିୟା ହିତାଧିକାରୀଙ୍କୁ କାଟିବା ପାଇଁ ନୁହେଁ; ବରଂ ଅଯୋଗ୍ୟ ହିତାଧିକାରୀ ଚିହ୍ନଟ ଓ ଦୁର୍ନୀତି ରୋକିବାର ପଦକ୍ଷେପ ବୋଲି ଯୁକ୍ତି ବାଢ଼ିଛନ୍ତି।

ବିଜେଡି ପକ୍ଷରୁ ଆଗତ ଏହି ସମ୍ପର୍କିତ ଏକ ମୁଲତବୀ ପ୍ରସ୍ତାବ ଆଲୋଚନାକୁ ଆରମ୍ଭ କରି ବିଜେଡି ବରିଷ୍ଠ ବିଧାୟକ ରଣେନ୍ଦ୍ର ପ୍ରତାପ ସ୍ୱାଇଁ କହିଥିଲେ ଯେ ରାଜ୍ୟ ସରକାର ରାସନ କାର୍ଡ ସର୍ଭେ ନାଁ ରେ ଖାଦ୍ୟ ସୁରକ୍ଷା ଯୋଜନାର ଗରିବ ହିତାଧିକାରୀଙ୍କୁ କାଟି ଦେଉଛନ୍ତି। ଏହି ମଧ୍ୟରେ ଜିଲ୍ଲାପାଳ ମାନଙ୍କୁ ଦୁଇଟି ଚିଠି ଯାଇଛି । ସେଥିରେ ଯେଉଁ ୬ଟି ମାନଦଣ୍ଡ ରଖାଯାଇଛି, ସେଥିରୁ ୩ଟି ଆଦୌ ଗ୍ରହଣୀୟ ନୁହେଁ। ୬ ମାସରୁ ଅଧିକ ସମୟ ଚାଉଳ ଉଠାଇନଥିଲେ, ୧ ହେକ୍ଟର(୨.୪୭ ଏକର)ରୁ ଅଧିକ ଜମି ଥିଲେ ଏବଂ ବାର୍ଷିକ ୧ ଲକ୍ଷ ୨୦ ହଜାର କିମ୍ବା ମାସିକ ୧୦ ହଜାର ଆୟ ଥିଲେ ହିତାଧିକାରୀଙ୍କ ରାସନ୍ କାର୍ଡ କାଟି ଦେବାକୁ ନିର୍ଦ୍ଦେଶ ଦେଇଛନ୍ତି। ସରକାରୀ ତଥ୍ୟ ଅନୁସାରେ ୪ ଲକ୍ଷ ୭୪ ହଜାର ୯୭୪ ହିତାଧିକାରୀଙ୍କ ରାସନ୍ କାର୍ଡ କାଟି ଦେଉଛନ୍ତି। ଆହୁରି ୩୯ ଲକ୍ଷ କରିବେ । ୧୦ ପ୍ରତିଶତ ଲୋକଙ୍କ କାର୍ଡ ଏ ସରକାର କାଟି ସାରିଲେଣି। ଜଣେ ଲୋକ ସୁଭଦ୍ରା ଯୋଜନା ବାବଦକୁ ଅର୍ଥ ପାଉଥିଲେ କିମ୍ବା କୌଣସି ଋଣ କରି ଆୟକର ରିଟର୍ଣ୍ଣ ଫାଇଲ କରିଥିଲେ ରାସନ୍ କାର୍ଡ କଟିଯିବା କଥା କହୁଛନ୍ତି। ଧାନ ବିକ୍ରି କରି ଆୟ କରିଥିବା ଲୋକଙ୍କ କାର୍ଡ କଟିଯିବ କି, ମନ୍ତ୍ରୀ ସ୍ପଷ୍ଟ କରନ୍ତୁ ବୋଲି ପ୍ରଶ୍ନ କରିଥିଲେ । ଲୋକଙ୍କୁ କୃତ୍ରିମ ଧନୀ କରି ସରକାର ଚାଉଳ କାଟି ଦେଉଛନ୍ତି । ଚାଷୀଙ୍କ ପେଟରେ ଲାତ ମାରିବା ପାଇଁ ଯୋଜନା ହୋଇଛି । ଗରିବ ମାରଣ ନୀତିର ଜବାବ ଓଡ଼ିଶାବାସୀ ଉଚିତ୍ ଜବାବ ଦେବେ ବୋଲି ଶ୍ରୀ ସ୍ୱାଇଁ କହିଥିଲେ। ବିଜେଡି ବିଧାୟକ ଦେବୀ ରଞ୍ଜନ ତ୍ରିପାଠୀ ବିଭାଗ ପକ୍ଷରୁ ଜିଲ୍ଲାପାଳଙ୍କୁ ଯାଇଥିବା ଚିଠି କଥା ଉଠାଇ ସରକାରଙ୍କୁ ଟାର୍ଗେଟ କରିଥିଲେ। ସେ କହିଥିଲେ ଯେ ନିଜର କାର୍ଡକୁ ନେଇ ଗାଁ ଗହଳିର ଲୋକେ ଏବେ ସଂଶୟ ମଧ୍ୟରେ ଅଛନ୍ତି। ନୂଆ ସରକାର ଆସିବା ପରେ ଭୂତ ହିତାଧିକାରୀ କହି କିଛି ଲୋକଙ୍କ କାର୍ଡ କାଟିଲେ। ୧୫ ଲକ୍ଷ ଲୋକ ଏଯାଏଁ ଇ-କେୱାଇସି କରିନାହାନ୍ତି। ଗୋଟେ ପଟେ ସରକାର ଚାଷୀଙ୍କ ଆୟବୃଦ୍ଧି କଥା କହୁଛନ୍ତି। ମହିଳା ସଶକ୍ତିକରଣ କଥା କହୁଛନ୍ତି। ମାତ୍ର ଅନ୍ୟପଟେ ମାନଦଣ୍ଡର ଆଳ ଦେଖାଇ ସେମାନଙ୍କ କାର୍ଡ କାଟିବାର ଯୋଜନା କରାଯାଉଛି। ମନ୍ତ୍ରୀ ସ୍ପଷ୍ଟ କରନ୍ତୁ କିଏ ଯୋଗ୍ୟ, କିଏ ଅଯୋଗ୍ୟ। ଏଫସିଆଇ ଚାଉଳ ନ ଉଠାଇବା ଆଉ କେନ୍ଦ୍ରୀୟ ଅନୁଦାନ କମିବା ଅଳରେ ସରକାର ରାସନ୍ କାର୍ଡ କାଟି ଦେବା ପାଇଁ ମସୁଧା ନୁହେଁ ତ ବୋଲି କହିଥିଲେ। ସେହିଭଳି କଂଗ୍ରେସ ବିଧାୟକ ଅଶୋକ ଦାସ ଓ ସି ଏସ ରାଜନ୍ ଏକ୍କା ରାସନ୍ କାର୍ଡ ମାୟା ଜାଲରେ ଗରିବ ଛନ୍ଦି ହୋଇଛନ୍ତି ବୋଲି କହି ଉଦବେଗ ପ୍ରକାଶ କରିଥିଲେ। ମାନଦଣ୍ଡ ଆଳ ଦେଖାଇ ରାଜ୍ୟ ସରକାର ଗରିବ ଲୋକଙ୍କ ଖାଦ୍ୟ ସୁରକ୍ଷା ଅଧିକାର ଛଡ଼ାଇ ନେବାକୁ ବସିଛନ୍ତି ବୋଲି ଉଭୟେ କ୍ଷୋଭୋକ୍ତି ପ୍ରକାଶ କରିଥିଲେ।

ବିଜେପି ପକ୍ଷରୁ ବିଧାୟକ ଆଶ୍ରିତ ପଟ୍ଟନାୟକ, ଆମର କୁମାର ନାୟକ, ପ୍ରତାପ ଚନ୍ଦ୍ର ନାୟକ ଓ ପଦ୍ମଲୋଚନ ପଣ୍ଡା ବିରୋଧୀଙ୍କ ଅଭିଯୋଗ କୁ ଖଣ୍ଡନ କରିବା ସହ ପାଲଟା ସମାଲୋଚନା କରିଥିଲେ। ସେମାନେ କହିଥିଲେ ଯେ ୨୦୨୪ ଜୁନ ମାସଠାରୁ ରାଜ୍ୟ ସରକାର ପ୍ରାୟ ୯୯ ଲକ୍ଷ ୫୨ ହଜାର ୧୫୩ ପରିବାରକୁ ପ୍ରତିମାସରେ ଖାଦ୍ୟ ଶସ୍ୟ ଯୋଗାଇ ଦେଉଛନ୍ତି। ପୂର୍ବ ସରକାର ରାଜନୈତିକ ଉଦ୍ଦେଶ୍ୟ ରଖି ହିତାଧିକାରୀଙ୍କ କାର୍ଡ କାଟୁଥିଲେ। ୨୦୧୫ରୁ ୨୦୨୪ ମଧ୍ୟରେ ୧୦ ଲକ୍ଷ ୫୪ ହଜାର ପରିବାରର ୩୦ ଲକ୍ଷ ୬୯ ଲକ୍ଷ କାର୍ଡ କାଟି ଦେଇଥିଲେ। ମାତ୍ର ଆମ ସରକାର ଆସିବା ପରଠାରୁ ଯୋଗ୍ୟହିତାଧିକାରୀଙ୍କୁ ନୂଆକାର୍ଡ ପ୍ରଦାନ କରାଯାଇଛି। ରାଜ୍ୟ ସରକାର ଖାଦ୍ୟ ସୁରକ୍ଷା ଯୋଜନାରେ ପାରଦର୍ଶିତା ରକ୍ଷା କରିବା ପାଇଁ ସର୍ବୋଚ୍ଚ ନ୍ୟାୟାଳୟଙ୍କ ନିର୍ଦ୍ଦେଶରେ ଇ-କେୱାଇସି କରୁଛନ୍ତି ବୋଲି ସେମାନେ ଦୃଢ଼ୋକ୍ତି ପ୍ରକାଶ କରିଥିଲେ।


**AFFIDAVIT**

By virtue of an affidavit sworn before Executive Magistrate, Rayagada, vide No. 1100 dated. 29/11/2025, I, **Kumari Sunita Pujhari**, aged about 30 years, D/o- Nityananda Pujhari, resident of At- Pitamahal, PO.- Pitamahal, PS.- Seskhal, Tahasil/ Dist.- Rayagada, Pin- 765002, Odisha, declare that I have changed my name from **Sasmita Behera to Kumari Sunita Pujhari**. Henceforth, I shall be known as **Kumari Sunita Pujhari** for all purposes.

**Kumari Sunita Pujhari**

**AFFIDAVIT**

I, RAHUL RAY, aged about 26 years, S/o- Hari Kumar Ray resident of Indranagar At/PO: Mandosil, PS: Paikmal, Dist.: Bargarh, Odisha, PIN-768050, declared by this Affidavit No.: 1732/2025, Dated: 26.11.2025. That now onwards I shall be known as for all future **RAHUL KUMAR RAY** for all future Purposes.

**AFFIDAVIT**

By virtue of an affidavit sworn before the Executive Magistrate, Bhubaneswar, dated 28/11/2025, CF No.- 50/28.11.2025. I, Pinki Senapati D/O Prakash Senapati, Plot No-1637, Community Center-8, Back side of Bharatpur, Dist.- Khordha, Pin- 751029, declare that I have changed the name of my daughter from Subhashree Senapati to Manasha Chakraborty. Henceforth, she shall be known as new name Manasha Chakraborty for all purposes.

**Pinki Senapati**

**AFFIDAVIT**

**I, Pravir Kumar Satpathy,** S/o.: Late Pravakar Satapathy resident of N/2-122 IRC Village, P.S.: Nayapalli, Bhubaneswar, Dist.: Khurda, PIN-751015, Odisha declare by this affidavit No. 400, Dtd.28.11.2025 that now onwards I shall be known as **PRAVIR KUMAR SATAPATHY** for all future purposes.

**AFFIDAVIT**

I, Simadri Rajalakshmi Patra, aged about 58 years, W/o- Sri Raj Kishore Patra, resident of Mahabir Residency, Kantabanji, PO/PS-Kantabanji, Dist- Balangir, PIN-767039, Odisha declared by this affidavit No. 1146, dtd-30/09/2025 that now onwards I shall be known as Rajlaxmi Patra for all future purposes.

**AFFIDAVIT**

By virtue of an affidavit before the Notary Public, Koraput, I, D Abinash Dora, residing at Police Camp, Sunabeda, Dist: Koraput, Odisha, do hereby declare that my correct name is D Abinash Dora, as per my Aadhaar, PAN and academic certificates. But in my Passport, mentioned as Domti Abinash Dora, where "D" stands for Domti. I hereby declare that I shall be known as D Abinash Dora for all purposes.

**D Abinash Dora**

**ADMISSION NOTICE-2025-26**

**Manjari Devi College**

Affiliated to Utkal University, OUHS, PCI, OSBP & DMLT/RTEB

*Campus:*
262, Puranpadhan, Balakati, Bhubaneswar

Mob. 7019799641, 7978608747
9853801459
Email: mdscnbbsr@gmail.com

- **B. Pharm** Rs. 58,000/- P.A. Eligibility: +2 Sc. (PCB/M & OJEE Appeared)
- **D. Pharm** Rs. 48,000/- P.A. Eligibility: +2 Sc. (PCB/M)
- **B.M.L.T.** Rs. 58,000/- P.A. Eligibility: +2 Sc. (PCB/M with 50 % Mark)
- **D.M.L.T.** Rs. 48,000/- P.A. Eligibility: +2 Sc. Pass (PCB/M)
- **M.P.H.** Rs. 42,000/- P.A. Eligibility: Any Graguate

ALL COURSE FEES ARE EXCLUDING HOSTEL

**AFFIDAVIT**

By virtue of an affidavit sworn before the Executive Magistrate, Jajpur No 11806 dated 27/11/2025. I ANINDITA PADHI, W/O- Prasanta Kumar Padhi resident of Belarpur, Debidwar, Jajpur declare that I have changed my name From Anindita Rath to Anindita Padhi .Hence I will be known as Anindita Padhi for all purposes.

**DISTRICT PROJECT OFFICE, NUAPADA**
**SAMAGRA SHIKSHA**

At/PO/Dist-Nuapada (Behind Mini Stadium), Odisha-766105.
Phone & Fax: 06678-225121 (MIS) / 225295(OFF)
e-Mail: dpcnuapadassa.opepa@nic.in
No. 3404/IV/34/25/PLG/25, Date- 29.11.202

**NOTICE INVITING TENDER (NIT) FOR SUPPLY OF IDENTITY CARDS FOR TEACHERS AND STUDENTS OF PM-SHRI SCHOOLS (2025-26)**

Sealed Tenders under two bid systems (Technical & Financial Bid) are invited from reputed firms / agency/ individuals having valid GST Registration Number, IT clearance and valid PAN for printing & supply of "Identity Cards and Badges for Teachers and Students of PM-SHRI Schools for the year 2025-26".

| Name of the Tender | Bid processing fees (Rs.) | Amount of EMD (Rs.) | Last Date & time of receipt of Bid | Date & time of opening of Technical Bid |
|---|---|---|---|---|
| Identity Card and PM SHRI Badge for the students and teachers of 08 nos of PMSHRI Schools | Rs.2000/- | Rs. 16480/- | 15.12.25, 5.00 AM | 16.12.25, 11.00 AM |

The Bid documents (tender papers) containing detailed specification with terms and conditions can only be downloaded from the district website i.e. https://nuapada.odisha.gov.in and OSEPA website https://osepa.odisha.gov.in.Corrigendum / addendum, if required, will be uploaded in the above web site. Hence potential bidders are requested to be in continuous touch with the above web site.

The Tender Inviting Authority (TIA) reserves the right to accept / reject any full or part / all BID / cancel the entire selection process at any stage without assigning any reason thereof.

By order of Collector-cum-Chairman
District Education Officer-cum-DPC
Samagra Shiksha, Nuapada

**Women's College, Rayagada**

Gautam Nagar, Po/Dist.: Rayagada-765001
E-Mail ID: womenscollegergd@gmail.com , Ph. No. 06856453864
No. 551/WCR/25, Date- 28.11.2025

**Walk-In-Interview**

A walk-in-interview for engagement of various non-teaching posts in Women's College, Rayagada will be held on 17.12.2025 at 11:00 AM in the College premises.

| Sl No. | Posts | Minimum Qualification |
|---|---|---|
| 1 | Laboratory Bearer in Zoology (01) | 10th Pass |
| 2 | Laboratory Bearer in Physics (01) | 10th Pass |
| 3 | Peon(02) | 10th Pass |
| 4 | Sweeper(02) | 8th Pass |

Interested candidates should attend the interview with filled in Bio-data Proforma, all relevant documents in original; self attested photocopies and two Passport size photos. The Maximum age limit shall be 42 years and 5 years relaxation shall be given to SC/ST/Women and 3 years to SEBC and 10 years to PwDs. No TA/DA shall be paid for attending the interview.

The above mentioned posts are in self finance mode and no financial and non-financial support or grant of any nature will be extended to them from the Government in future.

Principal-cum-Secretary
Governing Body, Women's College, Rayagada

# ସିପିଆଇଏମ୍ ଜିଲ୍ଲା କମିଟି ବୈଠକ

ଦଶପଲ୍ଲା,୨୯।୧୧(ସମିସ): ଦୁଇଦିନ ଧରି ଭାରତର କମ୍ୟୁନିଷ୍ଟ ପାର୍ଟି (ମାର୍କସ୍‌ବାଦୀ) ନୟାଗଡ଼ ଜିଲ୍ଲା କମିଟି ବୈଠକ ଦଶପଲ୍ଲାଠାରେ ଅନୁଷ୍ଠିତ ହୋଇଯାଇଛି। ପ୍ରଥମ ଦିନ ପାର୍ଟିର ବରିଷ୍ଠ ନେତା ସାଥୀ ଶରତ ଚନ୍ଦ୍ର ବେହେରାଙ୍କ ଅଧ୍ୟକ୍ଷତାରେ ଦଶପଲ୍ଲା ଆଞ୍ଚଳିକ କମିଟିର ସଭ୍ୟ ଏବଂ ଜିଲ୍ଲା କମିଟି ସଦସ୍ୟଙ୍କର ଏକ ମିଳିତ ସାଧାରଣ ଅଧିବେଶନ ଅନୁଷ୍ଠିତ ହୋଇଥିଲା। ଏହି ଅଧିବେଶନରେ ସିପିଏମ୍ ଓଡ଼ିଶା ରାଜ୍ୟ ସମ୍ପାଦକ ସାଥୀ ସୁରେଶ ଚନ୍ଦ୍ର ପାଣିଗ୍ରାହୀ ଯୋଗଦେଇ ଅନ୍ତର୍ଜାତୀୟ ପରିସ୍ଥିତି, ଜାତୀୟ ପରିସ୍ଥିତି ସମେତ ରାଜ୍ୟ ରାଜନୀତି ଓ ସ୍ଥାନୀୟ ସମସ୍ୟା ଉପରେ ଆଲୋଚନା କରିବା ସହିତ ଜନଗଣଙ୍କ ସ୍ୱାର୍ଥକୁ ନେଇ ବାମପନ୍ଥୀ ଗଣତାନ୍ତ୍ରିକ ଧର୍ମନିରପେକ୍ଷ ଶକ୍ତିଙ୍କୁ ନେଇ ମିଳିତ ଆନ୍ଦୋଳନ ଗଢ଼ିତୋଳିବା ପାଇଁ ଆହ୍ୱାନ ଦେଇଥିଲେ। ଏହାପରେ ଦୁଇଦିନ ଧରି ଜିଲ୍ଲାର ବିଭିନ୍ନ ସମସ୍ୟା ଉପରେ ଜନଗଣଙ୍କୁ ସଂଗଠିତ କରି ଗଣଆନ୍ଦୋଳନ ଗଢ଼ିତୋଳିବା ସହିତ ସାଂଗଠନିକ ବିଷୟରେ ଆଲୋଚନା କରାଯାଇଥିଲା। ବିଶେଷକରି ଚାଷୀର ଧାନମଣ୍ଡି ତୁରନ୍ତ ଖୋଲି ଅଭାବି ବିକ୍ରି ବନ୍ଦ କରିବା, କୃଷି ତଥା ଗ୍ରାମୀଣ ଶ୍ରମିକଙ୍କ କଲ୍ୟାଣ ପାଇଁ ଆଇନ ପ୍ରଣୟନ, ଆଦିବାସୀ ଓ ଅନ୍ୟାନ୍ୟ ପାରମ୍ପରିକ ଅଧିବାସୀଙ୍କ ଜଙ୍ଗଲ ଜମି ଅଧିକାର ସତ୍ତ୍ୱ, ମହିଳାଙ୍କ ଉପରେ ହେଉଥିବା ଅତ୍ୟାଚାର ବିରୋଧରେ ଓ ବେକାର ଯୁବକଙ୍କ ନିମନ୍ତେ କର୍ମ ସଂସ୍ଥାନ ବ୍ୟବସ୍ଥା ପାଇଁ ଆନ୍ଦୋଳନ କରିବା ନିମନ୍ତେ ଆଲୋଚନା କରାଯାଇ ବ୍ୟାପକ ଆନ୍ଦୋଳନ ପାଇଁ ସ୍ଥିର କରାଯାଇଛି। ଏହି ବୈଠକରେ ଜିଲ୍ଲା ସମ୍ପାଦକ ହରିଶ୍ଚନ୍ଦ୍ର ମିଶ୍ର, ବରିଷ୍ଠ ନେତା ବିଶ୍ୱନାଥ ମହାପାତ୍ର, ନିତ୍ୟାନନ୍ଦ ପରିଡ଼ା, ଯୁବନେତା ସରୋଜ ନାୟକ, ମହିଳା ନେତ୍ରୀ ଜ୍ୟୋତିପ୍ରଭା ଜେନା, ଦୁଃଶାସନ ଜେନା, ପବିତ୍ର ଇନ୍ଦ୍ରଜିତ, ବିପିନ୍ କୁମାର ବାଜୁ ପ୍ରମୁଖ ଯୋଗ ଦେଇଥିବାବେଳେ ପାର୍ଟିର ରାଜ୍ୟ ସମ୍ପାଦକ ସୁରେଶ ପାଣିଗ୍ରାହୀ ଉପସ୍ଥିତ ରହି ବୈଠକରେ ବହୁ ଗୁରୁତ୍ୱପୂର୍ଣ୍ଣ ପରାମର୍ଶ ଦେଇଥିଲେ। ବରିଷ୍ଠ ନେତା ଶରତ ଚନ୍ଦ୍ର ବେହେରା ସଭାପତିତ୍ୱ କରିଥିଲେ।

# ଗୁରୁ କାହ୍ନୁ ଚରଣଙ୍କୁ ସମ୍ବର୍ଦ୍ଧନା



ଦଶପଲ୍ଲା,୨୯।୧୧(ସମିସ): ଓଡ଼ିଶା ସଙ୍ଗୀତ ନାଟକ ଏକାଡେମୀ ଦ୍ୱାରା ବରିଷ୍ଠ ସଙ୍ଗୀତଜ୍ଞ ତଥା କଳାକାର ଭାବରେ ଗୁରୁ କାହ୍ନୁ ଚରଣ ପ୍ରଧାନ ଗତ ୨୬ ତାରିଖରେ ଉପାୟନପ୍ରାପ୍ତ ହୋଇ ସମ୍ବର୍ଦ୍ଧିତ ହୋଇଥିଲେ। ଗୁରୁ କାହ୍ନୁ ଚରଣ ମହାବୀର କ୍ଷେତ୍ର ଦଶପଲ୍ଲାର ପୁଅ। ତାଙ୍କୁ ଜନ୍ମ ମାଟିରେ ଉଚ୍ଛ୍ୱସିତ ସମ୍ବର୍ଦ୍ଧନା ଦିଆଯାଇଛି। ଜଣାଶୁଣା ସ୍ୱେଚ୍ଛାସେବୀ ସଂଗଠନ "ଜ୍ୟୋତି ବିକାଶ' ଓ "ମିଡିଆ ଫୋରମ୍'ର ମିଳିତ ଆନୁକୂଲ୍ୟରେ ଇଲେଭେନ ଷ୍ଟାର୍ ସ୍ପୋର୍ଟିଂ କ୍ଲବ୍ ବୈଠକ ଗୃହରେ ଆୟୋଜିତ ଉତ୍ସବରେ ଗୁରୁ ରଜନୀକାନ୍ତ ମହାପାତ୍ର, ଶିକ୍ଷାବିତ୍ ତଥା ନାଟ୍ୟକାର ତ୍ରିନାଥ ସାହୁ, ବରିଷ୍ଠ ନାଗରିକ ମଞ୍ଚ ସଭାପତି ପାଣ୍ଡୁଚରଣ ବେହେରା, ସାଂସଦଙ୍କ ପ୍ରତିନିଧି କିଶୋର ଦଳବେହେରା ଅତିଥି ଭାବେ ଯୋଗଦେଇ ଗୁରୁ କାହ୍ନୁ ଚରଣଙ୍କ ଗୁଣଗାନ କରିବା ସହ ସେ ଦଶପଲ୍ଲାର ଗୌରବ ବୋଲି ମତବ୍ୟକ୍ତ କରିଥିଲେ। ଏ ସମାରୋହରେ ଜ୍ୟୋତି ବିକାଶ ସମ୍ପାଦକ ତଥା ସଙ୍ଗୀତଜ୍ଞ ଶରତ କୁମାର ସାହୁ ସ୍ୱାଗତ ସମ୍ଭାଷଣ ଦେଇଥିବାବେଳେ ମିଡିଆ ଫୋରମ୍‌ର ସଭାପତି ସୁଶାନ୍ତ କୁମାର ସାହୁ ଉତ୍ସବର ଆଭିମୁଖ୍ୟ ଉପସ୍ଥାପନା କରିଥିଲେ। ଏ ସମାରୋହରେ ସାମ୍ବାଦିକ ପ୍ରଶାନ୍ତ କୁମାର ସାହୁ, ସ୍ୱେଚ୍ଛାସେବୀ ରଶ୍ମି ରଞ୍ଜନ ପ୍ରଧାନ, ଗାଳ୍ପିକ ହାଡ଼ିବନ୍ଧୁ ମହାଖୁଡ଼ ପ୍ରମୁଖ ଗୁରୁ କାହ୍ନୁ ଚରଣ ପ୍ରଧାନଙ୍କ ବହୁମୁଖୀ ପ୍ରତିଭା ବିଷୟରେ ଆଲୋକପାତ କରିଥିଲେ। ସ୍ୱେଚ୍ଛାସେବୀ ପ୍ରଫୁଲ୍ଲ ମିଶ୍ର ଧନ୍ୟବାଦ ଦେଇଥିଲେ। ପରିଶେଷରେ କାହ୍ନୁ ଚରଣଙ୍କ ଉଦ୍ଦେଶ୍ୟରେ ଭଜନ ଓ ବିଭିନ୍ନ ସଙ୍ଗୀତ ପରିବେଷଣ ହୋଇଥିଲା।

## ଦେବୋତ୍ତର ବିଭାଗର ମନମୁଖୀ ନୀତି

# ଜଗନ୍ନାଥ ମନ୍ଦିରରେ ବ୍ୟାପକ ଅବ୍ୟବସ୍ଥା

ନୟାଗଡ଼,୨୯।୧୧(ସମିସ)



ଦେବୋତ୍ତର ବିଭାଗର ମନମୁଖୀ ନୀତି ପାଇଁ ଠାକୁରଙ୍କ ନୀତିକାନ୍ତି ଓ ପରମ୍ପରା ପାଳନ ସହ ଅନ୍ୟାନ୍ୟ କାର୍ଯ୍ୟରେ ବ୍ୟାପକ ଅବ୍ୟବସ୍ଥା ଦେଖାଯାଉଛି। ଦ୍ୱିତୀୟ ବଡ଼ପଣ୍ଡା ନିଯୁକ୍ତି କରାଯାଉ ନ ଥିବାରୁ ପ୍ରଥମ ବଡ଼ପଣ୍ଡାଙ୍କ କୌଣସି କାର୍ଯ୍ୟ ପଡ଼ିଲେ ସମସ୍ୟା ସୃଷ୍ଟି ହେଉଛି। ଯାହାକୁ ନେଇ ଶନିବାର ନୟାଗଡ଼ ପୁରୁଣା ସହର ଅଧିଷ୍ଠିତ ଜଗନ୍ନାଥ ମନ୍ଦିରରେ ଚାପା ଉତ୍ତେଜନା ଦେଖିବାକୁ ମିଳିଛି। ସ୍ଥାନୀୟ ଲୋକେ ହୋ-ହଲ୍ଲା କରିବା ସହ ମନ୍ଦିର କାର୍ଯ୍ୟାଳୟ ତାଲା ପକାଇବା ପାଇଁ ଚେତାବନୀ ଦିଆଯାଇଛି।

ନୟାଗଡ଼ ପୁରୁଣା ସହରରେ ଦୀର୍ଘ ବର୍ଷ ପୁରୁଣା ମହାପ୍ରଭୁ ଶ୍ରୀଜଗନ୍ନାଥ, ଶ୍ରୀବଳଭଦ୍ର ଓ ମା' ସୁଭଦ୍ରାଙ୍କ ନୀତିକାନ୍ତି ଓ ପୂଜା ପାର୍ବଣ ଦାୟିତ୍ୱ ଦେବୋତ୍ତର ବିଭାଗ ଅଧୀନରେ ରହିଛି। ଠାକୁରଙ୍କ ନୀତିକାନ୍ତିରେ ଅବହେଳା କରାଯାଇ, ଦେବୋତ୍ତର ବିଭାଗ କର୍ମଚାରୀମାନେ କମିଶନ କାରବାରକୁ ଏଠାରେ ପ୍ରାଧାନ୍ୟ ଦେଉଛନ୍ତି। ଦୀର୍ଘଦିନ ହେବ ବଡ଼ପଣ୍ଡା ନିଯୁକ୍ତି କରାଯାଉ ନ ଥିବାରୁ ଜଣେ ବଡ଼ପଣ୍ଡାଙ୍କ ଉପରେ ଚାପ ସୃଷ୍ଟି ହେଉଛି। ଅଶୌଚ ହେଲେ, ଅଥବା କିଛି କାମ ପାଇଁ ସେ ଆସି ନ ପାରିଲେ ଅନ୍ୟ ବ୍ୟବସ୍ଥା କରାଯାଇ କାମ ଚଳାଯାଉଛି। ମହାପ୍ରଭୁଙ୍କ ପୂଜା ନୀତି ପାଇଁ ଦ୍ୱିତୀୟ ବଡ଼ପଣ୍ଡା ନିଯୁକ୍ତି ପାଇଁ ଶନିବାର ଏଭଳି ପରିସ୍ଥିତି ସୃଷ୍ଟି ହୋଇଥିବା ଦେଖାଯାଇଛି। ଠାକୁରଙ୍କୁ ଅବହେଳା କରି ଦେବୋତ୍ତର ବିଭାଗ ଏଠାରେ ଅବଢ଼ା ବ୍ୟବସ୍ଥାକୁ ମଧ୍ୟ କମିଶନ କାରବାରରେ ପରିଣତ କରିଥିବା ଅଭିଯୋଗ ହେଉଛି। ପହଣ୍ଡି ସେବାୟତଙ୍କୁ ଅବଢ଼ା ପ୍ରସ୍ତୁତି ଦାୟିତ୍ୱ ଦିଆଯାଇଥିବା ବେଳେ ଟଙ୍କାଟିଏ ବି ରାଜସ୍ୱ ଦେବୋତ୍ତର ବିଭାଗକୁ ଆସୁ ନ ଥିବା ମନ୍ଦିର ସୁପରଭାଇଜର ସ୍ୱୀକାର କରିଛନ୍ତି। ପ୍ରତ୍ୟେକ ଦିନ ଶହଶହ ପତ୍ର ଅବଢ଼ା ବିକ୍ରି ହେବା ସହ ଏଠାରୁ ପ୍ରସାଦ ବିଭିନ୍ନ ସାମାଜିକ କାର୍ଯ୍ୟକ୍ରମକୁ ପଠାଯାଉଛି। କିନ୍ତୁ ଦେବୋତ୍ତର ବିଭାଗ ଏହାକୁ ନିଲାମ ପାଇଁ କୌଣସି ପଦକ୍ଷେପ ଗ୍ରହଣ କରୁନାହିଁ। ଦେବୋତ୍ତର ବିଭାଗ ଠାକୁରଙ୍କ ପ୍ରତି ସାଂଘାତିକ ଅବହେଳା କରୁଛି। ଦେବୋତ୍ତର ବିଭାଗ ପରିଚାଳକଙ୍କ ମନମୁଖୀ ନୀତି ପାଇଁ ଏଭଳି ଅବ୍ୟବସ୍ଥା ହୋଇଥିବା ଅଭିଯୋଗ ହୋଇଛି। ଦେବୋତ୍ତର ବିଭାଗ ପରିଚାଳକ ତାପସ କୁମାର ପଟ୍ଟନାୟକଙ୍କୁ ପଚାରିବାରେ, ଖୁବ୍‌ଶୀଘ୍ର ଦ୍ୱିତୀୟ ବଡ଼ପଣ୍ଡା ନିଯୁକ୍ତି କରାଯିବା ସହ ଅବଢ଼ା ନିଲାମ କରାଯିବ ବୋଲି କହିଛନ୍ତି।

- ଦ୍ୱିତୀୟ ବଡ଼ପଣ୍ଡା ନ ଥିବାରୁ ଉତ୍ତେଜନା
- ଅବଢ଼ା ହେଉଛି; ରାଜସ୍ୱ ଆସୁନି
- କର୍ମଚାରୀଙ୍କ ପକେଟରେ କମିଶନ

### ନିମ୍ନମାନର ଘିଅରେ ଭୋଗ ପ୍ରସ୍ତୁତି

ନୟାଗଡ଼ ଶ୍ରୀଜଗନ୍ନାଥ ମନ୍ଦିରରେ ନିମ୍ନମାନର ଘିଅରେ ଅବଢ଼ା ପ୍ରସ୍ତୁତି କରାଯାଉଥିବା ଅଭିଯୋଗ ହେଉଛି। ଭଲ ଘିଅରେ ଠାକୁରଙ୍କ ଭୋଗ ପ୍ରସ୍ତୁତ କରିବାକୁ ନିୟମ ରହିଥିବାବେଳେ ନିମ୍ନମାନର ଘିଅ ବ୍ୟବହାର କରି ଭୋଗ ପ୍ରସ୍ତୁତ କରାଯିବା ପଛରେ ସାଂଘାତିକ କେଳେଙ୍କାରୀ ଥିବା ଜଣାପଡ଼ିଛି। ଭଲ ଘିଅ ବିଲ୍ ପ୍ରଦାନ କରାଯାଉଥିବା ବେଳେ ନିମ୍ନମାନର ଘିଅ ବ୍ୟବହାର କରାଯିବାକୁ ନେଇ ଭକ୍ତ ମହଲରେ ଅସନ୍ତୋଷ ଦେଖାଯାଇଛି।

# ବାର୍ଷିକ କ୍ରୀଡ଼ା ପ୍ରତିଯୋଗିତା ଉଦ୍‌ଯାପିତ



ଓଡ଼ଗାଁ,୨୯।୧୧(ସମିସ): ନୟାଗଡ଼ ଜିଲ୍ଲା ଓଡ଼ଗାଁ ରଘୁନାଥ ସମବାୟ ମହାବିଦ୍ୟାଳୟ ପରିସରରେ ୨ ଦିନ ଧରି ଅନୁଷ୍ଠିତ ହେଉଥିବା ବାର୍ଷିକ କ୍ରୀଡ଼ା ପ୍ରତିଯୋଗିତା ଶନିବାର ଉଦ୍‌ଯାପିତ ହୋଇଯାଇଛି। ମହାବିଦ୍ୟାଳୟ କ୍ରୀଡ଼ା ପରିଷଦ ଉପସଭାପତି ଡ. ନିହାର ରଞ୍ଜନ ପ୍ରଧାନଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ପରିଚାଳିତ କାର୍ଯ୍ୟକ୍ରମ ପ୍ରାରମ୍ଭରେ ଓଡ଼ଗାଁ କଲେଜ ଛାତ୍ରଛାତ୍ରୀଙ୍କ ଦ୍ୱାରା ରଘୁନାଥ ମନ୍ଦିର ପ୍ରାଙ୍ଗଣରୁ ମଶାଲ ଶୋଭାଯାତ୍ରା ବାହାରି କଲେଜ ପରିସରରେ ପହଞ୍ଚିଥିଲା। ମହାବିଦ୍ୟାଳୟ ଅଧ୍ୟକ୍ଷ ରାଜକିଶୋର ସାହୁ ମଶାଲକୁ ସ୍ୱାଗତ ଜଣାଇବା ପରେ ସ୍ଥାପନା କରଯାଇଥିଲା ଏବଂ ଅଧ୍ୟକ୍ଷ କ୍ରୀଡ଼ା ପତାକା ଉତ୍ତୋଳନ କରି ପ୍ରତିଯୋଗିତାର ଉଦ୍‌ଘାଟନ କରିବା ପରେ କ୍ରୀଡ଼ା ଶପଥପାଠ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଏହି ଅବସରରେ ଅଧ୍ୟକ୍ଷ ଛାତ୍ରଛାତ୍ରୀମାନଙ୍କୁ ଜୀବନରେ କ୍ରୀଡ଼ାର ମହତ୍ତ୍ୱ ସମ୍ପର୍କରେ ଅବଗତ କରାଇଥିଲେ। ଶନିବାର ଉଦ୍‌ଯାପନୀ ଉତ୍ସବରେ ଅଧ୍ୟକ୍ଷ ରାଜକିଶୋର ସାହୁଙ୍କ ସମେତ ଅଧ୍ୟାପକ ପ୍ରଦୀପ୍ତ କୁମାର ବିଶ୍ୱାଳ, ନିରୋଜ ପ୍ରଧାନ ପ୍ରମୁଖ ଉପସ୍ଥିତ ଥିବାବେଳେ ଅଧ୍ୟକ୍ଷଙ୍କ ଦ୍ୱାରା କ୍ରୀଡ଼ା ପତାକା ଅବତରଣ ହୋଇଥିଲା। ଛାତ୍ରଛାତ୍ରୀଙ୍କ ମଧ୍ୟରେ ଦୌଡ଼, ଲମ୍ବଡିଆଁ, ଉଚ୍ଚଡିଆଁ, ଜାଭେଲିନ୍ ଥ୍ରୋ, ମ୍ୟୁଜିକ୍ ଚେୟାର, ସଟ୍‌ପୁଟ୍, ଡିସ୍‌କସ୍ ଥ୍ରୋ ଆଦି କ୍ରୀଡ଼ା ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ପ୍ରତିଯୋଗିତାରେ ୩୦୦ରୁ ଊର୍ଦ୍ଧ୍ୱ ପ୍ରତିଯୋଗୀ ଅଂଶଗ୍ରହଣ କରିଥିବାବେଳେ ବିଜୟୀ ପ୍ରତିଯୋଗୀଙ୍କୁ ବାର୍ଷିକ ଉତ୍ସବରେ ସମ୍ମାନିତ କରାଯିବ ବୋଲି ଜଣାପଡ଼ିଛି। ଅବସରପ୍ରାପ୍ତ ଶାରୀରିକ କ୍ରୀଡ଼ା ପ୍ରଶିକ୍ଷକ ସରୋଜ କୁମାର ଦାସ, ମନୋରଞ୍ଜନ ରାଉତ, ଜଗନ୍ନାଥ ପରିଡ଼ା, ରେଫରୀ ଦାୟିତ୍ୱ ତୁଲାଇଥିବାବେଳେ କ୍ରୀଡ଼ା ପ୍ରଶିକ୍ଷକ ଶତାବ୍ଦୀ ପଟ୍ଟନାୟକ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ସୁନୀଲ ପଲେଇ, ଜିତେନ୍ଦ୍ର ପ୍ରଧାନ, ରାଜେନ୍ଦ୍ର ଭୁଜବଳ, ସଂଗ୍ରାମ ବାରିକ, ଦୁର୍ଗାନାରାୟଣ ସାହୁ ସମେତ ସ୍ୱେଚ୍ଛାସେବୀ ଛାତ୍ରଛାତ୍ରୀ ପରିଚାଳନାରେ ସହଯୋଗ କରିଥିଲେ।

# ଶ୍ରୀରଘୁନାଥଙ୍କ ଦର୍ଶନ କଲେ ଜଷ୍ଟିସ ବିଦ୍ୟୁତ୍ ରଞ୍ଜନ ଷଡ଼ଙ୍ଗୀ



ଓଡ଼ଗାଁ,୨୯।୧୧(ସମିସ): ଜାତୀୟ ମାନବାଧିକାର କମିଶନ ସଭ୍ୟ ତଥା ଝାଡ଼ଖଣ୍ଡ ଉଚ୍ଚ ନ୍ୟାୟାଳୟର ପ୍ରାକ୍ତନ ମୁଖ୍ୟ ବିଚାରପତି ଡ. ଜଷ୍ଟିସ ବିଦ୍ୟୁତ୍ ରଞ୍ଜନ ଷଡ଼ଙ୍ଗୀ ସପରିବାର ଶନିବାର ସନ୍ଧ୍ୟାରେ ଓଡ଼ଗାଁଠାରେ ବିଜେ ଶ୍ରୀରଘୁନାଥଜୀଉଙ୍କ ଦର୍ଶନ କରି ପ୍ରଭୁଙ୍କ କୃପାଲାଭ କରିଛନ୍ତି। ଡ. ଜଷ୍ଟିସ୍ ଷଡ଼ଙ୍ଗୀ ମନ୍ଦିର ଦକ୍ଷିଣ ଦ୍ୱାରରେ ପହଞ୍ଚିବା ପରେ ମନ୍ଦିର ପ୍ରଶାସନ ତରଫରୁ ତାଙ୍କୁ ସ୍ୱାଗତ ଜଣାଇବା ସହିତ ମନ୍ଦିର ଭିତରକୁ ପାଛୋଟି ନିଆଯାଇଥିଲା। ପୂଜା ପଣ୍ଡା ଓ ପାଳିଆ ପଣ୍ଡା ସମେତ ଉପସ୍ଥିତ ପୂଜକମାନେ ପ୍ରଭୁଙ୍କ ଦର୍ଶନ କରାଇବା ପରେ ମନ୍ଦିର ବେଢ଼ା ପରିକ୍ରମା କରିଥିଲେ। ଓଡ଼ଗାଁ ନିକଟ ପନ୍ତିଖାରୀ ଶାସନରେ ଡ. ଜଷ୍ଟିସ ଷଡ଼ଙ୍ଗୀଙ୍କ ନିଜ ଜନ୍ମସ୍ଥାନ ହୋଇଥିବାବେଳେ ଆଧ୍ୟାତ୍ମିକ ଦର୍ଶନ ପ୍ରତି ତାଙ୍କର ସ୍ୱତନ୍ତ୍ର ରୁଚି ରହିଥିବାରୁ ସେ ଏନେଇ ସବୁବେଳେ ସଚେତନ ରହିଆ'ନ୍ତି।

# ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଖୋଲିଲା କ୍ୟାନ୍‌ସର ପରାମର୍ଶ କକ୍ଷ

ନୟାଗଡ଼,୨୯।୧୧(ସମିସ): ନୟାଗଡ଼ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଶନିବାର କ୍ୟାନ୍‌ସର ପରାମର୍ଶ କକ୍ଷ ଉଦ୍‌ଘାଟିତ ହୋଇଯାଇଛି। ନୟାଗଡ଼ ଜିଲ୍ଲାପାଳ ଅକ୍ଷୟ ସୁନୀଲ ଅଗ୍ରୱାଲ ମୁଖ୍ୟ ଅତିଥି ଭାବେ ଯୋଗଦେଇ ଏହାକୁ ଉଦ୍‌ଘାଟନ କରିଛନ୍ତି। ସ୍ୱର୍ଶ ହସ୍ପିଟାଲ ଏବଂ ସ୍ୱାସ୍ଥ୍ୟ ବିଭାଗ ମିଳିତ ଆନୁକୂଲ୍ୟରେ ଏହି ପରାମର୍ଶ କକ୍ଷ ଖୋଲାଯାଇଛି। ପ୍ରତ୍ୟେକ ଶନିବାର ସ୍ୱର୍ଶ ହସ୍ପିଟାଲରୁ କ୍ୟାନ୍‌ସର୍ ସ୍ପେଶାଲିଷ୍ଟ ଡାକ୍ତର ରୋଗୀଙ୍କ ସ୍ୱାସ୍ଥ୍ୟ ଯାଞ୍ଚ ପାଇଁ ବ୍ୟବସ୍ଥା କରାଯାଇଛି। ଜିଲ୍ଲା ମୁଖ୍ୟ ଚିକିତ୍ସାଧିକାରୀ ଡା. ସୁଶାନ୍ତ କୁମାର ଦାଶଙ୍କ ତତ୍ତ୍ୱାବଧାନରେ ଆୟୋଜିତ କାର୍ଯ୍ୟକ୍ରମରେ ସ୍ୱର୍ଶ ହସ୍ପିଟାଲ ସିଏମ୍‌ଡି ଡା. ପ୍ରିୟବ୍ରତ ଧିର, ଡିଜିଏମ୍ ଅସିତ୍ କୁମାର ପ୍ରହରାଜ, ଜିଏମ୍ ସୌମେନ୍ଦ୍ର ମିଶ୍ରଙ୍କ ସହ ସ୍ଥାନୀୟ କର୍ମଚାରୀ ରବୀନ୍ଦ୍ର କୁମାର ଦାଶ ପ୍ରମୁଖ ଉପସ୍ଥିତ ଥିଲେ। ସ୍ୱାସ୍ଥ୍ୟ ବିଭାଗ କର୍ମଚାରୀ, ବୁଦ୍ଧିଜୀବୀ ଓ ଗଣମାଧ୍ୟମ ପ୍ରତିନିଧିମାନେ କାର୍ଯ୍ୟକ୍ରମରେ ସାମିଲ୍ ହୋଇଥିଲେ।

## ● ଓଡ଼ଗାଁ ପାକ୍ସରେ ଦୁଇ ସପ୍ତାହ ହେଲା ଝୁଲୁଛି ତାଲା

# ନିଲମ୍ବିତ ସମ୍ପାଦକଙ୍କୁ ଅବ୍ୟାହତି ଦେଲା ବୋର୍ଡ



ନୟାଗଡ଼/ଓଡ଼ଗାଁ,୨୯।୧୧(ସମିସ): ନୟାଗଡ଼ ଜିଲ୍ଲା ଓଡ଼ଗାଁ ସମବାୟ ସମିତି ସମ୍ପାଦକ ଦୀପକ କୁମାର ଚୌଧୁରୀଙ୍କ ଦ୍ୱାରା ଅର୍ଥ ଆତ୍ମସାତ୍ ହୋଇଥିବା ଅଭିଯୋଗରେ ପରିଚାଳନା ପରିଷଦ ନୟାଗଡ଼ ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ କରିଥିଲେ। ଅଭିଯୋଗ ଅନୁସାରେ, ୭ ଦିନ ମଧ୍ୟରେ ଜିଲ୍ଲା ପ୍ରଶାସନ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରି ନ ଥିବାରୁ ସମିତିରେ ତାଲା ପକାଇବା ସହ ଦିଆଯାଇଥିବା ଧାରଣା ଦୁଇ ସପ୍ତାହ ବିତିଲାଣି। ଅନ୍ୟପକ୍ଷରେ ପରିଚାଳନା ପରିଷଦ ସଭାପତି ଗତ ୧୯ ତାରିଖ ଚିଠି ନମ୍ବର ୧୧ରେ ଓଡ଼ଗାଁ ପ୍ରାଥମିକ କୃଷି ସମବାୟ ସମିତି କାର୍ଯ୍ୟରତ ସମ୍ପାଦକ ଦୀପକ କୁମାର ଚୌଧୁରୀଙ୍କୁ କର୍ତ୍ତବ୍ୟରେ ଅବହେଳା, ଅଫିସ୍ ଆଦେଶ ଅବମାନନା, ସୋସାଇଟି ସଂଗୃହିତ ଋଣ ଅର୍ଥର ଅପବ୍ୟବହାର ଅଭିଯୋଗରେ ନିଲମ୍ବନ ଆଦେଶ ଦେଇଥିଲେ। ଏହାକୁ ନେଇ ସମ୍ପାଦକ ତାଙ୍କୁ ଅବ୍ୟାହତି ଦେବାକୁ ସମବାୟ ସମିତି ସମୂହ ସହକାରୀ ନିବନ୍ଧକଙ୍କୁ ଚିଠି ଲେଖିଥିଲେ। ସେହି ଅନୁସାରେ ଶୁକ୍ରବାର ପରିଚାଳନା ପରିଷଦ ବୈଠକରେ ଆଲୋଚନା କରାଯାଇ ତାଙ୍କୁ କାର୍ଯ୍ୟରୁ ଅବ୍ୟାହତି ଦିଆଯାଇଛି। ଉଚ୍ଚ ନ୍ୟାୟାଳୟଙ୍କ ନିର୍ଦ୍ଦେଶରେ କାର୍ଯ୍ୟରେ ଯୋଗଦେଇଥିବା ସମ୍ପାଦକ ଅଳ୍ପ ଦିନ କାର୍ଯ୍ୟ କରି ୧୧ ଲକ୍ଷରୁ ଊର୍ଦ୍ଧ୍ୱ ଟଙ୍କା ହଡ଼ପ କରିଛନ୍ତି। ଏହି ଟଙ୍କାକୁ ଭରଣା କରିବା ପାଇଁ ଦାବି ହୋଇଛି।

# ସ୍ୱଚ୍ଛତା ପାଇଁ ଅଣ୍ଟା ଭିଡ଼ିଲା ଯଜ୍ଞ କମିଟି

ଗଣିଆ,୨୯।୧୧(ସମିସ): ଗଣିଆ ମଣିଭଦ୍ରା ପାହାଡ଼ ପାଦଦେଶରେ ଅବସ୍ଥିତ ମା' କଳାପାଟ ଠାକୁରାଣୀଙ୍କ ବିଜେସ୍ଥଳୀଠାରେ ଗତ ୨୩ରୁ ୨୬ ତାରିଖ ପର୍ଯ୍ୟନ୍ତ ୪ ଦିନ ଧରି ବିଶ୍ୱଶାନ୍ତି ମହାଯଜ୍ଞ ଅନୁଷ୍ଠିତ ହୋଇଥିଲା। ଯଜ୍ଞ ସରିବା ପରେ ଯଜ୍ଞସ୍ଥଳରେ କୁଢ଼ କୁଢ଼ ଅଳିଆ ଆବର୍ଜନା ଗଦା ହୋଇ ରହିଥିଲା। ଯଜ୍ଞ କମିଟି, ସାମନ୍ତରାୟ ମହାବିଦ୍ୟାଳୟର ସ୍ୱେଚ୍ଛାସେବୀ ତଥା ସତ୍ୟଶାନ୍ତି ସେବା ଟ୍ରଷ୍ଟର ସମସ୍ତ ସଦସ୍ୟ ଏକତ୍ରିତ ହୋଇ ପଡ଼ିରହିଥିବା ଅଳିଆ ଆବର୍ଜନାକୁ ପରିଷ୍କାର ପରିଚ୍ଛନ୍ନ କରିଛନ୍ତି। ସମସ୍ତ ଶୁଖିଲା ଅଳିଆକୁ ଏକାଠି କରି ପୋଡ଼ିଦେବା ସହିତ ଓଦା ଅଳିଆଗୁଡ଼ିକ ଗୋଟିଏ ସ୍ଥାନରେ ଗଦାକରି ରଖିଛନ୍ତି। ଏପରିକି ଆଗାମୀ ଦିନରେ ବଣଭୋଜି କରିବାକୁ ଅନେକ ପର୍ଯ୍ୟଟକ ଏଠାକୁ ଆସିବାକୁ ଥିବାରୁ ସମସ୍ତେ ଏହି ପୀଠକୁ ପରିଷ୍କାର ପରିଚ୍ଛନ୍ନ ରଖିବାକୁ ଯଜ୍ଞ କମିଟି ନିବେଦନ କରିଛନ୍ତି। ଏହି ଅବସରରେ ସାମନ୍ତରାୟ ମହାବିଦ୍ୟାଳୟର ସମସ୍ତ ଛାତ୍ରଙ୍କୁ କମିଟି ତରଫରୁ ଗୀତା ବହି ବଣ୍ଟନ କରାଯାଇଥିଲା। ଏହି କାର୍ଯ୍ୟକ୍ରମରେ ଶୋଭନ ମହାକୁଡ଼, ଆଦିତ୍ୟ ମହାସୁପକାର, ସୁକାନ୍ତ ଦାଶ, ଧିରେନ ଦାଶ, ସାରଦା ରଥ, ଶିବାଶିଷ ମହାପାତ୍ର, ସାମନ୍ତରାୟ ମହାବିଦ୍ୟାଳୟର ଅଧ୍ୟକ୍ଷ ମଳୟ କୁମାର ପଣ୍ଡା ପ୍ରମୁଖ ସହଯୋଗ କରିଥିଲେ।



# କେଏସ୍‌ବି ପବ୍ଲିକ୍ ସ୍କୁଲରେ ବାର୍ଷିକ କ୍ରୀଡ଼ା ଉତ୍ସବ



ନୟାଗଡ଼/ଶରଣକୁଳ,୨୯।୧୧(ସମିସ): ଶରଣକୁଳ ଭିକାରୀପଡ଼ାସ୍ଥିତ କେଏସ୍‌ବି ପବ୍ଲିକ୍ ସ୍କୁଲରେ ଦୁଇଦିନ ଧରି ଚାଲୁ ରହିଥିବା ବାର୍ଷିକ କ୍ରୀଡ଼ା ଉତ୍ସବ ଶନିବାର ଉଦ୍‌ଯାପିତ ହୋଇଯାଇଛି। ଶୁକ୍ରବାର ଅନୁଷ୍ଠିତ ଏହି କ୍ରୀଡ଼ା ଉତ୍ସବର ଉଦ୍‌ଘାଟନୀ ଉତ୍ସବ ଲଡୁବାବାଙ୍କ ମନ୍ଦିର ସିଂହଦ୍ୱାରରେ ଅନୁଷ୍ଠିତ ହୋଇଥିଲା। ସ୍କୁଲ ସମ୍ପାଦକ ବରିଷ୍ଠ ଶିକ୍ଷାବିତ୍ ପ୍ରଶାନ୍ତ କୁମାର ଦାଶ, କଣ୍ଠଶିଳ୍ପୀ ରବୀନ୍ଦ୍ର ତ୍ରିପାଠୀ, ଅଧ୍ୟକ୍ଷ ନୀଳମାଧବ ତ୍ରିପାଠୀ, ଶିକ୍ଷକ ସୁଶାନ୍ତ କୁମାର ପ୍ରଧାନ, ରାଜେନ୍ଦ୍ର ତ୍ରିପାଠୀ, ସବିତା ସାହୁ, ସମାଜସେବୀ ଜୟକୃଷ୍ଣ ସାହୁ ପ୍ରମୁଖ ଅତିଥି ରୂପେ ଯୋଗଦେଇଥିଲେ। ଛାତ୍ରଛାତ୍ରୀଙ୍କ ମଧ୍ୟରେ ଭିନ୍ନ ଭିନ୍ନ ୨୦ଟି ଖେଳ ପ୍ରତିଯୋଗିତା ହୋଇଥିଲା। ଏଥିରେ ବିଦ୍ୟାଳୟରେ ପଢୁଥିବା ପ୍ରଥମରୁ ଦଶମ ଶ୍ରେଣୀ ଛାତ୍ରଛାତ୍ରୀମାନେ ଅଂଶଗ୍ରହଣ କରିଥିଲେ। ଉଦ୍‌ଯାପନୀ ଦିବସ ଅପରାହ୍ଣରେ ବିଦ୍ୟାଳୟର ସଭାପତି ମନୋରଞ୍ଜନ ଦାଶଙ୍କ ପୌରୋହିତ୍ୟରେ ଅନୁଷ୍ଠିତ ପୁରସ୍କାର ବିତରଣୀ ଉତ୍ସବରେ ଜିଲ୍ଲା ସମାଜ ମଙ୍ଗଳ ଅଧିକାରୀ ଚିତ୍ତରଞ୍ଜନ ବେହେରା ମୁଖ୍ୟ ଅତିଥି, ଶରଣକୁଳ ଥାନା ଅଧିକାରୀ ସୁଜିତ୍ କୁମାର ଦାସ ମୁଖ୍ୟବକ୍ତା ରୂପେ ଯୋଗଦେଇଥିଲେ। ପ୍ରଶାନ୍ତ କୁମାର ଦାଶ ସ୍ୱାଗତ ଭାଷଣ ଦେଇଥିବାବେଳେ ନୀଳମାଧବ ତ୍ରିପାଠୀ ଧନ୍ୟବାଦ ଦେଇଥିଲେ। ବିଭିନ୍ନ କ୍ରୀଡ଼ାରେ କୃତିତ୍ୱ ଅର୍ଜନ କରିଥିବା ବିଦ୍ୟାଳୟର ୨୦୦ରୁ ଊର୍ଦ୍ଧ୍ୱ ଛାତ୍ରଛାତ୍ରୀଙ୍କୁ ପୁରସ୍କୃତ କରାଯାଇଥିଲା।

## ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ରରେ ନିମ୍ନମାନର କାମ ଅଭିଯୋଗ

# ଜିଲ୍ଲାପାଳଙ୍କ ତଦନ୍ତ ନିର୍ଦ୍ଦେଶକୁ ଫୁଁ'

ଖଣ୍ଡପଡ଼ା,୨୯।୧୧(ସମିସ)



### ଠିକାଦାରଙ୍କୁ କଳା ତାଲିକାଭୁକ୍ତ କରିବା ପାଇଁ ଦାବି

ଖଣ୍ଡପଡ଼ା ବ୍ଲକ୍ ଅଧୀନ ବନମାଳିପୁର ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ର ପରିସରରେ ନୂତନ ଗୃହ ନିମନ୍ତେ ରାଜ୍ୟ ସରକାର ଅର୍ଥ ମଞ୍ଜୁର କରିଛନ୍ତି। ବର୍ଷେ ହେବ ନିମ୍ନମାନର କାମ ଚଳାଇ ଆସିଥିବା ଠିକାଦାର ବିରୋଧରେ ଜିଲ୍ଲାପାଳଙ୍କୁ ଫେରାଦ୍ ହୋଇଥିଲେ ସ୍ଥାନୀୟ ଗ୍ରାମବାସୀ। ଗତ ଅକ୍ଟୋବର ୧୬ ତାରିଖ ପୂର୍ବାହ୍ଣରେ ନୟାଗଡ଼ ଜିଲ୍ଲାପାଳ ଅକ୍ଷୟ ସୁନୀଲ ଅଗ୍ରୱାଲ ସରକାରୀ କାର୍ଯ୍ୟକ୍ରମରେ ବନମାଳିପୁର ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ରକୁ ଆସିଥିଲେ। ସ୍ୱାସ୍ଥ୍ୟକେନ୍ଦ୍ର ପଛ ପାଖରେ ନୂତନ କ୍ୟାମ୍ପସ୍ ନିର୍ମାଣ କାମ ଚାଲିଥିବାବେଳେ ଅତ୍ୟନ୍ତ ନିମ୍ନମାନର ନେଇ ଅଭିଯୋଗ ଆଣିଥିଲେ ଗ୍ରାମବାସୀ। ଏହି ଅଭିଯୋଗକୁ ଗ୍ରହଣ କରି ଜିଲ୍ଲାପାଳ ନିର୍ମାଣ କାର୍ଯ୍ୟସ୍ଥଳ ପରିଦର୍ଶନ କରିବା ସହ କାର୍ଯ୍ୟ ନିମ୍ନମାନର ହୋଇଥିବା ନେଇ ହୃଦ୍‌ବୋଧ କରିଥିଲେ ଏବଂ ତଦନ୍ତ କରିବା ପାଇଁ ବିଭାଗୀୟ ଅଧିକାରୀଙ୍କୁ ନିର୍ଦ୍ଦେଶ ଦେଇଥିଲେ। କିନ୍ତୁ ଅଦ୍ୟାବଧି ଅଧିକାରୀମାନେ ଜିଲ୍ଲାପାଳଙ୍କ ନିର୍ଦ୍ଦେଶକୁ ଫୁଁ' କରିବା ସହ ତଦନ୍ତର ନାଁ ଗନ୍ଧ ଧରୁ ନାହାନ୍ତି। ଏପଟେ ତଦନ୍ତକୁ ଲୋକେ ଅପେକ୍ଷା କରିଥିବାବେଳେ ସେପଟେ ସମ୍ପୃକ୍ତ ଠିକାଦାର ଜଣକ ଉକ୍ତ ଗୃହର ଛାତ ପତନ ପର୍ଯ୍ୟନ୍ତ କାମ କରିସାରିଲେଣି। ପ୍ରଶାସନର ଏଭଳି ଖାମଖିଆଲି ନୀତି ପ୍ରତି ସାଧାରଣ ଲୋକେ ଅସନ୍ତୋଷ ପ୍ରକାଶ କରିଛନ୍ତି।

ଗତ ଦେଢ଼ ବର୍ଷରୁ ଊର୍ଦ୍ଧ୍ୱ ସମୟ ଧରି ପ୍ରାୟ ୧ କୋଟିରୁ ଊର୍ଦ୍ଧ୍ୱ ଟଙ୍କା ବ୍ୟୟ ଅଟକଳରେ ଏହି କାମକୁ ଟେଣ୍ଡର ଜରିଆରେ ଜନୈକ ଠିକାଦାର ହାତେଇଥିବା ବେଳେ ନିମ୍ନମାନର ଯୋଗୁଁ ବାରମ୍ବାର ଅଭିଯୋଗ ହୋଇଆସୁଛି। ସ୍ଥିତି ବାବଦରେ ଜାଣିବା ପରେ ମଧ୍ୟ ଆଖି ବୁଜିଦେଇଥିଲେ ଉଚ୍ଚ କର୍ତ୍ତୃପକ୍ଷ। କେତେବେଳେ ଫାଉଣ୍ଡେସନ ଢଳେଇରେ ନିମ୍ନମାନର ତ ପୁଣି କେବେ ଏଷ୍ଟିମେଟ୍ ବାହାରେ କାମ ହେଉଥିବା ସ୍ଥାନୀୟ ବାସିନ୍ଦା ଅଭିଯୋଗ ଆଣିଥିଲେ ମଧ୍ୟ ଗ୍ରାମ୍ୟ ଉନ୍ନୟନ ବିଭାଗ ପକ୍ଷରୁ ଦିନେହେଲେ ତଦନ୍ତ କରାଯାଇନାହିଁ। ଏପରିକି ପୂର୍ବରୁ କନିଷ୍ଠ ଯନ୍ତ୍ରୀ ନିମ୍ନମାନର କାମ ବାବଦରେ ପ୍ରତିବାଦ କରିଥିଲେ ମଧ୍ୟ ଠିକାଦାର ଏହାକୁ କର୍ଣ୍ଣପାତ ମଧ୍ୟ କରୁ ନ ଥିବା ଅଭିଯୋଗ ହୋଇଥିଲା। ଲୋକଙ୍କ ଅଭିଯୋଗ ପରେ ଜିଲ୍ଲାପାଳ ପ୍ରକଳ୍ପ କାର୍ଯ୍ୟ ବୁଲି ଦେଖିବା ସହିତ ଅସନ୍ତୋଷ ପ୍ରକାଶ କରିଥିଲେ। ଏ ବାବଦରେ ସ୍ୱତନ୍ତ୍ର ଟିମ୍ ଦ୍ୱାରା ତଦନ୍ତ କରାଇ ପଦକ୍ଷେପ ନେବାକୁ ଜିଲ୍ଲାପାଳ ପ୍ରତିଶ୍ରୁତି ଦେଇଥିଲେ। ଏହି ଗସ୍ତ ସମୟରେ ସିଡିଏମ୍‌ଓ ସୁଶାନ୍ତ କୁମାର ଦାଶ, ଜିଲ୍ଲା ସ୍ୱାସ୍ଥ୍ୟ ମିଶନ ସହକାରୀ ଯନ୍ତ୍ରୀ ରମାକାନ୍ତ ପାତ୍ର, ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ରର ଇନ୍‌ଚାର୍ଜ ଡା. ରମାକାନ୍ତ ମିଶ୍ର ପ୍ରମୁଖ ସାମିଲ୍ ଥିଲେ। ଏହାରି ଭିତରେ ଦେଢ଼ ମାସ ବିତିଯାଇଥିଲେ ମଧ୍ୟ ଜିଲ୍ଲାପାଳ ଦେଇଥିବା ନିର୍ଦ୍ଦେଶକୁ ବେଖାତିର୍ କରି ବିଭାଗୀୟ ଅଧିକାରୀମାନେ ଠିକାଦାରଙ୍କ ସହ ପ୍ରିୟାପ୍ରୀତି ପୋଷଣ ନୀତି ଆପଣେଇଥିବା ସ୍ଥାନୀୟ ଗ୍ରାମବାସୀ ଅଭିଯୋଗ କରିଛନ୍ତି। ଗ୍ରାମବାସୀଙ୍କ କହିବା କଥା, ଜିଲ୍ଲାପାଳଙ୍କ ନିର୍ଦ୍ଦେଶ କ୍ରମେ ସ୍ୱତନ୍ତ୍ର ଟିମ୍ ଦ୍ୱାରା ତଦନ୍ତ କରାଯିବା ସହ ଗ୍ରାମ ସଭାପତିଙ୍କ ସମେତ ଅନ୍ୟମାନଙ୍କୁ ଡକାଯିବା କଥା। ମାତ୍ର ଏପର୍ଯ୍ୟନ୍ତ ସେସବୁ କରା ନ ଯାଇ ଗୃହ କାର୍ଯ୍ୟ ଛାତପତନ ହୋଇଗଲାଣି। ପୂର୍ବପରି ଗୃହ କାର୍ଯ୍ୟ ନିମ୍ନମାନର ହେଉଥିବାରୁ ଠିକାଦାରଙ୍କୁ କଳା ତାଲିକାଭୁକ୍ତ କରିବା ପାଇଁ ସ୍ଥାନୀୟ ଅଞ୍ଚଳବାସୀ ଜିଲ୍ଲା ପ୍ରଶାସନ ନିକଟରେ ଦାବି କରିଛନ୍ତି। ଏ ସମ୍ପର୍କରେ ମତାମତ ପାଇଁ ଅଧୀକ୍ଷଣ ଯନ୍ତ୍ରୀଙ୍କୁ ଯୋଗାଯୋଗ କରାଯାଇଥିବା ବେଳେ ସେ ଫୋନ୍ ଉଠାଇ ନାହାନ୍ତି।

# ଜିଲ୍ଲା ମହୋତ୍ସବର ସ୍ମରଣିକା କମିଟି ବୈଠକ

ନୟାଗଡ଼,୨୯।୧୧(ସମିସ): ନୟାଗଡ଼ ଉପଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ଉପଜିଲ୍ଲାପାଳ କର୍ଣ୍ଣଦେବ ସମାଦ୍ଦାରଙ୍କ ଅଧ୍ୟକ୍ଷତାରେ ଜିଲ୍ଲା ମହୋତ୍ସବର ସ୍ମରଣିକା କମିଟିର ବୈଠକ ଅନୁଷ୍ଠିତ ହୋଇଯାଇଛି। ଏହି ବୈଠକରେ ଅବସରପ୍ରାପ୍ତ ଅଧ୍ୟକ୍ଷ ଅଶୋକ କୁମାର ନାୟକ, କବି ନିର୍ମଳ ଚନ୍ଦ୍ର ଶୂରଦେଓ, ଅଧ୍ୟାପକ ଡ. ବାନାମ୍ବର ପୃଷ୍ଟି, ଅନୁବାଦକ ଶରତ ଚନ୍ଦ୍ର ଆଚାର୍ଯ୍ୟ, ସାମ୍ବାଦିକ ରାମକୃଷ୍ଣ ରଥ, ଆଇନଜୀବୀ ଚନ୍ଦ୍ରବିଜୟୀ ମିଶ୍ର, ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ ଜ୍ୟୋତ୍ସ୍ନାମୟୀ ଆଚାର୍ଯ୍ୟ ପ୍ରମୁଖ ଉପସ୍ଥିତ ଥିଲେ। ଆଗାମୀ ନୟାଗଡ଼ ଜିଲ୍ଲା ମହୋତ୍ସବ ପାଳନ ଅବସରରେ ମହୋତ୍ସବର ମୁଖପତ୍ର "ଆରଣ୍ୟକ' ପ୍ରକାଶ ହେବାକୁ ଯାଉଥିବାରୁ ଇଚ୍ଛୁକ ବ୍ୟକ୍ତିଙ୍କଠାରୁ ଲେଖା ଆମନ୍ତ୍ରଣ କରାଯାଉଛି। ନୟାଗଡ଼ ଜିଲ୍ଲା ସମ୍ବନ୍ଧୀୟ କଳା, ସଂସ୍କୃତି, ପର୍ଯ୍ୟଟନ, ପ୍ରସିଦ୍ଧ ଚରିତ୍ର, ଐତିହ୍ୟ, ଜନଜୀବନ ଉପରେ ଓଡ଼ିଆ ଭାଷାରେ ୧ ହଜାର ଶବ୍ଦ ବିଶିଷ୍ଟ ଗଦ୍ୟଭିତ୍ତିକ ହୋଇଥିବା ଆବଶ୍ୟକ ବୋଲି କୁହାଯାଇଛି। ଆସନ୍ତା ୧୦ ତାରିଖ ମଧ୍ୟରେ ଲେଖା ଓ ତତ୍ ସମ୍ପର୍କିତ ଫଟୋ ଆମନ୍ତ୍ରଣ କରାଯାଉଛି। ଲେଖକମାନେ ଲେଖାଗୁଡ଼ିକୁ ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀଙ୍କ ଇ-ମେଲ୍ ମାଧ୍ୟମରେ ପଠାଇବା ସହ ଏକ ହାର୍ଡକପି କାର୍ଯ୍ୟାଳୟରେ ପୈଠ କରାଯିବାକୁ କୁହାଯାଇଛି।

## ବୃଦ୍ଧାଶ୍ରମରେ କମ୍ବଳ ବଣ୍ଟନ

ଟାଙ୍ଗୀ,୨୯।୧୧(ସମିସ): ଟାଙ୍ଗୀର ଉଦୀୟମାନ ଯୁବ ସମାଜସେବୀ ତଥା ଆଇନଜୀବୀ ରମେଶ ଚନ୍ଦ୍ର ବେହେରା ଶନିବାର ସପରିବାରେ ଆସି ଟାଙ୍ଗୀ ବୃଦ୍ଧାଶ୍ରମ ଅନ୍ତେବାସୀଙ୍କୁ ଶୀତ ବସ୍ତ୍ର କମ୍ବଳ ଓ ଜଳଖିଆ ବଣ୍ଟନ କରିଛନ୍ତି। କାର୍ଯ୍ୟକ୍ରମରେ ବରିଷ୍ଠ ଶିକ୍ଷାବିତ ପଦ୍ମନାଭ ବିଶ୍ୱାଳ, ଟାଙ୍ଗୀ ଓକିଲ ସଂଘର ସଭାପତି ଭାସ୍କର ପ୍ରସାଦ ମହାନ୍ତି, ବରିଷ୍ଠ ସାମ୍ବାଦିକ ମନୋଜ ପଟ୍ଟନାୟକ, ଆଇନଜୀବୀ ସନ୍ଦୀପନି ମିଶ୍ର, ସାମ୍ବାଦିକ ଆଲୋକ ମହାରଣା, ଆଇନଜୀବୀ ଜଗନ୍ନାଥ ବେହେରା, ଆଇନଜୀବୀ ଜ୍ଞାନରଞ୍ଜନ ରଣା ପ୍ରମୁଖ ଉପସ୍ଥିତ ଥିଲେ।

## ସମାଜସେବୀଙ୍କ ପରଲୋକ

ଟାଙ୍ଗୀ,୨୯।୧୧(ସମିସ): କନ୍ଦନୟାଗଡ଼ ଗ୍ରାମର ଜଣେ ସରଳ, ନିରୀହ ତଥା ନିର୍ବିବାଦୀୟ ବୟୋବୃଦ୍ଧ ବ୍ୟକ୍ତି ବଂଶୀଧର ସିଂହଙ୍କ ଗତ ଶୁକ୍ରବାର ଦିନ ଦେହାନ୍ତ ହୋଇଯାଇଛି। ମୃତ୍ୟୁ ବେଳକୁ ତାଙ୍କୁ ୯୨ ବର୍ଷ ବୟସ ହୋଇଥିଲା। ବହୁ ବର୍ଷ ପୂର୍ବେ ଅବିଭକ୍ତ ଚାନ୍ଦପୁର ପଞ୍ଚାୟତର ସେ ୱାର୍ଡସଭ୍ୟ ଥିଲେ। ପୁରୀ ସ୍ୱର୍ଗଦ୍ୱାରରେ ତାଙ୍କର ଶବ ସତ୍କାର କରାଯାଇଛି। ପୁତ୍ର ସନ୍ତୋଷ ମୁଖାଗ୍ନି ଦେଇଥିଲେ।

## ମହିଳା ହିଂସା ବିରୋଧୀ ଅଭିଯାନ

ବାଣପୁର,୨୯।୧୧(ସମିସ): ବାଣପୁର ଏକତା ପରିଷଦ ଟ୍ରଷ୍ଟ ପକ୍ଷରୁ ଆରମ୍ଭ ହୋଇଥିବା ମହିଳା ହିଂସା ବିରୋଧୀ ଅଭିଯାନର ପଞ୍ଚମ ଦିବସରେ ଶାଳିଆ ଆଶ୍ରମ ବିଦ୍ୟାଳୟ ପରିସରରେ ଶିଶୁକନ୍ୟାଙ୍କ ସୁରକ୍ଷା ସମ୍ପର୍କରେ ଛାତ୍ରୀମାନଙ୍କୁ ସଚେତନତା କରାଯାଇଥିଲା। ଆୟୋଜିତ କାର୍ଯ୍ୟକ୍ରମରେ ଟ୍ରଷ୍ଟର ମ୍ୟାନେଜିଂ ଟ୍ରଷ୍ଟି ସନ୍ଧ୍ୟା ଦେବୀ ଯୋଗଦେଇ ଡିଜିଟାଲ ହିଂସା, ମହିଳା ସୁରକ୍ଷା ଆଦି ଆଇନ ଗତ ବ୍ୟବସ୍ଥା ସମ୍ପର୍କରେ ଛାତ୍ରୀମାନଙ୍କୁ ସଚେତନ କରାଇଥିଲେ। ଟ୍ରଷ୍ଟର ସଂଯୋଜକ ପ୍ରମୋଦ ଜେନା, କ୍ଷେତ୍ର ସଂଯୋଜକ ବୀରେନ୍ଦ୍ର କୁମାର ବେହେରା ସାମିଲ ହୋଇ ପରିବେଶ ସୁରକ୍ଷା ସମ୍ପର୍କରେ ମତବ୍ୟକ୍ତ କରିଥିଲେ। କର୍ମୀ ରଂଜନ ପ୍ରଧାନ, ରିଙ୍କି ବେହେରା, ସୁରେନ୍ଦ୍ର ଶବର, ସୁଶାନ୍ତ ଶବର ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ। ସୁଶ୍ରୀ ଟୁନିଦାସ ଧନ୍ୟବାଦ ଦେଇଥିଲେ।

## ପଥର ଟ୍ରକ ଜବତ; ଚାଳକ ଫେରାର

ବେଗୁନିଆ,୨୯।୧୧(ସମିସ): ବାଘମାରୀ ଥାନା ଅଟ୍ରି ଠାରେ ପୁଲିସ ପାଟ୍ରୋଲିଂ ସମୟରେ ଦୁଇଟି ପଥର ବୋଝେଇ ଟ୍ରକ ଜବତ କରିଛି। ଚାଳକ ଚତୁରତାର ସହ ଫେରାର ହୋଇ ଯାଇଥିବା ବେଳେ ଟ୍ରକକୁ ଜବତ କରି ଥାନାରେ ରହିଛି ବୋଲି ଥାନା ଅଧିକାରୀ ଶମ୍ଭୁନାଥ ନାୟକ ସୂଚନା ଦେଇଛନ୍ତି। ଏହି ଚଢ଼ଉରେ ପଥର ମାଫିଆଙ୍କ ମନରେ ଭୟର ବାତାବରଣ ସୃଷ୍ଟି ହୋଇଛି।

## ପ୍ରଧାନଶିକ୍ଷୟିତ୍ରୀଙ୍କୁ ଅବସରକାଳୀନ ସମ୍ବର୍ଦ୍ଧନା

ଖୋର୍ଦ୍ଧା,୨୯।୧୧(ସମିସ): ଖୋର୍ଦ୍ଧା ବ୍ଲକ ମଳିପଡା ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ପରିସରରେ ପ୍ରଧାନ ଶିକ୍ଷୟିତ୍ରୀ ରଜନୀ କୁମାରୀ ନାୟକଙ୍କ ଅବସରକାଳୀନ ସମ୍ବର୍ଦ୍ଧନା ସଭା ଅନୁଷ୍ଠିତ ହୋଇଯାଇଛି। ଶିକ୍ଷକ ନେତା ସୁରେଶ ଚନ୍ଦ୍ର ବିଶ୍ୱାଳଙ୍କ ସଭାପତିତ୍ୱରେ ମୁଖ୍ୟଅତିଥି ଭାବେ କଂପୁର ସରପଂଚ ସୋନାଲି ଶ୍ରୀଚନ୍ଦନ, ମୁଖ୍ୟବକ୍ତା ଭାବେ ଖୋର୍ଦ୍ଧା ମଣ୍ଡଳ ଶିକ୍ଷା ଅଧିକାରୀ ଯାଜ୍ଞସେନୀ ସାହୁ, ସମ୍ମାନିତ ଅତିଥି ଭାବେ ସମିତି ସଭ୍ୟା ସଂଯୁକ୍ତା ସାହୁ, କାଲୁ ଖଣ୍ଡେଇତରାୟ, ପିଷ୍ଟା ଖୋର୍ଦ୍ଧା ବ୍ଲକ ସମ୍ପାଦକ ମୃତ୍ୟୁଞ୍ଜୟ ମହାପାତ୍ର, ରାଜ୍ୟ ସଂଘର ଯୁଗ୍ମ ସାଧାରଣ ସମ୍ପାଦକ ଅଗାଧୁ ସେଠୀ, ବିଆରସିସି ସନ୍ଧ୍ୟାବତୀ ଲେଙ୍କା ପ୍ରମୁଖ ଯୋଗ ଦେଇଥିଲେ। ପ୍ରାୟ ୧୦ ଜଣ ଛାତ୍ର ଛାତ୍ରୀ ଓ ବହୁ ଶିକ୍ଷକ ଶିକ୍ଷୟତ୍ରୀ ଶ୍ରୀମତୀ ନାୟକ କିପରି ଜଣେ ଆଦର୍ଶ ଶିକ୍ଷୟତ୍ରୀ ଥିଲେ ବର୍ଣ୍ଣନା କରିଥିଲେ। ବିଦ୍ୟାଳୟର ଏସଏମସି ସଭାପତି ତ୍ରିଲୋଚନ ନିଶଙ୍କ, ପଂଚସଖା ସେତୁ ସଭାପତି ପ୍ରମୋଦ ପ୍ରତାପ ସିଂହ, ପୂର୍ବତନ ଶିକ୍ଷକ ପ୍ରତାପ ଚମ୍ପତିରାୟ ବିଦାୟୀ ଶିକ୍ଷୟତ୍ରୀ ଛାତ୍ରଛାତ୍ରୀଙ୍କୁ କିପରି ନିଜର ପୁତ୍ର କନ୍ୟା ପରି ଦେଖୁଥିଲେ ସେ ବିଷୟ ପ୍ରକାଶ କରିଥଲେ। ବିଦ୍ୟାଳୟର ପୂର୍ବତନ ଶିକ୍ଷକ ଶଙ୍କର ବଳିଆର ସିଂହ ଓ ଗୋପୀନାଥ ବଳିଆର ସିଂହ, ପ୍ରହଲ୍ଲାଦ ବାରିକ, ଜଗନ୍ନାଥ ସିଂ, ଶୈଳ ଦେଇଙ୍କୁ ଇତ୍ୟବସରେ ସମ୍ବର୍ଦ୍ଧିତ କରଯାଇଥିଲା। ଶିକ୍ଷକ ପ୍ରମୋଦ ଭୁଜବଳ ଅତିଥି ପରିଚୟ ପ୍ରଦାନ କରିଥିବାବେଳେ ବରିଷ୍ଠ ଶିକ୍ଷୟିତ୍ରୀ ଶୁଭଲକ୍ଷ୍ମୀ ମହରଥା ଧନ୍ୟବାଦ ଅର୍ପଣ କରିଥିଲେ।

### ଜିଲ୍ଲା ବ୍ୟାବସାୟିକ ସଂସ୍କାର କାର୍ଯ୍ୟ ଯୋଜନା ବୈଠକ

# ସ୍ୱଚ୍ଛତା ବଜାୟ ରଖି ଯୋଜନାର ସୁଫଳ ଉପରେ ଗୁରୁତ୍ୱାରୋପ

ଖୋର୍ଦ୍ଧା,୨୯।୧୧(ସମିସ)



ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ଜୟୀ ରାଜଗୁରୁ ସମ୍ମିଳନୀ କକ୍ଷରେ ଜିଲ୍ଲା ବ୍ୟବସାୟ ସଂସ୍କାର କାର୍ଯ୍ୟ ଯୋଜନା ବୈଠକ ଅନୁଷ୍ଠିତ ହୋଇଛି। ବୈଠକରେ ଜିଲ୍ଲାପାଳ ଅମ୍ରିତ୍ ଋତୁରାଜ ଅଧ୍ୟକ୍ଷତା କରିଥିଲେ। ଏଥିରେ ଜିଲ୍ଲା ପରିଷଦ ଅତିରିକ୍ତ ମୁଖ୍ୟ ଉନ୍ନୟନ ଅଧିକାରୀ ତଥା ନିର୍ବାହୀ ଅଧିକାରୀ କସ୍ତୁରୀବାଳା ଜେନା, ଉପଜିଲ୍ଲାପାଳ, ଭୁବନେଶ୍ୱର ଡ. ମନୋରଞ୍ଜନ ସାହୁ, ଜିଲ୍ଲା ଶିଳ୍ପ କେନ୍ଦ୍ର ସାଧାରଣ ପରିଚାଳିକା ସମୁଚିତା ମଲ୍ଲିକ ମଂଚାସୀନ ଥିବା ବେଳେ ଇପିକଲ ବୃହତ୍ ବୃତ୍ତିଗତ ସେବା ସଂସ୍ଥା ସହଯୋଗୀ ସମୀର ଦାସ, ଏସ.କେ. ବେହେରା, ପରିଚାଳକ ତେଜସ କୁଲକର୍ଣ୍ଣି, ପରିଚାଳିକା ସିକିଲ ମିଶ୍ର,ଟିମ୍ ଲିଡର, ଜିଲ୍ଲା ଶିଳ୍ପ ପ୍ରୋତ୍ସାହନ ସଂସ୍ଥା (ଦିପା) ଜୟ ପ୍ରକାଶ ସ୍ୱାଇଁ, ଆଇପିଇ, (ଦୀପା) ଓମ୍ ପ୍ରକାଶ ଶତପଥୀ, ଏପିଇ (ଦୀପା) ଲୋକନାଥ ବିଶ୍ୱାଳ ଯୋଗ ଦେଇଥିଲେ।

ବିଷୟ ବିଶେଷଜ୍ଞ ତେଜସ୍ କୁଲକର୍ଣ୍ଣି ଓ ସିକିଲ୍ ମିଶ୍ର ସରକାରଙ୍କ ୪୬ଗୋଟି ବିଭାଗର ବିଭିନ୍ନ ଯୋଜନାରେ ଜନସାଧାରଣ ଏକକ କୌଶଳ ସିଙ୍ଗିଲ ଉଇଣ୍ଡୋ ଗୋସ୍ୱିଫ୍ଟ ଅନଲାଇନ୍ ମାଧ୍ୟମରେ ହିତାଧିକାରୀ ମାନେ କିପରି ଉପକୃତ ହେବେ ସେ ସମ୍ପର୍କରେ ବୈଠକରେ ଯୋଗ ଦେଇଥିବା ଅଧିକାରୀ ମାନଙ୍କୁ ପ୍ରଶିକ୍ଷଣ ଦେବାସହ ବିଭିନ୍ନ ପ୍ରଶ୍ନର ଉତ୍ତର ପ୍ରଦାନ କରିଥିଲେ।

ଜିଲ୍ଲା ସ୍ତରରେ ଯେଉଁମାନେ ବ୍ୟବସାୟ କରିବା ନିମନ୍ତେ ପୁଞ୍ଜି ବିନିଯୋଗ କରିବାକୁ ଚାହୁଁଛନ୍ତି ସେମାନଙ୍କୁ ଇପିକଲ୍, ପିଡବ୍ଲୁସି ତରଫରୁ ସୁବିଧା ଓ ସହଜ, ଡିପିଆର ପ୍ରସ୍ତୁତ କରିବା ଏବଂ ଜନସାଧାରଣଙ୍କୁ ବ୍ୟାପକ ସଚେତନ କରାଇବା, ବାଣିଜ୍ୟିକ ପ୍ରତିଷ୍ଠାନ ନିମନ୍ତେ ବ୍ୟାଙ୍କରୁ ଋଣ ପ୍ରଦାନ ନିମନ୍ତେ ସାଧନ ସୁବିଧା ସମସ୍ତ ତଥ୍ୟ ବିଭାଗ ଅନୁଯାୟୀ ଗୋସ୍ୱିଫ୍ଟରେ ଯୋଗାଇ ଦେବାକୁ ଜିଲ୍ଲାପାଳ ପରାମର୍ଶ ଦେଇଥିଲେ। କାର୍ଯ୍ୟକ୍ରମକୁ ତ୍ୱରାନ୍ୱିତ କରିବା ଜନିତ ପ୍ରତ୍ୟେକ ବିଭାଗ ହିତାଧିକାରୀମାନଙ୍କୁ ସଠିକ୍ ସମୟରେ ସ୍ୱଚ୍ଛତା ବଜାୟ ରଖି ଯୋଜନାର ସୁଫଳ ପାଇ ପାରିବେ ବୋଲି ଜିଲ୍ଲାପାଳ ଗୁରୁତ୍ୱାରୋପ କରିଥିଲେ। ଜିଲ୍ଲା ନୋଡାଲ ଅଧିକାରୀ, ଜିଲ୍ଲା ଶିଳ୍ପ କେନ୍ଦ୍ର ର ସାଧାରଣ ପରିଚାଳିକା ସମୁଚିତା ମଲ୍ଲିକ ଧନ୍ୟବାଦ ପ୍ରଦାନ କରିଥିଲେ।

ବୈଠକରେ ଗ୍ରାମ୍ୟ ଜଳ ଯୋଗାଣ ଓ ପରିମଳ ଅଧିକ୍ଷଣ ଯନ୍ତ୍ରୀ ରଶ୍ମିତା ଦାସ, ଖୋର୍ଦ୍ଧା ଅବକାରୀ ଅଧିକ୍ଷକ ସୁମତି ତ୍ରିପାଠୀ, ଭୁବନେଶ୍ୱର ଅବକାରୀ ଅଧିକ୍ଷକ ଦେବାଶିଷ ପଟେଲ, ଜିଲ୍ଲା ପଞ୍ଚାୟତ ଅଧିକାରୀ ଶୁଭେନ୍ଦୁ ନାୟକ, ଜିଲ୍ଲା ମୁଖ୍ୟ ଚିକିତ୍ସା ଅଧିକାରୀ ଡାକ୍ତର ସଞ୍ଜୟ ରାୟ, ଜିଲ୍ଲା ମୁଖ୍ୟ କୃଷି ଅଧିକାରୀ ରବି ନାରାୟଣ ସେନାପତି, ଯୋଜନା ଓ ପରିସଂଖ୍ୟାନ ଉପନିର୍ଦ୍ଦେଶକ ଅଶୋକ ବେହେରା, ବ୍ୟାଙ୍କ ପରିଚାଳକ, ଜିଲ୍ଲା ମଙ୍ଗଳ ଅଧିକାରୀ ଡ. ଗୀତାଂଶୁ ଦାଶ, ଜିଲ୍ଲା ସମାଜ କଲ୍ୟାଣ ଅଧିକାରୀ କୁସୁମ କୁମାରୀ ପ୍ରହରାଜ, ଜିଲ୍ଲା ସୂଚନା ଓ ଲୋକସଂପର୍କ ଅଧିକାରୀ ଲକ୍ଷ୍ମଣ ବେହେରାଙ୍କ ସମେତ ବିଭିନ୍ନ ବିଭାଗର ଜିଲ୍ଲାସ୍ତରୀୟ ଅଧିକାରୀ ଯୋଗ ଦେଇଥିଲେ।

## ଜଟଣୀ ମଣ୍ଡଳସ୍ତରୀୟ ଯୁବ ମହୋତ୍ସବ



ଜଟଣୀ,୨୯।୧୧(ସମିସ): ଜଟଣୀ ମହାବିଦ୍ୟାଳୟ ସମ୍ମିଳନୀ କକ୍ଷରେ ଜଟଣୀ ଗୋଷ୍ଠୀ ଶିକ୍ଷାଧିକାରୀ ଯୋଗେଶ ଚନ୍ଦ୍ର ସାମନ୍ତସିଂହାରଙ୍କ ଅଧ୍ୟକ୍ଷତାରେ "ଜଟଣୀ ମଣ୍ଡଳ ସ୍ତରୀୟ ଯୁବ ମହୋତ୍ସବ ୨୦୨୫' ଅନୁଷ୍ଠିତ ହୋଇଯାଇଛି। ଉକ୍ତ ଉତ୍ସବରେ ଜଟଣୀ ଗୋଷ୍ଠୀ ଉନ୍ନୟନ ଅଧିକାରୀ ବସନ୍ତ କୁମାର ହାତୀ ମୁଖ୍ୟଅତିଥି ଭାବେ ଯୋଗଦେଇ ବିକଶିତ ଭାରତର ବିକାଶ ଦିଗରେ ଛାତ୍ରଛାତ୍ରୀଙ୍କ ପ୍ରତିଭାକୁ ବିକଶିତ କରି ରାଷ୍ଟ୍ର ନିମିତ୍ତ ସମର୍ପିତ ପାଇଁ ଯୁବ ସମାଜକୁ ଉଦବୋଧନ ଦେଇଥିଲେ। ସମ୍ମାନିତ ଅତିଥିମାନଙ୍କ ମଧ୍ୟରେ ଓଡ଼ିଶା ଇଞ୍ଜିନିୟରିଂ କଲେଜର ଅବସରପ୍ରାପ୍ତ ପ୍ରାଧ୍ୟାପକ ଇଂ ରାଜେନ୍ଦ୍ର ପ୍ରସାଦ ନାୟକ ଛାତ୍ରଛାତ୍ରୀଙ୍କୁ ଉତ୍ସାହିତ କରିଥିଲେ। ମହାବିଦ୍ୟାଳୟର ଅଧ୍ୟକ୍ଷା ଡ. ସ୍ୱପ୍ନା ମଲ୍ଲିକ ଯୁବ ମହୋତ୍ସବର ତାତ୍ପର୍ଯ୍ୟ ପ୍ରତିପାଦିତ କରିଥିଲେ। ଗୋଷ୍ଠୀ ସାଧନ କେନ୍ଦ୍ର ସଂଯୋଜକ ପୂର୍ଣ୍ଣଚନ୍ଦ୍ର ବେହେରା ଏବଂ ମହାବିଦ୍ୟାଳୟର କାର୍ଯ୍ୟକ୍ରମ ସଂଯୋଜକ ଡ. ସୁଶାନ୍ତ ବାରିକ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ଜଟଣୀ ବ୍ଲକର ସମସ୍ତ ମହାବିଦ୍ୟାଳୟର ୧୦୦ ଜଣ ଛାତ୍ରଛାତ୍ରୀ ମୋ ଭାରତ (ମାଇଁ ଭାରତ) ପୋର୍ଟାଲରେ ପଞ୍ଜୀକରଣ କରି ୭ଟି ବିଭାଗରେ ଭାଗ ନେଇଥିଲେ। ପ୍ରଥମ ସ୍ଥାନ ଅଧିକାର କରିଥିବା ଛାତ୍ରଛାତ୍ରୀ ଜିଲ୍ଲା ସ୍ତରକୁ ମନୋନିତ ହୋଇଥିଲେ। ଜଟଣୀ ମହାବିଦ୍ୟାଳୟର ବକ୍ତୃତା ପ୍ରତିଯୋଗିତାରେ ତପସ୍ୟା ସାହୁ, କବିତା ଲିଖନରେ ସିଦ୍ଧାର୍ଥ ଦାସ, ଗଳ୍ପ ଲିଖନ ରେ ଇତିଶ୍ରୀ ଦାସ ପ୍ରଥମ ହୋଇଥିବା ବେଳେ ଦଳଗତ ପ୍ରତିଯୋଗିତା ଲୋକନୃତ୍ୟ, ଲୋକ ଗୀତ, ବିଜ୍ଞାନ ମେଳାରେ ମଧ୍ୟ ଜଟଣୀ ମହାବିଦ୍ୟାଳୟ ଛାତ୍ରଛାତ୍ରୀ ମାନେ ପ୍ରଥମ ସ୍ଥାନ ଅଧିକାର କରିଥିଲେ। ସନାତନ ହରିଚନ୍ଦନ ମଦନପୁର ମହାବିଦ୍ୟାଳୟ ଚିତ୍ରାଙ୍କନରେ ପ୍ରଥମ ସ୍ଥାନ ଅଧିକାର କରିଥିଲେ। ଡ. ରଶ୍ମିତା ନାୟକ ଓ ଟୁଲୁ ଦେଇ ମଞ୍ଚ ପରିଚାଳନା କରିଥିଲେ। ଡ. ସୁଶାନ୍ତ ବାରିକ ଧନ୍ୟବାଦ ଅର୍ପଣ କରିଥିଲେ।

## ବ୍ୟାବସାୟିକ ପ୍ରତିଷ୍ଠାନରେ ନାହିଁ ଅଗ୍ନି ନିରାପତ୍ତା ବ୍ୟବସ୍ଥା

ବାଲୁଗାଁ, ୨୯।୧୧(ସମିସ) : ବାଲୁଗାଁ ଓ ବାଣପୁର ଭଳି କ୍ଷୁଦ୍ର ସହରରେ ଦିନକୁ ଦିନ ଛତୁ ଫୁଟିଲା ଭଳି ଶପିଂ ମଲ୍, ଶିକ୍ଷାନୁଷ୍ଠାନ, ନର୍ସିଂହୋମ୍, ହୋଟେଲ ଓ ପେଟ୍ରୋଲ ପମ୍ପ ଆଦି ଖୋଲିବାରେ ଲାଗିଛି। ସରକାରଙ୍କ ନିୟମାନୁଯାୟୀ ଶପିଂମଲ୍, ଶିକ୍ଷାନୁଷ୍ଠାନ, ନର୍ସିଂହୋମ୍, ମେଡିକାଲ, ହୋଟେଲ ଓ ପେଟ୍ରୋଲ ପମ୍ପ ଆଦି ସ୍ଥାପନ କରିବା ପୂର୍ବରୁ ସେଠାରେ ଅଗ୍ନି ନିରାପତ୍ତା ବ୍ୟବସ୍ଥା କରିବା ସହ ଅଗ୍ନିଶମ ବିଭାଗ ଠାରୁ ପ୍ରମାଣ ପତ୍ର ଓ ଏନଓସି ଆଣିବା ନିତ୍ୟାନ୍ତ ଆବଶ୍ୟକ। ମାତ୍ର ବାଲୁଗାଁ ଓ ବାଣପୁର ଅଞ୍ଚଳର ଅଧିକାଂଶ ଅନୁଷ୍ଠାନରେ ସେଭଳି ଅଗ୍ନି ନିର୍ବାପକ ସୁରକ୍ଷା ବ୍ୟବସ୍ଥା ଦେଖିବାକୁ ମିଳୁ ନଥିବା ବେଳେ ଏନଓସି ବା ପ୍ରମାଣ ପତ୍ର ନ ଥିବା ଜଣାଯାଇଛି। ଧର୍ମକୁ ଆଖି ଠାର ମାରିବା ସଦୃଶ ଲୋକ ଦେଖାଣିଆ ଭାବେ କେତେକ ସଂସ୍ଥାରେ ମୁଖ୍ୟ ପ୍ରବେଶ ପଥ ନିକଟରେ ଅଗ୍ନି ନିରାପତ୍ତା ଯନ୍ତ୍ର ଲଗାଯାଇଛି ଯାହା ଅକାମୀ ହୋଇ ପଡିଥିବା ଜଣାଯାଇଛି। ଅନ୍ୟପଟେ ପ୍ରଶାସନ ସବୁ ଜାଣି ନ ଜାଣିଲା ଭଳି ନିଦାବିଷ୍ଟୁ ସାଜିଛି। ଏହି ସମସ୍ତ ସ୍ଥାନରେ ହଠାତ ନିଆଁ ଲାଗିଲେ ସେଠାରୁ ସୁରକ୍ଷିତ ବାହାରିବା କାଠିକର ପାଠ। ଖୁଲମ ଖୁଲା ସଠିକ ଅଗ୍ନି ନିର୍ବାପକ ସୁରକ୍ଷା ବ୍ୟବସ୍ଥା ନ ଥାଇ ତଥା ଲଗାଯାଇଥିବା ଅଗ୍ନି ନିରାପତ୍ତା ଯନ୍ତ୍ର ସଠିକ କାର୍ଯ୍ୟକ୍ଷମ କି ନାହିଁ, ଏଥିପ୍ରତି ଗୁରୁତ୍ୱ ଦିଆଯାଇ ଅଗ୍ନିଶମ ବିଭାଗ ପକ୍ଷରୁ ଚଢ଼ଉ କରି ଯାଞ୍ଚ କରାଯାଉ ନ ଥିବାରୁ ବହୁ ପ୍ରତିଷ୍ଠାନ ଏଥିପ୍ରତି ଖାମଖିଆଲ ମନୋଭାବ ପୋଷଣ କରୁଛନ୍ତି। ଏହାକୁ ଗୁରୁତ୍ୱର ସହ ନେଇ ପ୍ରଶାସନ ଏ ଦିଗରେ ଧ୍ୟାନ ଦେଇ ଚଢାଉ କରାଯାଇ ଉପଯୁକ୍ତ ଯାଞ୍ଚ କରାଯିବା ପାଇଁ ସାଧାରଣରେ ଦୃଢ ଦାବି ହେଉଛି।

## ଓଷ୍ଟା ପକ୍ଷରୁ ବାଣପୁର ବ୍ଲକସ୍ତରୀୟ ଶିଶୁ ମେଳା

ବାଣପୁର,୨୯।୧୧(ସମିସ) : ଓଡ଼ିଶା ମାଧ୍ୟମିକ ଶିକ୍ଷକ ସଂଘ ତରଫରୁ ବାଣପୁର ବ୍ଲକସ୍ତରୀୟ ଶିଶୁ ମେଳା ବାଣପୁର ସରକାରୀ ଉଚ୍ଚ ବିଦ୍ୟାଳୟ-୨ ପରିସରରେ ଅନୁଷ୍ଠିତ ହୋଇ ଯାଇଛି। ଓଷ୍ଟାର ବାଣପୁର ବ୍ଲକ ସଭାପତି କୈଳାସ ଚନ୍ଦ୍ର ଲାଠୀଙ୍କ ସଭାପତିତ୍ୱରେ ଆୟୋଜିତ ଶିଶୁ ମେଳା କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ବ୍ଲକ ଗୋଷ୍ଠୀ ଶିକ୍ଷା ଅଧିକାରୀ ସନାତନ ଜାଲି, ମୁଖ୍ୟବକ୍ତା ଭାବେ ବାଣପୁର ବରିଷ୍ଠ ନାଗରିକ ସଂଘ ସଭାପତି ଡଃ



ଚିନ୍ତାମଣି ମିଶ୍ର, ସମ୍ମାନିତ ଅତିଥି ଭାବେ ଓଷ୍ଟାର କାର୍ଯ୍ୟକାରୀ ସଦସ୍ୟ ଶିଶିର ଦାସ, ଓଷ୍ଟାର ବାଣପୁର ବ୍ଲକ ଉପ-ସଭାପତି ମମତା ହୋତା ଓ ସଂପାଦକ ଗତି କୃଷ୍ଣ ବିଶ୍ୱାଳ ପ୍ରମୁଖ ଯୋଗଦେଇ ଆଜିର ଶିଶୁ କାଲିର ଭବିଷ୍ୟତ, ଶିଶୁମେଳା ମାଧ୍ୟମରେ ହିଁ ଶିଶୁ ମାନଙ୍କର ଅନ୍ତର୍ନିହିତ ଗୁଣ ପ୍ରସ୍ଫୁଟିତ ହେବା ସହ ସେମାନଙ୍କର ଭବିଷ୍ୟତ ଜୀବନ ଗଠନ ହୁଏ ବୋଲି ଅତିଥିମାନେ ମତବ୍ୟକ୍ତ କରିଥିଲେ। ଏହି ଶିଶୁ ମେଳାରେ ୧୦ଟି ବିଦ୍ୟାଳୟର ସମୁଦାୟ ୧୮୦ ଜଣ ଛାତ୍ରଛାତ୍ରୀ ଅଂଶଗ୍ରହଣ କରିଥିବା ବେଳେ ସେମାନଙ୍କ ମଧ୍ୟରେ ପ୍ରବନ୍ଧ, ତର୍କ, କଣ୍ଠସଂଗୀତ, ନୃତ୍ୟ, ଆବୃତ୍ତି, କବିତା, ଗଳ୍ପ ଲିଖନ, ଏକକ ଅଭିନୟ ଓ ଚିତ୍ରାଙ୍କନ ଆଦି ୧୦ଟି ବିଭାଗରେ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ବିଭିନ୍ନ ପ୍ରତିଯୋଗିତାର ବିଚାରକ ଭାବେ ଗ୍ରାମୀଣ ମହିଳା ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ଅଧ୍ୟକ୍ଷ ସର୍ବେଶ୍ୱର ଷଡ଼ଙ୍ଗୀ, ବରିଷ୍ଠ ସାମ୍ବାଦିକ ପୁରୁଷୋତ୍ତମ ମହାପାତ୍ର ଓ କବି ଦିଗମ୍ବର ବିଶ୍ୱାଳ ଶ୍ରେଷ୍ଠ ପ୍ରତିଯୋଗୀ ଚୟନ କରିଥିଲେ। ତର୍କ ପ୍ରତିଯୋଗିତାରେ ଚନ୍ଦନ ମୁଦୁଲି, ଚିତ୍ରାଙ୍କନରେ ବିଶ୍ୱଜିତ୍ ବେହେରା, କଣ୍ଠ ସଂଗୀତରେ ସଂଗୀତା ବେହେରା, ନୃତ୍ୟରେ ଜ୍ୟୋତିପ୍ରଭା ବଳୀୟାରସିଂ ଓ ଏକକ ଅଭିନୟରେ ରାଜଶ୍ରୀ ପାତ୍ର ପ୍ରମୁଖ ପ୍ରଥମ ସ୍ଥାନ ଅଧିକାର କରି ଜିଲ୍ଲାସ୍ତରୀୟ ଶିଶୁମେଳା ପାଇଁ ମନୋନୀତ ହୋଇଛନ୍ତି। ଅଙ୍କିତା ମିଶ୍ର, ଜ୍ଞାନରଂଜନ ବେହେରା, ପ୍ରିୟଦର୍ଶିନୀ ମହାରଣା ଓ ଡି. ବାସୁପତି ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ।

## ପ୍ରଧାନଶିକ୍ଷୟିତ୍ରୀଙ୍କୁ ଅବସରକାଳୀନ ସମ୍ବର୍ଦ୍ଧନା

ଟାଙ୍ଗୀ,୨୯।୧୧(ସମିସ): ଟାଙ୍ଗୀ ବ୍ଲକ ଅଧୀନସ୍ଥ ବରିକୋ ବଧିପାଟଣା ପ୍ରାଥମିକ ବିଦ୍ୟାଳୟ ପରିସରରେ ପ୍ରଧାନ ଶିକ୍ଷୟିତ୍ରୀ



ସୁଷମା କୁମାରୀ ଦେଇଙ୍କୁ ବିଦାୟକାଳୀନ ସମ୍ବର୍ଦ୍ଧନା ପ୍ରଦାନ କରାଯାଇଛି। ଏହି ବିଦାୟକାଳୀନ ସମ୍ବର୍ଦ୍ଧନା ଉତ୍ସବରେ ଟାଙ୍ଗୀ ବ୍ଲକ ଶିକ୍ଷା ଅଧିକାରୀ ଗୋବିନ୍ଦ ଚନ୍ଦ୍ର ହେମ୍ବ୍ରମ ମୁଖ୍ୟଅତିଥି, ବ୍ଲକ ଅଧ୍ୟକ୍ଷା ରିଶ୍ମା ମାନ୍ଧାତା, ବ୍ଲକ ଶିକ୍ଷକ ସଂଘର ସଭାପତି ସଲିଳ କୁମାର ସ୍ୱାଇଁ, ସମ୍ପାଦକ ସନ୍ତୋଷ କୁମାର ବେହେରା, ମୁଖ୍ୟବକ୍ତା ଭାବେ ଶିକ୍ଷାବିତ ପଦ୍ମନାଭ ବିଶ୍ୱାଳ, ଜିଲ୍ଲା ଶିକ୍ଷକ ସଂଘର ସମ୍ପାଦକ ପ୍ରସନ୍ନ ଶ୍ରୀଚନ୍ଦନ, ଜିଲ୍ଲା ସହ ସମ୍ପାଦକ ସମରେଶ ବେହେରା, ବଳରାମଦେବ ବିଦ୍ୟାପୀଠର ପୂର୍ବତନ ପ୍ରଧାନ ଶିକ୍ଷକ ରମେଶଚନ୍ଦ୍ର ବଳବନ୍ତରାୟ, ସିଆର୍‌ସିସି ଦୁଃଶାସନ ପ୍ରଧାନ, ସରପଞ୍ଚ ମଧୁସୂଦନ ପଲାଇ, ପ୍ରଥମ ଓଡ଼ିଶାର ଜିଲ୍ଲା ସଂଯୋଜକ ରାକେଶ କୁମାର ବେହେରା ପ୍ରମୁଖ ସମ୍ମାନିତ ଅତିଥି ଭାବରେ ଉପସ୍ଥିତ ଥିଲେ। ସଭା ପରିଚାଳନା କରିଥିଲେ ଶ୍ୟାମସୁନ୍ଦର ବିଶ୍ୱାଳ।

### ବାଣପୁର ପୁଲିସ ଓ ପରିବହନ ବିଭାଗର ଯାନବାହାନ ଯାଞ୍ଚ

## ୧୦୪ ଜଣଙ୍କୁ ୬ ଲକ୍ଷ ଜରିମାନା

ବାଣପୁର,୨୯।୧୧(ସମିସ) : ବାଣପୁର ପୁଲିସ ଏବଂ ଖୋର୍ଦ୍ଧା ଅତିରିକ୍ତ ଆଞ୍ଚଳିକ ପରିବହନ ବିଭାଗ ଶୁକ୍ରବାର ରାତିରେ ମିଳିତ ଭାବେ ସ୍ଥାନୀୟ ଅଞ୍ଚଳରେ ଚଢ଼ଉ କରି ବେଆଇନ ଭାବେ ଚଳାଚଳ କରୁଥିବା ଯାନବାହନ ଯାଞ୍ଚ କରିଥିଲେ।

ବାଣପୁର ଥାନା ଅଧିକାରୀ ରମେଶ କୁମାର ଦେବତା ଓ ଖୋର୍ଦ୍ଧା ଟ୍ରାଫିକ ଉପ ନିରୀକ୍ଷକଙ୍କ ତତ୍ତ୍ୱାବଧାନରେ ବାଣପୁର ବାଇପାସ ଓଭର ବ୍ରିଜ, ଜାତୀୟ ରାଜପଥ ଅଞ୍ଚଳରେ ପୃଥକ ଭାବେ ଯାଞ୍ଚ କରାଯାଇଥିଲା। ଏହି ଯାଞ୍ଚ ବେଳେ ମୋଟର ଯାନ ଆଇନ ଉଲ୍ଲଂଘନ ତଥା ବିନା ହେଲମେଟ, ବିନା ଡ୍ରାଇଭିଂ ଲାଇସେନ୍ସ, ଆବଶ୍ୟକ ବୀମା ନ ଥିବା, ସିଟ ବେଲ୍ଟ ନ ବାନ୍ଧିବା, ଦୁଇ ଚକିଆ ଯାନରେ ୩ ଜଣ ବସିବା, ମଦ୍ୟପାନ କରି ଗାଡ଼ି ଚଲାଇବା ଓ ଅନ୍ୟାନ୍ୟ ଆନୁଷଙ୍ଗିକ କାଗଜାତ ଆଦି ଯାଞ୍ଚ କରି ମୋଟ ୧୦୪ ଜଣଙ୍କ ନାମରେ ଚାଲାଣ କଟାଯିବା ସହ ୬ ଲକ୍ଷ ୧୨ ହଜାର ୫ ଶହ ଟଙ୍କାର ଜରିମାନା ରସିଦ ପ୍ରଦାନ କରା ଯାଇଛି। ଏଥିସହ ୧୧ଜଣ ମଦ୍ୟପ ଚାଳକଙ୍କ ନାମରେ ମାମଲା ରୁଜୁ ହେବା ସହ ୪୬ ଜଣ ଗାଡି ଚାଳକଙ୍କ ଡ୍ରାଇଭିଂ ଲାଇସେନ୍ସକୁ ୬ମାସ ପର୍ଯ୍ୟନ୍ତ ନିଲମ୍ବନ କରିବା ପାଇଁ ଆଞ୍ଚଳିକ ପରିବହନ ଅଧିକାରୀଙ୍କୁ ସୁପାରିସ କରାଯାଇଛି।



## ରାମେଶ୍ୱର ଚ୍ୟାଲେଞ୍ଜ କପ୍ ଦିବାରାତ୍ର କ୍ରିକେଟ ଉଦ୍‌ଘାଟିତ



ନିରାକାରପୁର, ୨୯।୧୧ (ସମିସ): ସ୍ଥାନୀୟ ରାମେଶ୍ୱର ଖେଳ ପଡିଆଠାରେ ନେତାଜୀ କ୍ଲବ ଆୟୋଜନରେ ରାମେଶ୍ୱର ସ୍ପୋର୍ଟ୍ସ ଆସୋସିଏସନ ପକ୍ଷରୁ ପ୍ରଥମ ବାର୍ଷିକ ରାମେଶ୍ୱର ଚ୍ୟାଲେଞ୍ଜ କପ କ୍ରିକେଟ ପ୍ରତିଯୋଗିତା ଶନିବାର ସନ୍ଧ୍ୟାରେ ଉଦଘାଟିତ ହୋଇଯାଇଛି। ଅତିଥିଭାବେ ଟାଙ୍ଗୀ ବ୍ଲକ ସାମ୍ବାଦିକ ସଙ୍ଘର ଉପସଭାପତି ମାନସ ଚନ୍ଦ୍ର ପଟ୍ଟନାୟକ, ଉମେଶ ଚନ୍ଦ୍ର ପଟ୍ଟନାୟକ ଯୋଗଦେଇ ଆନୁଷ୍ଠାନିକ ଭାବେ ଖେଳର ଉଦଘାଟନ କରିଥିଲେ। ଏହି ପ୍ରତିଯୋଗିତାରେ ଜିଲ୍ଲାସ୍ତରୀୟ ୧୬ଟି ଦଳ ଅଂଶ ଗ୍ରହଣ କରିଥିବାବେଳେ ରାତି ତମାମ ଏହି ଖେଳ ଚାଲୁ ରହିବ ବୋଲି ଆୟୋଜକ କମିଟି ସଭାପତି ଚକ୍ରଧର ବାରିକ ସୂଚନା ଦେଇଛନ୍ତି। ଆଲୋକ ରଞ୍ଜନ ସାହୁ ଓ ଦେବାଶିଷ ସାହୁ ଖେଳ ପରିଚାଳନା କରୁଛନ୍ତି। ରଘୁନାଥ ପ୍ରଧାନ, ରାଜେଶ ତ୍ରିପାଠୀ, ହିମାଂଶୁ ମହାନ୍ତି, ଅଜୟ କୁମାର ସାହୁ, ତନ୍ମୟ ମହାପାତ୍ର, ଅନିଲ ପଟ୍ଟନାୟକ ପ୍ରମୁଖ ଅନୁଷ୍ଠାନର କର୍ମକର୍ତ୍ତା ଉପସ୍ଥିତ ରହି ସହଯୋଗ କରିଥିଲେ।

### କୁମାରବସ୍ତ ଲୋକନାଥ ଦେବ କ୍ରିକେଟ

## ଆଇଆର୍‌ବି ଓ ଯାଆଁଳା ଚାମ୍ପିଅନ

ଖୋର୍ଦ୍ଧା,୨୯।୧୧(ସମିସ): ଖୋର୍ଦ୍ଧା ଉପକଣ୍ଠ କୁମାରବସ୍ତ ଖେଳପଡିଆଠାରେ ରାଇଜିଂ ଷ୍ଟାର କ୍ରିକେଟ କ୍ଲବ ଆନୁକୂଲ୍ୟରେ ଲୋକନାଥ ଦେବ କ୍ରିକେଟ ଟୁର୍ଣ୍ଣାମେଣ୍ଟର ପ୍ରଥମ ମ୍ୟାଚରେ ଆଇ ଆର ବି ଦଳ ପଳାଶ ପୁର ଦଳକୁ ୫ ୱିକେଟରେ ପରାସ୍ତ କରିଛି। ପଳାଶ ପୁର ଦଳ ପ୍ରଥମେ ବ୍ୟାଟିଂ କରି ନିର୍ଦ୍ଧାରିତ ୧୫ ଓଭର ରେ ୬ ୱିକେଟ ହରାଇ ୧୩୭ ରନ୍ ସଂଗ୍ରହ କରିଥିଲା। ଜବାବରେ ଆଇ ଆର ବି ଦଳ ୧୪ ଓଭର ରେ ଆବଶ୍ୟକ ୧୩୮ ରନ୍ ସଂଗ୍ରହ କରି ବିଜୟୀ ହୋଇ ଚାମ୍ପିଅନ ଆଖ୍ୟା ଅର୍ଜନ କରିଥିଲା। ଦଳ ପକ୍ଷରୁ ହେମନ୍ତ ପ୍ରଧାନ ଧୂଆଁଧାର ୩୧ ରନ ସଂଗ୍ରହ କରି ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଥିଲେ।

ଦ୍ୱିତୀୟ ମ୍ୟାଚ (ମିନି ନନ୍ ଆଧାର) ଟସ ଜିତି ଯାଆଁଳା ଦଳ ପ୍ରଥମେ ବ୍ୟାଟିଂ କରିବାର ନିଷ୍ପତ୍ତି ନେଇଥିଲା। ପ୍ରଥମେ ବ୍ୟାଟିଂ କରି ଯାଆଁଳା ଦଳ ନିର୍ଦ୍ଧାରିତ ୨୦ ଓଭର ରୁ ୮ ୱିକେଟ ହରାଇ ୧୬୨ ରନ ସଂଗ୍ରହ କରିଥିଲେ। ଦଳ ପକ୍ଷରୁ ସତ୍ୟ ସୁନ୍ଦର ପଟ୍ଟନାୟକ ୩୯ ରନ୍ ସଂଗ୍ରହ କରିଥିଲେ। ଜବାବରେ ମୁକୁନ୍ଦ ପ୍ରସାଦ ଦଳ ନିର୍ଦ୍ଧାରିତ ୧୫ ଓଭର ରୁ ୧୦ ୱିକେଟ ହରାଇ ୧୧୪ ରନ୍ ସଂଗ୍ରହ କରି ଅଲ୍ ଆଉଟ୍ ହୋଇଯାଇଥିଲା। ଯାଆଁଳା ଦଳ ଏହି ମ୍ୟାଚ୍ କୁ ୪୮ ରନ୍ ରେ ଜିତି ନେଇ ଚାମ୍ପିଅନ ହେଇଥିଲା। (ଆଧାର) ରେ ଶ୍ରେଷ୍ଠ ବ୍ୟାଟର୍ ଭାବେ ସୁଶିଲ ପ୍ରଧାନ, ଶ୍ରେଷ୍ଠ ବୋଲର ବସନ୍ତ ସାହୁ ଓ ଟୁର୍ଣ୍ଣାମେଂଟ ର ଶ୍ରେଷ୍ଠ ଖେଳାଳି ଭାବେ ସୁଶିଲ



ପ୍ରଦାନ ପୁରସ୍କୃତ ହୋଇଥିଲେ।

ସେହିପରି( ମିନି ନନ ଆଧାର)ରେ ଶ୍ରେଷ୍ଠ ବ୍ୟାଟ୍ସମ୍ୟାନ୍ ଭାବେ ସୌମ୍ୟ ରଞ୍ଜନ ଜେନା, ଶ୍ରେଷ୍ଠ ବୋଲର ପଙ୍କଜ ନାୟକ ଓ ଟୁର୍ଣ୍ଣାମେଂଟ ର ଶ୍ରେଷ୍ଠ ଖେଳାଳି ଭାବେ ସନ୍ତୋଷ ସ୍ୱାଇଁ ପୁରସ୍କୃତ ହୋଇଥିଲେ। ଆଜିର ସଭାରେ ମୁଖ୍ୟଅତିଥି ଭାବରେ ଜଟଣୀ ବିଧାୟକ ବିଭୂତି ଭୂଷଣ ବଳବନ୍ତରାୟ ଯୋଗ ଦେଇଥିଲେ। ସମ୍ମାନିତ ଅତିଥି ଭାବରେ ବିଜେପି ଜିଲ୍ଲା ସଭାପତି ବିଶ୍ୱରଞ୍ଜନ ବଡ଼ଜେନା, ଟାଙ୍ଗିଆପଡ଼ା ଗ୍ରାମ ପଂଚାୟତ ର ସରପଂଚ ସ୍ୱର୍ଣ୍ଣପ୍ରଭା ସେଠୀ, ରାଇଜିଂ ଷ୍ଟାର କ୍ଲବର ସଭାପତି ସଞ୍ଜୟ ପାଇକରାୟ, ମଣ୍ଡଳ ସଭାପତି ଉତର ଖୋର୍ଦ୍ଧା ସଂଗ୍ରାମ କେଶରୀ ସାମନ୍ତସିଂହାର, ରାମଚନ୍ଦ୍ର ସାମନ୍ତରାୟ ଯୋଗ ଦେଇ ସମସ୍ତ ଦଳ ଓ ଖେଳାଳିଙ୍କୁ ପୁରସ୍କୃତ କରିଥିଲେ। ଆଜିର ଖେଳକୁ ସାନୁଜ ବିଶ୍ୱାଳ, ତୁଷାର କାନ୍ତ ସୁନ୍ଦରାୟ ଓ ସୋଭକର ପାତ୍ର ପରିଚାଳନା କରିଥିବାବେଳେ ସ୍କୋରର ଦାୟିତ୍ୱରେ ପ୍ରକାଶ ସାହୁ, ଅଭିଜିତ ସାମନ୍ତରାୟ ଓ ସୂର୍ଯ୍ୟ ପ୍ରତାପ ଗଜେନ୍ଦ୍ର ଓ ତାରାପ୍ରସାଦ ରାଉତରାୟ ରହିଥିଲେ। ଭାଷ୍ୟକାର ଭାବେ ଅବ୍ୟକ୍ତ ହରିହର ଖାଡ଼ଙ୍ଗା, ପ୍ରଶାନ୍ତ ନାଟୁଆ, ପାର୍ଥସାରଥୀ ରାଉତରାୟ ଓ ଅମୀୟ ପ୍ରଧାନ କାର୍ଯ୍ୟ କରିଥିଲେ। କାଜଲ ବଳିୟାର ସିଂ ମ୍ୟାଚ ରେଫରୀ ଦାୟିତ୍ୱ ତୁଲାଇଥିଲେ।

### ● ଗୟାବନ୍ଧ ଦିନିକିଆ ଭଲିବଲ ଟୁର୍ଣ୍ଣାମେଣ୍ଟ

## ଖୋର୍ଦ୍ଧା ବାଲୁଙ୍କେଶ୍ୱର କ୍ଲବ ଚାମ୍ପିଅନ

ନିରାକାରପୁର,୨୯।୧୧ (ସମିସ): ଖୋର୍ଦ୍ଧା ଜିଲ୍ଲା ଗୟାବନ୍ଧ ବାପୁଜୀ କ୍ଲବ ଆନୁକୂଲ୍ୟରେ ଅନୁଷ୍ଠିତ ଦିନିକିଆ ଭଲିବଲ ଟୁର୍ଣ୍ଣାମେଣ୍ଟରେ ଖୋର୍ଦ୍ଧା ବାଲୁଙ୍କେଶ୍ୱର କ୍ଲବ ଗୟାବନ୍ଧ ବାପୁଜୀ କ୍ଲବକୁ ହରାଇ ଚାମ୍ପିଅନ ହୋଇଛି। ଏହି ଟୁର୍ଣ୍ଣାମେଣ୍ଟରେ ସମୁଦାୟ ଆଠଟି ଦଳ ଭାଗ ନେଇଥିବାବେଳେ ଫାଇନାଲ ମ୍ୟାଚରେ ବାଲୁଙ୍କେଶ୍ୱର କ୍ଲବ ୨୦-୧୭, ୧୫-୨୦ ଓ ୧୫-୧୩ ରେ ଗୟାବନ୍ଧ ବାପୁଜୀ କ୍ଲବକୁ ହରାଇ ଚାମ୍ପିଅନ ହୋଇଛି। ଏହି ଖେଳକୁ ଶରତ କୁମାର ଛୋଟରାୟ, ଜଗା ସାମନ୍ତ ପରିଚାଳନା କରିଥିଲେ। ଏଥିରେ ଅତିଥି ଭାବେ ସମାଜସେବୀ ସୁଶାନ୍ତ କୁମାର ଶ୍ରୀଚନ୍ଦନ ଓ ଭାଗିରଥି ଭୁଜବଳ ଯୋଗଦେଇ ବିଜେତା ଓ ରନର୍ସଅପ ଦଳକୁ ଟ୍ରଫି ପ୍ରଦାନ କରି ପୁରସ୍କୃତ କରିଥିଲେ।

ଜୟକୃଷ୍ଣ ଶ୍ରୀଚନ୍ଦନ, ସାଜିଦ୍ ଖାଁ, ଅର୍ଜୁନ ଭୁଜବଳ, ମଞ୍ଜୁର ଖାଁ, ଗୌଶ ଖାଁ, ସନ୍ତୋଷ ଭୁଜବଳ, ଆଲୋକ ଭୁଜବଳ ଓ ବିଶ୍ୱନାଥ ଭୁଜବଳ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ।



## ମୁଦ୍ରା ବିନିମୟ ମୂଲ୍ୟ



ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କାରେ)
- ଡଲାର ୮୯.୦୦ ● ପାଉଣ୍ଡ ୧୧୮.୭୪
- ୟୁରୋ ୧୦୩.୯୬ ● ୟେନ୍ ୦.୫୭

## ସୁନା, ରୁପା ଦର (ଟଙ୍କାରେ)




୧୦ ଗ୍ରାମ ପିଛା (୨୨ କ୍ୟାରେଟ୍)
- ସୁନା: ୧,୧୭,୦୯୦ (ନୂଆଦିଲ୍ଲୀ)
- ରୁପା : ୧,୭୩,୧୦୦ (କେଜି)



## ଷ୍ଟକ୍ ମାର୍କେଟ୍

ବଜାର କାରବାର (ପଏଣ୍ଟରେ)
- ସେନ୍‌ସେକ୍ସ ୮୫,୭୦୬.୦୦
- ନିଫ୍ଟି ୨୬,୨୦୨.୦୦



## ପେଟ୍ରୋଲ-ଡିଜେଲ୍

ଲିଟର ପିଛା (ଟଙ୍କାରେ)
- ପେଟ୍ରୋଲ୍- ୧୦୧.୨୯ (ଭୁବନେଶ୍ୱର)
- ଡିଜେଲ୍ - ୯୨.୮୦



### ଭାରତକୁ ଡବଲ ଝଟ୍‌କା ଦେଲା ଟ୍ରମ୍ପ ଶୁଳ୍କ

# ରପ୍ତାନୀ ହ୍ରାସ; ଚୀନ୍-ଜାପାନଠୁ ଅଧିକ ବୋଝ

ନୂଆଦିଲ୍ଲୀ, ୨୯।୧୧ (ଏଜେନ୍ସି): ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଲଗାଇ ଥିବା ଶୁଳ୍କ ଭାରତକୁ ବଡ଼ ଝଟ୍‌କା ଦେଇଛି। ମେ'ରୁ ଅକ୍ଟୋବର ମଧ୍ୟରେ ସିପ୍‌ମେଣ୍ଟ ୨୮.୫ ପ୍ରତିଶତ ହ୍ରାସ ପାଇଛି। କୌଣସି ଶୁଳ୍କ ଲାଗି ନ ଥିବା ସାମଗ୍ରୀର ସ୍ଥିତି ମଧ୍ୟ ଭଲ ନାହିଁ। ଏଭଳି ଉତ୍ପାଦର ରପ୍ତାନୀ ୨୫.୮ ପ୍ରତିଶତ କମିଛି। ଏହାକୁ ନେଇ ଗ୍ଲୋବାଲ ଟ୍ରେଡ ରିସର୍ଚ୍ଚ ଇନିସିଏଟିଭ (ଜିଟିଆରଆଇ) ସରକାରଙ୍କୁ ଚେତାବନୀ ଦେଇଛି। ଖୁବଶୀଘ୍ର 'ରପ୍ତାନୀ ପ୍ରୋତ୍ସାହନ ଅଭିଯାନ' ଆରମ୍ଭ କରିବାକୁ କୁହାଯାଇଛି। ଆମେରିକାର ଅତିରିକ୍ତ ଟିକସ ହଟାଇବା ପାଇଁ ପରିବେଶ ସୃଷ୍ଟି କରିବାକୁ ପରାମର୍ଶ ଦିଆଯାଇଛି। ଆମେରିକା ଶୁଳ୍କ ଭାରତକୁ ଦ୍ୱୈତ ଝଟ୍‌କା ଦେଇଛି। ଚୀନ୍ ଏବଂ ଜାପାନ ତୁଳନାରେ ଭାରତ ଉପରେ ଶୁଳ୍କର ବୋଝ ବହୁତ ଅଧିକ ରହିଛି।



କୌଣସି ଶୁଳ୍କ ଲାଗି ନ ଥିବା ଉତ୍ପାଦର ରପ୍ତାନୀରେ ମଧ୍ୟ ବଡ଼ ହ୍ରାସ ଦେଖା ଦେଇଛି। ଶୁଳ୍କ ପାଇଁ ଏପରି ସ୍ଥିତି ସୃଷ୍ଟି ହୋଇଛି। ଗତ ମେ'ରୁ ଅକ୍ଟୋବର ମଧ୍ୟରେ ଆମେରିକାକୁ ଯାଉଥିବା ଭାରତୀୟ ସିପ୍‌ମେଣ୍ଟ ୮.୮୩ ବିଲିୟନ ଡଲାର ହ୍ରାସ ପାଇ ୬.୩୧ ବିଲିୟନ ଡଲାରକୁ ଖସି ଆସିଛି। ଆମେରିକା ଏପ୍ରିଲରେ ଭାରତ ଉପରେ ୧୦ ପ୍ରତିଶତ ଶୁଳ୍କ ଲଗାଇ ଥିଲା। ଅଗଷ୍ଟରେ ଏହାକୁ ବଢ଼ାଇ ୨୫ ପ୍ରତିଶତ କରିଦିଆଯାଇଥିଲା। ସେହି ମାସ ଶେଷରେ ପୁଣି ଅତିରିକ୍ତ ଶୁଳ୍କ ଲଗାଇ ଏହାକୁ ୫୦ ପ୍ରତିଶତକୁ ଟ୍ରମ୍ପ ବୃଦ୍ଧି କରିଦେଇଥିଲେ। ସର୍ବାଧିକ ଟିକସ ଲଗା ଯାଇଥିବା ଉତ୍ପାଦ ମଧ୍ୟରେ ଭାରତୀୟ ସାମଗ୍ରୀ ସାମିଲ ରହିଛି। ଜିଟିଆରଆଇର ରିପୋର୍ଟ ଅନୁଯାୟୀ, ଆମେରିକା ଚୀନ୍ ଉପରେ ୩୦ ପ୍ରତିଶତ ଏବଂ ଜାପାନ ସାମଗ୍ରୀରେ ୧୫ ପ୍ରତିଶତ ଶୁଳ୍କ ଲଗାଇଛି।

ଏହି ଅବଧିରେ ଭାରତରୁ ଆମେରିକାକୁ ହେଉଥିବା ରପ୍ତାନୀକୁ ଜିଟିଆରଆଇ ତିନୋଟି ଶୁଳ୍କ ଶ୍ରେଣୀରେ ରଖିଛି। ପ୍ରଥମ ଶ୍ରେଣୀରେ ସ୍ମାର୍ଟଫୋନ, ଔଷଧ ଏବଂ ପେଟ୍ରୋଲିୟମ ଭଳି କୌଣସି ଶୁଳ୍କ ଲଗା ଯାଇ ନ ଥିବା ଉତ୍ପାଦ ସାମିଲ ରହିଛି। ଅକ୍ଟୋବରରେ ହୋଇଥିବା ରପ୍ତାନୀରେ ଏହାର ଅଂଶ ୪୦.୩ ପ୍ରତିଶତ ଥିଲା। ଏହା ସତ୍ତ୍ୱେ ରପ୍ତାନୀ ୨୫.୮ ପ୍ରତିଶତ କମିଛି। ମେ'ରେ ଏହା ୩.୪୨ ବିଲିୟନ ଡଲାର ଥିବାବେଳେ ଅକ୍ଟୋବରରେ ୨.୫୪ ବିଲିୟନ ଡଲାରକୁ ଖସି ଆସିଥିଲା। ଅର୍ଥାତ୍ ୮୮.୧ କୋଟି ଡଲାରର କ୍ଷତି ହୋଇଥିଲା। ଦ୍ୱିତୀୟ ଶ୍ରେଣୀରେ ସାରା ବିଶ୍ୱରେ ସମାନ ଶୁଳ୍କ ଲଗା ଯାଇଥିବା ଦ୍ରବ୍ୟ ସାମିଲ ରହିଛି। ଏଗୁଡିକ ମଧ୍ୟରେ ଲୁହା, ତମ୍ବା, ଆଲୁମିନିୟମ, ଷ୍ଟିଲ ଏବଂ ଅଟୋ ପାର୍ଟ୍ସ ସାମିଲ ରହିଛି। ଅକ୍ଟୋବର ରପ୍ତାନୀରେ ଏହାର ଭାଗ ୭.୬ ପ୍ରତିଶତ ଥିଲା। ମେ'ରେ ଏହା ୬୨.୯ କୋଟି ଡଲାର ଥିବାବେଳେ ଅକ୍ଟୋବରରେ ୪୮ କୋଟିକୁ ଖସି ଆସିଥିଲା। ଏହା ଦ୍ୱାରା


### ଶୁଳ୍କ ଲାଗି ନ ଥିବା ସାମଗ୍ରୀର ବି ସ୍ଥିତି ଖରାପ

୧୪.୯ କୋଟି ଡଲାର କ୍ଷତି ହୋଇଛି। ସେହିପରି ରତ୍ନ, ଅଳଙ୍କାର, ସୋଲାର ପ୍ୟାନେଲ, ବୟନ ଶିଳ୍ପ, ରାସାୟନିକ ଏବଂ ସାମୁଦ୍ରିକ ଖାଦ୍ୟପଦାର୍ଥ ରପ୍ତାନୀର ବଡ଼ ହ୍ରାସ ଦେଖା ଦେଇଛି। ଏହି ସବୁ ଉତ୍ପାଦରେ ୫୦ ପ୍ରତିଶତ ଶୁଳ୍କ ଲଗାଯାଇଛି। ଅକ୍ଟୋବର ରପ୍ତାନୀରେ ଏହାର ଅଂଶ ୫୨.୧ ପ୍ରତିଶତ ଥିଲା। ଏହା ସତ୍ତ୍ୱେ ରପ୍ତାନୀ ୩୧.୨ ପ୍ରତିଶତ ହ୍ରାସ ପାଇଛି। ମେ'ରେ ଏହା ୪.୭୮ ବିଲିୟନ ଡଲାର ଥିବାବେଳେ ଅକ୍ଟୋବରରେ ୩.୨୯ ବିଲିୟନ ଡଲାରକୁ ଖସି ଆସିଥିଲା। କେବଳ ୫ ମାସରେ ୧.୫ ବିଲିୟନ ଡଲାର କ୍ଷତି ହୋଇଛି।

■ ଷ୍ଟେଟ ବ୍ୟାଙ୍କରୁ ଋଣ ଠକେଇ

## ବିଏମ୍‌ଡବ୍ଲ୍ୟୁ, ମର୍ସିଡିଜ୍, ଲ୍ୟାଣ୍ଡ ରୋଭର୍ ଜବତ

ନୂଆଦିଲ୍ଲୀ, ୨୯।୧୧ (ଏଜେନ୍ସି): ଷ୍ଟେଟ ବ୍ୟାଙ୍କ ଅଫ ଇଣ୍ଡିଆ (ଏସବିଆଇ)ରୁ ଗାଡ଼ି ଋଣ ଠକେଇ ମାମଲାରେ ପ୍ରବର୍ତ୍ତନ ନିର୍ଦ୍ଦେଶାଳୟ (ଇଡି) ବଡ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିଛି। ପୁନେ ସ୍ଥିତ କାର୍ ଡିଲର ଏବଂ ଋଣ ଗ୍ରହୀତାଙ୍କ ୧୨ଟି ଘର ଏବଂ ଅଫିସରେ ଚଢ଼ଉ କରି ଅନେକ ବିଳାଶପୂର୍ଣ୍ଣ କାର ଜବତ କରାଯାଇଛି। ଏଠାରୁ ଅପରାଧର ପର୍ଦ୍ଦାଫାସ କରୁଥିବା କାଗଜପତ୍ର ମଧ୍ୟ ମିଳିଛି। ତଦନ୍ତରୁ ଜଣାପଡ଼ିଛି ଯେ ଜାଲ କାଗଜପତ୍ର ଏବଂ ବ୍ୟାଙ୍କକୁ ଠକି ଅଭିଯୁକ୍ତମାନେ ବିଳାଶପୂର୍ଣ୍ଣ କାର୍ ପାଇଁ ଋଣ ଆଣୁଥିଲେ। ଏ ନେଇ ମୁମ୍ବଇର ଇଡି ଶାଖା ପକ୍ଷରୁ ଗତ ୨୫-୨୬ ତାରିଖରେ ମନି ଲଣ୍ଡରିଂ ନିରୋଧୀ ଆଇନ (ପିଏମଏଲଏ) ଅଧିନରେ ବିଭିନ୍ନ ସ୍ଥାନରେ ଚଢ଼ଉ କରାଯାଇଥିଲା। ଏସ୍‌ବିଆଇର



ପୂର୍ବତନ ଶାଖା ପରିଚାଳକ ଅମର କୁଲକର୍ଣ୍ଣୀଙ୍କ ଘରର ମଧ୍ୟ ତଲାସୀ ନିଆଯାଇଥିଲା। ଏହି ତଦନ୍ତରୁ ଋଣ ଗ୍ରହୀତା କିଣିଥିବା ଅସ୍ଥାବର ସମ୍ପତ୍ତିର ଅନେକ କାଗଜ ପତ୍ର ମଧ୍ୟ ମିଳିଥିଲା। ବିଏମଡବ୍ଲ୍ୟୁ, ମର୍ସିଡିଜ୍, ଲ୍ୟାଣ୍ଡ ରୋଭର, ଭଲ୍‌ଭୋ ଭଳି ମହଙ୍ଗା କାର୍ ଜବତ କରାଯାଇଥିଲା। ପ୍ରଥମେ ପୁନେର ଶିବାଜୀନଗର ଥାନା ପୁଲିସ ଏବଂ ଏସିବି ଋଣ ଠକେଇକୁ ନେଇ ଏତଲା ରୁଜୁ କରିଥିଲା। ପରେ ଏହାର ତଦନ୍ତ ଭାର ଇଡି ନେଇଥିଲା। ୨୦୧୭-୧୯ ମଧ୍ୟରେ କୁଲକର୍ଣ୍ଣୀ ପୁନେର ୟୁନିଭର୍ସିଟି ରୋଡ ବ୍ରାଞ୍ଚର ମୁଖ୍ୟ ପରିଚାଳକ ଥିଲେ। ସେ ନିଜ ପଦର ଅପବ୍ୟବହାର କରି ଏସ୍‌ବିଆଇର ଅଟୋ ଲୋନ କାଉନସିଲର ଆଦିତ୍ୟ ସେଥିଆ ସହ ମିଶି ଆପରାଧିକ ଷଡ଼ଯନ୍ତ୍ର କରିଥିଲେ। ମହଙ୍ଗା ଋଣ ପାଇଁ ଅନୁମୋଦନ ଦେଇ ଏସ୍‌ବିଆଇକୁ ଠକି ଥିଲେ। ନିୟମ ଉଲ୍ଲଙ୍ଘନ କରି କୁଲକର୍ଣ୍ଣୀ ଜାଲ କାଗଜପତ୍ରରେ ବିନା ଯାଞ୍ଚରେ ଋଣ ପ୍ରଦାନ କରିଥିଲେ। ଅନେକ ଋଣରେ କାର୍ ମୂଲ୍ୟକୁ ବଢ଼ାଇ ଚଢ଼ାଇ ଦର୍ଶାଇବା ପାଇଁ ଜାଲିଆତି କରାଯାଇଥିଲା। ଏହି ଅପରାଧରେ ଋଣ ଏଜେଣ୍ଟଙ୍କଠାରୁ ମ୍ୟାନେଜରଙ୍କ ପର୍ଯ୍ୟନ୍ତ ସମସ୍ତେ ସାମିଲ ଥିଲେ ବୋଲି ଇଡି ପକ୍ଷରୁ କୁହାଯାଇଛି।

## ୩୦୦୦ ରୁ ଅଧିକ ବ୍ୟକ୍ତିଙ୍କୁ ଶୀତକାଳୀନ ସହାୟତା ଦେଲା ବେଦାନ୍ତ ଆଲୁମିନିୟମ

ସୁନ୍ଦରଗଡ଼, ୨୯।୧୧ (ଏଜେନ୍ସି): ଭାରତର ସର୍ବବୃହତ ଆଲୁମିନିୟମ ଉତ୍ପାଦନକାରୀ ବେଦାନ୍ତ ଆଲୁମିନିୟମ ସୁନ୍ଦରଗଡ ଏବଂ ଝାରସୁଗୁଡ଼ା ଜିଲ୍ଲାରେ ଶୀତ ପ୍ରକୋପରୁ ରକ୍ଷା ପାଇଁ ଲୋକଙ୍କୁ କମ୍ବଳ ବଣ୍ଟନ କରିଛି। ଜାମଖାନୀ, ଘୋଘରପଲ୍ଲୀ ଏବଂ କୁରାଲୋଇ ଗାଁର ୩୦୦୦ରୁ ଅଧିକ ଲୋକଙ୍କୁ ସହାୟତା ପ୍ରଦାନ କରାଯାଇଛି। ଏମାନଙ୍କ ମଧ୍ୟରେ ବୟସ୍କ ବ୍ୟକ୍ତି, ଗର୍ଭବତୀ ଏବଂ ସ୍ତନ୍ୟପାନ କରାଉଥିବା ମହିଳା, ଏସଏଚଜି ସଦସ୍ୟ, ମହିଳାଙ୍କ ନେତୃତ୍ୱାଧୀନ ପରିବାର ଏବଂ ଭିନ୍ନକ୍ଷମ ବ୍ୟକ୍ତି ଅନ୍ତର୍ଭୁକ୍ତ ଥିଲେ। ଏହି କାର୍ଯ୍ୟକ୍ରମକୁ କୁରାଲୋଇ ଗ୍ରାମ ପଞ୍ଚାୟତ ସରପଞ୍ଚ ସନାତନ ନାୟକ, ପିପିଲିମଲ ପଞ୍ଚାୟତ ସରପଞ୍ଚ ରଙ୍ଗାଧର ଦିଲ୍ଲା ଏବଂ ଘୋଘରପାଲି ପଞ୍ଚାୟତ ସମିତି ସଦସ୍ୟ ମାଧବ ବାରିକ ଉଦଘାଟନ କରିଥିଲେ।



ବେଦାନ୍ତ ଆଲୁମିନିୟମର ସିଇଓ ରାଜୀବ କୁମାର କହିଛନ୍ତି, 'ଛୋଟ ଛୋଟ ପିଲା, ପରିବାର ଏବଂ ସମ୍ପ୍ରଦାୟ ଆମର ସାମାଜିକ ପ୍ରଭାବ ଦୃଷ୍ଟିକୋଣର କେନ୍ଦ୍ରରେ ଅଛନ୍ତି। କମ୍ପାନୀ ସମ୍ପ୍ରଦାୟର ଆବଶ୍ୟକତା ପୂରଣ କରିଥାଏ। ଏହି ଶୀତକାଳୀନ ପ୍ରସ୍ତୁତି ଅଭିଯାନ ସେହି ପ୍ରତିବଦ୍ଧତାକୁ ଦର୍ଶାଉଛି। ବେଦାନ୍ତ ଆଲୁମିନିୟମର ଏହି ପ୍ରୟାସକୁ ସରପଞ୍ଚ ସନାତନ ନାୟକ, ମାଧବ ବାରିକ ଖୁବ ପ୍ରଶଂସା କରିଛନ୍ତି। ବେଦାନ୍ତ ଆଲୁମିନିୟମ ଶିକ୍ଷା, ସ୍ୱାସ୍ଥ୍ୟସେବା, ସ୍ଥାୟୀ ଜୀବିକା, ଗ୍ରାମୀଣ ଭିତ୍ତିଭୂମି ଏବଂ ତୃଣମୂଳ ସ୍ତରର କ୍ରୀଡା ଏବଂ ସଂସ୍କୃତି ମାଧ୍ୟମରେ ସାମାଜିକ ପ୍ରଭାବ ପଦକ୍ଷେପ ମାଧ୍ୟମରେ ଓଡ଼ିଶାରେ ପରିବର୍ତ୍ତନ ଆଣିବା ପାଇଁ ପ୍ରତିଶ୍ରୁତିବଦ୍ଧ।

## ଜାଲ୍ ଜିଏସଟି ଇନଭଏସିଂ ନେଟୱର୍କ; ୨ ଗିରଫ

ଭୁବନେଶ୍ୱର, ୨୯।୧୧ (ସମିସ): ଓଡ଼ିଶା ଏବଂ ଛତିଶଗଡ଼ ମଧ୍ୟରେ ଚାଲିଥିବା ଅନ୍ତଃରାଜ୍ୟ ଜାଲ୍ ଜିଏସଟି ଇନଭଏସିଂ ନେଟୱର୍କ ବିରୋଧରେ କଡ଼ା କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇଛି। ଜିଏସ୍‌ଟି ଗୁଇନ୍ଦା ମହାନିର୍ଦ୍ଦେଶାଳୟର ରାଉରକେଲା ଶାଖା ପକ୍ଷରୁ ଏଥିରେ ସମ୍ପୃକ୍ତ ୨ ଜଣ ବ୍ୟକ୍ତିଙ୍କୁ ଗିରଫ କରାଯାଇଛି। ଏହି ଦୁଇଜଣ କୌଣସି ସାମଗ୍ରୀ ଯୋଗାଣ ବିନା ଠକେଇ କରି ଅସ୍ତିତ୍ୱହୀନ ସେଲ୍ ଫାର୍ମଗୁଡ଼ିକର ଏକ ଶୃଙ୍ଖଳା ବନାଇ ୯୦ କୋଟିରୁ ଅଧିକ ଇନପୁଟ୍ ଟ୍ୟାକ୍ସ କ୍ରେଡିଟ୍ (ଆଇଟିସି) ହାସଲ କରିଥିଲେ। ଏହି ମାମଲାରେ ରାଇଗଡ଼, ବରମକେଲା ଏବଂ ଅନ୍ୟ ଠିକଣାରେ ଚଢ଼ଉ କରି ଡିଜିଟାଲ ରେକର୍ଡ ଓ ଜାଲ୍ କାଗଜପତ୍ର ଜବତ କରାଯାଇଛି।

## ମାଲାବାର ଗୋଲ୍ଡ ଆଣ୍ଡ ଡାଏମଣ୍ଡର 'ରୟାଲ ପୋଲ୍‌କି ଜୁଏଲାରୀ ଶୋ'

ଭୁବନେଶ୍ୱର, ୨୯।୧୧ (ଏଜେନ୍ସି): ଦେଶର ପ୍ରମୁଖ ସୁନା ଏବଂ ହୀରା ରିଟେଲ ଚେନ୍ 'ମାଲାବାର ଗୋଲ୍ଡ ଆଣ୍ଡ ଡାଏମଣ୍ଡ' ପକ୍ଷରୁ ଚନ୍ଦ୍ରଶେଖରପୁର ସ୍ଥିତ ଶୋ'ରୁମ୍‌ରେ 'ରୟାଲ ପୋଲ୍‌କି ଶୋ' ଆରମ୍ଭ କରାଯାଇଛି। ମାଲାବାର ସମସ୍ତ ପରିଚାଳନା କର୍ମଚାରୀଙ୍କ ଉପସ୍ଥିତିରେ ଓଲିଉଡ ଅଭିନେତ୍ରୀ ସୁଶ୍ରୀ ସଙ୍ଗୀତା ପଲେଇ ଶନିବାର ଏହାର ଶୁଭାରମ୍ଭ କରିଛନ୍ତି। ଏହା ଆସନ୍ତା ୭ ତାରିଖ ପର୍ଯ୍ୟନ୍ତ ଚାଲିବ। ଏହି ସ୍ୱତନ୍ତ୍ର ପ୍ରଦର୍ଶନୀରେ ପାରମ୍ପରିକ ଏବଂ ସମସାମୟିକ ଅଳଙ୍କାରର ବିସ୍ତୃତ ସମ୍ଭାରକୁ ସ୍ଥାନିତ କରାଯାଇଛି। ପ୍ରତ୍ୟେକ ଅଳଙ୍କାର ଭାରତୀୟ କଳାର ଅପୂର୍ବ ସୌନ୍ଦର୍ଯ୍ୟତାକୁ ପରିସ୍ଫୁଟ କରୁଛି। ଅତ୍ୟନ୍ତ ନିଖୁଣତାର ସହ ଏହାକୁ ପ୍ରସ୍ତୁତ କରାଯାଇଛି। ଏଠାରେ ମାଲାବାର ଏବଂ ଭିରାଜ ରୟାଲ ପୋଲକୀ ଜୁଏଲାରୀର ସ୍ୱତନ୍ତ୍ର ଅଳଙ୍କାର ଗୁଡ଼ିକୁ ଦର୍ଶକଙ୍କ ପାଇଁ ରଖାଯାଇଛି। ଏହି ଅବସରରେ ସୁନା, ଅନ୍‌କଟ ଏବଂ ଜେମ୍‌ଷ୍ଟୋନ ଜୁଏଲାରୀର ଗଢ଼ା ମଜୁରୀ ଉପରେ ୩୦ ପ୍ରତିଶତ ପର୍ଯ୍ୟନ୍ତ ରିହାତି ପ୍ରଦାନ କରାଯାଉଛି। ସେହିପରି ହୀରା ଅଳଙ୍କାରର ହୀରା ମୂଲ୍ୟ ଉପରେ ୩୦ ପ୍ରତିଶତ ଯାଏଁ ରିହାତି ଦିଆଯାଉଛି।



ମାଲାବାର ଗ୍ରୁପର ଅଧ୍ୟକ୍ଷ ଏମପି ଅହମ୍ମଦ କହିଛନ୍ତି ଯେ ଚନ୍ଦ୍ରଶେଖରପୁରରେ ଏହି ଶୋ' ଆରମ୍ଭ କରି ଏବଂ କାରିଗରୀର ସ୍ୱତନ୍ତ୍ରତାକୁ ପ୍ରଦର୍ଶନ କରୁଥିବା ଡିଜାଇନକୁ ସାମିଲ କରି ଆମେ ଉତ୍ସାହିତ। ସର୍ବୋଚ୍ଚ ଗୁଣବତ୍ତା, ଶୁଦ୍ଧତା ଏବଂ ଉଚିତ ମୂଲ୍ୟରେ ଗ୍ରାହକ ଏଠାରୁ ଅଳଙ୍କାର କ୍ରୟ କରି ପାରିବେ। ସେହିପରି ମାଲାବାର 'ୱାନ ଇଣ୍ଡିଆ ଗୋଲ୍ଡ ରେଟ ସ୍କିମ' ଏବଂ ସବୁ ଷ୍ଟୋରରେ ସମାନ ମୂଲ୍ୟର ସୁବିଧା ପ୍ରଦାନ କରୁଛି।

### ଆଇନଜୀବୀ ପୀତବାସ ହତ୍ୟା ମାମଲା

# ବିପିନକୁ ୨ଦିନିଆ ରିମାଣ୍ଡରେ ନେଲା ପୁଲିସ

ବ୍ରହ୍ମପୁର,୨୯।୧୧(ସମିସ): ଆଇନଜୀବୀ ପୀତବାସ ହତ୍ୟା ମାମଲାର ଅନ୍ୟତମ ଅଭିଯୁକ୍ତ ବିପିନ ସ୍ୱାଇଁଙ୍କୁ ପୁଲିସ ଦୁଇଦିନିଆ ରିମାଣ୍ଡରେ ନେଇ ବୈଦ୍ୟନାଥପୁର ଥାନାରେ ଜେରା କରୁଥିବା ସୂଚନା ମିଳିଛି। ଶନିବାର ରାତିରେ ତଦନ୍ତ ଅଧିକାରୀ ତଥା ଟାଉନ୍ ଏସ୍‌ଡିପିଓ ପ୍ରିୟସ ରଞ୍ଜନ ଛୋଟରାୟ ଓ ଅତିରିକ୍ତ ଏସ୍‌ପି ଆଲୋକ ଜେନା ବୈଦ୍ୟନାଥପୁର ଥାନାରେ ପହଞ୍ଚି ଅଭିଯୁକ୍ତ ବିପିନକୁ ଜେରା କରିଛନ୍ତି।

ପୁଲିସ ସୂଚନାନୁସାରେ, ପୀତବାସଙ୍କୁ ହତ୍ୟା ପାଇଁ ବହୁ ପୂର୍ବରୁ ଷଡ଼ଯନ୍ତ୍ର ହୋଇଥିଲା। ଏଥିପାଇଁ ଅଭିଯୁକ୍ତ ଉମା ବିଷୋୟୀ ସୁପାରି କିଲର ଯୋଗାଡ଼ କରିଥିଲା। ପୀତବାସଙ୍କୁ ହତ୍ୟା ପାଇଁ ପ୍ରଥମେ ବିହାରରୁ ୨ ସୁଟର ଆସିଥିଲେ ବି ଯୋଜନା ସଫଳ ନହେବାରୁ ହତ୍ୟାକାଣ୍ଡର ପ୍ଲଟ ବଦଳାଇବାକୁ ବାଧ ହୋଇଥିଲା ଉମା। ନିଜ ଗାଁ ବନ୍ଧପଲ୍ଲୀରୁ କୁରୁପତି ଭୂୟାଁ ଓ ଚିଣ୍ଟୁ ପ୍ରଧାନଙ୍କୁ ଏଥିପାଇଁ ଡାକିଥିଲା। ସେମାନେ ପୁନର୍ବାର ରେକି କରିବା ସହ ଅକ୍ଟୋବର

### ସରିଲା ରିମାଣ୍ଡ; ଜେଲ୍ ଫେରିଲେ ଶୂନ୍ୟ ଓ ସୁନିଲ



୬ତାରିଖ ରାତି ପ୍ରାୟ ୧୦ଟାରେ ପୀତବାସଙ୍କୁ ଗୁଳି କରି ହତ୍ୟା କରିଥିଲେ। ଘଟଣା ସମୟରେ ଚିଣ୍ଟୁ ବାଇକ୍ ଚଳାଉଥିବା ବେଳେ କୁରୁପତି ବନ୍ଧୁକରୁ ଗୁଳି ଫୁଟାଇ ପୀତବାସଙ୍କୁ ହତ୍ୟା କରିଥିବା ନେଇ ଏସ୍‌ପି ସାମ୍ବାଦିକ ସମ୍ମିଳନୀରେ ସୂଚନା ଦେଇଥିଲେ। ସେପଟେ ପୁଲିସ ଅଭିଯୁକ୍ତ ଶୂନ୍ୟଚନ୍ଦ୍ର ଦାସ ଓ ସୁନୀଲ ହୋତାଙ୍କୁ ଦୁଇଦିନିଆ ରିମାଣ୍ଡରେ ନେଇ ଜେରା କରିଥିଲା। ରିମାଣ୍ଡ ଅବଧି ଶେଷ ପରେ ଶନିବାର ଅପରାହ୍ନରେ ଶୂନ୍ୟ ଓ ସୁନିଲଙ୍କୁ ପୁଲିସ କୋର୍ଟରେ ହାଜର କରିଥିଲା। କୋର୍ଟରେ ହାଜର ପରେ ଜେଲକୁ ଫେରିଥିଲେ ଶୂନ୍ୟ ଓ ସୁନୀଲ। ଏପଟେ ବିପିନ ସ୍ୱାଇଁଙ୍କୁ ରିମାଣ୍ଡରେ ନେବାକୁ ପୁଲିସ ପକ୍ଷରୁ କୋର୍ଟରେ ରିମାଣ୍ଡ ଆବେଦନ ହୋଇଥିଲା। ଆବେଦନକୁ କୋର୍ଟ ଗ୍ରହଣ କରି ୨ଦିନ ରିମାଣ୍ଡ ମଞ୍ଜୁର କରିଥିବା ଜଣାପଡ଼ିଛି। ସୋମବାର ଅପରାହ୍ନରେ ବିପିନଙ୍କୁ କୋର୍ଟରେ ହାଜର କରିବାକୁ ନିର୍ଦ୍ଦେଶ ରହିଛି। ଏଯାବତ ପୁଲିସ ୮ଜଣ ଅଭିଯୁକ୍ତ ଯଥା ସୁନୀଲ ହୋତା, ଶୂନ୍ୟ ଦାସ, ମଦନ ଦଳାଇ, ମଳୟ ବିଷୋୟୀ, ଉମା ବିଷୋୟୀ, ଚିଣ୍ଟୁ ପ୍ରଧାନ, କୁରୁପତି ଭୂୟାଁ ଓ ଯୋଗୀ ରାଉତଙ୍କୁ ରିମାଣ୍ଡରେ ନେଇ ଜେରା କରିଥିବା ବେଳେ ୨ଥର ପାଇଁ କୁରୁପତି ଭୂୟାଁ, ଚିଣ୍ଟୁ ପ୍ରଧାନ, ଉମା ବିଷୋୟୀ ଓ ଯୋଗୀ ରାଉତଙ୍କୁ ପୁଲିସ ରିମାଣ୍ଡରେ ନେଇ ଜେରା କରିଥିଲା। ଏହି ମାମଲାରେ ପୁଲିସ ଆବଶ୍ୟକ ପ୍ରମାଣ ଯୋଗାଡ଼ କରିବା ପାଇଁ ଅଧିକ ତଦନ୍ତ ଜାରି ରଖିବା ବେଳେ ଗିରଫ ଅଭିଯୁକ୍ତଙ୍କ ମଧ୍ୟରୁ ଏକାଧିକଙ୍କୁ ପର୍ଯ୍ୟାୟ କ୍ରମେ ରିମାଣ୍ଡରେ ଆଣି ବୟାନ ରେକର୍ଡ କରିବା ସହ ନୂଆ ତଥ୍ୟ ସଂଗ୍ରହ କରିବାକୁ ଉଦ୍ୟମ ଜାରି ରଖିଛି।

■ ବିଡିଓଙ୍କ ମନମୁଖୀ କାର୍ଯ୍ୟ; ରଣପୁର ବ୍ଲକ୍‌ରେ ଅଚଳାବସ୍ଥା

## ବିଜେପି ସମର୍ଥିତ ଅଧ୍ୟକ୍ଷାଙ୍କ ଧାରଣା



ନୟାଗଡ଼, ୨୯।୧୧(ସମିସ): ନୟାଗଡ଼ ଜିଲ୍ଲା ରଣପୁର ପଞ୍ଚାୟତ ସମିତି ବିଜେପି ସମର୍ଥିତ ଅଧ୍ୟକ୍ଷା ନିର୍ମଳା ବେହେରା ଧାରଣା ଦେଇଛନ୍ତି। ବ୍ଲକ୍‌ରେ ସୃଷ୍ଟି ହୋଇଥିବା ଅଚଳାବସ୍ଥା, ବିଡିଓଙ୍କ ମନମୁଖୀ କାର୍ଯ୍ୟ ଓ ଫଲ୍ସ ବିଲ୍ ଅଭିଯୋଗ କରି ଅଧ୍ୟକ୍ଷାଙ୍କ ସମେତ ଅନେକ ଜନପ୍ରତିନିଧି ଧାରଣାରେ ବସିଛନ୍ତି। ଅଧ୍ୟକ୍ଷା ନିର୍ମଳା ବେହେରା ବିଜେପି ସମର୍ଥିତ। ସେ ବିଜେପି ଜିଲ୍ଲା ସଭାପତି ତାପସ କୁମାର ମାର୍ଥାଙ୍କ ପତ୍ନୀ। ବିଜେପି ସଂଗଠନରେ ଦବ୍‌ଦବା ରଖିଥିବା ଉଭୟ ପତି ଓ ପତ୍ନୀ ଧାରଣା ଦେବା ସରକାରଙ୍କ ଅପାରଗତାକୁ ପଦାକୁ ଆଣିଛି। ରଣପୁର ବ୍ଲକ୍‌ରେ ଭତ୍ତା ବଣ୍ଟନରେ ବ୍ୟାପକ ଅନିୟମିତତା କରାଯାଇଛି। ଏହାସହ ଅଯୋଗ୍ୟଙ୍କୁ ଅନ୍ତ୍ୟୋଦୟ ଗୃହ ଯୋଜନାରେ ସାମିଲ୍ କରାଯାଇଛି। ଅଧ୍ୟକ୍ଷାଙ୍କ ଅଗୋଚରରେ ଅନେକ ଉନ୍ନୟନମୂଳକ କାର୍ଯ୍ୟର ଫଲ୍ସ ବିଲ୍ ମଧ୍ୟ କରାଯାଇଛି। ନିକଟରେ କିଛି ଫର୍ଣ୍ଣିଚର୍ ନକିଣି ବିଲ୍ ମଧ୍ୟ କରାଯାଇଛି। ଏହି ଫର୍ଣ୍ଣିଚର୍ ବାବଦ ଅର୍ଥକୁ ହରିଲୁଟ୍ କରାଯାଇଥିବା ଅଭିଯୋଗ ହୋଇଛି। ବ୍ଲକ୍‌ର କୌଣସି ଫାଇଲ୍ ଅଧ୍ୟକ୍ଷାଙ୍କୁ ଦେଖାଯାଉ ନଥିବା ବେଳେ ବିଡିଓ ସ୍ଥାନୀୟ ବିଧାୟିକାଙ୍କ ସହ ସାଲିସ୍ କରି ଏଭଳି ଷଡ଼ଯନ୍ତ୍ର ଓ କେଲେଙ୍କାରୀ କରୁଥିବା ଜନପ୍ରତିନିଧିମାନେ ଅଭିଯୋଗ କରିଛନ୍ତି। ନୟାଗଡ଼ ଜିଲ୍ଲାରେ ପ୍ରଶାସନିକ ଅଧିକାରୀମାନଙ୍କ ମନମୁଖୀ କାର୍ଯ୍ୟ ଦିନକୁ ଦିନ ବୃଦ୍ଧି ପାଉଛି। ନିକଟରେ ଭାପୁର ବ୍ଲକ୍‌ରେ ଜନପ୍ରତିନିଧିମାନେ ବ୍ଲକ୍ କାର୍ଯ୍ୟାଳୟରେ ତାଲା ପକାଇଥିଲେ। ଶନିବାର ସମାନ ସ୍ଥିତି ରଣପୁର ପଞ୍ଚାୟତ ସମିତିରେ ଦେଖିବାକୁ ମିଳିଛି। ସରକାରୀ ଦଳର ଜଣେ ଅଧ୍ୟକ୍ଷା ଧାରଣା ଦେବା ଘଟଣା ଅତ୍ୟନ୍ତ ସମ୍ବେଦନଶୀଳ ବୋଲି ଆଲୋଚନା ହେଉଛି। ଖବର ପାଇ ବିଡିଓ ମନୋଜ କୁମାର ନାୟକ ଆଲୋଚନା କରିଥିବା ସୂଚନା ମିଳିଛି।

### ଆଦର୍ଶ ବିଦ୍ୟାଳୟ ପିଲାଙ୍କୁ ବୃତ୍ତି ପ୍ରଦାନରୁ ବାଦ୍ ଦେବା ପ୍ରସଙ୍ଗ

# ଗାନ୍ଧୀ ମାର୍ଗରେ ଗର୍ଜିଲା ଏଆଇଏସ୍‌ଏଫ୍

ଭୁବନେଶ୍ୱର, ୨୯ ।୧୧(ସମିସ): ଓଡ଼ିଶା ଆଦର୍ଶ ବିଦ୍ୟାଳୟ (ଓଏଭି) ଛାତ୍ରଛାତ୍ରୀଙ୍କୁ କେନ୍ଦ୍ରୀୟ ଛାତ୍ରବୃତ୍ତି ଏନ୍‌ଏମ୍‌ଏମ୍‌ଏସ୍‌ରୁ ବାଦ୍ ଦେବା ପରେ ଅଖିଳ




ଭାରତ ଛାତ୍ର ସଂଘ (ଏଆଇଏସ୍‌ଏଫ୍) ରାସ୍ତାକୁ ଓହ୍ଲାଇଛି। ସଂଘର ରାଜ୍ୟ ସଭାନେତ୍ରୀ ସଂଘମିତ୍ରା ଜେନାଙ୍କ ନେତୃତ୍ୱରେ ବିଧାନସଭା ସମ୍ମୁଖରେ ଧାରଣା ଦେଇଛନ୍ତି। ପୂର୍ବ ସୂଚନା ବ୍ୟତୀତ ଛାତ୍ରଛାତ୍ରୀଙ୍କୁ ବୃତ୍ତିରାଶିରୁ ବାଦ୍ ଦିଆଯାଇଥିବାରୁ ବହୁ ଗରିବ ମେଧାବୀ ପିଲାଙ୍କ ଭାଗ୍ୟ ଭବିଷ୍ୟ ଅନ୍ଧାରକୁ ଠେଲି ହୋଇ ଯାଇଥିବା ଅଭିଯୋଗ ହୋଇଛି।

ଉଭୟ ରାଜ୍ୟ ଓ କେନ୍ଦ୍ରରେ ଡବଲ ଇଞ୍ଜିନ୍ ସରକାର ଅଛି। ହେଲେ ଓଏଭିରେ ସିବିଏସ୍‌ଇ ପାଠ୍ୟକ୍ରମ ପଢୁଥିବା ରାଜ୍ୟର ଗରୀବ ମେଧାବୀ ପିଲାଙ୍କ ବୃତ୍ତିରାଶି ଦ୍ୱିଗୁଣିତ ହେବା ପରିବର୍ତ୍ତେ ଶୂନ କରିଦେବା ଦୁର୍ଭାଗ୍ୟଜନକ। ଏହା ସରକାରଙ୍କ ଛାତ୍ର ବିରୋଧି ନୀତିକୁ ପଦାରେ ପକାଇଥିବା ରାଜ୍ୟ ସଭାନେତ୍ରୀ ଶ୍ରୀମତୀ ଜେନା ଅଭିଯୋଗ କରିଛନ୍ତି। ସେ ଆହୁରି କହିଛନ୍ତି ଯେ, ଛାତ୍ରବୃତ୍ତି ପ୍ରସଙ୍ଗରେ ସରକାର ସ୍ପଷ୍ଟିକରଣ ଦିଅନ୍ତୁ। କାରଣ ଦେଶର ସମସ୍ତ ସିବିଏସ୍‌ଇ ବିଦ୍ୟାଳୟର ଛାତ୍ରଛାତ୍ରୀମାନେ ଏହି ବୃତ୍ତି ପାଇଁ ଆବେଦନ କରୁଥିବାବେଳେ ଆଦର୍ଶ ବିଦ୍ୟାଳୟରେ ପଢୁଥିବା ଛାତ୍ରଛାତ୍ରୀ ଏଥିରୁ ବଞ୍ଚିତ ହୋଇଛନ୍ତି। ଏହା ଉଦ୍ଦେଶ୍ୟମୂଳକ। ପ୍ରାଥମିକ ଭାବେ ବୃତ୍ତି ଆବେଦନରୁ ବାଦ୍ ଦିଆଯାଇଥିବାବେଳେ ପର୍ଯ୍ୟାୟକ୍ରମେ ଓଏଭିକୁ ସମ୍ପୂର୍ଣ୍ଣ ବନ୍ଦ କରିବାକୁ ଏହା ସୁଚିନ୍ତିତ ଷଡଯନ୍ତ୍ର।

ଚଳିତ ଶିକ୍ଷାବର୍ଷରୁ ହିଁ ଛାତ୍ରଛାତ୍ରୀଙ୍କୁ ଆବେଦନ ପାଇଁ ସୁଯୋଗଦେବାକୁ ଦାବି କରିବା ସହ ଖାରଜର କାରଣ ସମ୍ପର୍କରେ ମଧ୍ୟ ସ୍ପଷ୍ଟିକରଣ ରଖିବାକୁ ସଂଗଠନ ପକ୍ଷରୁ ଦାବି କରାଯାଇଛି। ଏକ ୫ ଜଣିଆ ପ୍ରତିନିଧି ଦଳ ବିଭାଗୀୟ ସ୍ୱତନ୍ତ୍ର ସଚିବଙ୍କୁ ଭେଟି ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଦାବିପତ୍ର ପ୍ରଦାନ କରିଛନ୍ତି। ଏଥିପ୍ରତି ତ୍ୱରିତ ପଦକ୍ଷେପ ନିଆ ନ ଗଲେ ରାଜ୍ୟରେ ଛାତ୍ର ଆନ୍ଦୋଳନକୁ ବ୍ୟାପକ କରାଯିବ ବୋଲି ଚେତୋବନୀ ଦିଆଯାଇଛି। ଏହି ଧାରଣାରେ ଛାତ୍ର ନେତା ପପୁ ରାଉତଙ୍କ ସମେତ ଏକତା ଚୌଧୁରୀ, ଲିଲି ସାମଲ, ସାଗର ପ୍ରଧାନ ଓ ଅମିତ ସାମନ୍ତରାୟଙ୍କ ସହ ବହୁ ଛାତ୍ରଛାତ୍ରୀ ସାମିଲ ଥିଲେ।

## ବନ୍ତ ପଞ୍ଚାୟତ ସମିତି ଅଧ୍ୟକ୍ଷ ଦଳରୁ ନିଲମ୍ବିତ

ଭୁବନେଶ୍ୱର, ୨୯।୧୧(ସମିସ): ଭଦ୍ରକ ଜିଲ୍ଲା ବନ୍ତ ପଞ୍ଚାୟତ ସମିତି ଅଧ୍ୟକ୍ଷ ମନୋରଞ୍ଜନ ଘଡ଼େଇ ବିଜେଡିରୁ ନିଲମ୍ବିତ ହୋଇଛନ୍ତି। ଦଳ ବିରୋଧୀ କାର୍ଯ୍ୟରେ ଲିପ୍ତ ଥିବା କାରଣରୁ ଶ୍ରୀ ଘଡ଼େଇଙ୍କ ବିରୋଧରେ ଉପରୋକ୍ତ କାର୍ଯ୍ୟାନୁଷ୍ଠାନ ନିଆଯାଇଛି। ବିଜେଡି ମୁଖ୍ୟାଳୟ ଶଙ୍ଖ ଭବନରୁ ଏନେଇ ନିର୍ଦ୍ଦେଶନାମା ଜାରି କରାଯାଇଛି।

### ହଟିଲା ସାମାଜିକ ବାସନ୍ଦ

## ଅତିରିକ୍ତ ତହସିଲଦାରଙ୍କ ପରିବାର କୁଳରେ ସାମିଲ

ଛତ୍ରପୁର,୨୯ ।୧୧(ସମିସ): ସବୁ ବାଦବିବାଦ ପରେ ଶେଷରେ କୈବର୍ତ୍ତ କୁଳ ସମାଜ ମୁଣ୍ଡ ନୁଆଁଇଛି। ବାସନ୍ଦ ଆସିକା ଅତିରିକ୍ତ ତହସିଲଦାର ସୌଦାଗର ବେହେରାଙ୍କ ପରିବାରକୁ କୁଳରେ ସାମିଲ ହେବା ନିମନ୍ତେ କୁଳ ସମାଜର କର୍ମକର୍ତ୍ତା ରାଜି ହୋଇଛନ୍ତି। ଶନିବାର ଛତ୍ରପୁର ଥାନାରେ ପୁଲିସ, କୁଳ ସମାଜର କର୍ମକର୍ତ୍ତା ଓ ତହସିଲଦାରଙ୍କ ପରିବାରଙ୍କ ମଧ୍ୟରେ ଏକ ତ୍ରିପାକ୍ଷିକ ବୈଠକ ବସି ସମାଧନ ହୋଇଛି। ବୈଠକର ନିଷ୍ପତ୍ତି ପ୍ରକାରେ କୈବର୍ତ୍ତ କୁଳ ସମାଜ ସହ ଅତିରିକ୍ତ ତହସିଲଦାରଙ୍କ ପରିବାର ମିଳିମିଶି ଚଳିବେ। ଏଥିରେ କୌଣସି ବାଧାବିଘ୍ନ ଆଉ ରହିବ ନାହିଁ। ଏନେଇ ଛତ୍ରପୁର ଥାନା ଅଧିକାରୀଙ୍କ ଉପସ୍ଥିତିରେ କୁଳ ସମାଜର କର୍ମକର୍ତ୍ତା ଲିଖିତ ଭାବେ ଜଣାଇଥିଲେ। ଆଗକୁ କୌଣସି ପରିବାରକୁ ମଧ୍ୟ ଏଭଳି ହଇରାଣ କରାଯିବ ନାହିଁ ବୋଲି କୁଳ ସମାଜ ପକ୍ଷରୁ କୁହାଯାଇଥିଲା। ଏହାସହ ଗୁରୁବାର କୁଳ ସମାଜର ୯ଜଣଙ୍କ ବିରୋଧ ରୁଜୁ ହୋଇଥିବା ମାମଲାକୁ ଥାନା ପକ୍ଷରୁ ରଦ୍ଦ କରାଯାଇଛି।

ଅନ୍ୟପକ୍ଷରେ, ଛତ୍ରପୁର ବ୍ଲକ ମୁନିଷିପେଣ୍ଠ ଗ୍ରାମର ଅର୍ଜୁନ ବେହେରା କହିଛନ୍ତି, ଅଢ଼େଇ ବର୍ଷ ହେଲା ତାଙ୍କ ପରିବାରକୁ ମଧ୍ୟ ବାସନ୍ଦ କରାଯାଇଛି। ଆଜି ଜଣେ ଓଆର୍‌ଏସ୍ ଅଧିକାରୀଙ୍କ ପରିବାରକୁ କୁଳରୁ ବାସନ୍ଦ କରାଗଲା ବୋଲି ପ୍ରଶାସନ ତଥା ପୁଲିସ ପକ୍ଷରୁ ତ୍ୱରିତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇଛି। କିନ୍ତୁ ମୋର ପୁଅ ପ୍ରଦୀପ କୁମାର ବେହେରା ଜଣେ କେନ୍ଦ୍ର ସରକାରଙ୍କ ଦ୍ୱାରା ପରିଚାଳିତ ଏକ କମ୍ପାନୀର ନିର୍ବାହୀ ଯନ୍ତ୍ରୀ ହୋଇଥିବା ବେଳେ ମୋର ବୋହୂ ସାଧାରଣ ପ୍ରଶାସନିକ ବିଭାଗର ସେକ୍ସନ୍ ଅଫିସର ଭାବେ କାର୍ଯ୍ୟ କରୁଛନ୍ତି। ମୋର ପୁଅ ତାଙ୍କୁ ଅଢ଼େଇ ବର୍ଷ ତଳେ ବିବାହ କରିଥିଲେ। ମୋ ବୋହୂ ଆମ ଜାତିର ନଥିଲେ ବୋଲି କୈବର୍ତ୍ତ କୁଳ ସମାଜ ଆମ ପରିବାରକୁ ବାସନ୍ଦ କରିଥିଲେ। ସେତେବେଳେ ମୁଁ ବହୁତ ଅନୁରୋଧ କରିଥିଲି ଯେ, ମୋତେ କୁଳରେ ସାମିଲ କରାଯାଉ। କିନ୍ତୁ ପ୍ରଶାସନ ପକ୍ଷରୁ କୌଣସି କାର୍ଯ୍ୟାନୁଷ୍ଠାନ ନିଆଯାଇନଥିଲା। ଏଣୁ ଉପରୋକ୍ତ ବିଚାର ଅନୁସାରେ ଆମ ପରିବାରକୁ ମଧ୍ୟ କୁଳ ସମାଜରେ ସାମିଲ କରିବାକୁ ସମ୍ପୃକ୍ତ ଯନ୍ତ୍ରୀଙ୍କ ବାପା ଅର୍ଜୁନ ବେହେରା ଦାବି କରିଛନ୍ତି।



# ସେନ୍ସର ପ୍ରତୀକ୍ଷାରେ 'ଅପେକ୍ଷା'

## ଆକର୍ଷିତ କରିବ ହ୍ୟୁମାନଙ୍କ ଗୀତ

ନୂଆ ଓଡ଼ିଆ ଚଳଚ୍ଚିତ୍ର 'ଅପେକ୍ଷା'ର ପ୍ରଯୋଜକ ଡ. କେ. ତମନ୍ନା. ସେନ୍ସର ଅପେକ୍ଷାରେ ଅଛନ୍ତି। ନୂଆପିଢ଼ିର ନାୟକ ସାର୍ଥକ ଏବଂ ନାୟିକା ଶୁଭାଙ୍ଗୀଙ୍କୁ ଏଥିରେ ଦେଖିବାକୁ ମିଳିବ। ପୂର୍ବରୁ ଡ. କେ ତମନ୍ନା ଅନେକ ତେଲୁଗୁ ଚଳଚ୍ଚିତ୍ର କରିସାରିଛନ୍ତି। ଓଡ଼ିଆରେ 'କଟକ ୱେଡ୍ସ ସମ୍ବଲପୁର' ଏବଂ 'ମହାବାହୁ' ପରି ଚଳଚ୍ଚିତ୍ର ଯୁଗ୍ମ ପ୍ରଯୋଜକ ଭାବେ ନିର୍ମାଣ କରିଥିଲେ। ଏବେ ନିଜସ୍ୱ ବ୍ୟାନର Studio 3Sixty5 ରେ ପ୍ରଯୋଜିତ 'ଅପେକ୍ଷା'ର ସେନ୍ସର ପାଇଁ ଅପେକ୍ଷା କରିଛନ୍ତି। ସମସ୍ତ କଳାକାର ଓ ନିର୍ଦ୍ଦେଶକ ଏ ଫିଲ୍ମ ପାଇଁ ଢେର୍ ପରିଶ୍ରମ ମଧ୍ୟ କରିଛନ୍ତି। ତେବେ ଫିଲ୍ମଟି ରିଲିଜ୍ ହେଲେ ଓଡ଼ିଆ ଚଳଚ୍ଚିତ୍ର ଜଗତରେ ନୂଆ କଳାକାର, ନିର୍ଦ୍ଦେଶକଙ୍କ ପରିଚୟ ଓ ପ୍ରତିଷ୍ଠା ନିଶ୍ଚୟ ବଢ଼ିବ। ଏହି ସିନେମାରେ ଚୌଧୁରୀ ବିକାଶ ଦାସ, ପ୍ରଦୀପ ଦେବତା, ପୁଷ୍ପା ପଣ୍ଡା, ଶକ୍ତି ବରାଳ, ଗୁଡ୍ଡୁ ପ୍ରମୁଖ ଅଭିନୟ କରିଛନ୍ତି। ନିର୍ଦ୍ଦେଶନା ଦେଇଛନ୍ତି ଆନନ୍ଦ କୁମାର, ସଂଗୀତ ନିର୍ଦ୍ଦେଶନାରେ ଅଛନ୍ତି ବୈଦ୍ୟନାଥ ଦାଶ। କାହାଣୀ ଓ ସଂଳାପ ଆଶୁତୋଷ ବାରିକ ଲେଖିଥିବାବେଳେ ନିର୍ମଳ ନାୟକ ଏବଂ ଅରୁଣ ମନ୍ତ୍ରୀ ଗୀତ ରଚନା କରିଛନ୍ତି। ଗୀତଗୁଡ଼ିକରେ କଣ୍ଠଦାନ କରିଛନ୍ତି ହ୍ୟୁମାନ ସାଗର, ଅସୀମା ପଣ୍ଡା, ଚିରାଗ, ଇପ୍ସିତା ସାହୁ ଓ ଉମାକାନ୍ତ ବାରିକ। ସିନେମାର ରୋମାଣ୍ଟିକ୍ ଦୃଶ୍ୟ ସହିତ ପ୍ରେତାତ୍ମାର ଦୌରାତ୍ମ୍ୟ ଓ ହ୍ୟୁମାନ ସାଗରଙ୍କ ଗୀତଗୁଡ଼ିକ ଦର୍ଶକଙ୍କୁ ଆକର୍ଷିତ କରିବ ବୋଲି ଆଶା କରାଯାଏ। ■

ଡିସେମ୍ବର ୩୧ରେ ରିଲିଜ୍

# 'ଲଢ଼େଇ'କୁ 'ଏ' ସାର୍ଟିଫିକେଟ୍



ସେନ୍ସର ସାର୍ଟିଫିକେଟ ନ ମିଳିବା କାରଣରୁ ନିର୍ଦ୍ଧାରିତ ତାରିଖରେ ଓଡ଼ିଆ ସିନେମା 'ଲଢ଼େଇ' ମୁକ୍ତିଲାଭ କରିପାରି ନଥିଲା। ତେବେ ଏହାକୁ 'ଏ' ସାର୍ଟିଫିକେଟ ମିଳିବା ସହ ଡିସେମ୍ବର ୩୧ ତାରିଖରେ ଏହା ମୁକ୍ତିଲାଭ କରିବ ବୋଲି ପ୍ରଯୋଜନା ସଂସ୍ଥା ଡିଆର୍ଏସ୍ ଏଣ୍ଟରପ୍ରାଇଜେସ୍ ପକ୍ଷରୁ ପୁନର୍ବାର ଘୋଷଣା କରାଯାଇଛି। ଏହି ଚଳଚ୍ଚିତ୍ର ଜରିଆରେ ନବାଗତ ନାୟକ ଲୋହିତାକ୍ଷ ଚଳଚ୍ଚିତ୍ର ଜଗତରେ ପଦାର୍ପଣ କରୁଛନ୍ତି। ଜବରଦସ୍ତ ଲୁକ୍ ଓ ଷ୍ଟାଇଲ୍ ଷ୍ଟେଟମେଣ୍ଟ ସହିତ ଫିଲ୍ମରେ ନଜର ଆସିବେ ଲୋହିତାକ୍ଷ। ଅଶୋକ ପତିଙ୍କ ନିର୍ଦ୍ଦେଶିତ ତଥା ଦେବାଶିଷ ପଟ୍ଟନାୟକଙ୍କ ପ୍ରଯୋଜିତ 'ଲଢ଼େଇ'ରେ ତାଙ୍କ ବିପକ୍ଷରେ ନାୟିକା ସାଜୁଛନ୍ତି ନବାଗତା ଅଭିଲିପ୍ସା। 'ଲଢ଼େଇ' ଏକ ବଳିଷ୍ଠ, ମୌଳିକ ଓ ଭିନ୍ନ ଧରଣର କଥାବସ୍ତୁ ଉପରେ ପର୍ଯ୍ୟବସିତ। ଏହାର କାହାଣୀ, ଚିତ୍ରନାଟ୍ୟ ଓ ସଂଳାପ ରଚନା କରିଛନ୍ତି ଭରଦ୍ୱାଜ ପଣ୍ଡା। ଲୋହିତାକ୍ଷ ଓ ଅଭିଲିପ୍ସାଙ୍କ ବ୍ୟତୀତ ଅନ୍ୟାନ୍ୟ ଚରିତ୍ରରେ ପ୍ରୀତିରଞ୍ଜନ, କେକେ, ବିଭାସ, ଉଦିତ ଗୁରୁ, ସୋମେଶ, ମଧୁ, ସ୍ମିତା ଚୌଧୁରୀ, ମନୋଜ ଦଣ୍ଡପାଟ, ରାଜଲକ୍ଷ୍ମୀ ଡାକୁଆ, ରବି ନାରାୟଣ ବେହେରା, ସୁଶାନ୍ତ, ରାଜଲକ୍ଷ୍ମୀ ମହାପାତ୍ର ଓ ଅଶୋକ ପଟ୍ଟନାୟକଙ୍କୁ ଦେଖିବାକୁ ମିଳିବ। ଏହାର ସଙ୍ଗୀତ ଦେଇଛନ୍ତି ଗୌରବ ଆନନ୍ଦ ଓ ସୋମେଶ ଶତପଥି। ଡ. ନିର୍ମଳ ନାୟକ, ବାପୁ ଗୋସ୍ୱାମୀ ଓ ଜେ. ପି ୱାର୍ଡସ୍ମିଥଙ୍କ ଦ୍ୱାରା ରଚିତ ଗୀତଗୁଡ଼ିକରେ କଣ୍ଠ ଦାନ କରିଛନ୍ତି କୁଳଦୀପ ପଟ୍ଟନାୟକ, ଅସୀମା ପଣ୍ଡା, ଅନ୍ତରା ଚକ୍ରବର୍ତ୍ତୀ, ସ୍ୱୟଂ ପ୍ରଭାସ ପାଢ଼ୀ, ଅନନ୍ୟା ଶ୍ରୀତମ ନନ୍ଦ, ସୌରଭ ଭରଦ୍ୱାଜ, ଗୌରବ ଆନନ୍ଦ ଓ ସୋମେଶ ଶତପଥୀ ପ୍ରମୁଖ ସମସ୍ତ ଆଗଧାଡ଼ିର କଣ୍ଠଶିଳ୍ପୀ। ରାପର ଆଡିକ୍ସନଙ୍କ ଦ୍ୱାରା ଶୀର୍ଷକ ଗୀତରେ ଏକ ଚମତ୍କାର ରାପ୍ ମଧ୍ୟ ସଂଯୋଜିତ ହୋଇଛି। ଚଳଚ୍ଚିତ୍ରରେ ସମୁଦାୟ ୪ଟି ଗୀତ ସ୍ଥାନିତ ହୋଇଛି। ନୃତ୍ୟ ନିର୍ଦ୍ଦେଶନା ଦେଇଛନ୍ତି ଅମିତ। 'ଲଢ଼େଇ' ସାରା ଓଡ଼ିଶାରେ ପାଖାପାଖି ୫୦ଟି ପ୍ରେକ୍ଷାଳୟରେ ମୁକ୍ତିଲାଭ କରୁଥିବା ବେଳେ ରାଜ୍ୟ ବାହାରେ ମୁମ୍ବାଇ, ଗୋଆ, ପୁନେ, ହାଇଦ୍ରାବାଦ ଓ ବେଙ୍ଗାଲୁରୁରେ ମଧ୍ୟ ମୁକ୍ତିଲାଭ କରିବାର ଯୋଜନା ରହିଛି। ■



# ଆଇଟମ୍ ଗୀତରେ ସୂର୍ଯ୍ୟମୟୀ

ନାୟିକାମାନେ ଆଇଟମ୍ ଗୀତରେ ଅଭିନୟ କରିବା କିଛି ନୂଆ କଥା ନୁହେଁ। କିନ୍ତୁ ଅଭିନେତ୍ରୀ ସୂର୍ଯ୍ୟମୟୀ ଏକ ଆଇଟମ୍ ଗୀତରେ ଅଭିନୟ କରିଛନ୍ତି। ଯାହାକୁ ନେଇ ଏବେ ଖୁବ୍ ଚର୍ଚ୍ଚା ହେଉଛି। ଫିଲ୍ମ 'ରକ୍ତ ଗୋଲାପ'ରେ ରହିଛି ଏହି ଚର୍ଚ୍ଚିତ ଆଇଟମ୍ ଗୀତ। ସମ୍ବଲପୁରୀ ଫ୍ଲେବର୍ ସାଙ୍ଗକୁ ସୂର୍ଯ୍ୟମୟୀଙ୍କ ଠୁମକା ଦର୍ଶକଙ୍କ ମନ କିଣି ନେବ ନିଶ୍ଚୟ। 'ପାତଲ ଘଣ୍ଟା...' ଶୀର୍ଷକ ଏ ଗୀତଟିକୁ ରଚନା କରିଛନ୍ତି ରଞ୍ଜନ ନାୟକ। ସଙ୍ଗୀତ ଦେଇଛନ୍ତି ଆଶିଷ ପ୍ରଧାନ। ଅସୀମା ପଣ୍ଡା କଣ୍ଠଦାନ କରିଛନ୍ତି। ନୃତ୍ୟ ନିର୍ଦ୍ଦେଶନା ଦେଇଛନ୍ତି ଅମିତ। ଏହି ଗୀତ ଏବଂ ଏଥିରେ ସୂର୍ଯ୍ୟମୟୀଙ୍କ ଉପସ୍ଥିତି ଚଳଚ୍ଚିତ୍ର ପାଇଁ ୟୁଏସ୍ଏସ୍ପି ସାଜିବ ବୋଲି କୁହାଯାଉଛି। ■

ଟେଲିଭିଜନ ପ୍ରିମିୟର

# 'ବୋହୂ ୪୨୦'

ନଭେମ୍ବର ୩୦ ତାରିଖ ସନ୍ଧ୍ୟା ୬ଟା ୩୦ରେ ଜୀ ସାର୍ଥକରେ ଟେଲିଭିଜନ ପ୍ରିମିୟର୍ ହେବ 'ବୋହୂ ୪୨୦'। 'ଆଦି ଲକ୍ଷ୍ମୀ ଏଣ୍ଟରଟେନମେଣ୍ଟ' ପ୍ରସ୍ତୁତ ତଥା ଅର୍ଦ୍ଧେନ୍ଦୁ ସୁନ୍ଦର ସାହୁଙ୍କ ଦ୍ୱାରା ନିର୍ମିତ ଏବଂ ରାଶେସ ମହାନ୍ତିଙ୍କ ନିର୍ଦ୍ଦେଶିତ ଏହି ଫିଲ୍ମଟିରେ ସସପେନ୍ସ, ଥ୍ରୀଲର ସହ ସାମାଜିକ ପ୍ରାସଙ୍ଗିକତାର ଏକ ଆକର୍ଷଣୀୟ ମିଶ୍ରଣ ରହିଛି। 'ବୋହୂ ୪୨୦' ହେଉଛି କସ୍ତୁରୀ ନାମକ ଜଣେ ଝିଅର ରୋମାଞ୍ଚକର ଜୀବନ ଯାତ୍ରାକୁ ନେଇ ଏକ ସୁନ୍ଦର କାହାଣୀ। ଫିଲ୍ମରେ ନିକିତା ମିଶ୍ର ଏବଂ ଜ୍ୟୋତି ପ୍ରକାଶ ପଣ୍ଡା ମୁଖ୍ୟ ଭୂମିକାରେ ଅଭିନୟ କରିଛନ୍ତି। ପୁଷ୍ପା ପରିଡ଼ା, ସତ୍ୟ ରଂଜନ ବଳ ଏବଂ ଉମାକାନ୍ତ ନାୟକଙ୍କ ଲିଖିତ ଗୀତ ଗୁଡ଼ିକକୁ ସଙ୍ଗୀତରେ ସଜାଇଛନ୍ତି ଶାନ୍ତନୁ ନାୟକ ଓ କଣ୍ଠ ଦାନ କରିଛନ୍ତି ଚିରାଗ ଦୀପ, ଅଭିଜିତ୍, ଗୀତିଶ୍ରୀ, ପ୍ରିୟମ୍ବଦା ଓ ଅରୁତୋଷ। କାହାଣୀ ଲେଖିଛନ୍ତି ପ୍ରିୟବ୍ରତ ପଣ୍ଡା। ■



ସାକ୍ଷାତ୍କାର

# "ସିନେମାରେ ଅଭିନୟ କରିବାର ଲକ୍ଷ୍ୟ ରହିଛି"

ରୋମ୍ୟାଞ୍ଜଳି, ଅଭିନେତ୍ରୀ



ଭାରତୀୟ ସେନାରେ ଯୋଗ ଦେବାକୁ ସେ ସ୍ୱପ୍ନ ଦେଖିଥିଲେ। ଏନ୍ସିସିରେ ଭାଗ ନେଉଥିଲେ। ଫାଙ୍କା ସମୟ ଦେଖି ଟିକ୍ଟକ୍‌ରେ ଭିଡିଓ ତିଆରି କରିବା ଆରମ୍ଭ କଲେ। ଟିକ୍ଟକ୍‌ରେ ତାଙ୍କର ପ୍ରଶଂସକଙ୍କ ସଂଖ୍ୟା ଅଧିକ ଥିଲା। ସୌଭାଗ୍ୟବଶତଃ ଟିକ୍ଟକ୍ ଯୋଗୁଁ ତାଙ୍କୁ ମ୍ୟୁଜିକ୍ ଭିଡ଼ିଓରେ କାମ କରିବାକୁ ସୁଯୋଗ ମିଳିଥିଲା। ବର୍ତ୍ତମାନ ଆଲବମ୍ ଜଗତର ଜଣେ ଜଣାଶୁଣା ନାୟିକା ହେଉଛନ୍ତି ଢେଙ୍କାନାଳ ଜିଲ୍ଲାର ଭୁବନର ରୋମ୍ୟାଞ୍ଜଳି। ସେ ପ୍ରାୟ ୧୫୦ରୁ ଊର୍ଦ୍ଧ୍ୱ ମ୍ୟୁଜିକ୍ ଭିଡ଼ିଓରେ କାମ କରିଛନ୍ତି। ତାଙ୍କ ଅଭିନୀତ 'ରସ ଜାମୁଡ଼ାଳି', 'ସେଦିନୁ ମୁଁ ହୁନୁ ହୁନୁ', 'ଧାକୁଲୁ ଧାକୁଲୁ ହାର୍ଟ', 'ରଙ୍ଗବତୀ ନାଚ', 'ପରଦେଶୀୟା ରାଜା', 'ମତେ ବୁଲେଇ ନେବୁ କି ସମ୍ବଲପୁର' ଆଦି ମ୍ୟୁଜିକ୍ ଭିଡ଼ିଓ ଦର୍ଶକଙ୍କ ହୃଦୟକୁ ଅଧିକ ଛୁଇଁଥିଲା। ରୋମ୍ୟାଞ୍ଜଳିଙ୍କ ନୃତ୍ୟ ଓ ଅଭିନୟ ଯାତ୍ରା ସଂପର୍କରେ ଜାଣିବା ତାଙ୍କରି ମୁହଁରୁ।

**କଳା ଦୁନିଆକୁ କାହିଁକି ବାଛିଲେ?**

ଛୋଟ ବେଳୁ ମୋର ଇଚ୍ଛା ଥିଲା ମୁଁ ଭାରତୀୟ ସେନାରେ ଯୋଗ ଦେବି। ସ୍କୁଲରୁ କଲେଜ ଏନ୍ସିସିରେ ଭାଗ ନେଉଥିଲି। ପ୍ରତିଯୋଗିତାମୂଳକ ପରୀକ୍ଷା ପାଇଁ ବି ପଢ଼ା ଚାଲିଥିଲା। ୨୦୨୦ ମସିହାରେ ଟିକ୍ଟକ୍‌ରେ ଭିଡିଓ ବନାଇବା ଆରମ୍ଭ କରିଲି। ମୋ ଭିଡିଓ ଅନେକଙ୍କୁ ପସନ୍ଦ ଆସିଲା। ଏହା ପରେ ଯେତେବେଳେ ଟିକ୍ଟକ୍ ବ୍ୟାନ୍ ହୋଇଗଲା ସେତେବେଳକୁ ପ୍ରେମ ଦର୍ଶନ ପକ୍ଷରୁ ମୋତେ ମ୍ୟୁଜିକ୍ ଆଲବମ୍ କରିବାକୁ ସୁଯୋଗ ମିଳିଲା। 'ଦେଖିଛୁ ତ ପ୍ରେମ ମୋର ଏବେ ଘୃଣା ଦେଖିବୁ' ମୋର ପ୍ରଥମ ମ୍ୟୁଜିକ୍ ଭିଡିଓ। ପ୍ରଥମ ଥର କ୍ୟାମେରାକୁ ସାମ୍ନା କରିବା ସମୟରେ ଟିକେ ନର୍ଭସ ଥିଲି। ଏହି ମ୍ୟୁଜିକ୍ ଭିଡିଓ ମୋ କ୍ୟାରିୟରର ଟର୍ଣ୍ଣିଂ ପଏଣ୍ଟ। ୧୫୦ରୁ ଊର୍ଦ୍ଧ୍ୱ ମ୍ୟୁଜିକ୍ ଭିଡ଼ିଓରେ କାମ କରିଛି।

**ରିଆଲିଟି ଶୋ'ରେ ନଜର ଆସୁଛନ୍ତି, ଏହାର କାରଣ କ'ଣ?**

ଅନେକ ମ୍ୟୁଜିକ୍ ଭିଡିଓରେ କାମ କଲା ପରେ ଦର୍ଶକଙ୍କ ସହିତ ସିଧାସଳଖ ଯୋଡ଼ି ରହିବାକୁ ରିଆଲିଟି ଶୋ'ରେ ଭାଗ ନେଉଛି। ତରଙ୍ଗ ଏବଂ ଜୀ ସାର୍ଥକ ଚ୍ୟାନେଲର 'ଡ୍ୟାନ୍ସ ଓଡ଼ିଶା ଡ୍ୟାନ୍ସ' ଏବଂ 'କିଚେନ୍ ହଙ୍ଗାମା'ରେ ଭାଗ ନେଇ ମୁଁ ମୋର ଅନ୍ତର୍ନିହିତ କଳା ଦେଖାଇବାକୁ ପ୍ରୟାସ କରୁଛି। ମୋ ପରି ଅନେକ ତାରକା ଏଥିରେ ଭାଗ ନେଇ ନୃତ୍ୟ, ଭାବଭଙ୍ଗୀ, ଗୋଟେ ଚରିତ୍ର ଭିତରେ କେମିତି ପଶି ହେବ ସେ ସବୁକୁ ଶିଖିପାରୁଛୁ।

**ସଫଳତାର ଶ୍ରେୟ କାହାକୁ ଦେବେ?**

ମୋ ପରିବାର ଆଉ ପ୍ରେମ ଦର୍ଶନକୁ। ମୁଁ ସବୁବେଳେ କାମର ପାର୍ଟନରକୁ ଦେଖେ। ଗୁରୁଜନଙ୍କ କଥାକୁ ଗ୍ରହଣ କରେ। ଭଲ ମନ୍ଦ କ'ଣ ତାହାକୁ ଗଭୀର ଭାବେ ଚିନ୍ତା କରେ। ଦର୍ପଣ ସାମ୍ନାରେ ଅଭ୍ୟାସ କରେ। ଗୋଟେ କଥା କହିବି ଏହି ଲାଇନ୍ କାମ କରିବାରେ ମୋତେ ଗୋଟେ ପ୍ରକାର ଖୁସି ମିଳେ।

**ସୁଟିଂ ନ ଥିଲେ କ'ଣ କରନ୍ତି?**

ଘରେ ଆରାମ କରେ। ପଢ଼ାପଢ଼ି କରିବାକୁ ଭଲ ପାଏ। ନାଚେ। ସ୍ୱାଦିଷ୍ଟ ଖାଦ୍ୟ ବନାଏ ଆଉ ଖୁଆଏ।

**ବଡ଼ ପରଦାରେ କାମ କରିବାକୁ ଆଗ୍ରହ ରହିଛି କି?**

ପ୍ରତ୍ୟେକ କଳାକାରଙ୍କ ପରି ମୁଁ ମଧ୍ୟ ଗୋଟିଏ ପାହାଚରୁ ଆଉ ଗୋଟିଏ ପାହାଚକୁ ଅତିକ୍ରମ କରିବାକୁ ଇଚ୍ଛା ରଖିଛି। ଆଗକୁ ଧାରାବାହିକ କିମ୍ବା ବଡ଼ ପରଦାରେ ନିଜକୁ ଦେଖିବାକୁ ଲକ୍ଷ୍ୟ ରଖିଛି।

**ରୋମ୍ୟାଞ୍ଜଳିଙ୍କ ଡ୍ରିମ ରୋଲ୍?**

ଆଶା କରିବି ମୋତେ ଯାହା ବି ଚରିତ୍ର ମିଳିବ ସେ ସବୁଥିରେ ଭଲ କରିପାରିବି। ଆଉ ଦର୍ଶକଙ୍କ ମନୋରଞ୍ଜନ କରିବି। କିନ୍ତୁ ହଁ ଭବିଷ୍ୟତରେ ନାରୀ କୈନ୍ଦ୍ରିକ ଏବଂ ଗ୍ରାମାଞ୍ଚଳର କାହାଣୀକୁ ନେଇ ସିନେମାରେ କାମ କରିବାକୁ ଆଶା ରହିଛି। ■

# 'ଡ୍ୟାନ୍ସ ଓଡ଼ିଶା ଡ୍ୟାନ୍ସ'ର ନୂଆ ସିଜିନ୍ ପ୍ରସାରଣ

ଜୀ ସାର୍ଥକରେ ନଭେମ୍ବର ୨୯ ତାରିଖରେ ଓଡ଼ିଶାର ସବୁଠୁ ବଡ଼ ଡାନ୍ସ ରିଆଲିଟି ଶୋ' 'ଡ୍ୟାନ୍ସ ଓଡ଼ିଶା ଡ୍ୟାନ୍ସ'ର ଏକ ନୂଆ ସିଜିନ୍ ପ୍ରସାରଣ ଆରମ୍ଭ ହୋଇଛି। ଏହାକୁ ଏବେ 'ଡ୍ୟାନ୍ସ ଓଡ଼ିଶା ଡ୍ୟାନ୍ସ – ସେଲିବ୍ରିଟି ୱିଥ୍ ଲିଟିଲ୍ ମାଷ୍ଟର୍ସ' ଭାବରେ ପୁନଃକଳ୍ପିତ କରାଯାଇଛି। ଏହି ସିଜିନ୍ ରୋମାଞ୍ଚକର ହୋଇଛି। କାରଣ ପ୍ରଥମଥର ପାଇଁ ଲୋକପ୍ରିୟ ଓଡ଼ିଆ ସେଲିବ୍ରିଟିମାନଙ୍କୁ ଅସାଧାରଣ ପ୍ରତିଭାଶାଳୀ ଶିଶୁ ପ୍ରତିଯୋଗୀମାନଙ୍କ ସହ ଯୋଡ଼ିବାର ପ୍ରୟାସ କରାଯାଇଛି ଏହି ଡ୍ୟାନ୍ସ ରିଆଲିଟି ଶୋ'। ଏହି ଶୋ' ପ୍ରତି ଶନିବାର ଓ ରବିବାର ସନ୍ଧ୍ୟା ୯:୩୦ରେ ପ୍ରସାରିତ ହେବ। ଏଥର ୧୦ ଜଣ ସେଲିବ୍ରିଟି ଏବଂ ୧୦ ଜଣ ଲିଟିଲ୍ ମାଷ୍ଟର୍ସ ରଙ୍ଗବତୀ ୨.୦ ଏବଂ ଲଚକମଣି ୨.୦ ନାଁରେ ଦୁଇଟି ଦଳ ଗଠନ କରାଯାଇଛି। ସେଲିବ୍ରିଟି ନିକିତା, ଦେବସ୍ମିତା, ଅନନ୍ୟା, ରୋମ୍ୟାଞ୍ଜଳି, ସୁଶ୍ରୀ, ପିହୁ, ଲଭରିନ, ସୁଲଗ୍ନା, ହିତୈସା, ମାନସୀ ପ୍ରମୁଖ ପ୍ରତ୍ୟେକ ଏପିସୋଡ୍‌ରେ ନୃତ୍ୟର ବିଭିନ୍ନ ଶୈଳୀ ମାଧ୍ୟମରେ ଲିଟିଲ୍ ମାଷ୍ଟର୍ସ ଯୋଡ଼ିମାନଙ୍କ ସହ ନିଜର ନୃତ୍ୟକଳା ଦ୍ୱାରା ଓଡ଼ିଶାର ଦର୍ଶକଙ୍କ ପାଇଁ ଏକ ନୂତନ ଅନୁଭୂତି ଆଣିବେ। ଏହି ଶୋ'କୁ ସୁଜିତ ପାଇକରାୟ ହୋଷ୍ଟ କରିଛନ୍ତି। ବିଚାରକ ପ୍ୟାନେଲରେ ଦେବାଶିଷ ପାତ୍ର, ହରିହର ଦାସ, ଅମିତ ନାୟକ ଏବଂ ସୂର୍ଯ୍ୟମୟୀ ମହାପାତ୍ର ଅଛନ୍ତି। ଅନ୍ୟପଟେ ଏହି ଶୋ'ରେ ଏକ ସ୍ୱତନ୍ତ୍ର ସ୍ୱାଦ ଯୋଡ଼ିବେ ୟୁଟ୍ୟୁବ୍ କମେଡି ସେନସେସନ୍ ରାଜୁ ଦାସ (ସାହୁ ବାବୁ ଫେମ) ଏବଂ ଏହି ମଞ୍ଚରେ ସାହୁ ଭେରାଇଟି ଷ୍ଟୋର୍ ଏକ ମନୋରଞ୍ଜନକାରୀ ଖୋରାକ ଯୋଗାଇବା ସହ ସାହୁ ବାବୁ ଭରିଛନ୍ତି କମେଡିର ତଡ଼କା। ■



ପରଦା ପଛର କାହାଣୀ

# ସୁଟିଂ ସମୟରେ ଅଭିନେତା ଗିରଫ



୧୯୯୨ ମସିହାରେ ମୁକ୍ତିଲାଭ କରିଥିଲା ଫିଲ୍ମ 'ବିଶ୍ୱାତ୍ମା'। ସନି ଦେଓଲ୍ ଓ ଦିବ୍ୟାଭାରତୀଙ୍କ ଅଭିନୀତ ଏହି ଫିଲ୍ମ ବକ୍ସ ଅଫିସ୍‌ରେ ସୁପରହିଟ୍ ହୋଇଥିଲା। ଫିଲ୍ମର ଅଧିକାଂଶ ଦୃଶ୍ୟ କେନ୍ୟାରେ ସୁଟିଂ ହୋଇଥିଲା। ନିକଟରେ ଫିଲ୍ମ ନିର୍ଦ୍ଦେଶକ ରାଜୀବ ରାୟ ଫିଲ୍ମକୁ ନେଇ ରୋଚକୀୟ କଥା ଖୁଲାସା କରିଛନ୍ତି। କେନ୍ୟାରେ ଏହି ଫିଲ୍ମ ସୁଟିଂ ସମୟରେ ଦୁଇଜଣ ଅଭିନେତାଙ୍କୁ ଗିରଫ କରାଯାଇଥିଲା। ଅବଶ୍ୟ ଏ ସଂପର୍କରେ ଅନେକ ଜାଣି ନଥିଲେ। ବହୁବର୍ଷ ପରେ ସେ ଏହାର ଖୁଲାସ କରିଛନ୍ତି। ରାଜୀବ ଓ ଫିଲ୍ମର କଳାକାରମାନେ ନାଇରୋବି ଏବଂ ମୋମ୍ବାସାରେ ସୁଟିଂ କରୁଥିଲେ। ଏଥିପାଇଁ ତାଙ୍କୁ ବହୁ ସମସ୍ୟାର ସାମ୍ନା କରିବାକୁ ପଡ଼ିଥିଲା। ରାଜୀବଙ୍କ କହିବାନୁଯାୟୀ, ବିଦେଶରେ ସୁଟିଂ କରିବା ପଛରେ କୌଣସି ଖାସ୍ କାରଣ ନ ଥିଲା। ଫିଲ୍ମର କାହାଣୀ ଅନୁଯାୟୀ, ଖଳନାୟକ ଫେରାର ହୋଇଯାଇଥିଲା। ସୁଟିଂ ପାଇଁ ତାଙ୍କ ହିସାବରେ ଆଫ୍ରିକା ଏକ ଶସ୍ତା ଦେଶ ଥିଲା। ତେଣୁ ସେ ସେଠାରେ ସୁଟିଂ ପାଇଁ ସ୍ଥିର କରିଥିଲେ। ସେ ପୂର୍ବରୁ ସେଠାରେ କାର୍ଯ୍ୟ କରିଥିବାରୁ ତାଙ୍କର କିଛି ପରିଚିତ ବନ୍ଧୁ ଥିଲେ। ସେମାନେ ସୁଟିଂ ପାଇଁ ସହଯୋଗ କରିଥିଲେ। କିନ୍ତୁ ନାଇରୋବିରେ ଫିଲ୍ମ ସୁଟିଂକୁ ନେଇ କିଛି ନିୟମ କାନୁନ ରହିଛି। ଏଠାରେ ରାତ୍ରି ସମୟରେ ମନଇଚ୍ଛା ବୁଲିବା ନିଷେଧ। ଏଥିସହ ସାଥିରେ ଡଲାର୍ ନେଇ ଯିବା ପାଇଁ ମଧ୍ୟ ଅନୁମତି ନ ଥାଏ। ବିଦେଶରେ ଥିବାରୁ ଅଭିନେତାଙ୍କ ପାଖରେ କିଣାକିଣି ପାଇଁ ୧୦-୧୫ ଡଲାର ଥିଲା। ନିୟମ ଅନୁସାରେ ଡଲାର ରଖି ଧରାପଡ଼ିଲେ ଗୁଳିମାଡ଼ ଖାଇବାର ମଧ୍ୟ ସମ୍ଭାବନା ରହିଛି। ଏହା କଡ଼ା ନିୟମ ପାଳନ କରୁଥିବା ଦେଶ। 'ବିଶ୍ୱାତ୍ମା' ସୁଟିଂ ସମୟରେ ଅଭିନେତା ଦୁଇଜଣ ରାତିରେ ବୁଲିବା ପାଇଁ ବାହାରିଥିଲେ। ସେମାନେ ସଡ଼କରେ ବୁଲୁଥିବା ସମୟରେ ତାଙ୍କୁ ଦେଖି ଗିରଫ କରାଯାଇଥିଲା। ଏହାପରେ ଦୁଇଜଣଙ୍କୁ ଜେଲ୍‌ରେ ଭର୍ତ୍ତି କରାଯାଇଥିଲା। ଜେଲ୍‌ରେ ବନ୍ଦୀ ହେବା ପରେ ଏହି ଘଟଣା ରାଜୀବଙ୍କ ପାଖରେ ପହଞ୍ଚିଥିଲା। ଏହାପରେ ସ୍ଥାନୀୟ ଲୋକଙ୍କ ସହଯୋଗରେ ସେ ଅଭିନେତାଙ୍କୁ ଜେଲ୍‌ରୁ ବାହାର କରିଥିଲେ। ରାଜୀବ ଏବଂ ଫିଲ୍ମ ପ୍ରଡ୍ୟୁସର୍‌ଙ୍କ ସ୍ଥାନୀୟ ଲୋକଙ୍କ ସହ ସମ୍ପର୍କ ଭଲ ଥିବାରୁ ତାଙ୍କୁ ଜେଲ୍‌ରୁ ବାହାର କରିବା ସହଜ ହୋଇଥିଲା। ■

### ପୁରୁଷ ଜୁନିଅର ହକି ବିଶ୍ୱକପ୍

# ଓମାନକୁ ୧୭-୦ରେ ହରାଇଲା ଭାରତ

ଚେନ୍ନଇ,୨୯।୧୧(ଏଜେନ୍ସି): ଆୟୋଜକ ଭାରତ ଏଠାରେ ଚାଲିଥିବା ପୁରୁଷ ଜୁନିଅର ବିଶ୍ୱକପ୍ ହକିରେ କ୍ରମାଗତ ଦ୍ୱିତୀୟ ବିଜୟ ହାସଲ କରିଛି। ପୁଲ-ବି'ରେ ସ୍ଥାନ ପାଇଥିବା ଭାରତ ଆଜିର ଖେଳରେ ଓମାନକୁ ୧୭-୦ ଗୋଲରେ ପରାସ୍ତ କରିଛି। ଗତକାଲି ଚିଲିକୁ ୭-୦ ଗୋଲରେ ହରାଇଥିବା ଭାରତ ପୂରା ପଏଣ୍ଟ ପାଇଛି। ଅନ୍ୟ ପକ୍ଷରେ ଏହି ଗ୍ରୁପ୍‌ରେ ସ୍ଥାନ ପାଇଥିବା ସ୍ୱିଜରଲାଣ୍ଡ ପ୍ରଥମ ମ୍ୟାଚ୍‌ରେ ଓମାନକୁ ୪-୦ ଓ ଦ୍ୱିତୀୟ ମ୍ୟାଚ୍‌ରେ ଚିଲିକୁ ୩-୨ ଗୋଲରେ ହରାଇ କ୍ରମାଗତ ବିଜୟ ହାସଲ କରିଛି। ଗ୍ରୁପ୍-ବି'ରେ ଉଭୟ ଭାରତ ଓ ସ୍ୱିଜରଲାଣ୍ଡ ସମାନ ପଏଣ୍ଟ ପାଇଛନ୍ତି। ଡିସେମ୍ବର ୨ରେ ଏହି ଗ୍ରୁପ୍‌ର ଶେଷ ପର୍ଯ୍ୟାୟ ଲିଗ୍ ମ୍ୟାଚ୍ ଖେଳାଯିବ। ଏଥିରେ ଭାରତ ଓ ସ୍ୱିଜରଲାଣ୍ଡ ପରସ୍ପରକୁ ଭେଟିବେ। ଏହି ମ୍ୟାଚ୍‌ର ଫଳାଫଳ ପରେ ଗ୍ରୁପ-ବି'ରେ କେଉଁ ଦଳ ବିଜୟୀ ହେବ ତାହା ପରେ ଜଣାପଡ଼ିବ। ଏହି ମୁକାବିଲାରେ ଭାରତ ପକ୍ଷରୁ ମନ୍‌ମିତ ସିଂହ, ଦିଲରାଜ ସିଂହ ଓ ଅର୍ଶଦୀପ ସିଂହ ହ୍ୟାଟ୍ରିକ ସହ ୩ଟି ଲେଖାଏଁ, ଗୁରଜୋତ ସିଂହ, ଲୁଆଙ୍ଗ୍ ଓ ଅଜିତ ଯାଦବ ୨ଟି ଲେଖାଏଁ ଗୋଲ



ସ୍କୋର କରିଥିଲେ। ଓଡ଼ିଆଙ୍କ ମଧ୍ୟରେ ଅନ୍‌ମୋଲ ଏକ୍କା ଓ ଶାରଦାନନ୍ଦ ତିୱାରୀ ଗୋଟିଏ ଲେଖାଏଁ ଗୋଲ ସ୍କୋର କରିଥିଲେ। ଆଜି ଅନୁଷ୍ଠିତ ଅନ୍ୟ ଗ୍ରୁପ୍ ମ୍ୟାଚ୍ ମଧ୍ୟରୁ ଗ୍ରୁପ୍-ଏ'ରେ ଜର୍ମାନୀ ୭-୦ରେ କାନାଡାକୁ ଓ ଦକ୍ଷିଣ ଆଫ୍ରିକା ୨-୧ରେ ଆୟର୍ଲାଣ୍ଡକୁ, ଗ୍ରୁପ୍-ଡି'ରେ ନେଦରଲାଣ୍ଡସ ପ୍ରଥମ ମୁକାବିଲାରେ ଇଂଲଣ୍ଡକୁ ୫-୩ ଓ ମାଲେସିଆ ୫-୧ରେ ଅଷ୍ଟ୍ରିଆକୁ ପରାସ୍ତ କରିଛି।

### ଏସୀୟ ଯୁବ ଚେସ୍ | ଓଡ଼ିଶାର ସାତ୍ତ୍ୱିକ ସ୍ୱାଇଁଙ୍କୁ ଟିମ୍ ବ୍ରୋଞ୍ଜ୍

ଭୁବନେଶ୍ୱର,୨୯।୧୧(ସମିସ): ଓଡ଼ିଶାର ସାତ୍ତ୍ୱିକ ସ୍ୱାଇଁ ଏସୀୟ ଯୁବ ଚେସ୍ ଚାମ୍ପିଅନସିପ୍‌ରେ ଭାରତ ଲାଗି ୧୦ ବର୍ଷରୁ କମ୍ ବିଭାଗରେ ଟିମ ବ୍ରୋଞ୍ଜ ପଦକ ଜିତିବାରେ ସମର୍ଥ ହୋଇଛନ୍ତି। ଥାଇଲାଣ୍ଡର ବ୍ୟାଙ୍କକ୍‌ରେ ଆଜି ଶେଷ ହୋଇଥିବା ଏହି ପ୍ରତିଯୋଗିତାରେ ସାତ୍ତ୍ୱିକ, ସିଏମ୍ ମଣି ସର୍ବାଥୋ ଓ ଓଇସିକ୍ ମଣ୍ଡଳ ୧୭ ପଏଣ୍ଟ ପାଇ ତୃତୀୟ ସ୍ଥାନରେ ରହିଥିଲେ। ଭିଏତନାମ ୨୦.୫ ପଏଣ୍ଟ ପାଇ ସ୍ୱର୍ଣ୍ଣ ଓ କାଜାଖସ୍ଥାନ ୧୯ ପଏଣ୍ଟ ପାଇ ରୌପ୍ୟ ପଦକ ଜିତିବାରେ ସମର୍ଥ ହୋଇଛନ୍ତି। ୮ ବର୍ଷରୁ କମ୍ ବିଭାଗରେ ଗତବର୍ଷ ପଦକ ଜିତିଥିବା ସାତ୍ତ୍ୱିକ ଏଥର



ଅଳ୍ପକେ ପଦକ ଲାଭରୁ ବଞ୍ଚିତ ହୋଇଛନ୍ତି। କିନ୍ତୁ ଟିମ୍ ଇଭେଣ୍ଟରେ ବ୍ରୋଞ୍ଜ ପଦକ ଜିତି ଓଡ଼ିଶାକୁ ଗର୍ବିତ କରିଛନ୍ତି। ଏହି ସଫଳତା ଲାଗି କିଙ୍ଗ ଚେସ୍ ସେଣ୍ଟରର ପ୍ରତିଷ୍ଠାତା ବିଶ୍ୱଜିତ ରାୟ, ପ୍ରୋଚେଷ୍ଟାର ପ୍ରଶାସକ ସ୍ୱଙ୍ଗଶୁ ସତ୍ୟପ୍ରାଜ୍ଞ, ଟ୍ରିପଲ-ସି ଚେସ୍ କ୍ଲବ୍‌ର ସମ୍ପାଦକ ବିରଞ୍ଚି ନାରାୟଣ ସାହୁ, ଏଓସିଏ ସମ୍ପାଦକ ଦେବବ୍ରତ ଭଞ୍ଜ ପ୍ରମୁଖ ଅଭିନନ୍ଦନ ଜଣାଇଛନ୍ତି।

## ଆଜିଠାରୁ ଭାରତ-ଦକ୍ଷିଣ ଆଫ୍ରିକା ଦିନିକିଆ ସିରିଜ୍

# ସମ୍ମାନ ରକ୍ଷା ଲାଗି ରୋହିତ-କୋହଲି ଭରସା

ରାଞ୍ଚି,୨୯।୧୧(ଏଜେନ୍ସି):

ଦକ୍ଷିଣ ଆଫ୍ରିକା ଓ ଭାରତ ମଧ୍ୟରେ ଆସନ୍ତାକାଲିଠାରୁ ରାଞ୍ଚିରେ ୩ ମ୍ୟାଚ୍ ବିଶିଷ୍ଟ ଦିନିକିଆ ସିରିଜ୍ ଆରମ୍ଭ ହେବ। ଭ୍ରମଣକାରୀ ଦଳଠାରୁ ୨-୦ରେ ଟେଷ୍ଟ ସିରିଜ୍ ହାରିବା ପରେ ଘରୋଇ ଭାରତୀୟ ଦଳ ଦିନିକିଆ ସିରିଜ୍‌ରେ ହିସାବ ନିକାଶ କରିବାକୁ ଅପେକ୍ଷା କରିଛି। ଐତିହାସିକ ଟେଷ୍ଟ ସିରିଜ୍ ଜିତିବା ପରେ ଦକ୍ଷିଣ ଆଫ୍ରିକା ଖେଳାଳିଙ୍କ ମନୋବଳ ବହୁପରିମାଣରେ ବଢ଼ିଯାଇଛି। ଟେଷ୍ଟଠାରୁ ଦିନିକିଆ ଫର୍ମାଟ ଅଲଗା ହୋଇଥିଲେ ମଧ୍ୟ ସେମାନେ ଯେଉଁ ମନୋବଳ ହାସଲ କରିଛନ୍ତି ତାହା ଏହି ଫର୍ମାଟରେ ଖୁବ୍ ସୁହାଇବ। ପାକିସ୍ତାନଠାରୁ ଦିନିକିଆ ସିରିଜ୍ ହାରିଥିବା ଦଳକୁ ଅଧିନାୟକ ତେମ୍ବା ବଭୁମା, ଆଇଡେନ୍ ମାରକ୍ରମ ଓ ଅବସରରୁ ଆସିଥିବା କ୍ୱିଣ୍ଟନ ଡି କକ୍ ସାମିଲ ହେବା ପରେ ଦକ୍ଷିଣ ଆଫ୍ରିକାର ଶକ୍ତି ବୃଦ୍ଧି ପାଇଛି।

ଭାରତୀୟ ପିଚ୍‌ରେ ସ୍ପିନ୍ ବୋଲିଂକୁ ନିୟନ୍ତ୍ରଣ କରିବା ଲାଗି ମଧ୍ୟ କେଶବ ମହାରାଜ ଫେରିଛନ୍ତି। ଅନ୍ୟ ପକ୍ଷରେ ଦିନିକିଆରେ ଭାରତ ଏକ ସନ୍ତୁଳିତ ଦଳ ଥିଲା। କିନ୍ତୁ ଆଘାତ ଓ ୱାର୍କଲୋଡ ସମସ୍ୟା ଦଳର ସନ୍ତୁଳନକୁ ବିଗାଡି ଦେଇଛି। ଅଧିନାୟକ ଶୁବମନ ଗିଲ୍, ଉପଅଧିନାୟକ ଶ୍ରେୟସ ଆୟର ଆହତ




ହୋଇ ଏହି ସିରିଜ୍ ଖେଳୁନାହାନ୍ତି। ସେମାନଙ୍କ ସ୍ଥାନ ପୂରଣ କରିବା ଲାଗି ଦୁଇ ପ୍ରତିଭାବାନ ଖେଳାଳି ଯଶସ୍ୱୀ ଜୟସ୍ୱାଲ ଓ ଋତୁରାଜ ଗାଏକ୍ୱାଡ୍ ଦଳରେ ରହିଛନ୍ତି। ଏତେ ଦକ୍ଷତା ସତ୍ତ୍ୱେ ଟେଷ୍ଟ ସିରିଜ୍‌ରେ ହରାଇଥିବା ସମ୍ମାନ ଫେରିପାଇବା ଲାଗି ଭାରତକୁ ଦିନିକିଆ ସିରିଜ୍ ଜିତିବାକୁ ହେବ। ଏଥିଲାଗି ଦଳ ଦୁଇ ସୁପରଷ୍ଟାର ରୋ-କୋ (ରୋହିତ ଶର୍ମା ଓ ବିରାଟ କୋହଲି)ଙ୍କ ଉପରେ ନିର୍ଭର କରୁଛି। ବିଶେଷ କରି ଗିଲ-ଆୟର-ପାଣ୍ଡ୍ୟାଙ୍କ ଅନୁପସ୍ଥିତିରେ କେବଳ ରୋ-କୋ' ହିଁ ଭାରତକୁ ସମ୍ମାନ ଓ ସମର୍ଥକଙ୍କ ମନରେ ବିଶ୍ୱାସ ଫେରାଇବାକୁ ସମର୍ଥ ହେବେ।

### ଦ୍ୱନ୍ଦ୍ୱ: ୩ ସ୍ପିନର ନା ୪ ପେସର

ରାଞ୍ଚି ପିଚ୍‌ରେ ବଡ଼ ସ୍କୋର ହେବାର ନଜର ନାହିଁ। ଏହି ମ୍ୟାଚ୍‌ରେ କେଉଁ ଖେଳାଳିଙ୍କୁ ଚୂଡାନ୍ତ ଏକାଦଶରେ ସାମିଲ କରାଯିବ ତାହାକୁ ନେଇ ଭାରତର ଦ୍ୱନ୍ଦ୍ୱ ବଢ଼ିଛି। ଓପନିଂରେ ରୋହିତଙ୍କ ସହ ଜୟସ୍ୱାଲଙ୍କ ଖେଳିବା ସମ୍ଭାବନା ଅଧିକ। ଏମାନଙ୍କ ପଛକୁ କୋହଲି, ନଂ-୪ରେ ଗାଏକ୍ୱାଡ କିମ୍ବା ୱିକେଟରକ୍ଷକ ଋଷଭ ପନ୍ତ୍ ଖେଳିବେ। କିମ୍ବା ଉଭୟଙ୍କୁ ସ୍ଥାନ ମିଳିବ। ନଂ-୫ କିମ୍ବା ୬ରେ ଲୋକେଶ ରାହୁଲ ରହିବେ। ଅନ୍ୟ ପକ୍ଷରେ ଦଳ ୩ଜଣ କିମ୍ବା ଅତିକମରେ ୨ ଜଣ ଅଲରାଉଣ୍ଡରଙ୍କୁ ଖେଳାଇବ। ଦଳ ଯଦି ଦୁଇ ଜଣ ଫାଷ୍ଟ ବୋଲର ଅର୍ଶଦୀପ ସିଂହ ଓ ହର୍ଷିତ ରାଣାଙ୍କୁ ଦଳରେ ସାମିଲ କରେ ତେବେ ନୀତୀଶ ରେଡ୍ଡୀଙ୍କ ଖେଳିବା ନିଶ୍ଚିତ। କୁଲଦୀପ ଯାଦବଙ୍କୁ ଖେଳାଇଲେ ଗାଏକ୍ୱାଡଙ୍କ ଖେଳିବା ସମ୍ଭାବନା କମ୍। ଏହି ଦ୍ୱନ୍ଦ୍ୱ ଭିତରେ ଭାରତର ଚୂଡାନ୍ତ ଏକାଦଶ ଅଟକିଛି।

### ନଜରରେ ମାଥ୍ୟୁ ବ୍ରିଜ୍‌କେ

ବିଶ୍ୱର ପ୍ରଥମ ବ୍ୟାଟରଭାବେ ମାଥ୍ୟୁ ବ୍ରିଜ୍‌କେ ପ୍ରଥମ ୫ଟି ଦିନିକିଆରେ ଅର୍ଦ୍ଧଶତକ ହାସଲ କରିବା ଓ ମିଡିଲ ଅର୍ଡରରେ ବ୍ୟାଟିଂ କରି ୬୭.୭୫ ହାରରେ ରନ୍ ସଂଗ୍ରହ କରିବା ଆଜିଯାଏ କେହି କରିନାହାଁନ୍ତି। ଏଭଳି ସଫଳତା



ପାଇଥିବା ଜଣେ ବ୍ୟାଟରଙ୍କ ସହ ବଭୁମା, ମାରକ୍ରମ ଓ ଡି କକ୍‌ଙ୍କ ଉପସ୍ଥିତି ଦଳକୁ ଅଧିକ ବଳ ଯୋଗାଇଛି। ଦୁର୍ବଳ ଭାରତୀୟ ବୋଲିଂରୁ ଏମାନେ ନିଶ୍ଚିତ ଫାଇଦା ଉଠାଇବେ।

### ରେକର୍ଡ ଅପେକ୍ଷାରେ

**ଭାରତ:** ୨୦୧୯ ଦିନିକିଆ ବିଶ୍ୱକପ୍ ପରେ ଘରୋଇ ମାଟିରେ ୧୦ଟି ଦିନିକିଆ ସିରିଜ୍ ଖେଳି ୯ଟିରେ ବିଜୟୀ ହୋଇଛି। କେବଳ ୨୦୨୩ରେ ଘରୋଇ ଦଳ ଅଷ୍ଟ୍ରେଲିଆ ନିକଟରୁ ସିରିଜ୍ ହାରିଛି। ସୂଚନାଯୋଗ୍ୟ ଟେଷ୍ଟ କ୍ରିକେଟରେ ଭାରତ ଗତ ୧୨ ବର୍ଷରେ ଗୋଟିଏ ହେଲେ ସିରିଜ୍ ହାରି ନ ଥିଲା। କିନ୍ତୁ ଗତ ୩ ବର୍ଷ ମଧ୍ୟରେ ୨ଟି ଟେଷ୍ଟ ସିରିଜ୍‌ରେ ପରାଜିତ ହୋଇଛି।

**ଡି କକ୍:** କ୍ୱିଣ୍ଟନ ଡି କକ୍ ଭାରତ ବିପକ୍ଷରେ ୬ଟି ଶତକ ଓ ଗୋଟିଏ ଅର୍ଦ୍ଧଶତକ ହାସଲ କରିଛନ୍ତି। ଦଳର ଅନ୍ୟତମ ନବାଗତ ଖେଳାଳି ମାଥ୍ୟୁ ବ୍ରିଜ୍‌କେ ତାଙ୍କ ପ୍ରଥମ ୫ଟି ଦିନିକିଆରେ ଅର୍ଦ୍ଧଶତକ ସହ ୬୭.୭୫ ହାରରେ ରନ୍ ସଂଗ୍ରହ କରି ପ୍ରତିପକ୍ଷଙ୍କ ମୁଣ୍ଡବିନ୍ଧାର କାରଣ ବନିଛନ୍ତି।

**ରୋହିତ ଶର୍ମା:** ହିଟ୍‌ମ୍ୟାନ୍ ରୋହିତ ଶର୍ମା ଆଉ ୩ଟି ଛକା ମାରିଲେ ବିଶ୍ୱରେ ସର୍ବାଧିକ ଦିନିକିଆ ଛକାରେ ପାକିସ୍ତାନର ସାହିଦ୍ ଆଫ୍ରିଦୀଙ୍କ ରେକର୍ଡ ଭାଙ୍ଗିବେ। ସେ ଯଦି ଆଉ ୯୮ ରନ୍ କରନ୍ତି, ତେବେ ଭାରତର ଚତୁର୍ଥ ଖେଳାଳି ଭାବେ ଅନ୍ତର୍ଜାତୀୟ କ୍ରିକେଟରେ ୨୦,୦୦୦ ରନ୍ ପୂରଣ କରିବେ।



### ଖେଳାଳି ଦଳ

**ଭାରତ:** ରୋହିତ ଶର୍ମା, ଯଶସ୍ୱୀ ଜୟସ୍ୱାଲ, ବିରାଟ କୋହଲି, ଋତୁରାଜ ଗାଏକ୍ୱାଡ୍, ଋଷଭ ପନ୍ତ୍ (ୱିକେଟରକ୍ଷକ), ଲୋକେଶ ରାହୁଲ (ଅଧିନାୟକ), ରବୀନ୍ଦ୍ର ଜାଡେଜା, ୱାଶିଂଟନ ସୁନ୍ଦର, କୁଲଦୀପ ଯାଦବ, ନୀତୀଶ କୁମାର ରେଡ୍ଡୀ, ଅର୍ଶଦୀପ ସିଂହ, ହର୍ଷିତ ରାଣା, ପ୍ରସିଦ୍ଧ କ୍ରିଷ୍ଣା, ତିଲକ ବର୍ମା, ଧ୍ରୁବ ଜୁରେଲ।

**ଦକ୍ଷିଣ ଆଫ୍ରିକା:** କ୍ୱିଣ୍ଟନ ଡି କକ୍, ଆଇଡେନ୍ ମାରକ୍ରମ, ତେମ୍ବା ବଭୁମା (ଅଧିନାୟକ), ମାଥ୍ୟୁ ବ୍ରିଜ୍‌କେ, ଡିୱାଲ୍ଡ ବ୍ରେଭିସ, ରୁବିନ ହର୍ମାନ୍, ମାର୍କୋ ଜାନ୍‌ସେନ, କୋର୍ବିନ ବୋଶ୍, କେଶବ ମହାରାଜ, ନାନ୍ଦ୍ରେ ବର୍ଜର, ଲୁଙ୍ଗି ଏନ୍‌ଗିଡି, ଓଟ୍ନେଲ ବାର୍ଟମ୍ୟାନ୍, ଟୋନି ଡି ଜୋର୍ଜି, ରିୟାନ ରିକେଲଟନ, ପ୍ରେନ୍‌ଲାନ୍ ସୁବ୍ରାୟେନ୍।







PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ: ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS